RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 • ISSUE-56 • WEDNESDAY • 20 AUGUST 2025 • PAGE-12 • ₹ 6.00 | JEYPORE | • ବର୍ଷ-୪୩ • ସଂଖ୍ୟା-୫୬ • ବୁଧବାର • ୨୦ ଅଗଷ୍ଟ ୨୦୨୫ • ପୃଷ୍ଠା-୧୨ • ଟ.୬.୦୦



ଆୟରଙ୍କୁ ମିଳିଲାନି ସ୍ଥାନ

▸ପୃଷ୍ଠା ୧୨ ଦେଖନ୍ତୁ...

# ରେଳଯାତ୍ରୀ ଦେବେ ଲଗେଜ୍ ଚାର୍ଜ



## ଓଜନ ଅନୁଯାୟୀ ଆଦାୟ ହେବ ଭଡ଼ା

### ପ୍ଲାଟଫର୍ମରେ ଯାଞ୍ଚ ହେବ ବ୍ୟାଗ୍‌ର ଆକାର ଓ ଓଜନ

### ବିମାନବନ୍ଦର ପରି ଯାତ୍ରୀଙ୍କୁ ଦିଆଯିବ ବୋର୍ଡିଂ ପାସ୍

■ ନୂଆଦିଲ୍ଲୀ, ୧୯।୮ (ଏଜେନ୍ସି): ବିମାନଯାତ୍ରୀଙ୍କ ପରି ଏଣିକି ରେଳ ଯାତ୍ରୀ ବି ଦେବେ ବ୍ୟାଗେଜ୍ ଓ ଲଗେଜ୍ ଚାର୍ଜ। ଯାତ୍ରା ସମୟରେ ସାଥୀରେ ନେଉଥିବା ସାମଗ୍ରୀ, ବ୍ୟାଗ୍ ଓ ଲଗେଜ୍ ଓଜର ଅନୁସାରେ ଯାତ୍ରୀଙ୍କୁ ଫି' ଦେବାକୁ ପଡ଼ିବ। ଉତ୍ତରପ୍ରଦେଶର ପ୍ରୟାଗରାଜ ଓ ଲକ୍ଷ୍ନୌ ଷ୍ଟେସନରୁ ଏହା କାର୍ଯ୍ୟକାରୀ ହେବ; ପରବର୍ତ୍ତୀ ସମୟରେ ଏହା ସାରା ଦେଶରେ ପ୍ରଚଳନ କରାଯିବ। ରେଳଯାତ୍ରୀଙ୍କ ପାଇଁ ଏହି ନିୟମ କଠୋର ଭାବରେ ଅନୁପାଳନ କରାଯିବାକୁ ରେଳ ମନ୍ତ୍ରଣାଳୟ ନିଷ୍ପତ୍ତି ନେଇଛି ।

ଟ୍ରେନ୍ ଯାତ୍ରା ସମୟରେ ଯାତ୍ରୀଙ୍କ ଲଗେଜ୍‌ର ଓଜର ଓ ଆକାର ସମ୍ପର୍କରେ ପୂର୍ବରୁ ନିୟମ ଥିଲେ ହେଁ ଏହାକୁ ଅନୁପାଳନ କରାଯାଉ ନାହିଁ । ମାତ୍ର ଏବେ ରେଳ ବିଭାଗ ଏହି ନିୟମକୁ କଠୋର ଭାବରେ କାର୍ଯ୍ୟକାରୀ କରିବାକୁ ପ୍ରସ୍ତୁତି ଚଳାଇଛି। ନୂଆ ନିୟମ ଅନୁସାରେ ରେଳ ଷ୍ଟେସନଗୁଡ଼ିକରେ ଯାତ୍ରୀମାନଙ୍କୁ ଇଲେକ୍ଟ୍ରୋନିକ୍ ଓଜନ ମେସିନରେ ସେମାନଙ୍କର ଲଗେଜ୍ ଓଜନ କରିବାକୁ ପଡିବ। ଯଦି ଲଗେଜ୍ ନିର୍ଦ୍ଧାରିତ ସୀମାଠାରୁ ଅଧିକ ହୁଏ କିମ୍ବା ▸ପୃଷ୍ଠା-୭

ଉପରାଷ୍ଟ୍ରପତି ନିର୍ବାଚନ

# ବି ସୁଦର୍ଶନ ବିରୋଧୀ ମେଣ୍ଟ ପ୍ରାର୍ଥୀ



## ଅଡୁଆରେ ଫସିଲା ତାମିଲନାଡୁ ଏବଂ ଆନ୍ଧ୍ର ରାଜନୀତି

■ ନୂଆଦିଲ୍ଲୀ, ୧୯।୮ (ଏଜେନ୍ସି): ଆସନ୍ତା ସେପ୍ଟେମ୍ବର ୯ ତାରିଖରେ ହେବାକୁ ଯାଉଥିବା ଉପରାଷ୍ଟ୍ରପତି ନିର୍ବାଚନରେ ସୁପ୍ରିମକୋର୍ଟର ପୂର୍ବତନ ବିଚାରପତି ବି. ସୁଦର୍ଶନ ରେଡ୍ଡୀଙ୍କୁ ପ୍ରାର୍ଥୀ କରିବାକୁ ଘୋଷଣା କରିଛି ବିରୋଧୀ ଦଳ ଇଣ୍ଡିଆ ବ୍ଲକ୍। ତାଙ୍କର ମୁକାବିଲା ଶାସକ ଏନ୍‌ଡିଏର ପ୍ରାର୍ଥୀ ସି.ପି. ରାଧାକ୍ରିଷ୍ଣନଙ୍କ ସହିତ ହେବ। ରାଧାକ୍ରିଷ୍ଣନଙ୍କ ଘର ତାମିଲନାଡୁ ହୋଇଥିବା ବେଳେ ରେଡ୍ଡୀଙ୍କ ଘର ହେଉଛି ଆନ୍ଧ୍ର ପ୍ରଦେଶରେ। ଏହି ଦୁଇ ପ୍ରାର୍ଥୀଙ୍କ ନାମ ଘୋଷଣା ତାମିଲନାଡୁ ଏବଂ ଆନ୍ଧ୍ର ପ୍ରଦେଶରେ ଉଭୟ ଶାସକ ଓ ବିରୋଧୀ ଦଳଙ୍କୁ ଅଡୁଆରେ ପକାଇପାରେ ବୋଲି କୁହାଯାଉଛି ।

ଆଜି ଇଣ୍ଡିଆ ବ୍ଲକର ବୈଠକ ପରେ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ଼ଗେ ଉପରାଷ୍ଟ୍ରପତି ନିର୍ବାଚନ ଲାଗି ସୁଦର୍ଶନ ରେଡ୍ଡୀଙ୍କ ନାମ ଘୋଷଣା କରିଥିଲେ। ସେ କହିଥିଲେ ଯେ ଦେଶର ଦ୍ୱିତୀୟ ସର୍ବୋଚ୍ଚ ପଦବୀ ଲାଗି ଏହା ହେବ ଆଦର୍ଶଗତ ଲଢେଇ। ଆଜି ସନ୍ଧ୍ୟାରେ ଶ୍ରୀ ରେଡ୍ଡୀ ଦିଲ୍ଲୀରେ ପହଞ୍ଚିବା ପରେ ଆସନ୍ତାକାଲି ଇଣ୍ଡିଆ ବ୍ଲକ୍ ନେତାମାନଙ୍କର ବୈଠକ ହେବ। ଆସନ୍ତା ୨୧ ତାରିଖରେ ରେଡ୍ଡୀ ମନୋନୟନପତ୍ର ଦାଖଲ କରିବେ। ଶ୍ରୀ ଖଡ଼ଗେ କହିଲେ ଯେ ଗଣତନ୍ତ୍ର ଓ ସମ୍ବିଧାନ ବିପଦରେ ପଡ଼ିଲେ ▸ପୃଷ୍ଠା-୭

ଭୋଟ ଅସଙ୍ଗତି

# ସିଇସିଙ୍କୁ ଭେଟିଲା ବିଜେଡି

### ଫର୍ମ-୧୭ସି ପ୍ରଦାନ ପ୍ରସଙ୍ଗରେ ଅସନ୍ତୋଷ ପ୍ରକାଶ

### ବିହାର ପରି ଏସ୍‌ଆଇଆର୍ ହେଲେ ତୀବ୍ର ବିରୋଧ

### ଫର୍ମ ୧୭ ସି ପ୍ରଦାନ ଆବଶ୍ୟକ ଥିଲା: ସିଇସି

■ ଭୁବନେଶ୍ୱର, ୧୯।୮ (ସମିସ): ଭୋଟ ଅସଙ୍ଗତି ପ୍ରସଙ୍ଗରେ ପୁଣିଥରେ ଦେଶର ମୁଖ୍ୟ ନିର୍ବାଚନ କମିଶନଙ୍କ ନିକଟରେ ଫେରାଦ ହୋଇଛି ବିଜେଡ଼ି। ମଙ୍ଗଳବାର ବିଜେଡିର ଏକ ପ୍ରତିନିଧି ଦଳ ସିଇସିଙ୍କୁ ଭେଟି ବିଭିନ୍ନ ପ୍ରସଙ୍ଗ ଉତ୍ଥାପନ କରିଛନ୍ତି। ପ୍ରାୟ ୨ ଘଣ୍ଟା ଧରି ଚାଲିଥିବା ଏହି ସାକ୍ଷାତ ଆଲୋଚନାରେ ବିଜେଡି ନେତାମାନେ ଗତ ସାଧାରଣ ନିର୍ବାଚନରେ ଘଟିଥିବା ଅସଂଗତି ସମ୍ପର୍କରେ ସିଇସିଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ଦଳ ପକ୍ଷରୁ ଉଠାଯାଇଥିବା ପ୍ରଶ୍ନଗୁଡ଼ିକର ଉତ୍ତର ପ୍ରଦାନରେ ନିର୍ବାଚନ ଅଧିକାରୀମାନଙ୍କ ଅବହେଳା, ଫର୍ମ ୧୭ ସି ପ୍ରଦାନ ନ କରିବା ପ୍ରସଙ୍ଗ ମଧ୍ୟ ବିଜେଡି ଏହି ଅବସରରେ ଉଠାଇଛି। ନିର୍ବାଚନ ଅଧିକାରୀ ଓ ନିର୍ବାଚନ କମିଶନଙ୍କ ଏପରି ମନୋଭାବ ଗଣତନ୍ତ୍ର ପାଇଁ ଅହିତକର ବୋଲି ଉଲ୍ଲେଖ କରି ବିଜେଡି ଉଦ୍‌ବେଗ ପ୍ରକାଶ କରିଛି। ଅନ୍ୟପକ୍ଷରେ ବିଜେଡି ପକ୍ଷରୁ ଆବେଦନ କରାଯାଇଥବା ଫର୍ମ ୧୭ ସି ଏଯାଏ ମିଳି ନ ଥିବା ପ୍ରସଙ୍ଗରେ ଆଶ୍ଚର୍ଯ୍ୟପ୍ରକାଶ କରିଛନ୍ତି ▸ପୃଷ୍ଠା-୭

# ରାମେଶ୍ୱର-ଟାଙ୍ଗୀ ୬ ଥାକିଆ ରାସ୍ତାକୁ ମଞ୍ଜୁରୀ

## ୧୧୧ କିମି ପାଇଁ ବ୍ୟୟହେବ ୮୩୦୮ କୋଟି

■ ଭୁବନେଶ୍ୱର, ୧୯।୮ (ସମିସ): ଦୀର୍ଘ ଦେଢ଼ ଦଶନ୍ଧି ପରେ ରାଜଧାନୀ ଭୁବନେଶ୍ୱର ଓ କଟକ ବର୍ହିଭାଗରେ ରିଙ୍ଗରୋଡ଼ ନିର୍ମାଣ ଦାବିକୁ ଗ୍ରହଣ କରିଛନ୍ତି କେନ୍ଦ୍ର ସରକାର। ଆର୍ଥିକ ବ୍ୟାପାର ସଂକ୍ରାନ୍ତୀୟ କେନ୍ଦ୍ର କ୍ୟାବିନେଟ୍ କମିଟି ବୈଠକରେ ଆଜି ୬ ଲେନ୍ ବିଶିଷ୍ଟ କ୍ୟାପିଟାଲ୍ ରିଜିୟନ୍ ଗିଂ ରୋଡ(ଭୁବନେଶ୍ୱର ବାଇପାସ୍) କୁ ମଞ୍ଜୁର ମିଳିଛି। ୧୧୧ କିଲୋମିଟର ଏହି ରଙ୍ଗ ରୋଡ୍ ରାସ୍ତା ପାଇଁ ୮୩୦୭.୭୪ କୋଟି ଟଙ୍କା ବ୍ୟୟ ଅଟକଳ ହୋଇଛି। ଏହି ରିଙ୍ଗ ରୋଡ ହାଇବ୍ରିଡ୍ ଆନୁଇଟି ମୋଡ୍ ବା ଏଚଏଏମ ମାଧ୍ୟମରେ ନିର୍ମାଣ କରାଯିବ। ଏନଏଚ-୫୫, ଏନଏଚ-୫୭, ଏନଏଚ୍-୬୫୫ ଓ ଗୋଟିଏ ରାଜ୍ୟ ରାଜପଥ ଏସଏଚ୍-୬୫କୁ ▸ପୃଷ୍ଠା-୭

### ମୋଦୀ ଓ ଗଡ଼କରୀଙ୍କୁ ଧନ୍ୟବାଦ ଦେଲେ ମୋହନ



ପ୍ରସ୍ତାବିତ ଭୁବନେଶ୍ୱର ବାଇପାସ୍‌ର ନକ୍ସା



# ମୂଷଳଧାରା ବର୍ଷା: ଭାସୁଛି ମୁମ୍ବାଇ

## ଲୋକାଲ ଟ୍ରେନ ସେବା ବାତିଲ, ୨୫୦ରୁ ଅଧିକ ବିମାନ ବିଳମ୍ବିତ

ମୁମ୍ବାଇ, ୧୯।୮ (ଏଜେନ୍ସି): ଦେଶର ବିଭିନ୍ନ ରାଜ୍ୟରେ ମୂଷଳ ଧାରାରେ ବର୍ଷା ହେଉଛି। ଏହା ଜଳ ପ୍ରଳୟ ସୃଷ୍ଟି କରିଛି। ଫଳରେ ରାଜଧାନୀ ବୁଡୁଛି, ସହର ଭାସୁଛି। ଏହା ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଇଛି। ଆର୍ଥିକ ରାଜଧାନୀ ମୁମ୍ବାଇ ଏହି ବର୍ଷାରେ ସର୍ବାଧିକ ପ୍ରଭାବିତ ହୋଇଛି। ସ୍ଥିତି ସଙ୍ଗୀନ ହୋଇଯାଇଛି। ରବିବାର ରାତିରୁ ଜାରି ବର୍ଷା ଥମିବାର ନା ଧରୁନି। ଏହାର ପ୍ରଭାବରେ ଅନେକ ସ୍ଥାନରେ ଅଣ୍ଟେ ଉଚ୍ଚା ପାଣି ଜମି ରହିଛି। ରାସ୍ତା ନଦୀର ଭ୍ରମ ସୃଷ୍ଟି କରୁଛି। ଅନେକ ଘରେ ପାଣି ପଶି ଯାଇଛି। ଦୋକାନବଜାର ଏବଂ ଟ୍ରେନ ଲାଇନ ବୁଡି ରହିଛି। ଏଥିଯୋଗୁଁ ଲୋକାଲ ଟ୍ରେନ ଚଳାଚଳ ବନ୍ଦ ରହିଛି। ୨୫୦ରୁ ଅଧିକ ବିମାନ ଉଡ଼ାଣ ମଧ୍ୟ ବିଳମ୍ବିତ ହୋଇଛି। ଅନେକ ସ୍ଥାନରେ ଗାଡ଼ିମୋଟର ଭାସୁଥିବା ଦେଖାଯାଉଛି। ଲୋକେ ନାହିଁ ନ ଥିବା ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ପ୍ରକୃତି ଏବଂ ମାନବିକ ଅବରୋଧ ଲାଗି ସୃଷ୍ଟି ହୋଇଥିବା ଏହି ସ୍ଥିତି ଆଗରେ ଲୋକେ କିଂ କର୍ତ୍ତବ୍ୟ ବିମୂଢ଼ ହୋଇ ଯାଇଛନ୍ତି। ଆଜି ମହାରାଷ୍ଟ୍ରର ଅନେକ ଜିଲ୍ଲାରେ ମଧ୍ୟ ପ୍ରବଳ ବର୍ଷା ହୋଇଛି। ବର୍ଷା ଜନିତ ଦୁର୍ଘଟଣାରେ ୮ ଜଣଙ୍କ ଜୀବନ ଗଲାଣି। ୪୮ ଘଣ୍ଟା ମଧ୍ୟରେ ପ୍ରବଳ ବର୍ଷା ନେଇ ମୁମ୍ବାଇ, ଥାନେ, ରାୟଗଡ଼, ରତ୍ନାଗିରୀ ଏବଂ ସିନ୍ଧୁଦୁର୍ଗ ଜିଲ୍ଲାକୁ ରେଡ୍ ଆଲର୍ଟ ଜାରି କରାଯାଇଛି। ୪୪୨ ଯାତ୍ରୀଙ୍କୁ ନେଇ ଯାଉଥିବା ଏକ ମନୋରେଲ ପ୍ରବଳ ବର୍ଷା ଯୋଗୁଁ ଅଟକି ରହିଛି। ଏହା ପ୍ରାୟ ୩ ଘଣ୍ଟା ଅଟକି ରହିବା ପରେ ସମସ୍ତ ଯାତ୍ରୀଙ୍କୁ ଉଦ୍ଧାର କରାଯାଇଛି। ପ୍ରବଳ ଭିଡ଼ ଯୋଗୁଁ ବିଦ୍ୟୁତ ଯୋଗାଣ ଜନିତ ସମସ୍ୟା ସୃଷ୍ଟି ହୋଇଥିଲା ବୋଲି ଅଧିକାରୀ କହିଛନ୍ତି।

ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡ଼ନାଭୀସ କହିଛନ୍ତି ଯେ ବାଦଲ ଫଟା ବର୍ଷା ଯୋଗୁଁ ନାନ୍ଦେଡରେ ୮ ଜଣଙ୍କ ମୃତ୍ୟୁ ହୋଇଛି।

### ନାନ୍ଦେଡରେ ବାଦଲ ଫଟା ବର୍ଷା; ୮ ଜଣଙ୍କ ମୃତ୍ୟୁ

### ବଢୁଛି ଯମୁନା, ଦିଲ୍ଲୀ ପ୍ରତି ବିପଦ

ପ୍ରାୟ ୫୦୦ ଜଣଙ୍କୁ ଉଦ୍ଧାର କରାଯାଇଛି। ମୁମ୍ବଇରେ ପ୍ରାୟ ୩୦୦ ମିମି ବର୍ଷା ହୋଇଛି। ସକାଳେ ମିଠି ନଦୀର ଜଳସ୍ତର ୩.୯ ମିଟର ବଢ଼ିଥିଲା। ଏଥିଯୋଗୁ କ୍ରାନ୍ତି ନଗର ଅଞ୍ଚଳରୁ ୩୫୦ରୁ ଅଧିକ ଲୋକଙ୍କୁ ଉଦ୍ଧାର କରାଯାଇଥିଲା। ସହରରେ ଆଜି ବି ସ୍କୁଲ-କଲେଜ, ସରକାରୀ କାର୍ଯ୍ୟାଳୟ ବନ୍ଦ ରହିଛି। ପାଣି ଭର୍ତ୍ତି ହୋଇଥିବା ଯୋଗୁଁ ଅନ୍ଧେରୀ ସବ୍‌ୱେ ବନ୍ଦ ରହିଛି।




ଅନେକ ଅଣ୍ଡର ବ୍ରିଜରେ ୪ ଫୁଟର ପାଣି ଜମି ରହିଛି। ହାର୍ବର ଲାଇନର ଟ୍ରାକ ପାଣିରେ ବୁଡ଼ି ରହିଛି। ଅନ୍ୟପକ୍ଷରେ ଯମୁନା ନଦୀର ଜଳସ୍ତର ବୃଦ୍ଧି ଯୋଗୁଁ ଦିଲ୍ଲୀବାସୀ ହନ୍ତସନ୍ତ ହେଉଛନ୍ତି। ନଦୀ ଫୁଲିବାରୁ ତଳିଆ ଅଞ୍ଚଳରେ ବନ୍ୟା ସ୍ଥିତି ସୃଷ୍ଟି ହୋଇଛି। ଯମୁନା ପାଣି ବଜାର ଅଞ୍ଚଳରେ ପ୍ରବେଶ କରିଛି। ତେଣୁ ଦିଲ୍ଲୀ ପ୍ରତି ବିପଦ ସୃଷ୍ଟି ହୋଇଛି। ଅନ୍ୟପଟେ ହିମାଚଳ ପ୍ରଦେଶ କୁଲୁରେ ସୋମବାର ରାତି ୧ଟାରେ ବାଦଲ ଫଟା ବର୍ଷା ହୋଇଛି। ପ୍ରଖର ସ୍ରୋତରେ ୩ଟି ଦୋକାନ ଭାସି ଯାଇଛି। ଭୂତନାଥ ପାସ ଏଥିରେ କ୍ଷତିଗ୍ରସ୍ତ ହୋଇଛି। ଏଠାରେ ଥିବା ପୋଲ ମଧ୍ୟ ଭାସିଯାଇଛି। ରିପୋର୍ଟ ଅନୁଯାୟୀ ମଣିପୁର, ଉତ୍ତରାଖଣ୍ଡ, ମହାରାଷ୍ଟ୍ର, ଛତିଶଗଡ଼, ଆନ୍ଧ୍ରପ୍ରଦେଶ, ତେଲଙ୍ଗାନା, କର୍ଣ୍ଣାଟକ, ଗୋଆରେ ଅଧିକ ବର୍ଷା ହୋଇଛି। ସେହିପରି ଉତ୍ତର ପ୍ରଦେଶର ନୋଏଡ଼ା-ଗ୍ରେଟର ନୋଏଡ଼ାରେ ଭୀଷଣ ବର୍ଷା ଲାଗି ରହିଛି।



## ମିସ୍ ୟୁନିଭର୍ସ ଇଣ୍ଡିଆ ହେଲେ ମନିକା ବିଶ୍ୱକର୍ମା

ଜୟପୁର, ୧୯।୮ (ଏଜେନ୍ସି): ଦେଶର ୪୭ ପ୍ରତିଯୋଗୀଙ୍କୁ ପଛରେ ପକାଇ ମିସ୍ ୟୁନିଭର୍ସ ଇଣ୍ଡିଆ-୨୦୨୫ ମୁକୁଟ ଜିତିଛନ୍ତି ରାଜସ୍ଥାନର ମନିକା ବିଶ୍ୱକର୍ମା। ଗତ ବର୍ଷର ବିଜୟନୀ ରେଆ ସିଙ୍ଘା ତାଙ୍କୁ ବିଜୟୀ ମୁକୁଟ ପିନ୍ଧାଇଛନ୍ତି। ଏଥିସହିତ ମଣିକା ବ୍ରହ୍ମାଣ୍ଡ ସୁନ୍ଦରୀ ପ୍ରତିଯୋଗିତାରେ ଭାରତ ପକ୍ଷରୁ ପ୍ରତିନିଧିତ୍ୱ କରିବାକୁ ଯୋଗ୍ୟ ହୋଇଛନ୍ତି। ଏହି ପ୍ରତିଯୋଗିତା ଆସନ୍ତା ନଭେମ୍ବର ୨୧ରେ ଥାଇଲାଣ୍ଡରେ ଅନୁଷ୍ଠିତ ହେବ। ସୂଚନା ଅନୁଯାୟୀ ରାଜସ୍ଥାନ ଜୟପୁରର ଜି ଷ୍ଟୁଡିଓରେ ସୋମବାର ଅନୁଷ୍ଠିତ ମିସ୍ ୟୁନିଭର୍ସ ଇଣ୍ଡିଆ ପ୍ରତିଯୋଗିତାରେ ୪୮ ଫାଇନାଲିଷ୍ଟଙ୍କ ମଧ୍ୟରେ ମୁକାବିଲା ହୋଇଥିଲା। ଏଥିରେ ଉତ୍ତର ପ୍ରଦେଶର ତାନ୍ୟା ଶର୍ମା ପ୍ରଥମ ରନର-ଅପ୍, ହରିୟାଣାର ମେହକ ଧିଙ୍ଗରା ଦ୍ୱିତୀୟ ଏବଂ ଅମିଶୀ କୌଶିକ ତୃତୀୟ ରନର-ଅପ୍ ହୋଇଥିଲେ। ଶ୍ରୀଗଙ୍ଗାନଗରର ମନିକା (୨୨) ଏବେ ଦିଲ୍ଲୀରେ ରହୁଛନ୍ତି। ସେ ରାଜନୀତି ବିଜ୍ଞାନ ଏବଂ ଅର୍ଥନୀତିର ଶେଷ ବର୍ଷ ଛାତ୍ରୀ। ଗତ ବର୍ଷ ସେ 'ମିସ୍ ୟୁନିଭର୍ସ ରାଜସ୍ଥାନ' ପ୍ରତିଯୋଗିତା ଜିତି ଜାତୀୟସ୍ତରରେ ଭାଗ ନେବାକୁ ଯୋଗ୍ୟ ବିବେଚିତ ହୋଇଥିଲେ।

## ଅଭିନେତା ଅଚ୍ୟୁତ ପୋଟଦାରଙ୍କ ପରଲୋକ



ମୁମ୍ବାଇ, ୧୯।୮ (ଏଜେନ୍ସି): ଅଭେନତା ଅଚ୍ୟୁତ ପୋଟଦାରଙ୍କ ପରଲୋକ ହୋଇଛି। ସେ ୯୧ ବର୍ଷ ବୟସରେ ସୋମବାର ଶେଷ ନିଃଶ୍ୱାସ ତ୍ୟାଗ କରିଥିଲେ। ମଙ୍ଗଳବାର ତାଙ୍କର ଅନ୍ତିମ ସଂସ୍କାର କରାଯାଇଛି। ପୋଟଦାରଙ୍କ ମୃତ୍ୟୁର ପ୍ରକୃତ କାରଣ ଏ ପର୍ଯ୍ୟନ୍ତ ଜଣାପଡି ନାହିଁ। ତେବେ ବୟସାଧିକ କାରଣରୁ ସେ ପ୍ରାଣ ହରାଇଥିବା କୁହାଯାଉଛି। ୧୯୩୪ ଅଗଷ୍ଟ ୨୨ ରେ ମଧ୍ୟପ୍ରଦେଶ ଜବଲପୁରରେ ଜନ୍ମିତ ଅଚ୍ୟୁତ ୪୪ ବର୍ଷର ଅଭିନୟ କ୍ୟାରିୟର ମଧ୍ୟରେ ୧୨୫ ରୁ ଅଧିକ ହିନ୍ଦୀ ଏବଂ ମରାଠୀ ଚଳଚ୍ଚିତ୍ର, ୯୫ ଟି ଟିଭି ଶୋ, ୨୬ଟି ନାଟକ, ୪୫ରୁ ଅଧିକ ବିଜ୍ଞାପନରେ ଅଭିନୟ କରିଥିଲେ। ଥ୍ରି ଇଡିଅଟ୍ସ, ରଙ୍ଗିଲା, ଲଗେ ରହୋ ମୁନ୍ନା ଭାଇ, ଭୂତନାଥ, ଦବଙ୍ଗ-୨ ଭଳି ସୁପରହିଟ ଚଳଚ୍ଚିତ୍ରରେ ଅଭିନୟ କରିଥିଲେ। ଥ୍ରି ଇଡିଅଟ୍ସର ତାଙ୍କ ସଂଳାପ 'କହନା କ୍ୟା ଚାହତେ ହୋ' ସାମାଜିକ ଗଣମାଧ୍ୟମରେ ଛାଇ ଯାଇଥିଲା।

## ଦୁର୍ଗନ୍ଧ ପାଇଁ ହାଇକୋର୍ଟ ବନ୍ଦ

ତିରୁଅନନ୍ତପୁରମ, ୧୯।୮ (ଏଜେନ୍ସି): କେରଳ ହାଇକୋର୍ଟରେ ଅଜବ ସ୍ଥିତି ସୃଷ୍ଟି ହୋଇଛି। ମଙ୍ଗଳବାର ସକାଳେ ଦୁର୍ଗନ୍ଧ ପାଇଁ ହାଇକୋର୍ଟଙ୍କ କାର୍ଯ୍ୟକୁ ବନ୍ଦ କରିଦିଆଯାଇଛି। କୋର୍ଟର ଫଲ୍ସ ସିଲିଂରେ ପଶି ଯାଇଥିବା ଜଙ୍ଗଲୀ ବିଲେଇ (ସିଭେଟ) ର ପରିସ୍ରା ପାଇଁ ଏହି ଦୁର୍ଗନ୍ଧ ହେଉଥିଲା। ଏହା ଏତେ ଅସହ୍ୟ ଥିଲା ଯେ ମୁଖ୍ୟ ବିଚାରପତି ନିତିନ ଜମଦାର ଏବଂ ଜଷ୍ଟିସ ବସନ୍ତ ବାଲାଜୀଙ୍କ ଡିଭିଜନ ବେଞ୍ଚ ସବୁ ମାମଲାର ଶୁଣାଣିକୁ ସ୍ଥଗିତ କରିଦେଇଥିଲେ। ସକାଳେ କୋର୍ଟ କାର୍ଯ୍ୟ କେବଳ ୨୦ ମିନିଟ ପାଇଁ ଚାଲିଥିଲା। ପରେ ଏହି ପ୍ରକୋଷ୍ଠକୁ ବନ୍ଦ କରିଦିଆଯାଇଥିଲା। ସରକାରୀ ଓକିଲଙ୍କ ସୂଚନା ଅନୁଯାୟୀ ଗତ କିଛି ଦିନ ହେଲା ଦୁର୍ଗନ୍ଧ ହେଉଥିଲା। ମଙ୍ଗଳବାର ଏହା ଅସହ୍ୟ ହୋଇଥିଲା। ପରେ ଅଦାଲତରେ ଜାଲ ବିଛା ଯାଇଥିଲା। ସେଥିରେ ଜଙ୍ଗଲୀ ବିଲେଇ ଫସିଥିଲା।

## ଶିକ୍ଷୟିତ୍ରୀ ମନୀଷାଙ୍କ ମୃତ୍ୟୁକୁ ନେଇ ହରିୟାଣାରେ ହଙ୍ଗାମା

ଭିୱାନୀ, ୧୯।୮ (ଏଜେନ୍ସି): ଶିକ୍ଷୟିତ୍ରୀ ମନୀଷା (୧୯)ଙ୍କ ମୃତ୍ୟୁକୁ ନେଇ ହରିୟାଣାରେ ବଡ଼ ବିବାଦ ସୃଷ୍ଟି ହୋଇଛି। ଭିୱାନୀର ଢାଣି ଲକ୍ଷ୍ମଣ ଗ୍ରାମର ମନୀଷା ନିଖୋଜ ହେବା ପରେ ମୃତଦେହ ମିଳିବା ଏବଂ ଏବେ ଅନ୍ତିମ ସଂସ୍କାରକୁ ନେଇ ସଂଘର୍ଷ ନବମ ଦିନରେ ପହଞ୍ଚିଛି। ଏହି ମାମଲାରେ ପୁଲିସ ସନ୍ଦେହଘେରରେ ରହିଛି। ବାରମ୍ବାର ପୁଲିସ ମନ୍ତବ୍ୟ ବଦଳାଉଥିବାରୁ ମାମଲାର ମୋଡ଼ ବଦଳୁଛି। ପରିବାର ସଦସ୍ୟ ଏହାକୁ ହତ୍ୟା କହୁଥିବାବେଳେ ପୁଲିସ ଆତ୍ମହତ୍ୟା ଦର୍ଶାଉଛି। ଗତ ୧୧ ତାରିଖରେ ନର୍ସିଂ କଲେଜରେ ନାମ ଲେଖାଇବାକୁ ଯାଇଥିବା ମନୀଷା ନିଖୋଜ ହୋଇଯାଇଥିଲେ। ଏତଲା ସତ୍ତ୍ୱେ ଲୋହାରୁ ପୁଲିସ ମାମଲାକୁ ଗୁରୁତର ଦେଇ ନ ଥିଲା। ୧୩ ତାରିଖରେ ସିଙ୍ଘାନୀ ଗ୍ରାମର କ୍ଷେତରୁ ମନୀଷାଙ୍କ ମୃତଦେହ ମିଳିଥିଲା। ତେବେ ମୃତଦେହ ନେବାକୁ ପରିବାର ଲୋକେ ମନା କରି ଦେଇଥିଲେ। ବ୍ୟବଚ୍ଛେଦ ରିପୋର୍ଟରେ ମନୀଷାଙ୍କ ବେକରେ କଟାଦାଗ ଥିବା ଜଣାପଡ଼ିଥିଲା। ଘରଲୋକଙ୍କ ଦାବିରେ ରୋହତକ ପିଜିଆଇରେ ପୁଣି ବ୍ୟବଚ୍ଛେଦ କରାଯାଇଥିଲା। ୧୮ରେ ପୁଲିସକୁ ସୁଇସାଇଡ ନୋଟ ମିଳିଥିଲା। ଜାଣିଶୁଣି ହତ୍ୟାକୁ ଆତ୍ମହତ୍ୟା ରୂପ ଦେବାକୁ ପ୍ରୟାସ କରାଯାଉଥିବା ଦାବି କରାଯାଇଥିଲା।

# ବଦଳିବନି ତାମିଲନାଡୁ ରାୟ



ନୂଆଦିଲ୍ଲୀ, ୧୯।୮ (ଏଜେନ୍ସି): ରାଜ୍ୟ ବିଧାନସଭା ଦ୍ୱାରା ପାରିତ ବିଲକୁ ମଞ୍ଜୁରୀ ପ୍ରଦାନ କରିବା ନିମନ୍ତେ ରାଷ୍ଟ୍ରପତି ଓ ରାଜ୍ୟପାଳଙ୍କ ଲାଗି ସମୟସୀମା ଧାର୍ଯ୍ୟ କରି ଗତ ଏପ୍ରିଲ ୧୨ ତାରିଖରେ ସୁପ୍ରିମକୋର୍ଟ ଦେଇଥିବା ରାୟରେ କୌଣସି ପରିବର୍ତ୍ତନ କରାଯିବ ନାହିଁ। ଏସଂପର୍କରେ ରାଷ୍ଟ୍ରପତି ଲୋଡ଼ିଥିବା ମତାମତ ଉପରେ ଅଦାଲତ ତାଙ୍କର କେବଳ ମତ ଦେବେ। ପ୍ରଧାନ ବିଚାରପତି ଜଷ୍ଟିସ ବି.ଆର. ଗଭାଇଙ୍କ ଅଧ୍ୟକ୍ଷତାରେ ଗଠିତ ସମ୍ବିଧାନ ବେଞ୍ଚ ଆଜି ଏହା କହିଛନ୍ତି। ଏପ୍ରିଲ ୧୨ ତାରିଖରେ ସୁପ୍ରିମ କୋର୍ଟ ଯେଉଁ ରାୟ ଦେଇଥିଲେ ତାହା ଆଇନ ଦୃଷ୍ଟିରୁ ଠିକ୍ କି ନୁହେଁ, ସେସଂପର୍କରେ ରାଷ୍ଟ୍ରପତି ।।ଦ୍ରୌପଦୀ ମୁର୍ମୁ ସର୍ବୋଚ୍ଚ ଅଦାଲତଙ୍କର ମତାମତ (ପ୍ରେସିଡେନସିଆଲ ରେଫେରେନ୍ସ) ଲୋଡ଼ିଛନ୍ତି। ପ୍ରଧାନ ବିଚାରପତିଙ୍କ ଅଧ୍ୟକ୍ଷତାରେ ଗଠିତ ୫ ଜଣିଆ ସମ୍ବିଧାନ ବେଞ୍ଚ ଏହି ମାମଲାର ଶୁଣାଣି ଆରମ୍ଭ କରିଛନ୍ତି। ଏହି ବେଞ୍ଚରେ ଜଷ୍ଟିସ ବିକ୍ରମ ନାଥ, ଜଷ୍ଟିସ ପିଏସ୍ ନରସିଂହା, ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଏ. ଚନ୍ଦୁରକର ମଧ୍ୟ ଅଛନ୍ତି।

ଆଜି ଶୁଣାଣି ବେଳେ ପ୍ରେସିଡେନସିଆଲ ରେଫେରେନ୍ସକୁ ବିରୋଧ କରିଥିଲେ ତାମିଲନାଡୁ ଏବଂ କେରଳର ପ୍ରତିନିଧିତ୍ୱ କରୁଥିବା ଓକିଲ। ସେମାନେ ଯୁକ୍ତି କରିଥିଲେ ଯେ ଏପ୍ରିଲ ୧୨ ତାରିଖ ରାୟକୁ ବଦଳାଇବା ଉଦ୍ଦେଶ୍ୟରେ ରାଷ୍ଟ୍ରପତି ମତାମତ ଲୋଡ଼ିଛନ୍ତି। ଏହାର ଉତ୍ତର ଦେବାକୁ ଯାଇ ପ୍ରଧାନ ବିଚାରପତି ଜଷ୍ଟିସ ଗଭାଇ କହିଲେ ଯେ ରାଷ୍ଟ୍ରପତି କେବଳ ମତାମତ ଲୋଡ଼ିଛନ୍ତି, ଏପ୍ରିଲ ୧୨ ରାୟକୁ ଚାଲେଞ୍ଜ କରି ନାହାନ୍ତି।

### ରାଷ୍ଟ୍ରପତି କେବଳ ମତାମତ ଲୋଡ଼ିଛନ୍ତି

ତେଣୁ ସୁପ୍ରିମ କୋର୍ଟ କେବଳ ତାଙ୍କର ମତାମତ ଦେବେ। ସେହି ରାୟକୁ ରଦ୍ଦ କରିବେ ନାହିଁ ବୋଲି ସେ ସ୍ପଷ୍ଟ କରିଥିଲେ। ଏହାସହିତ ସେ କହିଥିଲେ ଯେ ତାମିଲନାଡୁ ରାଜ୍ୟପାଳ ଆରଏନ୍ ରବି ବନାମ ଡିଏମ୍‌କେ ମାମଲାରେ କୋର୍ଟ ତାଙ୍କର ରାୟ ଶୁଣାଇଛନ୍ତି। ରାଜ୍ୟପାଳ ବିଧାନସଭାରେ ପାରିତ ୧୦ଟି ବିଲକୁ ଅନୁମୋଦନ ନଦେଇ ତାହା ଉପରେ ଦୀର୍ଘ ଦିନ ଧରି ବସି ରହିଥିଲେ। ରାଜ୍ୟପାଳ ରବିଙ୍କ ଏଭଳି ଆଚରଣ ବେଆଇନ ଓ ଏକତରଫା ଥିଲା। ସେ ଫେରାଇଲା ପରେ ବିଲ୍ ଦ୍ୱିତୀୟ ଥର ତାଙ୍କ ପାଖକୁ ଆସିଥିଲା ଏବଂ ଏହାକୁ ।।ସେ ଅନୁମୋଦନ ପ୍ରଦାନ କରିବା ଉଚିତ ଥିଲା ବୋଲି କୋର୍ଟ କହିଥିଲେ। ଜଷ୍ଟିସ ସୂର୍ଯ୍ୟକାନ୍ତ କହିଲେ ଯେ ସମ୍ବିଧାନର ଧାରା ୧୪୩ ଅନୁଯାୟୀ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ସୁପ୍ରିମ କୋର୍ଟଙ୍କ ମତାମତ ଲୋଡ଼ିପାରିବେ ରାଷ୍ଟ୍ରପତି। ତେଣୁ ସେହି ଅନୁସାରେ କୋର୍ଟ ତାଙ୍କର ମତାମତ ଦେବେ, କିନ୍ତୁ ରାୟକୁ ରଦ୍ଦ କରିପାରିବେ ନାହିଁ।

ଅନ୍ୟପକ୍ଷରେ ତାମିଲନାଡୁ ଏବଂ କେରଳ ସରକାରଙ୍କ ପକ୍ଷରୁ ଅଭିଷେକ ସିଂହଭି ଏବଂ କେକେ ବେଣୁଗୋପାଲ ଯୁକ୍ତି କରିଥିଲେ ଯେ ପ୍ରେସିଡେନସିଆଲ ରେଫେରେନ୍ସରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଯେଉଁ ୧୪ଟି ପ୍ରଶ୍ନ ଉତ୍‌ଥାପନ କରିଛନ୍ତି , ତାହାର ଉତ୍ତର ଏପ୍ରିଲ ୧୨ ତାରିଖ ରାୟରେ ଉଲ୍ଲେଖ ରହିଛି। ତେଣୁ ଯେଉଁ ମାମଲା ଉପରେ ରାୟ ଦିଆଯାଇଛି, ତାହାର ସମୀକ୍ଷା କରିବା ଲାଗି ମତାମତ ନେବା ଆଳରେ ରାଷ୍ଟ୍ରପତି ସମ୍ବିଧାନର ଧାରା ୧୪୩ର ଆଶ୍ରୟ ନେଇପାରିବେ ନାହିଁ। ବେଣୁଗୋପାଳ କହିଥିଲେ ଯେ ରିଭ୍ୟୁ ପିଟିସନ ଦାଖଲ କରିବା ପରିବର୍ତ୍ତେ ସୁପ୍ରିମ କୋର୍ଟର ଏହି ରାୟକୁ ଲାଇନଚ୍ୟୁତ କରିବା ଲାଗି ଭାରତ ସରକାର ଉଦ୍ୟମ କରୁଛନ୍ତି। ତାଙ୍କୁ ସମର୍ଥନ ଜଣାଇ ସିଂହଭି କହିଥିଲେ ଯେ ରିଭ୍ୟୁ ବା ରାୟର ପୁନର୍ବିଚାର ଲାଗି ଧାରା ୧୪୩ର ପ୍ରୟୋଗ କରାଯାଇ ପାରିବ ନାହିଁ।

## ଶେଷରେ ବିହାର ଏସ୍‌ଆଇଆର୍‌ରେ ଯୋଡ଼ିହେଲା ଆଧାର

ପାଟନା, ୧୯।୮: ସୁପ୍ରିମ କୋର୍ଟଙ୍କ ନିର୍ଦ୍ଦେଶ କ୍ରମେ ବିହାର ଭୋଟର ତାଲିକା ସଂଶୋଧନ ପ୍ରକ୍ରିୟା (ଏସ୍‌ଆଇଆର୍) ରେ ଆଧାର କାର୍ଡକୁ ସାମିଲ କରାଯାଇଛି। ବିହାର ମୁଖ୍ୟ ନିର୍ବାଚନ ଅଧିକାରୀ ବିନୋଦ ସିଂହ ଆଜି ଏହି ସୂଚନା ଦେଇଛନ୍ତି। ସେ କହିଛନ୍ତି ଯେ ଭୋଟର ତାଲିକା ସଂଶୋଧନରେ ଯେଉଁମାନଙ୍କ ନାମ କଟିଛି, ସେମାନେ ଆଧାର କାର୍ଡ ଦେଖାଇ ତାଲିକାରେ ନିଜ ନାମ ସାମିଲ କରିପାରିବେ। ଯେଉଁ ୬୫ ଲକ୍ଷ ଭୋଟରଙ୍କ ନାମ କଟିଛି, ସେମାନଙ୍କର ତାଲିକା ବ୍ଲକ ଅଫିସ, ପଞ୍ଚାୟତ ଅଫିସ, ପୌର କାର୍ଯ୍ୟାଳୟ ଓ ବିଭିନ୍ନ ବୁଥମାନଙ୍କରେ ଲଗାଯାଇଛି। ଏହି ତାଲିକା ଦେଖି ଭୋଟରମାନେ ଆବଶ୍ୟକ ସଂଶୋଧନ କରିପାରିବେ। ସୂଚନାଯୋଗ୍ୟ ଯେ ଭୋଟର ତାଲିକା ସଂଶୋଧନ ବେଳେ ନିର୍ବାଚନ କମିସନ ପକ୍ଷରୁ ଯେଉଁ ପ୍ରମାଣପତ୍ର ମଗାଯାଇଥିଲା, ସେଥିରେ ଆଧାର କାର୍ଡ ନଥିଲା। ଏହାକୁ ନେଇ ବଡ଼ ଧରଣର ବିବାଦ ଦେଖାଦେବାରୁ ସୁପ୍ରିମକୋର୍ଟଙ୍କ ହସ୍ତକ୍ଷେପ ପରେ ଆଧାର କାର୍ଡକୁ ସାମିଲ କରାଯାଇଛି।

## ମୋଦୀଙ୍କୁ ଭେଟିଲେ ଚୀନ୍ ବିଦେଶମନ୍ତ୍ରୀ



ନୂଆଦିଲ୍ଲୀ, ୧୯।୮ (ଏଜେନ୍ସି): ଚୀନ୍ ବିଦେଶମନ୍ତ୍ରୀ ୱାଙ୍ଗ ୟି ମଙ୍ଗଳବାର ଦିଲ୍ଲୀରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ ଏନଏସଏ ଅଜିତ ଡୋଭାଲଙ୍କୁ ସାକ୍ଷାତ କରିଛନ୍ତି। ମୋଦୀ ଏହାର ଫଟୋ ସେୟାର କରିଛନ୍ତି। ଗତ ବର୍ଷ କାଜାନରେ ରାଷ୍ଟ୍ରପତି ଜିନପିଙ୍ଗଙ୍କୁ ଭେଟିବା ପରଠାରୁ ଭାରତ-ଚୀନ୍ ସମ୍ବନ୍ଧରେ ଅଗ୍ରଗତି ଘଟିଛି। ଚୀନ୍‌ରେ ହେବାକୁ ଥିବା ଏସ୍‌ସିଓ ବୈଠକରେ ଜିନପିଙ୍ଗଙ୍କୁ ଭେଟିବା ପାଇଁ ଅପେକ୍ଷା କରିଛି ବୋଲି ମୋଦୀ କହିଛନ୍ତି। ଏହା ପୂର୍ବରୁ ଡୋଭାଲଙ୍କ ସହ ୱାଙ୍ଗ ସୀମା ବିବାଦ ପ୍ରସଙ୍ଗରେ ଆଲୋଚନା କରିଥିଲେ। ଗତ କିଛି ବର୍ଷ ହେଲା ଯେଉଁ ସମସ୍ୟା ସୃଷ୍ଟି ହୋଇଥିଲା ତାହା ଉଭୟ ଦେଶବାସୀଙ୍କ ସ୍ୱାର୍ଥରେ ନ ଥିଲା ବୋଲି ୱାଙ୍ଗ କହିଥିଲେ। ସେ ଗତ ବର୍ଷର ମୋଦୀ-ଜିନପିଙ୍ଗ ସାକ୍ଷାତ ବିଷୟରେ ମଧ୍ୟ ଉଲ୍ଲେଖ କରିଥିଲେ। ଏହି ଆଲୋଚନା ଦ୍ୱିପାକ୍ଷିକ ସମ୍ପର୍କକୁ ନୂଆ ଦିଗ ଦେବ ଏବଂ ସୀମା ବିବାଦର ସମାଧାନ ଲାଗି ନୂଆ ଉତ୍ସାହ ପ୍ରଦାନ କରିବ ବୋଲି କହିଥିଲେ। ସେହିପରି ଗତ ଆଲୋଚନା ପରି ଏହା ମଧ୍ୟ ସଫଳ ହେବ ବୋଲି ଡୋଭାଲ ତାଙ୍କୁ ଭରସା ଦେଇଥିଲେ।


## ବିଶ୍ୱର ସବୁଠୁ ବଡ଼ ରକେଟ୍ ନିର୍ମାଣ କରୁଛି ଇସ୍ରୋ

ହାଇଦରାବାଦ, ୧୯।୮ (ଏଜେନ୍ସି): ଭାରତୀୟ ମହାକାଶ ଗବେଷଣା ସଂସ୍ଥା (ଇସ୍ରୋ) ବିଶ୍ୱର ସବୁଠାରୁ ବଡ଼ ରକେଟ୍ ନିର୍ମାଣ କରୁଛି। ଏହି ରକେଟ୍‌ର ଉଚ୍ଚତା ୪୦ ମହଲା କୋଠା ସହ ସମାନ ହେବ। ଏହା ୭୫ ହଜାର କେଜି ତଥା ୭୫ ଟନ୍ ପର୍ଯ୍ୟନ୍ତ ପେଲୋଡ ନେଇ ମହାକାଶ ଯାଇପାରିବ। ଏହା ଭାରତୀୟ ମହାକାଶ କାର୍ଯ୍ୟକ୍ରମର ସବୁଠାରୁ ବଡ଼ ଏବଂ ଶକ୍ତିଶାଳୀ ପ୍ରକଳ୍ପ। ଏହାର ନିର୍ମାଣ ଦ୍ୱାରା ଭାରତର ଉପଗ୍ରହ ଉତ୍‌କ୍ଷେପଣ କ୍ଷମତା ଅଧିକ ବୃଦ୍ଧି ପାଇବ। ଭାରତର ମହାକାଶ ଜ୍ଞାନକୌଶଳ ମଜ୍‌ବୁତ ହେବା ସହିତ ଅନ୍ତର୍ଜାତୀୟସ୍ତରରେ ଦେଶର ପ୍ରଭାବ ବଢ଼ିବ ବୋଲି ଇସ୍ରୋ ମୁଖ୍ୟ ଭି ନାରାୟଣନ କହିଛନ୍ତି। ହାଇଦରାବାଦ ସ୍ଥିତ ଉସମାନିଆ ୟୁନିଭର୍ସିଟିର ଦୀକ୍ଷାନ୍ତ ସମାରୋହରେ ସାମିଲ ହୋଇ ସେ ଏହି ସୂଚନା ଦେଇଛନ୍ତି। ଇସ୍ରୋ ମୁଖ୍ୟ କହିଛନ୍ତି ଯେ ଚଳିତ ବର୍ଷ ଆମେରିକାର ୬,୫୦୦ କେଜିର ସଞ୍ଚାର ଉପଗ୍ରହ ଉତ୍‌କ୍ଷେପଣ, ଏନ୍୧ ରକେଟ, ନାଭିଗେସନ ୱିଥ୍ ଇଣ୍ଡିଆନ କନଷ୍ଟେଲେସନ (ନାଭିକ) ଉପଗ୍ରହ ଏବଂ ନୌସେନାର ଜିସାଟ-୭ଆର ଉପଗ୍ରହ ଉତ୍‌କ୍ଷେପଣ କରିବାକୁ ଯାଉଛି। ସେହିପରି ପ୍ରଧାନମନ୍ତ୍ରୀଙ୍କ ପରାମର୍ଶରେ ଭାରତ ଶୀଘ୍ର ୪୦-୫୦ ମହାକାଶ ଯାତ୍ରୀଙ୍କ ଟିମ୍ ପ୍ରସ୍ତୁତ କରିବ। ଏମାନେ ଭବିଷ୍ୟତ ଅଭିଯାନର ନେତୃତ୍ୱ ନେବେ। ୨୦୩୫ ସୁଦ୍ଧା ଭାରତ ୫୨ ଟନ୍ ଓଜନର ମହାକାଶ ଷ୍ଟେସନ ନିର୍ମାଣ କରିବ। ଏହି କାର୍ଯ୍ୟକ୍ରମରେ ଇସ୍ରୋ ମୁଖ୍ୟଙ୍କୁ ତେଲଙ୍ଗାନା ରାଜ୍ୟପାଳ ବିଷ୍ଣୁଦେବ ବର୍ମା 'ଡକ୍ଟରେଟ ଅଫ୍ ସାଇନ୍ସ' ଉପାଧି ପ୍ରଦାନ କରିଥିଲେ।

# ହେବନି ଅସ୍ତ୍ରବିରତି; ଏବେ ତ୍ରିପାକ୍ଷିକ ବୈଠକ

ୱାଶିଂଟନ, ୧୯।୮ (ଏଜେନ୍ସି): ରୁଷ୍-ୟୁକ୍ରେନ ଯୁଦ୍ଧ ବନ୍ଦ ପାଇଁ ଆମେରିକାର ହ୍ୱାଇଟ ହାଉସରେ ଉଚ୍ଚସ୍ତରୀୟ ବୈଠକ ହୋଇଛି। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଓଭାଲ ଅଫିସରେ ନିଜ ୟୁକ୍ରେନ ସମକକ୍ଷ ଭୋଲ୍‌ଡାମିର ଜେଲେଁସ୍କିଙ୍କ ଏବଂ ୟୁରୋପୀୟ ନେତାଙ୍କ ସହ ଶାନ୍ତି ପ୍ରତିଷ୍ଠା ପାଇଁ ଆଲୋଚନା କରିଛନ୍ତି। ତେବେ ଏହି ବୈଠକରେ ରୁଷ-ୟୁକ୍ରେନ ମଧ୍ୟରେ ଅସ୍ତ୍ରବିରତି ନେଇ କୌଣସି ସହମତି ପ୍ରକାଶ ପାଇନାହିଁ। ଏତେ ଶୀଘ୍ର ଅସ୍ତ୍ରବିରତି କରିବା ସମ୍ଭବ ନୁହେଁ ବୋଲି ଟ୍ରମ୍ପ କହିଛନ୍ତି। ମାତ୍ର ଏହି ବୈଠକରେ ୟୁକ୍ରେନକୁ ସୁରକ୍ଷା ଗ୍ୟାରେଣ୍ଟି ଦେବା ନେଇ ଚର୍ଚ୍ଚା ହୋଇଛି। ଜେଲେଁସ୍କି ନାଟୋର ଧାରା-୫ ପରି ସୁରକ୍ଷା ଚାହୁଁଥିବାବେଳେ ଆମେରିକା ଏବଂ ୟୁରୋପୀୟ ଦେଶ ମିଶି ୟୁକ୍ରେନକୁ ସୁରକ୍ଷା ଦେବେ ବୋଲି ଟ୍ରମ୍ପ କହିଛନ୍ତି। ଏହି ବୈଠକକୁ ମଝିରେ ଅଟକାଇ ଟ୍ରମ୍ପ ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁତିନଙ୍କ ସହ ୪୦ ମିନିଟ ପର୍ଯ୍ୟନ୍ତ ଆଲୋଚନା କରିଥିଲେ। ଏଥିରେ ରୁଷ୍ ଏବଂ ୟୁକ୍ରେନ ପ୍ରତିନିଧିଙ୍କ ମଧ୍ୟରେ ପ୍ରତ୍ୟକ୍ଷ ଆଲୋଚନାକୁ ସେ ସମର୍ଥନ ଦେଇଥିଲେ। ୧୫ ଦିନ ଭିତରେ ଜେଲେଁସ୍କିଙ୍କୁ ଭେଟିବା ପାଇଁ ପୁତିନ ରାଜି ହୋଇଥିଲେ ବୋଲି ବୈଠକରେ ଉପସ୍ଥିତ ଥିବା ଜର୍ମାନୀ ଚାନସେଲର ଫ୍ରେଡରିକ ମର୍ଜ କହିଥିଲେ। ସେହିପରି ତ୍ରିପାକ୍ଷିକ ଆଲୋଚନା ପାଇଁ ମଧ୍ୟ ପୁତିନ ସହମତି ପ୍ରକାଶ କରିଥିଲେ। ବୈଠକ ପରର ସାମ୍ବାଦିକ ସମ୍ମିଳନୀରେ ଜେଲେଁସ୍କି କହିଥିଲେ ଯେ ୟୁକ୍ରେନ ସୁରକ୍ଷା ଗ୍ୟାରେଣ୍ଟି ବଦଳରେ ୟୁରୋପ ଅର୍ଥରେ ୯୦ ବିଲିୟନ ଡଲାର ଅର୍ଥାତ ୮ ଲକ୍ଷ କୋଟି ଟଙ୍କାରେ ଆମେରିକାଠାରୁ ଅସ୍ତ୍ରଶସ୍ତ୍ର କିଣାଯିବ। ୟୁକ୍ରେନରେ ଡ୍ରୋନ ନିର୍ମାଣ ପାଇଁ ମଧ୍ୟ ଆମେରିକା ପ୍ରତିଶ୍ରୁତି ଦେଇଛି। ଆମେରିକା ସହଯୋଗୀଙ୍କ ସହ ୫୦ ବିଲିୟନ ଡଲାରର ଡ୍ରୋନ ଚୁକ୍ତି ହେବ ବୋଲି ମଧ୍ୟ କୁହାଯାଇଛି। ଆସନ୍ତା ସପ୍ତାହରେ ଏହି ଚୁକ୍ତି ଚୂଡ଼ାନ୍ତ ହୋଇପାରେ। ଆମେରିକା ସେନା ମୁତୟନ ଉପରେ ବିଚାର କରାଯିବ ବୋଲି ମଧ୍ୟ ଟ୍ରମ୍ପ କହିଛନ୍ତି। ୟୁରୋପୀୟ ନେତାଙ୍କ ସହ ସେୟାର କରାଯାଇଥିବା ଏକ ଚିଠିରେ ସ୍ୱଳ୍ପ କାଳ ନୁହେଁ, ବରଂ ଦୀର୍ଘ ଦିନ ପର୍ଯ୍ୟନ୍ତ ଶାନ୍ତି ପ୍ରତିଷ୍ଠା ପାଇଁ ସୁରକ୍ଷା ବ୍ୟବସ୍ଥା କରାଯିବ ବୋଲି କୁହାଯାଇଛି। ଫ୍ରାନ୍ସ ଏବଂ ବ୍ରିଟେନ ପରି ୟୁରୋପୀୟ ରାଷ୍ଟ୍ରଗୁଡିକ ମଧ୍ୟ ୟୁକ୍ରେନକୁ ସୁରକ୍ଷା ଦେବା ପାଇଁ ରାଜି ହୋଇଛନ୍ତି। ୟୁକ୍ରେନ ସେନାର ପନର୍ଗଠନ, ବାୟୁସୀମା ଏବଂ କୃଷ୍ଣ ସାଗରରେ ଟ୍ରାଫିକରେ ସହାୟତା କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି। ୟୁକ୍ରେନରେ ସୈନିକ ମୁତୟନ କରିବା ପାଇଁ ମଧ୍ୟ ବିଚାର କରାଯାଉଛି ବୋଲି ଫ୍ରାନ୍ସ ରାଷ୍ଟ୍ରପତି ଇମାନୁଏଲ ମାକ୍ରନ କହିଛନ୍ତି।

ଜେଲେଁସ୍କିଙ୍କ ସହ ବୈଠକ ସମୟରେ ଫଳାଫଳ ଯାହା ବି ହେଉ ନା କାହିଁକି ୟୁକ୍ରେନକୁ ଆମେରିକା ସହାୟତା କରିବା ଜାରି ରଖିବ ବୋଲି ଟ୍ରମ୍ପ ସ୍ପଷ୍ଟ କରିଥିଲେ।



### ଜେଲେଁସ୍କି-ଟ୍ରମ୍ପ ଶାନ୍ତି ଆଲୋଚନା

### ଆମେରିକାଠୁ ୮ ଲକ୍ଷ କୋଟିର ଅସ୍ତ୍ରଶସ୍ତ୍ର କିଣିବ ଆମେରିକା

### ଜେଲେଁସ୍କିଙ୍କ ସହ ଆଲୋଚନା ପାଇଁ ପୁତିନ ରାଜି

# ରାଜ୍ୟରୁ ୪ ହଜାର ଏଡସ୍ ସଂକ୍ରମିତ ନିଖୋଜ

## ୧୭ରୁ ୩୫ ବର୍ଷ ବୟସ ବର୍ଗଙ୍କ ସଂଗୃହୀତ ନମୁନାରୁ ୪୧% ଏଚ୍ଆଇଭି ସଂକ୍ରମିତ

ଭୁବନେଶ୍ୱର, ୧୯।୮ (ସମିସ): 'ଗେଟିଙ୍ଗ ଟୁ ଜିରୋ, ନୋ ଏଡସ୍ ନୋ ଏଡସ୍, ନୋ ୟୋର୍ ଷ୍ଟାଟସ୍' ଏଭଳି ଶ୍ରୁତିମଧୁର ସ୍ଲୋଗାନ୍‌କୁ ନେଇ ଭୟାବହ ଏଚ୍ଆଇଭି ଏଡସ୍ ସଂକ୍ରମଣ ସଂର୍ପକରେ ଜନସଚେତନତା ସୃଷ୍ଟି କରାଯାଉଛି। ସଂକ୍ରମିତଙ୍କ ସଂଖ୍ୟା ହ୍ରାସ କରିବା ଦିଗରେ ସରକାର ବଡ଼ ପଦକ୍ଷେପ ନେଉଛନ୍ତି। ମାତ୍ର ତୃଣମୂଳସ୍ତରରେ ସଚେତନ ବାର୍ତ୍ତା ପହଞ୍ଚିପାରୁନି। ଫଳରେ ପ୍ରତିବର୍ଷ ନୂଆ ସଂକ୍ରମିତଙ୍କ ସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ବିଶେଷକରି ନୂଆପିଢିଙ୍କ କ୍ଷେତ୍ରରେ ସଂକ୍ରମଣ ବୃଦ୍ଧି ପାଉଥିବା ଜଣାପଡ଼ିଛି। ସବୁଠାରୁ ଉଦ୍‌ବେଗଜନକ ବିଷୟ ହେଉଛି, ବର୍ତ୍ତମାନ ଯେତିକି ଏଡସ୍ ରୋଗୀ ଚିହ୍ନଟ ହୋଇଛନ୍ତି, ତାଙ୍କ ଭିତରୁ ପାଖାପାଖି ୪ ହଜାର ସଂକ୍ରମିତଙ୍କ ପତ୍ତା ମିଳୁନି। ତେଣୁ ସଂକ୍ରମଣ ବୃଦ୍ଧି ହେବା ନେଇ ଆଶଙ୍କା ପ୍ରକାଶ ପାଉଛି।

ଓଡ଼ିଶା ରାଜ୍ୟ ଏଡସ୍ ନିୟନ୍ତ୍ରଣ ସୋସାଇଟିର ରିପୋର୍ଟ ଅନୁସାରେ, ପୁରୁଷ ସହ ପୁରୁଷଙ୍କ ଅପ୍ରାକୃତିକ ଯୌନ ସମ୍ପର୍କ ଯୋଗୁଁ ଏଚଆଇଭି ସଂକ୍ରମିତଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ଯେଉଁଥିରୁ ପାଖାପାଖି ଅଧା ହେଉଛନ୍ତି ଯୁବଗୋଷ୍ଠୀ। ରାଜ୍ୟ ସରକାର ୨୦୩୦ ସୁଦ୍ଧା ଏଡସ୍‌ମୁକ୍ତ ଓଡ଼ିଶା ଗଠନ କରିବା ପାଇଁ ଚାହୁଁଥିବା ବେଳେ ବାସ୍ତବରେ ସଂକ୍ରମଣ କମିବାର ନାଁ ଧରୁନି। ବର୍ତ୍ତମାନର ସଂକ୍ରମଣ ଟ୍ରେଣ୍ଡ ଦେଖିଲେ, ଯୁବଗୋଷ୍ଠୀ ଅଧିକ ମାତ୍ରାରେ ଆକ୍ରାନ୍ତ ହେଉଛନ୍ତି। କାରଣ ଯୁବ ଗୋଷ୍ଠୀ ଏବେ ମାତ୍ରାଧିକ ସମଲିଙ୍ଗୀ ଅପ୍ରାକୃତିକ ଯୌନ ସମ୍ପର୍କରେ ଲିପ୍ତ ରହୁଛନ୍ତି। ବିଶେଷକରି ୧୭ରୁ ୩୫ବର୍ଷ ବୟସର ୪୧ ପ୍ରତିଶତ ଯୁବଗୋଷ୍ଠୀ ଏଚଆଇଭି ପଜିଟିଭ ଥିବା ଓଡ଼ିଶା ରାଜ୍ୟ ଏଡସ୍ ନିୟନ୍ତ୍ରଣ ସୋସାଇଟିରୁ ମିଳିଥିବା ତଥ୍ୟରୁ ଜଣାପଡ଼ିଛି।

ଶିକ୍ଷାନୁଷ୍ଠାନଗୁଡ଼ିକରେ ଏପରି ଅପ୍ରାକୃତିକ ଯୌନ ସମ୍ପର୍କ ମାମଲା ବଢୁଛି। ଗତ ଜୁଲାଇ ସୁଦ୍ଧା ୬୫ ହଜାର ୨୧୪ ଏଚଆଇଭି ପଜିଟିଭ ଚିହ୍ନଟ ହୋଇଛନ୍ତି। ୧୭ରୁ ୩୫ ବର୍ଷ ବୟସ ଭିତରେ ପାଖାପାଖି ୨୬ହଜାର ୭୩୭ ସଂକ୍ରମିତ ବ୍ୟକ୍ତି ରହିଥିବା ଜଣାପଡ଼ିଛି। ଶିକ୍ଷାନୁଷ୍ଠାନ ହଷ୍ଟେଲ୍‌ରେ ଏପରି ଅପ୍ରାକୃତିକ ଯୌନ ସମ୍ପର୍କ ରଖିବାର ସମ୍ଭାବନା କମ ରହୁଥିବାରୁ ଅଧିକାଂଶ ପିଲାମାନେ ଘରୋଇ ମେସ୍ ବା ରୁମ୍ ଭଡ଼ା ନେଇ ରହୁଛନ୍ତି। ଯୁବବର୍ଗଙ୍କ ମଧ୍ୟରେ ଅପ୍ରାକୃତିକ ଯୌନସମ୍ପର୍କ ଏଚଆଇଭିକୁ ଆମନ୍ତ୍ରଣ କରୁଛି। ଯେଉଁମାନଙ୍କ ଭିତରେ ପ୍ରତିଷେଧକ ଶକ୍ତି କମ୍ ରହିଥାଏ, ସେମାନେ ଏଡସ୍ ଆଡ଼କୁ ଠେଲି ହୋଇ କଲବଲରେ ଜୀବନ ହାରନ୍ତି। ଏବେ ସୁଦ୍ଧା ଏଭଳି ୧୩ ହଜାର ୧୭୭ ଏଚଆଇଭି ପଜିଟିଭଙ୍କ ମୃତ୍ୟୁ ହୋଇଥିବା ସରକାରୀ ରିପୋର୍ଟରୁ ଜଣାପଡ଼ିଛି।

ବିପଦ ଏତିକିରେ ସରିନି; ପଞ୍ଜିକୃତ ୬୫ ହଜାର ୨୧୪ ଏଚଆଇଭି ପଜିଟିଭଙ୍କ ଭିତରୁ ୩, ୯୯୮ ସଂକ୍ରମିତଙ୍କ ପତ୍ତା ମିଳୁନି। ଏମାନଙ୍କ ଭିତରୁ ଅନେକ ରାଜ୍ୟ ବାହାରକୁ ଚାଲି ଯାଇଛନ୍ତି। କିଛି ଲୋକ ବାହାର ରାଜ୍ୟରୁ ଆସି ଓଡ଼ିଶାରେ ଟେଷ୍ଟିଂ କରିଛନ୍ତି। ଏପରିକି କିଛି ଲୋକ ସମାଜିକ ବାସନ୍ଦ ଭୟରେ ନିଜ ଭୁଲ ପରିଚୟ ଦେଇଥିବା କଥା ଯାଞ୍ଚ ପରେ ଜଣାପଡ଼ିଛି। ଏହି ନିଖୋଜ ଏଚଆଇଭି ପିଜିଟିଭ ସଂକ୍ରମିତଙ୍କ ସହ ଅଜାଣତରେ ଯଦି କେହି ଶାରୀରିକ ସଂପର୍କ ରଖନ୍ତି ପରିସ୍ଥିତି ସଙ୍ଗୀନ ହୋଇଯିବା ନେଇ ବିଶେଷଜ୍ଞମାନେ ଆକଳନ କରୁଛନ୍ତି। ଏଚଆଇଭି ଏଡସ୍‌ର କୌଣସି ଚିକତ୍ସା ନାହିଁ। ହେଲେ, ଏଚ୍ଆଇଭି ପିଜିଟିଭ ଜଣାପଡ଼ିବା ମାତ୍ରେ ସଂକ୍ରମିତଙ୍କୁ ଆଣ୍ଟି ରେଟ୍ରୋଭାଇରାଲ ଥେରାପି ଏଆରଟି ଦେବା କଥା। ତେବେ ୬୫ହଜାର ୨୧୪ ସଂକ୍ରମିତଙ୍କ ମଧ୍ୟରୁ ୫୫ ହଜାର ୧୪୨ ଜଣ ଏଆରଟି ପଞ୍ଜୀକରଣ କରିଛନ୍ତି। ବାକି ୧୦ ହଜାର ୧୨୯ ଏଆରଟି ପଞ୍ଜୀକରଣ କରି ନଥିବାରୁ ଚିନ୍ତା ଆହୁରି ବଢ଼ିଛି। ତେଣୁ ସେହି ବ୍ୟକ୍ତିମାନେ ସଂକ୍ରମଣ ବଢ଼ାଉଥିବା ନେଇ ଅନୁମାନ କରାଯାଉଛି। ଏବେ ସେମାନଙ୍କ ଚିହ୍ନଟ କରି ପ୍ରତିଶେଧକ ଦେବା ଏକପ୍ରକାର ଚ୍ୟାଲେଞ୍ଜିଂ ପରିସ୍ଥିତି ସୃଷ୍ଟି କରିଛି।

## ଗୋଧି ମାଂସ ଖାଇ ବନ୍ଧାହେଲେ ୟୁଟ୍ୟୁବର୍

ଠାକୁରମୁଣ୍ଡା/ମହୁଲଡିହା, ୧୯।୮ (ସମିସ): ଗୋଧିକୁ ମାରି ରାନ୍ଧି ଖାଇବା ଓ ଏହାର ଭିଡିଓ ସାମାଜିକ ଗଣମାଧ୍ୟମରେ ଛାଡ଼ିବା ଜଣେ ୟୁଟ୍ୟୁବର୍‌ଙ୍କୁ ମହଙ୍ଗା ପଡ଼ିଛି। ବନବିଭାଗ ତାଙ୍କୁ ଗିରଫ କରିଛି। ସେ ହେଲେ, ରୁପା ନାଏକ। ଏପରି ଘଟଣା ଘଟିଛି କରଞ୍ଜିଆ ବନଖଣ୍ଡ ଅଧୀନ ଠାକୁରମୁଣ୍ଡା ରେଞ୍ଜ ଅନ୍ତର୍ଗତ ଚମ୍ପାଝର ଫରେଷ୍ଟ ବିଟ୍ ଅସନବଣୀ ଗ୍ରାମରେ। ରୁପା ଆଦିବାସୀଙ୍କ ଖାଦ୍ୟପେୟ ଉପରେ ଭିଡିଓ କରି ସାମାଜିକ ଗଣମାଧ୍ୟମରେ ସେୟାର୍ କରନ୍ତି। ଗତ ରାକ୍ଷୀପୂର୍ଣ୍ଣିମା ଦିନ ସେ ତାଙ୍କ ଶଶୁର ଘରୁ ଫେରିବା ବେଳେ ରାସ୍ତାକଡ଼ରେ ଏକ ଗୋଧି ମରି ପଡ଼ିଥିବା ଦେଖି ତାକୁ ଘରକୁ ଆଣିଥିଲେ। ପରେ ତାକୁ କାଟି ରୋଷେଇ କରି ଖାଇବାର ଭିଡିଓ ସାମାଜିକ ଗଣମାଧ୍ୟମରେ ଛାଡ଼ିଥିଲେ। ଏହା ପ୍ରଘଟ ହେବା ପରେ ଘଟଣାକୁ ଗୁରୁତ୍ୱର ସହ ନେଇ ବନବିଭାଗ ଯାଞ୍ଚ କରିଥିଲା। ଭିଡିଓରେ ସତ୍ୟତା ଥିବା ଜଣାପଡ଼ିବା ପରେ ବନବିଭାଗ ତାଙ୍କୁ ଗିରଫ କରିଛି। ପଚରାଉଚରା ବେଳେ ସେ ସତ ମାନିଛନ୍ତି। ଏପରିକି, ଗୋଧି ଖାଇଲେ ଅସୁବିଧା କ'ଣ ବୋଲି ଯୁକ୍ତି ବାଢ଼ିଛନ୍ତି।



ଏନେଇ କରଞ୍ଜିଆ ବନଖଣ୍ଡ ଅଧିକାରୀ ବୈଦନାଥ ମାଝୀ କହିଛନ୍ତି, ଗୋଧି ବିଲୁପ୍ତ ପ୍ରଜାତିର ଏକ ସରୀସୃପ। ଏହା ସୁରକ୍ଷା ଓ ସଂରକ୍ଷଣ ନିହାତି ଜରୁରୀ। ଏପରିସ୍ଥଳେ ଗୋଧି ମାରି କାଟି ଖାଇବା ଧର୍ତ୍ତବ୍ୟ ଅପରାଧ। କେହି ବି ବନ୍ୟପ୍ରାଣୀଙ୍କୁ ଶିକାର କରିପାରିବେ ନାହିଁ। ଏଥିପାଇଁ ସରକାରଙ୍କ କଡ଼ାକଡ଼ି ନିୟମ ରହିଛି। ଠାକୁରମୁଣ୍ଡା ବନବିଭାଗ ଏକ ମାମଲା ରୁଜୁକରି ଅଧିକ ତଦନ୍ତ କରୁଛି ବୋଲି ଠାକୁରମୁଣ୍ଡା ରେଞ୍ଜର ଉମାକାନ୍ତ ବେହେରା ସୂଚନା ଦେଇଛନ୍ତି।

## ପଛକୁ ପଛ ଆସୁଛି ଲଘୁଚାପ

ଭୁବନେଶ୍ୱର,୧୯।୮ (ସମିସ): ପଛକୁ ପଛ ଆସୁଛି ଲଘୁଚାପ। ଉତ୍ତର ବଙ୍ଗୋପସାଗରରେ ଏହି ଲଘୁଚାପ ସୃଷ୍ଟି ହେବାକୁ ଥିବାରୁ ସାରା ରାଜ୍ୟରେ ବର୍ଷା ନେଇ ଆକଳନ କରାଯାଉଛି। ସମ୍ଭାବ୍ୟ ଲଘୁଚାପଟି ଆସନ୍ତା ୨୪ ତାରିଖ ବେଳକୁ ଉତ୍ତର ପଶ୍ଚିମ ବଙ୍ଗୋପସାଗରରେ ସୃଷ୍ଟି ହୋଇପାରେ। ପରବର୍ତ୍ତୀ ସମୟରେ ଏହି ଲଘୁଚାପ ଅଧିକ ଘନୀଭୂତ ହେବା ସହ ସାରା ରାଜ୍ୟରେ ବର୍ଷା କରାଇପାରେ। ମୁଖ୍ୟତଃ ରାଜ୍ୟରେ ୨୩-୨୫ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ ପ୍ରବଳରୁ ଅତି ପ୍ରବଳ ବର୍ଷା ଆଶଙ୍କା ରହିଛି। ଆଇଏମ୍‌ଡି ମହାନିର୍ଦ୍ଦେଶକ ଡଃ ମୃତ୍ୟୁଞ୍ଜୟ ମହାପାତ୍ର କହିଛନ୍ତି ଯେ ୨୪ ତାରିଖରେ ଗୋଟିଏ ଲଘୁଚାପ ସୃଷ୍ଟି ହେବ। ଏହାଦ୍ୱାରା ରାଜ୍ୟରେ ପ୍ରବଳ ବର୍ଷା ହେବ। ୨୭-୨୮ ବେଳକୁ ପୁଣି ଗୋଟିଏ ଲଘୁଚାପ ସମ୍ଭାବନା ରହିଛି। ତେଣୁ ପ୍ରାୟ ଅଗଷ୍ଟ ଶେଷ ପର୍ଯ୍ୟନ୍ତ ସମ୍ପୂର୍ଣ୍ଣ କେନ୍ଦ୍ରୀୟ ଭାରତରେ ମୌସୁମୀ ସକ୍ରିୟ ସହ ଭଲ ବର୍ଷା ଆକଳନ କରାଯାଉଥିବା ଡଃ ମହାପାତ୍ର କହିଛନ୍ତି।

ଅନ୍ୟପଟେ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଅବପାତ ଦକ୍ଷିଣ ଆଭ୍ୟନ୍ତରୀଣ ଓଡ଼ିଶା ଦେଇ ଆଗକୁ ବଢୁଛି। ଆସନ୍ତା ୧୨ ଘଣ୍ଟା ମଧ୍ୟରେ ଏହା ଉତ୍ତର ପଶ୍ଚିମ ଦିଗରେ ଗତି କରି ଛତିଶଗଡ଼କୁ ଅଗ୍ରସର ହେବ ଓ ଦୁର୍ବଳ ହେବ। ଏହି ଅବପାତ ପ୍ରଭାବରେ ମଙ୍ଗଳବାର ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ରେକର୍ଡ କରାଯାଇଛି। ବୁଧବାର ବର୍ଷାର ପ୍ରଭାବ କମିଲେ ମଧ୍ୟ କିଛି କିଛି ସ୍ଥାନରେ ବର୍ଷା ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି।

ଅନ୍ୟପଟେ ଅବପାତ ଯୋଗୁଁ ସମୁଦ୍ର ଉପକୂଳ ଅଂଚଳରେ ୪୦ ରୁ ୬୦ କିମି ପବନ ବହୁଛି। ଏଥିପାଇଁ ସମୁଦ୍ର ଅଶାନ୍ତ ରହିଛି। ତେଣୁ ଆସନ୍ତା୨୦ ତାରିଖ ଯାଏ ମତ୍ସ୍ୟଜୀବୀଙ୍କୁ ସମୁଦ୍ରକୁ ଯିବାକୁ ବାରଣ କରାଯାଇଛି। ମୌସୁମୀ ଋତୁ ଅର୍ଥାତ୍ ଜୁନ ୧ରୁ ଆଜି ପର୍ଯ୍ୟନ୍ତ ରାଜ୍ୟରେ ୭୨୬ ମିମି ବର୍ଷା ରେକର୍ଡ ହୋଇଛି। ସ୍ୱାଭାବିକ ବର୍ଷା ୭୭୨.୮ ମିମି ବର୍ଷା ତୁଳନାରେ ଏବେବି ୬ ପ୍ରତିଶତ କମ ବର୍ଷା ରେକର୍ଡ ହୋଇଛି। ୨୦ ଜିଲ୍ଲାରେ ସ୍ୱାଭାବିକ ବର୍ଷା,୨ ଜିଲ୍ଲାରେ ସ୍ୱାଭାବିକ ଠାରୁ ଅଧିକ ବର୍ଷା ଏବଂ ୮ ଜିଲ୍ଲାରେ ନିଅଣ୍ଟିଆ ବର୍ଷା ରେକର୍ଡ କରାଯାଇଛି। ଗତ ୨୪ ଘଂଟାରେ ଅଧିକାଂଶ ସ୍ଥାନରେ ହାଲୁକରୁ ମଧ୍ୟମ ବର୍ଷା ସହ ୯ଟି ସ୍ଥାନରେ ପ୍ରବଳ ଗୋଟିଏ ସ୍ଥାନରେ ଅତି ପ୍ରବଳ ବର୍ଷା ରେକଡ଼ ହୋଇଥିବା ବେଳେ ସର୍ବାଧିକ ବର୍ଷା କୋରାପୁଟ କୋଟପାଡ଼ର ୧୩୩ ମିମି ରେକର୍ଡ କରାଯାଇଛି।

## ବଜ୍ରପାତ ନେଲା ୨ ଜୀବନ

ଝାରସୁଗୁଡ଼ା/କୋଲାବିରା,୧୯।୮ (ସମିସ): ଝାରସୁଗୁଡ଼ା ଜିଲ୍ଲା କୋଲାବିରା ଥାନା ପରମାଣପୁର ପଞ୍ଚାୟତ ଅଧୀନ କାଲିବାହାଲ ଗ୍ରାମରେ ମଙ୍ଗଳବାର ଅପରାହ୍ଣ ପ୍ରାୟ ୩ଟାରେ ବଜ୍ରପାତ ଘଟି ୨ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତକଦ୍ୱୟ ହେଲେ, ଗ୍ରାମର ବୀର କିସାନ (୪୫) ଓ ଶଙ୍କର ମାଝୀଙ୍କ ସାନ ପୁଅ ଦୁଃଖବନ୍ଧୁ ମାଝୀ (୨୦)। ବୀର ଓ ଦୁଃଖବନ୍ଧୁ ଆଜି ଜମିରେ କୀଟନାଶକ ପକାଇବାକୁ ଯାଇଥିବା ବେଳେ ଏହି ଅଘଟଣ ଘଟିଥିଲା। ଏହି ସମୟରେ ବର୍ଷା ପବନ ମାଡ଼ି ଆସିବା ସହ



ଘନଘନ ବଜ୍ରପାତ ହୋଇଥିଲା। ବର୍ଷାରୁ ରକ୍ଷା ପାଇବା ପାଇଁ ଉଭୟ ପାଖରେ ଥିବା ଏକ ମହୁଲ ଗଛ ତଳେ ଆଶ୍ରୟ ନେଇଥିଲେ। ସେଠାରେ ଏକ ବଜ୍ରପାତ ହେବାରୁ ଉଭୟ ଟଳି ପଡ଼ିଥିଲେ। ଗ୍ରାମବାସୀ ଦୁହିଁଙ୍କୁ ଉଦ୍ଧାର କରି ଡାକ୍ତରଖାନା ନେଇଥିଲେ ହେଁ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। କୋଲାବିରା ପୁଲିସ ଏନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରିବା ସହ ଶବଦ୍ୱୟକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ଏହି ଖବର ପ୍ରଘଟ ହେବା ପରେ ସ୍ଥାନୀୟ ଅଞ୍ଚଳରେ ଗଭୀର ଶୋକ ପ୍ରକାଶ ପାଇଛି।

## ଗର୍ଜିଲା ପୁଲିସ୍ ବନ୍ଧୁକ

# ଦୁର୍ଦ୍ଧାନ୍ତ ସମଦକୁ ଏନ୍‌କାଉଣ୍ଟର୍

ସମ୍ବଲପୁର,୧୯।୮ (ସମିସ): ଦୀର୍ଘ ଦିନ ପରେ ପୁଣି ଗର୍ଜିଛି ସମ୍ବଲପୁର ପୁଲିସ୍‌ର ବନ୍ଧୁକ। ସର୍ବସାଧାରଣରେ ମାରପିଟ୍‌ଠାରୁ ଆରମ୍ଭ କରି ମରଣାନ୍ତକ ଆକ୍ରମଣ, ହତ୍ୟା, ଗୁଳିକାଣ୍ଡ, ଦୁଷ୍କର୍ମ ଭଳି ୧୫ରୁ ଉର୍ଦ୍ଧ୍ୱ ସଂଗିନ୍ ମାମଲାରେ ସଂଶ୍ଳିଷ୍ଟ ଥିବା ଦୁର୍ଦ୍ଧାନ୍ତ ଅପରାଧୀ ମହମ୍ମଦ ସମଦକୁ ଆଜି ଧନୁପାଲି ପୁଲିସ୍ ଏନ୍‌କାଉଣ୍ଟର୍ କରିଛି। ମୋତିଝରଣ ଅଞ୍ଚଳରେ ଜଣେ ଯୁବକଙ୍କୁ ହତ୍ୟା କରିବା ପରଠାରୁ ସେ ଫେରାର୍ ଥିଲା। ତାର ବାମ ଗୋଡ଼ରେ ଗୁଳି ବାଜିଛି। ସମଦ ପାଖରୁ ପୁଲିସ୍ ଗୋଟିଏ ୭.୬ମିମି ଦେଶୀ ପିସ୍ତଲ, ଗୋଟିଏ ୭.୬ମିମି ଗୁଳି, ୩ଟି ଖାଲି କ୍ୟାଟ୍ରିଜ୍, ଗୋଟିଏ ଆପାଚେ ଆର୍ଟି ବାଇକ୍ ଓ ଗୋଟିଏ ମୋବାଇଲ ଜବତ କରିଛି। ପୁଲିସ୍ ତାକୁ ଚିକିତ୍ସା ଲାଗି ଭିମସାରରେ ଭର୍ତ୍ତି କରାଇଛି। ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଅତିରିକ୍ତ ଏସ୍‌ପି ଶ୍ରୀମନ୍ତ ବାରିକ ଏହି ସୂଚନା ଦେଇଛନ୍ତି। ତେବେ ଉକ୍ତ ହତ୍ୟାକାଣ୍ଡରେ ସମ୍ପୃକ୍ତ ସାମଦଙ୍କ ଭାଇ ମହମ୍ମଦ ୱାସିମ ଫେରାର ଅଛି। ପୁଲିସ ବିଭିନ୍ନ ସ୍ଥାନରେ ଚଢ଼ଉ କରି ତନାଘନା ଜାରି ରଖିଛି।

ପୁଲିସ୍ ସୂଚନାନୁଯାୟୀ, ଧନୁପାଲି ଥାନା ଅନ୍ତର୍ଗତ ମୋତିଝରଣର ଅଭିଯୁକ୍ତ ମହମ୍ମଦ ସମଦ ଓ ତାର ଭାଇ ମହମ୍ମଦ ୱାସିମ ସୋମବାର ରାତି ପ୍ରାୟ ୧୦ଟାରେ



ମୋତିଝରଣର ଅସଫାକ ଖାନଙ୍କୁ ଧାରୁଆ ଅସ୍ତ୍ରରେ ଆକ୍ରମଣ କରି ହତ୍ୟା କରିବା ପରେ ଫେରାର ହୋଇଯାଇଥିଲେ। ଧନୁପାଲି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅସଫାକ୍‌ଙ୍କୁ ଉଦ୍ଧାର କରି ସଦର ଡାକ୍ତରଖାନାକୁ ନେଇଥିଲେ। ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତକଙ୍କ ଭାଇ ଜାବିଜ ଖାନଙ୍କ ଅଭିଯୋଗ ଆଧାରରେ ଧନୁପାଲି ଥାନା ପୁଲିସ କେସ ନଂ. ୨୮୦ ତା.୧୮.୦୮.୨୦୨୫ ଦଫା ୧୦୩(୧), ୩(୫) ବିଏନ୍‌ଏସ୍‌ରେ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା।

ଅଭିଯୁକ୍ତଙ୍କୁ ଧରିବା ପାଇଁ ପୁଲିସ ଏକ ସ୍ୱତନ୍ତ୍ର ଦଳ ଗଠନ କରିଥିଲା। ସମ୍ବଲପୁର ସହରର ସମସ୍ତ ରାସ୍ତାରେ ନାକା କରି ବିଭିନ୍ନ ସ୍ଥାନରେ ଯାଞ୍ଚ ଚାଲିଥିଲା। ଗୁଇନ୍ଦା ସୂଚନା ଆଧାରରେ ମଙ୍ଗଳବାର ୧୯ ତାରିଖ ଭୋର୍ ସମୟରେ ଖଣ୍ଡୁଆଳ ଗ୍ରାମ ନିକଟରେ ଅଭିଯୁକ୍ତ ସାମଦ ଲୁଚିଥିବା ଜଣାପଡ଼ିଥିଲା। ପୁଲିସ ତାକୁ ଆତ୍ମସମର୍ପଣ ପାଇଁ କହିବାରୁ ସେ ପୁଲିସ ଉପରକୁ ଦୁଇ ରାଉଣ୍ଡ ଗୁଳିଚାଳନା କରିଥିଲା। ପରେ ପୁଲିସର ଗୋଟିଏ ରାଉଣ୍ଡ ପାଲଟା ଗୁଳିଚାଳନାରେ ସମଦ ଆହତ ହୋଇଥିଲା। ସାମଦ ନାମରେ ଧନୁପାଲି ଥାନା ପୁଲିସ କେସ ନଂ. ୨୮୧ ତା.୧୯.୦୮.୨୦୨୫ ଦଫା ୧୩୨, ୨୨୪, ୧୦୯(୧) ବିଏନ୍‌ଏସ୍, ୨୫(୧)(ବି)(ଏ)/୨୭ ଆର୍ମସ ଆକ୍ଟରେ ଆଉ ମାମଲା ରୁଜୁ କରିଛି।

## ୪ ଜୋନ୍‌ରେ ମହିଳା ସମାବେଶ କରିବ କଂଗ୍ରେସ

ଭୁବନେଶ୍ୱର,୧୯।୮ (ସମିସ): ଭାରତୀୟ ଜାତୀୟ କଂଗ୍ରେସର ଓଡ଼ିଶା ପ୍ରଭାରୀ ଅଜୟ କୁମାର ଲାଲ୍ଲୁ ଚାରିଦିନିଆ ଓଡିଶା ଗସ୍ତରେ ଆସି ଦଳର ଏକାଧିକ ସାଙ୍ଗଠନିକ ବୈଠକରେ ସ୍ଥିତି ସମୀକ୍ଷା କରିଛନ୍ତି। ଏହି ବୈଠକଗୁଡ଼ିକରେ କଂଗ୍ରେସର ଆଗାମୀ କାର୍ଯ୍ୟକ୍ରମ ନେଇ ଅନେକ ନିଷ୍ପତ୍ତି ନିଆଯାଇଛି। ଏଥିରେ ମୁଖ୍ୟତଃ ବିଧାୟକ ଓ ସାଂସଦ ପ୍ରାର୍ଥୀମାନେ ନିଜ ଅଞ୍ଚଳରେ ମାସକୁ ଅନ୍ୟୁନ ୨୦ ଦିନ ରହି ତୃଣମୂଳ ସ୍ତରରେ ସଂଗଠନକୁ ସୁଦୃଢ଼ କରିବା ସହ ଭୋଟ ଜାଲିଆତି ସମ୍ପର୍କରେ ସଚେତନ କରିବାକୁ ନିଷ୍ପତ୍ତି ହୋଇଛି। ଏହାସହିତ ପିସିସି ପଦାଧିକାରୀମାନେ ବିଭିନ୍ନ ଜିଲ୍ଲା ଗସ୍ତ କରି ବ୍ଲକସ୍ତରୀୟ ଏବଂ ବୁଥସ୍ତରୀୟ କମିଟି ଗଠନ କରିବା ସହ ଭୋଟ ଚୋରି ପ୍ରସଙ୍ଗକୁ ଘରେଘରେ ପହଞ୍ଚାବା ନେଇ ନକ୍ସା ପ୍ରଦାନ କରାଯାଇଛି। ସେବା ଦଳ ବୈଠକରେ ରାଜ୍ୟ ଓ ବ୍ଲକ ସ୍ତରୀୟ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ କରାଇ ପ୍ରତି ବ୍ଲକରୁ ଅତି କମ୍‌ରେ

### ଏବେଠୁ ଜିଲ୍ଲା ପରିଷଦ ପ୍ରାର୍ଥୀ ଖୋଜିବ ଦଳ

୧୦ ଜଣଙ୍କୁ କଂଗ୍ରେସ କାର୍ଯ୍ୟରେ ନିୟୋଜିତ କରାଇବାକୁ ନିଷ୍ପତ୍ତି ହୋଇଛି। ସେହିପରି ସମସ୍ତ କଂଗ୍ରେସ ପଦାଧିକାରୀଙ୍କୁ ମଧ୍ୟ ପ୍ରଶିକ୍ଷଣ ଦିଆଯିବା ପାଇଁ ନିଷ୍ପତ୍ତି ଗ୍ରହଣ କରାଯାଇଛି। ମହିଳା କଂଗ୍ରେସ ବୈଠକରେ ରାଜ୍ୟରେ ବୃଦ୍ଧି ପାଉଥିବା ନିର୍ଯାତନାକୁ କିପରି ରୋକାଯାଇ ପାରିବ, ସେ ନେଇ ବିଶେଷ କାର୍ଯ୍ୟକ୍ରମ ପ୍ରସ୍ତୁତ କରାଯିବାକୁ ନିଷ୍ପତ୍ତି ହୋଇଛି। ରାଜ୍ୟରେ ଚାରୋଟି ଜୋନ କରାଯିବ ଓ ମହିଳାଙ୍କୁ ପ୍ରତ୍ୟେକ ଜୋନରେ ଦାୟିତ୍ୱ ପ୍ରଦାନ କରାଯାଇ ମହିଳା ଜିଲ୍ଲା ସଭାପତି ଚୟନ କରାଯିବ। ଜିଲ୍ଲା ସଭାପତି ଚୟନ ପରେ ଚାରୋଟି ଜୋନରେ ବିଶାଳ ମହିଳା ସମାବେଶ କରାଯିବା ପାଇଁ ନିଷ୍ପତ୍ତି ହୋଇଛି। ରାଜୀବ ଗାନ୍ଧୀ ପଞ୍ଚାୟତିରାଜ ସଂଗଠନ ବୈଠକରେ ଆସନ୍ତା ପଞ୍ଚାୟତ ନିର୍ବାଚନ ପୂର୍ବରୁ ସମସ୍ତ ବ୍ଲକ, ମଣ୍ଡଳ ଓ ପଞ୍ଚାୟତ କମିଟି ଗଠନ ପାଇଁ ଏଆଇସିସି ପ୍ରଭାରୀ ନିର୍ଦ୍ଦେଶ ଦେବା ସହିତ ଜିଲ୍ଲା ପରିଷଦ ପ୍ରାର୍ଥୀ ଖୋଜିବା ପ୍ରକ୍ରିୟା ଏବେଠୁ ଆରମ୍ଭ କରିବା ପାଇଁ କହିଛନ୍ତି।

## ଲାଞ୍ଚୁଆ ପୂର୍ବତନ ସହକାରୀ ଯନ୍ତ୍ରୀଙ୍କୁ ୩ ବର୍ଷ ଜେଲ୍

ବାଲେଶ୍ୱର,୧୯।୮ (ସମିସ): ଏକ ଲାଞ୍ଚ ମାମଲାରେ ବାଲେଶ୍ୱର ଉଠା ଜଳସେଚନ କାର୍ଯ୍ୟାଳୟର ପୂର୍ବତନ ସହକାରୀ ଯନ୍ତ୍ରୀ (ଏଷ୍ଟିମେଟର) କୁମୁଦ ଚନ୍ଦ୍ର ପ୍ରଧାନଙ୍କୁ ୩ ବର୍ଷ ଜେଲ୍‌ଦଣ୍ଡ ହୋଇଛି। ଏହାଛଡ଼ା ତାଙ୍କୁ ୫୦ହଜାର ଟଙ୍କା ଜରିମାନା ଆଦେଶ କରାଯାଇଛି। ଜରିମାନା ଟଙ୍କା ଅନାଦେୟ ହେଲେ, ଅଧିକ ୬ମାସ ଜେଲ ଦଣ୍ଡ ଭୋଗିବାକୁ ପଡ଼ିବ ବୋଲି ସ୍ୱତନ୍ତ୍ର ଭିଜିଲାନ୍ସ ଜଜ୍ ଲଳିତ କୁମାର ଦାଶ ରାୟରେ ଉଲ୍ଲେଖ କରିଛନ୍ତି।

୨୦୧୬ ମସିହାରେ ଶ୍ରୀ ପ୍ରଧାନ ବାଲେଶ୍ୱର ସଦର ବ୍ଲକ ଅନ୍ତର୍ଗତ ହିଞ୍ଜିଳା ଗ୍ରାମରେ ସେଲୋ କ୍ଲୋଷ୍ଟର ପ୍ରୋଜେକ୍ଟ କାର୍ଯ୍ୟରେ ଚୁକ୍ତିପତ୍ର ପ୍ରୋସେସିଂ କରିବା ପାଇଁ ଟେଣ୍ଡର୍ ନେଇଥିବା ଠିକାଦାର କାର୍ତ୍ତିକ ଚନ୍ଦ୍ର ପୃଷ୍ଟିଙ୍କଠାରୁ ନଗଦ ୧୦ ହଜାର ଟଙ୍କା ଦାବି କରି ୨୦୧୬ ଅକ୍ଟୋବର ୪ରେ ନେଇଥିଲେ। ସେହି ସମୟରେ ଭିଜିଲାନସ ବିଭାଗ ତାଙ୍କୁ ମାଡ଼ି ବସିଥିଲା। ତାଙ୍କଠାରୁ ଉକ୍ତ ଲାଞ୍ଚ ଟଙ୍କା ଜବତ କରାଯିବା ସହ ଭିଜିଲାନସ କେସ ନମ୍ବର ୫୭/୧୬ନମ୍ବରରେ ଏକ ମାମଲା ରୁଜୁ କରି ତାଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ତଦନ୍ତକାରୀ ଅଧିକାରୀ ମାନସୀ ଜେନା ତଦନ୍ତ ପରେ କୋର୍ଟରେ ଚାର୍ଜସିଟ ମଧ୍ୟ ଦାଖଲ କରିଥିଲେ। ଏହି ମାମଲାଟି ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟରେ ବିଚାରଧୀନ ରହିଥିଲା।

## କୁମ୍ଭୀର ମୁହଁରୁ ଛଡ଼ାଇ ଆଣିଲେ ଜୀବନ

ରାଜକନିକା, ୧୯।୮ (ସମିସ): କୁମ୍ଭୀର ମୁହଁରୁ ପୁଅର ଜୀବନ ଛଡ଼ାଇ ଆଣିଲେ ବାପା। କେନ୍ଦ୍ରାପଡ଼ା ଜିଲ୍ଲା ରାଜକନିକା ବ୍ଲକ ଜୟନଗର ପଞ୍ଚାୟତ ଖୁଣ୍ଟା ଗ୍ରାମରେ ଆଜି ଏପରି ଏକ ଘଟଣା ଘଟିଛି। ଗ୍ରାମର ରତ୍ନାକର ମଲିକ ଆଜି ନିଜ ଜୀବନକୁ ବାଜି ଲଗାଇ କୁମ୍ଭୀର ସହ ସଂଗ୍ରାମ କରି ପୁଅକୁ ବଞ୍ଚାଇଛନ୍ତି। ପୁଅ ରାକେଶ



ମଲ୍ଲିକ (୧୩)କୁ ଗୁରୁତର ଅବସ୍ଥାରେ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। କୁମ୍ଭୀର ଆକ୍ରମଣରେ ରାକେଶର ବାମ ଜଙ୍ଘ ଓ ଆଣ୍ଠୁତଳ ପେଣ୍ଡାରେ ଗଭୀର କ୍ଷତ ହୋଇଛି।

ସୂଚନାନୁଯାୟୀ, ରାକେଶ ଅଷ୍ଟମ ଶ୍ରେଣୀରେ ପାଠ ପଢ଼େ। ଆଜି ଦିନ ପ୍ରାୟ ସାଢ଼େ ୨ଟା ବେଳେ ସେ ବିଲରେ କାମ କରୁଥିବା ରତ୍ନାକରଙ୍କ ପାଇଁ ଖାଇବା ନେଇ ଯାଇଥିଲା। ବାପା ଖାଇ ସାରିବା ପରେ ରାକେଶ କେଟିଲ୍ ଧୋଇବାକୁ ବ୍ରାହ୍ମଣୀ ନଦୀ ସଂଲଗ୍ନ ଖୁଣ୍ଟା ଯୋରକୁ ଯାଇଥିଲା। ସେଠାରେ କେଟିଲ୍ ଧୋଇବା ବେଳ ହଠାତ୍ ଏକ କୁମ୍ଭୀର ଉପରକୁ ଉଠିଆସି ରାକେଶର ବାମପଟ ଜଙ୍ଘକୁ ଧରି ଘୋଷାଡ଼ି ନେଇଥିଲା। ରାକେଶ ଜୀବନ ବିକଳରେ ପାଖରେ ଥିବା ବେଣାବୁଦାକୁ ଜୋର୍‌ରେ ଜାବୁଡ଼ି ଧରିବା ସହ ବାପାଙ୍କୁ ଡାକ ପକାଇଥିଲା। ଚିତ୍କାର ଶୁଣି ରତ୍ନାକର ସଙ୍ଗେସଙ୍ଗେ ଦୌଡ଼ି ଆସିଥିଲେ। ନିଜ ଜୀବନକୁ ଖାତିର୍ ନ କରି ସେ ପାଣି ଭିତରେ ପଶି କୁମ୍ଭୀର ସହ ଲଢ଼େଇ କରି ପୁଅର ଜୀବନ ବଞ୍ଚାଇଥିଲେ। କୁମ୍ଭୀର କାମୁଡ଼ାରେ ରାକେଶର୍କ ବାମ ଜଙ୍ଘ ଓ ଆଣ୍ଠୁତଳ ପେଣ୍ଡାରେ ଗଭୀର କ୍ଷତ ହୋଇଛି। ଗୁରୁତର ରାକେଶକୁ ଗାଁ ଲୋକେ ତୁରନ୍ତ ରାଜକନିକା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। ସେଠାରେ ଡାକ୍ତର ପ୍ରାଥମିକ ଚିକିତ୍ସା କରିବା ପରେ ଅଧିକ ଚିକିତ୍ସା ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରିଥିବା ଜଣାଯାଇଛି।

## ଗାଈ ଜଗୁଆଳିଙ୍କୁ ଟାଣିନେଲା କୁମ୍ଭୀର

କେନ୍ଦ୍ରାପଡ଼ା,୧୯।୮ (ସମିସ): ଗାଈ ଜଗୁଆଳିଙ୍କୁ ଘୋଷାଡ଼ିନେଲା କୁମ୍ଭୀର। କେନ୍ଦ୍ରାପଡ଼ା ଜିଲ୍ଲା ଆଳି ଥାନା ଅନ୍ତର୍ଗତ ମାଣିକପାଟଣା ପଞ୍ଚାୟତରେ ଆଜି ଏପରି ଏକ ଘଟଣା ଘଟିଛି। ମୃତକ ହେଲେ, ମାଣିକପାଟଣା ପଞ୍ଚାୟତ ମାଣିକପାଟଣା ଗ୍ରାମର ପଞ୍ଚାନନ ଦାସ (୬୦)। ଅଗ୍ନିଶମବାହିନୀ ବୋଟ୍ ସାହାଯ୍ୟରେ ୩ଘଣ୍ଟା



ଧରି ଖୋଜାଖୋଜି କରିବା ପରେ ତାଙ୍କ କ୍ଷତବିକ୍ଷତ ମୃତଦେହକୁ ନଦୀରୁ ଉଦ୍ଧାର କରିଛି।

### ନଦୀରୁ ମୃତଦେହ ଉଦ୍ଧାର

ସୂଚନା ମୁତାବକ, ପଞ୍ଚାନନ ଆଜି ବ୍ରାହ୍ମଣୀ ନଦୀର ନଗଡ଼ଘାଟ ନିକଟ ପଠାକୁ ଗାଈ ଚରାଇବାକୁ ଯାଇଥିଲେ। ଗାଈ ଚରାଇବା ପରେ ସେ ଗାଧୋଇବାକୁ ନଦୀ ଭିତରକୁ ପଶିଥିଲେ। ଏହି ସମୟରେ ଏକ କୁମ୍ଭୀର ତାଙ୍କୁ ଘୋଷାଡ଼ି ନେଇଥିଲା। ଏପଟେ, ଦୀର୍ଘ ସମୟ ଧରି ନ ଫେରିବାରୁ ସାଥୀ ଗାଈ ଚରାଳିଙ୍କ ସନ୍ଦେହ ହୋଇଥିଲା। ନଦୀପଠାରେ ପଞ୍ଚାନନଙ୍କ ପନ୍ଧା ଲୁଗା ଥୁଆ ହୋଇଥିବା ଦେଖିବାକୁ ପାଇଥିଲେ। ଗ୍ରାମବାସୀ ନଦୀରେ ଖୋଜାଖୋଜି କରିବା ସହ ଅଗ୍ନିଶମ ବାହିନୀକୁ ଖବର ଦେଇଥିଲେ। ଅଗ୍ନିଶମ ବାହିନୀ କର୍ମଚାରୀ ପହଞ୍ଚି ବୋଟ ସାହାଯ୍ୟରେ ୩ଘଣ୍ଟା ଧରି ଖୋଜାଖୋଜି କରିବା ପରେ ମୃତଦେହ ଉଦ୍ଧାର କରିଥିଲେ। ଏ ଖବର ପ୍ରଚାରିତ ହେବା ପରେ ଅଞ୍ଚଳରେ ଭୟର ବାତାବରଣ ଖେଳିଯାଇଛି।

## ବଦଳିଲା ପଦବୀ ନାମ

# ଫରେଷ୍ଟଗାର୍ଡ ଏଣିକି ଆସିଷ୍ଟାଣ୍ଟ ଫରେଷ୍ଟର୍

ଭୁବନେଶ୍ୱର, ୧୯।୮ (ସମିସ): ରାଜ୍ୟରେ ଏଣିକି ଫରେଷ୍ଟ ଗାର୍ଡ (ବନରକ୍ଷୀ) ପଦବୀ ଆସିଷ୍ଟାଣ୍ଟ ଫରେଷ୍ଟର୍ (ସହକାରୀ ବନପାଳ) ପଦବୀ ଭାବେ ବିବେଚନା କରାଯିବ। ଫରେଷ୍ଟଗାର୍ଡମାନେ ବନ ବିଭାଗ ଦ୍ୱାରା ଏକାଧିକ କାର୍ଯ୍ୟରେ ନିୟୋଜିତ ରହୁଥିବା ବେଳେ ବହୁ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ନିର୍ବାହ କରୁଛନ୍ତି। ତେଣୁ ସେମାନଙ୍କ ପଦବୀକୁ ଫରେଷ୍ଟଗାର୍ଡ ବଦଳରେ ଆସିଷ୍ଟାଣ୍ଟ ଫରେଷ୍ଟର୍ ଭାବେ ନାମିତ କରାଯାଇଛି। ମଙ୍ଗଳବାର ଏନେଇ ପିସିସିଏଫ୍‌ଙ୍କ କାର୍ଯ୍ୟାଳୟରୁ ଏକ ବିଧିବଦ୍ଧ ବିଜ୍ଞପ୍ତି ପ୍ରକାଶ ପାଇଛି।

ପ୍ରକାଶିତ ବିଜ୍ଞପ୍ତିରେ ଦର୍ଶାଯାଇଛି ଯେ ଓଡ଼ିଶା ଅଣଗେଜେଟେଡ୍ ବନସେବା ସଂଘ ପକ୍ଷରୁ ବନରକ୍ଷୀଙ୍କୁ ସହାୟକ ବନପାଳ ଭାବେ ପୁନଃନାମିତ କରିବା ସମ୍ପର୍କରେ ଦାବିପତ୍ର ପ୍ରଦାନ କରାଯାଇଥିଲା। ସଂଘ ନିଜ ଦାବିରେ ଦର୍ଶାଇଥିଲା ଯେ ବନ ବିଭାଗର ବନରକ୍ଷୀମାନେ ସେମାନଙ୍କ ଅଧିକାର କ୍ଷେତ୍ର ମଧ୍ୟରେ ଜଙ୍ଗଲ ଏବଂ ବନାଗ୍ନି ସୁରକ୍ଷା, ବନ୍ୟ ଜୀବ ପରିଚାଳନା, ବିଭିନ୍ନ ପ୍ରକଳ୍ପ କାର୍ଯ୍ୟ ଯଥା ଜାଇକା, କାମ୍ପା, ଏଫ୍‌ଡିଏ, ଏନ୍‌ଆରଜିଏ ଭଳି କାର୍ଯ୍ୟ କରୁଛନ୍ତି। ଏହାସହ ବିଭାଗୀୟ କାର୍ଯ୍ୟ ସମ୍ପାଦନ ସାଙ୍ଗକୁ ଜନସମ୍ପର୍କ, ସ୍ଥାନୀୟ ଜନଜାତି ଏବଂ ବନବାସୀଙ୍କ ସହିତ ଜଡ଼ିତ ରହୁଛନ୍ତି। ଏହାସହ ଭିଏସ୍‌ଏସ୍ ଓ ଇଡିସିମାନଙ୍କ ସହ ଜଡ଼ିତ ହୋଇ ଜଙ୍ଗଲ ଏବଂ ବନ୍ୟପ୍ରାଣୀଙ୍କ ସୁରକ୍ଷା ଦିଗରେ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ନିର୍ବାହ କରୁଛନ୍ତି। ବନ୍ୟଜନ୍ତୁଙ୍କ ଜୀବନହାନିକୁ ରୋକିବାରେ ସାଧାରଣ ଲୋକଙ୍କୁ ସାମିଲ କରିବାରେ ମଧ୍ୟ ସେମାନେ ପ୍ରମୁଖ ଭୂମିକା ଗ୍ରହଣ କରନ୍ତି ଓ ଜନସଚେତନତା ସୃଷ୍ଟି କରୁଛନ୍ତି। ଉପରୋକ୍ତ କାର୍ଯ୍ୟ ସମ୍ପାଦନ ଦୃଷ୍ଟିରୁ ସେମାନଙ୍କୁ ଆସିଷ୍ଟାଣ୍ଟ ଫରେଷ୍ଟର୍ ଭାବେ ବିବେଚନା କରିବାକୁ ଦାବି କରାଯାଇଥିଲା। ଏନେଇ ସଂଘ ପକ୍ଷରୁ ଗତ ୩୦ ଜୁନ୍‌ରେ ରାଜ୍ୟ ସରକାରଙ୍କ ନିକଟରେ ଦାବିପତ୍ର ମଧ୍ୟ ଦାଖଲ କରିଥିଲେ। ରାଜ୍ୟ ସରକାର ସେମାନଙ୍କ ଦାବିକୁ ଗ୍ରହଣ କରି ଏହା ପୂରଣ କରିଥିବାରୁ ସଂଘ ପକ୍ଷରୁ ରାଜ୍ୟ ସରକାରଙ୍କୁ କୃତଜ୍ଞତା ଜଣାଯାଇଛି।

## ମହିଳାଙ୍କୁ ଗଳାକାଟି ହତ୍ୟା ଓ ଝିଅକୁ ଆକ୍ରମଣ ଘଟଣା

# କର୍ଣ୍ଣାଟକରୁ ଧରାହେଲା ଅଭିଯୁକ୍ତ ପ୍ରେମିକ ଶାନ୍ତନୁ



ବ୍ରହ୍ମପୁର, ୧୯।୮ (ସମିସ): ଶ୍ରୀମାନଗର ଦ୍ୱିତୀୟଲାଇନ୍ ନିବାସୀ ଗାୟତ୍ରୀ ସ୍ୱାଇଁ ହତ୍ୟା ମାମଲାରେ ନିମଖଣ୍ଡି ପୁଲିସ୍ ଆଜି ଅଭିଯୁକ୍ତ ଶାନ୍ତନୁ ପାତ୍ର (୨୯)କୁ କର୍ଣ୍ଣାଟକ କଲବର୍ଗି ଜିଲ୍ଲା ୱାଡ଼ି ରେଳଷ୍ଟେସନ୍‌ରୁ ଗିରଫ କରିଛି। ଶାନ୍ତନୁର ଘର ବାଲେଶ୍ୱର ଖନ୍ତାପଡ଼ା ଅଞ୍ଚଳରେ। ସେ ନକଲି ଆଧାରକାର୍ଡ ଜରିଆରେ ବ୍ରହ୍ମପୁରରେ ସୁନୀଲ ସ୍ୱାଇଁ ନାମରେ ରହି ପରିବା ବ୍ୟବସାୟ କରୁଥିଲା। ଶାନ୍ତନୁ ବିବାହିତ ଓ ପତ୍ନୀଙ୍କ ସହ ଝଗଡ଼ା ପରେ ସେ ଅଲଗା ରହୁଥିଲେ। ୨୦୧୯ରେ ଶାନ୍ତନୁ ନିଜ ସମ୍ପର୍କୀୟ ଦୁଇ ଭଉଣୀଙ୍କୁ ହୋଇଥିବା ଗଣଦୁଷ୍କର୍ମ ଘଟଣାରେ ସମ୍ପୃକ୍ତ ଥିଲା। ଏନେଇ ଖନ୍ତାପଡ଼ା ଥାନାରେ ଅଭିଯୋଗ ପରେ ସେ ଫେରାର୍ ହୋଇଯାଇଥିଲା। କିଛି ଦିନ ମୁମ୍ବାଇରେ ଲୁଚି ରହିବା ପରେ ବ୍ରହ୍ମପୁର ଆସି ପରିବା ବିକିଥିଲା। ଗାୟତ୍ରୀଙ୍କ ସହ ସୁନୀଲର କିଭଳି ପରିଚୟ ହୋଇଥିଲା ଏବଂ କାହିଁକି ସେ ତାଙ୍କୁ ହତ୍ୟା କଲା, ସେ ସଂପର୍କରେ ବ୍ରହ୍ମପୁର ଏସ୍‌ପି ଡାକ୍ତର ସର୍ବଣା ବିବେକ ଏମ୍ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ବିସ୍ତୃତ ସୂଚନା ଦେଇଛନ୍ତି। ଅପରପକ୍ଷେ, ଆସନ୍ତାକାଲି ପୁଲିସ୍ ତାକୁ ସାଥୀରେ ନେଇ କ୍ରାଇମ୍ ସିନ୍ ରିକ୍ରିଏସନ୍ କରାଇବ ବୋଲି ଜଣାଯାଇଛି।

ପୁଲିସ୍ ସୂଚନାନୁସାରେ, ସୁନୀଲ ସ୍ୱାଇଁ ନାଁରେ ଶାନ୍ତନୁ ଫେସବୁକ୍ ଏକ ଆକାଉଣ୍ଟ ଖୋଲିଥିଲା। ସେଥିରେ ଗାୟତ୍ରୀଙ୍କ ସହ ପରିଚୟ ହୋଇଥିଲା। ପରେ କଥାବାର୍ତ୍ତାରୁ ଦୁହିଁଙ୍କ ମଧ୍ୟରେ ପ୍ରେମସଂପର୍କ ଗଢ଼ି ଉଠିଥିଲା। ସେତେବେଳେ ସୁନୀଲ ମୁମ୍ବାଇରେ ଏବଂ ଗାୟତ୍ରୀ ସପରିବାରେ କୋରାପୁଟରେ ରହୁଥିଲେ। ଧୀରେଧୀରେ ଦୁହିଁଙ୍କ ମଧ୍ୟରେ ସଂପର୍କ ଘନିଷ୍ଠ ହେବାରୁ ଉଭୟ କୌଣସି ସ୍ଥାନରେ ସାକ୍ଷାତ କରିବାକୁ ନିଷ୍ପତ୍ତି ନେଇଥିଲେ। ପରେ ଗାୟତ୍ରୀ ନିଜ ଶାଶୂଘର ବ୍ରହ୍ମପୁରସ୍ଥିତ ଗେଟ୍‌ବଜାର ରଘୁପତି ନଗରକୁ ଚାଲି ଆସିଥିଲେ। କିନ୍ତୁ ଶାଶୂଘର ଲୋକଙ୍କ ସହ ଝଗଡ଼ା ହେବାରୁ ଗାୟତ୍ରୀ ବ୍ରହ୍ମପୁରର ରାମଲିଙ୍ଗେଶ୍ୱର ପାର୍କ ନିକଟରେ ଏକ ଭଡ଼ାଘରେ ରହୁଥିଲେ। ସ୍ୱାମୀ ସାଧୁ କାମରେ ଭୁବନେଶ୍ୱର ଚାଲିଗଲା ପରେ ଗାୟତ୍ରୀ ସୁନୀଲକୁ ଭେଟିବାକୁ ବ୍ରହ୍ମପୁର ଡାକୁଥିଲେ। ୨୦୨୩ରେ ଗାୟତ୍ରୀ ବଡ଼ବଜାର ଥାନା ଓମ୍ ନଗରରେ ଅଭିଯୁକ୍ତ ସୁନୀଲର ଏକ ନକଲି ଆଧାରକାର୍ଡ କରି ତିଆରି କରାଇ ଦେଇଥିଲେ। ପରେ ସୁନୀଲ ସାଙ୍ଗରେ ଗାୟତ୍ରୀଙ୍କୁ ନେଇ ମୁମ୍ବାଇ ଫେରାର୍ ହୋଇଯାଇଥିଲା। ଏନେଇ ବଡ଼ବଜାର ଥାନାରେ ଏକ ମାମଲା ରୁଜୁ ହୋଇଥିଲା। କିନ୍ତୁ ୧୦ ଦିନ ପରେ ଗାୟତ୍ରୀ ଘରକୁ

■ ବାଲେଶ୍ୱର ଗଣଦୁଷ୍କର୍ମ ମାମଲାରେ ଫେରାର୍ ଥିଲା
■ ପରିଚୟ ଲୁଚାଇ ବ୍ରହ୍ମପୁରରେ ପରିବା ବିକୁଥିଲା

ଫେରି ଆସିଥିଲେ। ତଥାପି ଗାୟତ୍ରୀ ଓ ଶାନ୍ତନୁଙ୍କ ମଧ୍ୟରେ ସମ୍ପର୍କ ରହିଥିଲା। ରାମଲିଙ୍ଗେଶ୍ୱର ପାର୍କ ନିକଟରେ ରହୁଥିବା ଭଡ଼ାଘର ସ୍ଥାନଟି ଜନଗହଳିପୂର୍ଣ୍ଣ ହୋଇଥିବାରୁ ଗାୟତ୍ରୀଙ୍କ ସହ ଶାନ୍ତନୁ ଭଲ ଭାବେ ମିଶି ପାରୁନଥିଲା। ତେଣୁ ଗାୟତ୍ରୀ ନିମଖଣ୍ଡି ଥାନା ଅନ୍ତର୍ଗତ ଶ୍ରୀମାନଗର ଦ୍ୱିତୀୟ ଲାଇନ୍‌ରେ ଆଉ ଏକ ଭଡ଼ାଘରକୁ ଆସିଥିଲେ। ସେପଟେ ଲୋଚାପଡ଼ା ଧୋବାନାଳ ନିକଟରେ ସୁନୀଲ ଘରଭଡ଼ା ନେଇ ରହୁଥିଲା। ଏପରିକି, ଗାୟତ୍ରୀଙ୍କଠାରୁ ୨୫ହଜାର ଟଙ୍କା ନେଇ ସୁନୀଲ ଲୋଚାପଡ଼ାରେ ଏକ ପରିବା ଦୋକାନ ଆରମ୍ଭ କରିଥିଲା। ତେବେ କିଛି ଦିନ ପରେ କୌଣସି କାରଣରୁ ଉଭୟଙ୍କ ମଧ୍ୟରେ ମନୋମାଳିନ୍ୟ ଘଟିବାରୁ ଗାୟତ୍ରୀ ଆଉ ସୁନୀଲର ଫୋନ୍ କଲ୍ ଉଠାଇନଥିଲେ। ରାକ୍ଷୀ ପୂର୍ଣ୍ଣିମା ସମୟରେ ଗାୟତ୍ରୀ ତାଙ୍କ ଝିଅ ସହିତ ହିଞ୍ଜିଳିକାଟୁ ନିଜ ଭାଇଙ୍କ ଗାଁକୁ ଯାଇଥିଲେ। ଏହି ସମୟରେ ସୁନୀଲ ଫୋନ କରିଥିଲେ ହେଁ ଗାୟତ୍ରୀ ଉତ୍ତର ଦେଇନଥିଲେ। ଧୀରେଧୀରେ ସେ ସୁନୀଲଠାରୁ ଦୂରେଇ ଯିବା ଓ ହାତରେ ରାକ୍ଷୀ ବାନ୍ଧି ଭାଇ କରିବାକୁ କହିବା ପରେ ଶାନ୍ତନୁ ତାଙ୍କୁ ହତ୍ୟା କରିବାକୁ ଯୋଜନା କରିଥିଲା।

ଗତ ୧୦ ତାରିଖ ରାତିରେ ଗାୟତ୍ରୀଙ୍କ ଭଡ଼ା ଘରକୁ ସୁନୀଲ ଯାଇ ଝଗଡ଼ା କରିଥିଲା। ପରେ ତାଙ୍କୁ ଛୁରି ଭୁସି ହତ୍ୟା କରିଥିଲା। ଗାୟତ୍ରୀଙ୍କ ଝିଅ ଏହା ଦେଖି ଦେବାରୁ ତାକୁ ମଧ୍ୟ ସୁନୀଲ ଛୁରିରେ ଆକ୍ରମଣ କରିଥିଲା। ଘଟଣା ପରେ ରାତି ପ୍ରାୟ ୧୨ଟାରେ ସେ ଗାୟତ୍ରୀଙ୍କ ଘରୁ ବାହାରି ନିଜ ଭଡ଼ା ଘରକୁ ଯାଇଥିବା ପୁଲିସ ସିସିଟିଭି ଫୁଟେଜରୁ ସ୍ପଷ୍ଟ କରିଥିଲା। ସେଠାରୁ ବ୍ରହ୍ମପୁର ଷ୍ଟେସନ ଦେଇ ସୁନୀଲ କର୍ଣ୍ଣାଟକ ଫେରାର ହୋଇଯାଇଥିଲା। ପୁଲିସ ଅଭିଯୁକ୍ତକୁ କର୍ଣ୍ଣାଟକସ୍ଥିତ କୋର୍ଟରେ ହାଜର କରି ଟ୍ରାଞ୍ଜିଟ ରିମାଣ୍ଡରେ ଆଣି ବ୍ରହ୍ମପୁର କୋର୍ଟରେ ହାଜର କରିଛି। ଏଠାରେ ପୁଲିସ ଅଭିଯୁକ୍ତକୁ ୩ ଦିନ ରିମାଣ୍ଡରେ ନେଇ ଆହୁରି ଅଧିକ ତଥ୍ୟ ହାସଲ କରିବ ବୋଲି ଆଶା ରଖିଛି। ଅଭିଯୁକ୍ତକୁ ଧରିବାକୁ ନିମଖଣ୍ଡି ଥାନା ଅଧିକାରୀ କୃଷ୍ଣ ଶାହାଙ୍କ ନେତୃତ୍ୱରେ ଏସ୍‌ଆଇ ଜ୍ଞାନ ବେହେରା ଓ ଅନ୍ୟ ଥାନା କର୍ମଚାରୀମାନେ ମୁମ୍ବାଇ, ଆନ୍ଧ୍ର ଓ କର୍ଣ୍ଣାଟକ ଯାଇଥିବା ଏସ୍‌ପି ସୂଚନା ଦେଇଛନ୍ତି।

## କୋରାପୁଟ ଜିଲ୍ଲା ଜଳ ବିଭାଜିକା କାର୍ଯ୍ୟାଳୟ

# ୪୦ କାର୍ଯ୍ୟରତ କର୍ମଚାରୀଙ୍କୁ ନୋଟିସ

ଜୟପୁର,୧୯ ।୮ (ସମିସ): କୋରାପୁଟ ଜିଲ୍ଲାର ଜଳବିଭାଜିକା କାର୍ଯ୍ୟରେ ଅନେକ ପ୍ରକଳ୍ପ କାର୍ଯ୍ୟ ରହିଥିଲେ ସୁଦ୍ଧା ଆସନ୍ତା ବର୍ଷ ପାଇଁ ସରକାରଙ୍କ ନିକଟକୁ ମାତ୍ର ୩ ପ୍ରକଳ୍ପ ପାଇଁ ଜିଲ୍ଲା ଜଳବିଭାଜିକା ତଥା ମୃତ୍ତିକା ସଂରକ୍ଷଣ ବିଭାଗ ପକ୍ଷରୁ ପ୍ରସ୍ତାବ ଦିଆଯାଇଛି । ଏହିପରି କୋରାପୁଟ ଜିଲ୍ଲାରେ ପ୍ରାକୃତିକ ଭାବେ ନଦୀ, ଝରଣା ଏବଂ ଅନ୍ୟାନ୍ୟ ଜଳଉତ୍ସ ରହିଛି, ମୃତ୍ତିକା ସଂରକ୍ଷଣ ପାଇଁ ମଧ୍ୟ ପାହାଡ ପର୍ବତରେ ସୁରକ୍ଷା ନେଇ ଅନ୍ୟାନ୍ୟ ପ୍ରକଳ୍ପ ବ୍ୟବସ୍ଥା କରାଯିବାର ରହିଛି । ରାଜ୍ୟରେ ସମୁଦାୟ ୩୦ ଟି ଜିଲ୍ଲାରୁ ୨୫ଟି ଜିଲ୍ଲାରେ ଜଳବିଭାଜିକା ଯୋଜନାରେ ପ୍ରକଳ୍ପ ଗୁଡିକ କାର୍ଯ୍ୟକାରୀ ହେଉଛି । କୋରାପୁଟ ଜିଲ୍ଲାରେ ବିଭିନ୍ନ ପ୍ରକଳ୍ପ ଗୁଡିକ ନିୟମିତ ଭାବେ ଦୀର୍ଘ ବର୍ଷ ଧରି ବିଭିନ୍ନ ୫ ବର୍ଷିୟା ଯୋଜନାରେ କାର୍ଯ୍ୟକାରୀ ହେଉଥିଲା । ଏହିପରି ସାରା ଓଡିଶାରେ ଜିଲ୍ଲାରେ କାର୍ଯ୍ୟକାରୀ ହେଉଥିବା ପ୍ରକଳ୍ପ ଗୁଡିକର ମଧ୍ୟ ସୁନାମ ରହିବା ସହ ଶ୍ରେଷ୍ଠତମ ପ୍ରକଳ୍ପ ଭାବେ ପୁରସ୍କୃତ ହେଉଥିଲା । କିନ୍ତୁ ଅଧିକାରୀ ମାନଙ୍କ କାର୍ଯ୍ୟପ୍ରତି ଅବହେଳା, ଅଣଦେଖା ଏବଂ ପ୍ରକଳ୍ପ କାର୍ଯ୍ୟକାରୀକୁ ନେଇ ପଛଘୁଞ୍ଚା ଯୋଗୁଁ ଚଳିତ ବର୍ଷ କୋରାପୁଟ ଜିଲ୍ଲା ତଳକୁ ଖସି ରାଜ୍ୟର ୨୩ ତମ ସ୍ଥାନ ଅଧିକାର କରିଛି । ଏହିପରି ପରିସ୍ଥିତିରେ ଜିଲ୍ଲାରେ ପ୍ରକୃତିର ନିର୍ମାଣ ଅନୁଯାୟୀ ବିଭିନ୍ନ ଜଳ ସ୍ରୋତକୁ ନଷ୍ଟ କରିବା ବଦଳରେ କାର୍ଯ୍ୟକାରୀ କରିବା ନେଇ ଅନେକ ପ୍ରକଳ୍ପ ନିର୍ମାଣ ସହ କାର୍ଯ୍ୟକାରୀ ହେବ । ଏହିପରି ଚଳିତବର୍ଷ ୧୦ଟି ପ୍ରକଳ୍ପ କାର୍ଯ୍ୟକାରୀ ନେଇ ପାଇଁ ନିଷ୍ପତି ହୋଇ ଏହାର କାଗଜପତ୍ରରେ ରୂପରେଖା ପ୍ରସ୍ତୁତ ହୋଇଥିଲେ ସୁଦ୍ଧା ଜିଲ୍ଲା କାର୍ଯ୍ୟାଳୟ ପକ୍ଷରୁ ମାତ୍ର ୩ଟି ନିମନ୍ତେ ସରକାରଙ୍କୁ ପ୍ରସ୍ତାବ ଦିଆଯାଇଛି । ଏହିପରି ଜିଲ୍ଲା ପ୍ରକଳ୍ପ ନିର୍ଦ୍ଦେଶଙ୍କ ମନମୁଖୀ କାର୍ଯ୍ୟ ଯୋଗୁଁ ବର୍ତ୍ତମାନେ ଜିଲ୍ଲାରେ ଆଗାମୀ ଦିନରେ ବିଭିନ୍ନ ଯୋଜନାରେ କାର୍ଯ୍ୟକାରୀ ହେବାକୁ ଥିବା ଉନ୍ନତୀମୂଳକ ଏବଂ ଲୋକଙ୍କ ଉପଯୋଗୀଙ୍କ ପାଇଁ କାର୍ଯ୍ୟ ନେଇ ସନ୍ଦେହ ସୃଷ୍ଟି ହୋଇଛି । ଗତ ୨୦୦୦ ମସିହାରୁ ଏହି ଜଳବିଭାଜିକା କାର୍ଯ୍ୟାଳୟରେ ୱାଟେରସେଡ ଡେଭଲପର୍ସ ଟିମ (ଡବ୍ଲୁ.ଡି.ଟିଏସ) ଏବଂ ଅଫିସ ସହାୟକ (ଡାଟାଏଣ୍ଟ୍ରୀ ଅପରେଟର) ଭାବେ କାର୍ଯ୍ୟରତ ସମୁଦାୟ ୪୦ ଜଣଙ୍କୁ ଆସନ୍ତା ଡିସେମ୍ବର ମାସ ଠାରୁ କାର୍ଯ୍ୟରୁ ନିବୃତ ନେଇ ଗତ ୬ ତାରିଖରରେ ପ୍ରକଳ୍ପ ନିର୍ଦ୍ଦେଶକଙ୍କ ପକ୍ଷରୁ ପତ୍ର ମାଧ୍ୟମରେ ଆଗୁଆ ସୂଚନା ଦିଆଯାଇଛି । କିନ୍ତୁ ସେମାନଙ୍କ ପ୍ରକଳ୍ପ କାର୍ଯ୍ୟ ଆସନ୍ତା ବର୍ଷ ମାର୍ଚ୍ଚ ମାସ ଶେଷ ସୁଦ୍ଧା ଧାର୍ଯ୍ୟ ରହିଛି, ତିନି ମାସ ପୂର୍ବରୁ ଚାକିରିରୁ ନିବୃତ ନେଇ ନୋଟିସ ଜାରି କରିବାକୁ ନେଇ କର୍ମଚାରୀଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି । ସେହିପରି ରାଜ୍ୟର ଅନ୍ୟାନ୍ୟ ଜିଲ୍ଲା ଗୁଡିକରେ ଏହିପରି ଚାକିରୀରୁ ନିବୃତ ନେଇ କୌଣସି ଜିଲ୍ଲା ପ୍ରକଳ୍ପ ଅଧିକାରୀଙ୍କ ପକ୍ଷରୁ ଅଗ୍ରୀମ ଚିଠି ଦିଆଯାଇନଥିବା ବେଳେ କେବଳ କୋରାପୁଟ ଜିଲ୍ଲାରେ ଏହିପରି ଚାକିରୀର ନିବୃତ ପତ୍ରକୁ ନେଇ ସନ୍ଦେହ ସୃଷ୍ଟି ହେବା ସହ ଏହାକୁ ଜିଲ୍ଲାପାଳ ଏବଂ ସରକାର ଗୁରୁତର ସହ ବିଚାର କରିବା ନେଇ କର୍ମଚାରୀ ମାନେ ପ୍ରକାଶ କରିଛନ୍ତି । ଏହିପରି ଗତ ୨୦୦୦ ମସିହା ଠାରୁ ଦୀର୍ଘ ୧୫ରୁ ୨୫ ବର୍ଷ ଧରି କାର୍ଯ୍ୟରତ ଥିବା କର୍ମଚାରୀ ମାନଙ୍କୁ ଜିଲ୍ଲାରେ ଆଗାମୀ ପ୍ରକଳ୍ପ ନ ଥିବା ନେଇ ଚାକିରିରୁ ନିବୃତ କରିବା ଦ୍ୱାରା ସେମାନଙ୍କ ପରିବାର ଭୋରଣପୋଷଣ ଏବଂ ଜୀବନ ଜୀବିକା ଉପରେ ବାଧା ସୃଷ୍ଟି କରାଯାଇଛି ବୋଲି ଭୟଭୀତ କର୍ମଚାରୀ ମାନେ ଚିନ୍ତିତ ରହିଛନ୍ତି । ଏହିପରି ଜିଲ୍ଲାରେ ଏନଆରଇଜିଏସ ସହାୟକ ଭାବେ କାର୍ଯ୍ୟରତ ୨୩ଜଣ କର୍ମଚାରୀଙ୍କୁ ଗତ ୮ ମାସ ପୂର୍ବେ ଚାକିରୁ ନିବୃତ କରାଯାଇଥିଲା । କିନ୍ତୁ ପୁଣି ଅଧିକାରୀଙ୍କ ନିକଟତମ ଲୋକ ଭାବେ ୬ଜଣଙ୍କୁ ଚାକିରୀ ପ୍ରଦାନ କରାଯାଇଛି । ଏହିପରି ପ୍ରକଳ୍ପ ନିର୍ଦ୍ଦେଶକଙ୍କ ମନମୁଖୀ କାର୍ଯ୍ୟ ଯୋଗୁଁ ଆଗାମୀ ଦିନରେ କର୍ମଚାରୀ ମାନେ ସମସ୍ୟାର ସମ୍ମୁଖିନ ହେବାକୁ ଯାଉଛନ୍ତି । ତେଣୁ ଆଜି ରାଜ୍ୟ ବିଭାଗିୟ ନିର୍ଦ୍ଦେଶକଙ୍କ କୋରାପୁଟ ଜିଲ୍ଲା ଗସ୍ତ ସମୟରେ ପୀଡିତ ହେବାକୁ ଥିବା କର୍ମଚାରୀ ମାନେ ସାକ୍ଷାତ କରିବା ସହ ସମସ୍ତ ଘଟଣା ସମ୍ପର୍କରେ ଲିଖିତ ଭାବେ ଜଣାଇବା ନେଇ ପ୍ରସ୍ତୁତ ହୋଇଛନ୍ତି । ଏଥିନେଇ ଜିଲ୍ଲା ଜଳବିଭାଜିକ ଅଧିକାରୀ ଶିବ ଚରଣ ଜେଠୀ କହିଛନ୍ତି ଯେ, ପ୍ରକଳ୍ପ ଶେଷ ଅର୍ଥ ମଧ୍ୟ ଆସିବ ନାହିଁ ତେଣୁ ଅସ୍ଥାୟୀ ଭାବେ ନିୟୋଜିତ ଏହି କର୍ମଚାରୀଙ୍କୁ ନିବୃତ କରାଯିବ । ତେଣୁ ଆଗୁଆ ସେମାନଙ୍କ କାଗଜପତ୍ର ଏବଂ ଅନ୍ୟାନ୍ୟ ସମସ୍ତ କାର୍ଯ୍ୟ ଶେଷ କରିବା ନେଇ ଅଗ୍ରିମ ଭାବେ ଚିଠି ପ୍ରଦାନ କରାଯାଇଛି । ଆଗାମୀ ଦିନରେ ଜିଲ୍ଲାରେ ନୂତନ ପ୍ରକଳ୍ପ କାର୍ଯ୍ୟକାରୀ ହେଲେ ଜିଲ୍ଲାପାଳଙ୍କ ଅଧକ୍ଷତାରେ କମିଟି ଦ୍ୱାରା ମନୋନୀତ ହୋଇଥିବା କର୍ମଚାରୀ ମାନେ ପୁଣି କାର୍ଯ୍ୟରେ ଯୋଗଦେଇପାରିବେ ।

## ଶାଶୂ ହତ୍ୟାକାରୀ ଜ୍ୱାଇଁଙ୍କୁ ଆଜୀବନ କାରାଦଣ୍ଡ

ରାୟଗଡ଼ା,୧୯ ।୮ (ସମିସ): ଶାଶୁଙ୍କୁ ହତ୍ୟା କରିବା ମାମଲାରେ ଜ୍ୱାଇଁଙ୍କୁ ଆଜୀବନ କାରାଦଣ୍ଡାଦେଶ । ଏହି ହତ୍ୟା ମାମଲାରେ ବିଚାରଣା କରି ଆଜି ଅଭିଯୁକ୍ତ ନବୀନ କନ୍ଧପାଣି(୪୪)କୁ ଆଜୀବନ କାରାଦଣ୍ଡାଦେଶ ସହ ୨୦ ହଜାର ଟଙ୍କା ଜୋରିମାନା ନିର୍ଦ୍ଦେଶ ଦେଇଛନ୍ତି ରାୟଗଡ଼ା ଅତିରିକ୍ତ ଜିଲ୍ଲା ଦୌରା ଜଜ୍ ଅଜ୍ଞନା ସ୍ୱାଇଁ । ମିଳିଥିବା ସୂଚନା ମୁତାବକ, ଗତ ୨୦୨୨ ମସିହା ନଭେମ୍ବର ୨୩ ତାରିଖ ଅପରାହ୍ନରେ ରାୟଗଡ଼ା ଜି.ଭାସ୍କର ରାଓ କଲୋନୀରେ ଏକ ଭଡ଼ା ଘରେ ରହୁଥିବା ଶାଶୁ ଗଙ୍ଗାମା ଗରଡିଆଙ୍କ ବେକକୁ ଏକ କଟୁରୀରେ କାଟି ଦେଇଥିଲେ ତାଙ୍କର ଜ୍ୱାଇଁ ନବୀନ କନ୍ଧପାଣି । ପାରିବାରିକ ସମସ୍ୟାକୁ ସେହି ଦିନ ନବୀନ ତାଙ୍କ ଭଡା ଘରେ ପହଞ୍ଚି ଶାଶୁଙ୍କ ସହ ପାଟିତୁଣ୍ଡ କରିଥିଲେ । ତାପରେ ଏକ କଟୁରୀରେ ଗଙ୍ଗାମାଙ୍କ ବେକ କାଟି ଦେଇ ଫେରାର ହୋଇଯାଇଥିଲେ । ଏ ନେଇ ନେଇ ରାୟଗଡ଼ା ଗୌତମ ନଗରରେ ରହୁଥିବା ମୃତ ଗଙ୍ଗାମାଙ୍କ ଝିଅ ପଦ୍ମା ଗରଡିଆ ରାୟଗଡ଼ା ଥାନାରେ ଲିଖିତ ଏତଲା ଦେଇଥିଲେ । ପୋଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରି ଅଭିଯୁକ୍ତ ଜ୍ୱାଇଁ ନବୀନ କନ୍ଧପାଣିଙ୍କୁ ଗତ ୨୦୨୨ ମସିହା ନଭେମ୍ବର ୨୬ ତାରିଖରେ ଗିରଫ କରି ଅଦାଲତ ଚାଲାଣ କରିଥିଲା । ଏହି ହତ୍ୟାକାଣ୍ଡର ସାକ୍ଷୀ ଥିବା ଅଭିଯୁକ୍ତର ପତ୍ନୀ ଓ ଶାଳୀଙ୍କ ବୟାନ ସହ ୨୧ଜଣ ସାକ୍ଷୀଙ୍କ ବୟାନକୁ ଭିତ୍ତି କରି ଅଭିଯୁକ୍ତକୁ ଆଜୀବନ କାରାଦଣ୍ଡାଦେଶ ସହ ୨୦ ହଜାର ଟଙ୍କା ଜୋରିମାନା ଦେବାକୁ ନିର୍ଦ୍ଦେଶ ଦେଇଛନ୍ତି । ଜୋରିମାନା ଅନାଦେୟରେ ଆଉ ଏକ ବର୍ଷ ଅଧିକ କାରାଦଣ୍ଡାଦେଶ ପାଇଁ ନିର୍ଦ୍ଦେଶ ଦେଇଛନ୍ତି ବିଚାରପତି ।

## କର୍ମ ନିୟୋଜନ ନିର୍ଦ୍ଦେଶିକାଙ୍କ ନନ୍ଦାହାଣ୍ଡି ବ୍ଲକ ଗସ୍ତ



ନବରଙ୍ଗପୁର/ ନନ୍ଦାହାଣ୍ଡି,୧୯।୮ (ସମିସ): ରାଜ୍ୟ କର୍ମ ନିୟୋଜନ ତଥା ଓଡ଼ିଶା କୌଶଳ ବିକାଶ ସଂସ୍ଥା ମୁଖ୍ୟ କାର୍ଯ୍ୟ ନିର୍ବାହୀ ଅଧିକାରୀ ରଶ୍ମିତା ପଣ୍ଡା ମଙ୍ଗଳବାର ନନ୍ଦାହାଣ୍ଡି ବ୍ଲକର ବିଭିନ୍ନ ସ୍ଥାନକୁ ପରିଦର୍ଶନ କରିଛନ୍ତି । ସିନ୍ଧିଗୁଡା ଅଙ୍ଗନୱାଡି କେନ୍ଦ୍ରକୁ ପରିଦର୍ଶନ କରି ପରିବେଶ, ପିଲାଙ୍କ ପୋଷାକ, ଖାଦ୍ୟ ବିଷୟରେ ସର୍ବେକ୍ଷଣ ସହ ପିଲାଙ୍କ ସହ ମିଶି ଜଳଖିଆ କରିଥିଲେ । ନିଶ୍ଚାହାଣ୍ଡିସ୍ଥିତ ଏସଏସଡି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଗସ୍ତ ସମୟରେ ପିଲାଙ୍କ ପାଠ ପଢା, କୋଠାଘର ଓ ଖାଦ୍ୟପେୟ ଆଦି ବିଷୟରେ ଆଲୋଚନା କରିବା ସହ ପିଲାଙ୍କ ସହ ବାର୍ତ୍ତାଳାପ କରିଥିଲେ । ଏକମ୍ବା ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେମଧ୍ୟଅନୁରୂପବିଭିନ୍ନବିଷୟରେ ଆଲୋଚନା କରିବା ସହ ମଧ୍ୟାହ୍ନ ଭୋଜନକୁ ଗୁରୁତ୍ୱ ଦେଇଥିଲେ । ଶେଷରେ ଦହଣା ଠାରେ ଅନ୍ତ୍ୟୋଦୟ ଯୋଜନା ଓ ବାର୍ଦ୍ଧକ୍ୟ ଭତ୍ତାର ସମୀକ୍ଷା କରିଥିଲେ । ମୋଟାମୋଟି ଭାବେ ବ୍ଲକର ସମସ୍ତ କାର୍ଯ୍ୟ ଉପରେ ସନ୍ତୋଷ ପ୍ରକାଶ କରିଥିବା ଜଣାପଡିଛି । ଶ୍ରୀମତୀ ପଣ୍ଡାଙ୍କ ଗସ୍ତ ସମୟରେ ଜିଲ୍ଲା ପରିଷଦ ଉନ୍ନୟନ ଅଧିକାରୀ ବିରଞ୍ଚି ନାରାୟଣ ଦରୱାନ୍, ସମନ୍ୱିତ ଆଦିବାସୀ ଉନ୍ନୟନ ବିଭାଗ ପ୍ରକଳ୍ପ ପ୍ରଶାସକ ରାଜୀବ କୁମାର ସାହୁ , ଜିଲ୍ଲା ମଙ୍ଗଳ ଅଧିକାରୀ ରବୀନ୍ଦ୍ର ପାଲକା, ଜିଲ୍ଲା ସାମାଜିକ ଅଧିକାରୀ ଦ୍ରୌପଦୀ କହଁର, ଜିଲ୍ଲା କର୍ମନିୟୋଜନ ଅଧିକାରୀ ଆନନ୍ଦ ପଲେଇ, ଗୋଷ୍ଠୀ ଉନ୍ନୟନ ଅଧିକାରୀ କ୍ଷୀରୋଦ ଚନ୍ଦ୍ର ସାହୁ, ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ ସସ୍ମିତା ବାଳା ମହାନ୍ତି ଏବଂ ବ୍ଲକ ଓ ପଞ୍ଚାୟତ ସ୍ତରୀୟ କର୍ମଚାରୀମାନେ ଉପସ୍ଥିତ ରହିଥିଲେ ।

■ ନନ୍ଦାହାଣ୍ଡି ବ୍ଲକରେ ଲଗାଣ ବର୍ଷା

## ଘରେ ପଶିଲା ବନ୍ୟାଜଳ



ନନ୍ଦାହାଣ୍ଡି,୧୯।୮ (ସମିସ): ଦୁଇଦିନର ଲଗାଣ ବର୍ଷା ଯୋଗୁଁ ନନ୍ଦାହାଣ୍ଡି ବ୍ଲକ ଅନ୍ତର୍ଗତ ବି.ମାଳିଗୁଡା ହରିଜନ ସାହିରେ ବନ୍ୟା ଜଳ ପ୍ରବେଶ କରିଛି । ଫଳରେ ସମ୍ପୃକ୍ତ ସାହିର ତୁମନାଥ ହରିଜନ, ଯୁଧିଷ୍ଠିର ହରିଜନ, ଦୀନବନ୍ଧୁ ହରିଜନଙ୍କ ଘର ମଧ୍ୟରେ ବନ୍ୟଜଳ ପ୍ରବେଶ କରିଥିବା ଦେଖିବାକୁ ମିଳିଛି । ଏମିତି ସ୍ଥିତିରେ ତିନି ପରିବାର ପଡୋଶୀ ଘରେ ଆଶ୍ରୟ ନେଉଛନ୍ତି । ତିନୋଟି ପରିବାରର ଘର ଭିତରେ ଆଣ୍ଠୁଏ ଉଚ୍ଚରେ ବର୍ଷା ଜଳ ପ୍ରବେଶ କରିଥିବା ବେଳେ ଅଦ୍ୟାବଧି କୌଣସି ସରକାରୀ ସହାୟତା ମିଳିପାରିନି । ବି ମାଳିଗୁଡା ଗ୍ରାମର ହରିଜନ ସାହି ଖାଲୁଆ ସ୍ଥାନରେ ରହିଥିବା ଯୋଗୁଁ ବର୍ଷା ହେଲେ ସାହି ମଧ୍ୟରେ ବନ୍ୟା ଜଳ ପ୍ରବେଶ କରୁଛି । ସେହିପରି ବର୍ଷା ଜଳ ନିଷ୍କାସନ ପାଇଁ କୌଣସି ବ୍ୟବସ୍ଥା ହୋଇନଥିବା ଯୋଗୁଁ ସାହି ବାସିନ୍ଦା ବର୍ଷା ଦିନେ ନାହିଁନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ସାମାନ୍ୟ ବର୍ଷା ହେବା ମାତ୍ରେ ନାଳ ନର୍ଦ୍ଦମା ର ବର୍ଷା ଜଳ ସାହିର ଅନେକ ଘରେ ପ୍ରବେଶ କରୁଛି । ବନ୍ୟା ଜଳ ପଶି ତିନୋଟି ପରିବାରର ଯାବତୀୟ ଜିଣିଷ ପତ୍ର ନଷ୍ଟ ହୋଇଥିବା ଯୋଗୁଁ ଚିନ୍ତାରେ ତିନି ପରିବାରଙ୍କ ଜୀବନ ବିତୁଛି । ବ୍ଲକ ତଥା ଜିଲ୍ଲା ପ୍ରଶାସନ ପକ୍ଷରୁ ସମ୍ପୃକ୍ତ ସାହିର ସ୍ଥିତି ଅନୁଧ୍ୟାନ କରି ସହାୟତା ଯୋଗେଇବା ନିମନ୍ତେ ସାହି ବାସିନ୍ଦା ଦାବି କରିଛନ୍ତି ।

## ରାଜ୍ୟ ଜଳ ବିଭାଜିକା ଉନ୍ନୟନ ବିଭାଗ ନିର୍ଦ୍ଦେଶକଙ୍କ କୋଟିଆ ଗସ୍ତ




ପଟାଙ୍ଗି,୧୯।୮ (ସମିସ) କୋଟିଆ ପଞ୍ଚାୟତକୁ ରାଜ୍ୟ ଜଳ ବିଭାଜିକା ଉନ୍ନୟନ ବିଭାଗ ନିର୍ଦ୍ଦେଶକ ସୁବ୍ରତ କୁମାର ପଣ୍ଡା ଗସ୍ତ କରି ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ ଗୁଡ଼ିକୁ ତଦାରଖ କରି ଫେରିଛନ୍ତି । ସେ ପ୍ରଥମେ କୋଟିଆ ପଞ୍ଚାୟତ ଅନ୍ତର୍ଗତ ଟାଉପଦର ଗ୍ରାମର ଦୁଇଜଣ ଚାଷୀ ତଥା ବାଙ୍ଗୁରୁ ପାଙ୍ଗି ଏବଂ ମାଲକି ପାଙ୍ଗି ନିଜସ୍ୱ ଜମିରେ ହୋଇଥିବା ଜଳଧାରା ପ୍ରକଳ୍ପ ଦ୍ୱାରା ହୋଇଥିବା ବନ୍ଧ ଦେଖିଥିଲେ । ଉକ୍ତ ଚାଷୀଙ୍କ ସହ ହୋଇଥିବା ବନ୍ଧ ରେ ମାଛ ଚାଷ କରିବା ସହ ଉକ୍ତ ପାଣିକୁ ନେଇ ନିକଟରେ ରହିଥିବା ଅନ୍ୟ ଚାଷଜମି ରେ ମଧ୍ୟ ବ୍ୟବହାର କରି ଚାଷକୁ ଦ୍ୱିଗୁଣିତ କରିବା ପାଇଁ ପରାମର୍ଶ ଦେଇଥିଲେ । ସିଲଭରଓକ ଓ କଫି ଗଛ ଲଗାଇବା ପାଇଁ ବିଭାଗ ପକ୍ଷରୁ ସମସ୍ତ ପ୍ରକାର ସହଯୋଗ ଦିଆଯିବ ବୋଲି ବୁଝାଇ ଉପସ୍ଥିତ ୧୦ ଜଣଚାଷୀଙ୍କୁ ଉକ୍ତ ଗଛ ଲଗାଇବା ନିମନ୍ତେ ପଟ୍ଟା ପ୍ରଦାନ କରିଥିଲେ । ଏହାପରେ ଉକ୍ତ ସ୍ଥାନରୁ ବାହାରି ଜାନିଗୁଡା ଗ୍ରାମରେ ପହଞ୍ଚିଥିଲେ । ସେଠାକାର ଚାଷୀ ବାସନା ଗେମେଲ୍‌ଙ୍କ ଜମିରେ ସିଲଭର ଗଛ ପ୍ଲାଣ୍ଟେସନ୍ ଦେଖି ନିଜେ କିଛି ଗଛ ଲଗାଇଥିଲେ । ଏହି ସମୟରେ ଉକ୍ତ ଜମିରେ ଲାଗିବାକୁ ଥିବା ୩୦ ହଜାର ଗଛର ଯତ୍ନ ନେବା ପାଇ ଚାଷୀଙ୍କ ସହ ଆଲୋଚନା ମାଧ୍ୟମରେ ବୁଝାଇଥିଲେ । ସେଠାରୁ ସେ ବାହାରି କୋଟିଆ ପଞ୍ଚାୟତ କାର୍ଯ୍ୟାଳୟ ରେ ପହଞ୍ଚି ଉପସ୍ଥିତ ସୀମାନ୍ତ ବାସିଙ୍କ ସହ ବୈଠକ କରି ବିଭାଗ ପକ୍ଷରୁ ପଞ୍ଚାୟତ ର ସୀମାନ୍ତ ଗ୍ରାମ ଗୁଡିକ ରେ ହେଉଥିବା କାର୍ଯ୍ୟ ସମ୍ପର୍କରେ ଆଲୋଚନା ମାଧ୍ୟମରେ ବୁଝାଇ ଏହାର ଲାଭ ଉଠାଇବା ପାଇଁ ପରାମର୍ଶ ଦେଇଥିଲେ ।୧୩ ଜଣଙ୍କୁ ଗଛ ଲଗାଇବା ନିମନ୍ତେ ପଟ୍ଟା ପ୍ରଦାନ, ଜାନିଗୁଡା ଗ୍ରାମର ଦୁଇ ଚାଷୀ ଯଥା ସୁକାନ୍ତ ଗେମେଲ୍ ଓ ଗିନ୍ଦେ ଗେମେଲ୍‌ଙ୍କୁ ଏକଲକ୍ଷ ୫୫ ହଜାର ୬୩୭ ଟଙ୍କାର ଜଳଧାରା ପ୍ରକଳ୍ପରେ ନିଜ ଚାଷଜମିରେ ବନ୍ଧ ଖୋଳିବା ପାଇଁ ଦୁଇଟି ଚେକ୍ ପ୍ରଦାନ କରିଥିଲେ ।"ଏହି ସମୟରେ ପଞ୍ଚାୟତର ସରପଞ୍ଚ ଲିୟୁ ଗେମେଲ୍, ମୃତ୍ତିକା ସଂରକ୍ଷଣ ଓ ଜଳ ବିଭାଜିକା ଉନ୍ନୟନ ବିଭାଗ ର ବିଭିନ୍ନ ଅଧିକାରୀ ଉପସ୍ଥିତ ରହିଥିଲେ ।

■ ହୋଟେଲ, ଲଜ୍ ଓ ଗେଷ୍ଟହାଉସର ମାଲିକଙ୍କୁ ନେଇ ବୈଠକ

## ସରାଇ ଆଇନ କଡ଼ାକଡ଼ି ପାଳନ ହେବ

ଜୟପୁର, ୧୯ ।୮ (ସମିସ): ଜୟପୁର ସହରରେ ଲୁଟେରା, ଚୋର ଏବଂ ଅନ୍ୟାନ୍ୟ ଅପରାଧିଙ୍କ ପାଦୁର୍ଭାବ ବୃଦ୍ଧି ପାଇବାରେ ଲାଗିଛି । ତେଣୁ ହୋଟେଲ, ଲଜ୍ଜ ଏବଂ ଗେଷ୍ଟ ହାଉସ ଗୁଡିକ ପାଇଁ ରହିଥିବା ସରାଇ ଧାରାକୁ ପାଳନ କରିବା ନେଇ ଜୟପୁର ପୁଲିସ ପକ୍ଷରୁ ପ୍ରକାଶ କରାଯାଇଛି । ଆଜି ଜୟପୁର ଟାଉନଥାନାରେ ଆୟୋଜିତ ଏକ ବୈଠକରେ ଜୟପୁର ଟାଉନଥାନା ଅଧିକାରୀ ଉଲ୍ଲାସ ଚନ୍ଦ୍ର ରାଉତ, ସଦରଥାନା ଅଧିକାରୀ ସଚିନ୍ଦ୍ର ପ୍ରଧାନଙ୍କ ଉପସ୍ଥିତିରେ ସହରର ହୋଟେଲ, ଲଜ ଓ ଗେଷ୍ଟ୍ ହାଉସର ମାଲିକ ଏବଂ ପ୍ରତିନିଧିଙ୍କ ସହିତ ବୈଠକ ଆୟୋଜିତ ହୋଇଥିଲା । ଏହି ବୈଠକରେ ସରାଇ ଆଇନରେ ରହିଥିବା ଧାରା ସମ୍ପର୍କରେ ଆପକୁ ବ୍ୟବହାର କରିବାକୁ କଡ଼ାକଡ଼ି ନିର୍ଦ୍ଦେଶ ଦିଆଯାଇଥିଲା । ଆଜି ଏହି ବୈଠକରେ ସହରର ୧୫ରୁ ଅଧିକ ହୋଟେଲ ଓ ଲଜ ମାଲିକ ଉପସ୍ଥିତ ଥିଲେ । ସହରରେ ଆନ୍ତଃରାଜ୍ୟ ଏଟିଏମ ଲୁଟେରା, ଗ୍ୟାସ କଟର ବ୍ୟବହାର କରୁଥିବା ସିନ୍ଧିଚୋର ଓ ବଙ୍ଗୀୟ ଲୁଟେରାମାନେ ସହରର ବିଭିନ୍ନ ହୋଟେଲରେ ରହି ଲୁଟପାଟ କରୁଥିଲେ । ସେହିଭଳି ସାଇବର ଠକ ମାନେ ମଧ୍ୟ ହୋଟେଲ ରହିବା ସହ ନିଜ ଯୋଜନା ପ୍ରସ୍ତୁତ କରୁଛନ୍ତି । ହୋଟେଲ ଗୁଡିକ ପକ୍ଷରୁ କେବଳ ବ୍ୟବସାୟ ଉପରେ ଗୁରୁତ୍ୱ ଦିଆଯାଉଥିବା ବେଳେ ହୋଟେଲରେ ରହିଥିବା ଲୋକଙ୍କ ଉପରେ କଡାକଡି ନଜର ରଖାଯାଉନାହିଁ । ତେଣୁ ଲୁଟେରା ମାନେଇ ଏହି ମଉକାର ସୁଯୋଗ ନେଉଛନ୍ତି । ବସ୍ତି ଗୁଡିକ ଉପରେ ପୁଲିସ ନଜର ରଖିବା ସହ ଆଗାମୀ ଦିନର ଘର ଭଡାରେ ରହୁଥିବା ଲୋକଙ୍କ ତାଲିକା ମଧ୍ୟ ପ୍ରସ୍ତୁତ କରାଯିବା ସହ ମଝିରେ ମଝିରେ ଚଢ଼ଉ କରାଯାଇ ତଲାସି କରାଯିବ ବୋଲି ସଦରଥାନା ଅଧିକାରୀ ଶ୍ରୀ ପ୍ରଧାନ ଓ ଟାଉନଥାନା ଅଧିକାରୀ ଶ୍ରୀ ରାଉତ ପ୍ରକାଶ କରିଛନ୍ତି । ସୂଚନାଯୋଗ୍ୟ, ଗତକାଲି ସଂଧ୍ୟାରେ ସହରର ୧୦ଟି ହୋଟେଲ ଓ ଲଜ୍ ଜୟପୁର ଟାଉନ ପୁଲିସ ଓ ସଦର ପୁଲିସ ମିଳିତ ଯାଞ୍ଚ କରିଥିଲେ । ଜିଲ୍ଲା ଏସପି ରୋହିତ ବର୍ମାଙ୍କ ନିର୍ଦ୍ଦେଶ ଏବଂ ଏସଡିପିଓ ପାର୍ଥ କାଶ୍ୟପଙ୍କ ତତ୍ତ୍ୱାବଧାନରେ ଆଜି ଦୁଇ ଥାନାର ମିଳିତ ଆନୁକୂଲ୍ୟରେ ଜୟପୁର ସହରର ମାଉଣ୍ଟଭ୍ୟାଲି, ଗୋପିନାଥ ଭଳି ସହରର ସମସ୍ତ ହୋଟେଲ ଗୁଡିକୁ ପୁଲିସ ସଦଳବଳେ ଯାଞ୍ଚ କରିଥିଲେ । ହୋଟେଲର ରେଜିଷ୍ଟାର ସହ ଯାତ୍ରୀ ରହୁଛନ୍ତି । ସମସ୍ତଙ୍କ ତାଲିକା ଗୁଡିକ ଯାଞ୍ଚ କରିଛନ୍ତି । ଗତକାଲି ମଧରାତ୍ର ପର୍ଯ୍ୟନ୍ତ ହୋଟେଲ ଗୁଡିକ ଯାଞ୍ଚ କରାଯାଉଥିଲା ଏବଂ ଆଗାମୀ ଦିନରେ ଏହିପରି ଯାଞ୍ଚ ଜାରି ରହିବ ବୋଲି ପୁଲିସ ସୂଚନା ଦେଇଥିଲେ ।

## ସ୍କୁଲ ଖେଳାଳିଙ୍କୁ ଉତ୍ସାହିତ କଲେ ଆର୍ମି କର୍ଣ୍ଣଲ

ରାୟଗଡ଼ା,୧୯।୮ (ସମିସ): ପାଠପଢା ସହ ଖେଳକୁ ମଧ୍ୟ ଗୁରୁତ୍ୱ ଦେଇ କ୍ରୀଡ଼ା କ୍ଷେତ୍ରରେ ଉନ୍ନତମାନର ପ୍ରଦର୍ଶନ ଓ ପ୍ରତିଭା ଦେଖାଇଥିବା କାରଣରୁ ପାହାଡିଆନ ଏକାଡେମୀ ସଭାପତି ତଥା ଇଣ୍ଡିଆନ୍ ଆର୍ମିର ଲେଫ୍ଟନାଣ୍ଟ କର୍ଣ୍ଣଲ ବିଜୟାନନ୍ଦ ଦାଶ ଜିଲ୍ଲାର କଲ୍ୟାଣସିଂହପୁର ବ୍ଲକ ପଲମା ଏସଏସଡି ଉଚ୍ଚ ବିଦ୍ୟାଳୟର ୧୨ଜଣ ଛାତ୍ରୀ ଓ ୧୨ଜଣ ଛାତ୍ରଙ୍କୁ ଟି-ସାର୍ଟ ପ୍ରଦାନ କରିଛନ୍ତି । ସ୍କୁଲର କ୍ରୀଡ଼ା ଶିକ୍ଷକ ବାବୁଲା ମେଲକାଙ୍କ ସହିତ ଯୋଗାଯୋଗ କରି କର୍ଣ୍ଣଲ ଦାଶ ଏହି ଟି-ସାର୍ଟ ପୋଷ୍ଟାଲ ମାଧ୍ୟମରେ ପଠାଇଥିଲେ ବୋଲି କ୍ରୀଡ଼ା ଶିକ୍ଷକ ବାବୁଲା କହିଛନ୍ତି । ଛାତ୍ରୀଛାତ୍ରମାନେ ଟି-ସାର୍ଟ ପାଇବା ପରେ ଉତ୍ସାହିତ ହେବା ସହିତ କର୍ଣ୍ଣଲ ଦାଶ ଓ କ୍ରୀଡ଼ା ଶିକ୍ଷକ ବାବୁଲାଙ୍କୁ କୃତଜ୍ଞତା ଜ୍ଞାପନ କରିଛନ୍ତି ।

## ଚୋରି ମାମଲାରେ ୨ ଗିରଫ

● କାର, ସୁନା ଓ ଟଙ୍କା ଜବତ

ଜୟପୁର, ୧୯ ।୮ (ସମିସ): କୋରାପୁଟ ଜିଲ୍ଲା ଜୟପୁର ଟାଉନଥାନା ପୁଲିସକୁ ଏକ ବଡ ଚୋରି ମାମଲେ ୧୦ ଦିନ ମଧ୍ୟରେ ଏକ ବଡ ସଫଳତା ମିଳିଛି । ଗତ ୭ ତାରିଖ ଭୋରରୁ ପାୱାର ହାଉସ ନବମ ଲାଇନ ଠାରେ ବନ୍ଦ ରହିଥିବା ଘରର ତାଲାଭାଙ୍ଗି ସୁନା ଅଳଙ୍କାର, ରୂପା ସାମଗ୍ରୀ ଏବଂ ଟଙ୍କା ଚୋରି ହୋଇଥିବା ନେଇ ମାଲିକ ଟାଉନଥାନାରେ ଅଭିଯୋଗ କରିଥିଲେ । ଏଥିନେଇ ଥାନାରେ ଏକ ମାମଲାରୁଜୁ କରାଯାଇ ଏସ.ଆଇ ସିଦ୍ଧାନ୍ତ କୁମାର ବେହେରା ଏହାର ତଦନ୍ତ ଆରମ୍ଭ କରାଯାଇଥିଲା । ସି.ସି ଟିଭି ଏବଂ ବିଶ୍ୱସ୍ତ ସୂତ୍ରରୁ ସୂଚନା ପାଇ ପୁଲିସ ଚଢଉ କରିବା ସହ ସ୍ଥାନୀୟ ହାଟପଦାର ରିଙ୍କୁ ବେନିଆ (୨୩) ଏବଂ ମୁନିଗୁଡାର ସୁଶାନ୍ତ ଖଣ୍ଡପାନ (୨୮)ଙ୍କୁ ଗିରଫ କରିବା ସହ ଆଜି କୋର୍ଟ ଚାଲାଣ କରିଛନ୍ତି । ଦୁଇଟି ଅଭିଯୁକ୍ତଙ୍କ ନିକଟରୁ ଉକ୍ତ ଗୃହକୁ ଚୋରି ହୋଇଥିବା ହୋଟିଏ ୮ ଗ୍ରାମର ସୁନା ବିସ୍କୁଟ, କାନଫୁଲ, ୨ଟି ରୂପା ଦୀପ, ଥାଳିଆ, ଢାଳ ଉଦ୍ଧାର କରାଯାଇଛି । ସେହିପରି ଅଭିଯୁକ୍ତ ସୁଶାନ୍ତ ଗତ ଜୁଲାଇ ମାସରେ ଦଶମନ୍ତପୁର ଥାନା ବଦଳିକୁଡୁମ ଗ୍ରାମ ଠାରେ ଅନ୍ୟାନ୍ୟ ୬ ଅଭିଯୁକ୍ତଙ୍କ ସହିତ ମିଶି ଏକ ଘରରୁ ଚୋରି କରିଥିବା କାର (ଓଡି ୧୦ ଡବ୍ଲୁ-୩୧୪୬) ଏବଂ ସେମାନେ ବ୍ୟବହାର କରୁଥିବା ବାଇକ୍ (ଓଡି୧୦-୪୩୪୬) ଜବତ କରିଛନ୍ତି ବୋଲି ଟାଉନଥାନା ଅଧିକାରୀ ଉଲାସ ଚନ୍ଦ୍ର ରାଉତ ସୂଚନା ଦେଇଛନ୍ତି । ପ୍ରକାଶ ଯେ, ପାୱାର ହାଉସ ୯ମ ଲାଇର ବାସିନ୍ଦା ବାବୁଜୀ ପଟ୍ଟନାୟକ ଗତ ୨ ତାରିଖରେ ହାଇଦ୍ରାବାଦ ନିଜ ଝିଅଙ୍କ ଘରକୁ ଯାଇଥିବା ବେଳେ ତାଙ୍କ ଘରୁ ଚୋରି ହୋଇଥିଲା ।

■ ନେପାଳ ଏସିଆନ ପାୱାରଲିଫ୍ଟିଂ ଚାମ୍ପିଅନ୍‌ସିପ

## ସ୍ୱର୍ଣ୍ଣପଦକ ଜିତିଲେ ରାୟଗଡ଼ାର ରବି ନାରାୟଣ

ରାୟଗଡ଼ା,୧୯।୮ (ସମିସ): ପାରା ଶକ୍ତି ଉତ୍ତୋଳନ କ୍ଷେତ୍ରରେ ଅପୂର୍ବ ସଫଳତା ହାସଲ କରି ଦେଶର ଗର୍ବ ବଢାଇଛନ୍ତି ରାୟଗଡ଼ାର ଶକ୍ତି ଉତ୍ତୋଳନକାରୀ ସ୍ୱର୍ଣ୍ଣପଦକ ବିଜେତା ରବି ନାରାୟଣ ନାୟକ । ନେପାଳ ଦେଶର କାଠମାଣ୍ଡୁ ସ୍ଥିତ ଦି ବ୍ଲୁ ପାଭିଲିଅନ, ନେପାନ ପୋଲିସ କ୍ଲବଠାରେ ଅଗଷ୍ଟ ୧୫ରୁ ୧୮ ତାରିଖ ପର୍ଯ୍ୟନ୍ତ ୪ ଦିନ ଧରି ଅନୁଷ୍ଠିତ ହୋଇଯାଇଥିବା ଏସିଆନ ପାୱାରଲିଫ୍ଟିଂ ଚାମ୍ପିଆନସିପ -୨୦୨୫ରେ ଉଲ୍ଲେଖନୀୟ ସଫଳତା ହାସଲ କରି ଦେଶ, ରାଜ୍ୟ ଓ ଜିଲ୍ଲାକୁ ଗୌରବାନ୍ୱିତ କରିଛନ୍ତି । ଏହି ଚାମ୍ପିଆନସିପରେ ସେ ଓପେନ୍ ବଞ୍ଚ ଅଣ୍ଡର ୧୦୫ କେଜି ପାରା ବର୍ଗରେ ୧୩୦କେଜି ଶକ୍ତି ଉତ୍ତୋଳନ କରି ସ୍ୱର୍ଣ୍ଣପଦକ ବିଜେତା ହୋଇଛନ୍ତି । ରବିଙ୍କ କଠୋର ପରିଶ୍ରମ, ଦୃଢ ସଂକଳ୍ପ ଓ ନିୟମିତ ପ୍ରଶିକ୍ଷଣ ଫଳରେ ଏହି ବିଜୟ ସମ୍ଭବ ହୋଇଛି । ନେପାଳରେ ଆୟୋଜିତ ଏହି ଚାମ୍ପିଆନସିପରେ ଭାରତ, ଅଷ୍ଟ୍ରେଲିଆ, ଶ୍ରୀଲଙ୍କା, ପାକିସ୍ଥାନ, ବାଙ୍ଗଲାଦେଶ, ନେପାଳ, ଆଫଗାନିସ୍ଥାନ ଭଳି ଆଠଗୋଟି ଦେଶର ଖେଳାଳୀମାନେ ଭାଗ ନେଇଥିଲେ । ତାଙ୍କର ଏହି ସଫଳତା ପରେ ଚଳିତ ବର୍ଷର ଆସନ୍ତା ନଭେମ୍ବର ୨୫ରୁ ୩୦ତାରିଖ ମଧ୍ୟରେ ଶ୍ରୀଲଙ୍କା ଠାରେ ଆୟୋଜିତ ହେବାକୁ ଥିବା ବିଶ୍ୱ ଶକ୍ତି ଉତ୍ତୋଳନ ଚାମ୍ପିଆନସିପ ପ୍ରତଯୋଗିତାରେ




ଅଂଶଗ୍ରହଣ କରିବାକୁ ମନୋନୀତ ହୋଇଥିବା ଶ୍ରୀ ନାୟକ କହିଛନ୍ତି । ତାଙ୍କର ଏହି ସଫଳତାର ଶ୍ରେୟ ସେ ନିଜ କୋଚ ଦୋରା କଣ୍ଡାଗରୀଙ୍କ ସମେତ ନିଜ ପରିବାର ଏବଂ ସମସ୍ତ ଶୁଭେଚ୍ଛୁଙ୍କୁ ଦେଇଥିବା ବେଳେ ତାଙ୍କର ଏହି ବିଜୟକୁ ନେଇ ରାୟଗଡ଼ାରେ ଖୁସିର ଲହରି ଖେଳିଯାଇଛି । ବିଭିନ୍ନ ମହଲରୁ ତାଙ୍କୁ ଶୁଭେଚ୍ଛାର ସୁଅ ଛୁଟିଥିବା ବେଳେ ଆସନ୍ତା ୨୧ତାରିଖରେ ସେ ରାୟଗଡ଼ାରେ ପହଞ୍ଚିବେ ବୋଲି ଭାର ଉତ୍ତୋଳନକାରୀ ଶ୍ରୀ ନାୟକ ପ୍ରକାଶ କରିଛନ୍ତି । ସୂଚନା ଥାଉ କି, ଭାର ଉତ୍ତୋଳନକାରୀ ଖେଳାଳୀ ଶ୍ରୀ ନାୟକ ସ୍ୱାସ୍ଥ୍ୟ ବିଭାଗର ଜଣେ ପୁରୁଷ ସ୍ୱାସ୍ଥ୍ୟ କର୍ମୀ ଭାବେ ରାୟଗଡ଼ା ଜିଲ୍ଲା ସଦର ବ୍ଲକ ଜେମାଦେଇପେଣ୍ଟ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ କାର୍ଯ୍ୟରତ ଅଛନ୍ତି ।

## ପାନୀୟ ଜଳ ଯୋଗାଣ ବିଭାଗ ସଚିବଙ୍କ ବିଷମକଟକ ବ୍ଲକ୍‌ଗସ୍ତ



ବିଷମକଟକ,୧୯।୮ (ସମିସ): ରାଜ୍ୟ ସରକାରଙ୍କ ପଞ୍ଚାୟତରାଜ ଓ ଜଳ ଯୋଗାଣ ବିଭାଗ କମିଶନର ତଥା ସଚିବ ଗିରିଶ ଏସ ଏନ, ରାୟଗଡା ଜିଲ୍ଲା ୨ଦିନିଆ ଗସ୍ତରେ ଆସିଥିବା ବେଳେ ଆଜି ବିଷମକଟକ ବ୍ଲକ ଗସ୍ତ କରି ବିଭିନ୍ନ ପ୍ରକଳ୍ପ ବୁଲି ଦେଖିଛନ୍ତି । ଶ୍ରୀ ଗିରିଶ ଏସ୍.ଏନ୍. ବିଷମକଟକ ବ୍ଲକ ଅନ୍ତର୍ଗତ ଚାଟିକୋଣା ଠାରେ ପହଞ୍ଚି ଡଙ୍ଗରିଆ ମହିଳା ମାନଙ୍କୁ କାପଡାଗୁନ୍ଧା ସାଲ ବୁଣାର ନୂତନ ଜ୍ଞାନ କୌଶଳ ନେଇ ଚାଲିଥିବା ପ୍ରଶିକ୍ଷଣ କେନ୍ଦ୍ର ବୁଲି ଦେଖିବା ସହ ସପୁରୀ ଜୁସ୍ ପ୍ରକ୍ରିୟା କରଣ କେନ୍ଦ୍ର ମଧ୍ୟ ଗସ୍ତ କରିଛନ୍ତି । ଏହା ପରେ କୁର୍ଲୀ ଗ୍ରାମ ପଞ୍ଚାୟତର ଖମ୍ବେସି ଗ୍ରାମକୁ ଯାଇଥିଲେ । ଏହା ପରେ ଥୁଆପାଡି ଗ୍ରାମ ପଞ୍ଚାୟତର ଭେଜିପଦର ଠାରେ ନିର୍ମିତ ପାନୀୟଜଳ ଯୋଗାଣର ମେଗା ପ୍ରକଳ୍ପ ବୁଲି ଦେଖିଥିଲେ । କମିଶନରଙ୍କ ଗସ୍ତ ସମୟରେ ରାୟଗଡା ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣି, ଗୁଣପୁର ଉପ ଜିଲ୍ଲାପାଳ ଦୁଧାଲ ଅଭିଷେକ ଦିଲିପ, ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ, ଜିଲ୍ଲା ପରିଷଦ, ରାୟଗଡ ଅକ୍ଷୟ କୁମାର ଖେମୁଣ୍ଡୁ, ବିଷମ କଟକ ତହସିଲଦାର କେ ଭେଙ୍କେଟେଶ୍ୱର ରେଡି, ବିଷମ କଟକ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶିବପ୍ରସାଦ ପଟ୍ଟନାୟକ, ସହକାରୀ ଯନ୍ତ୍ରୀ ଝରଣା ତ୍ରିପାଠୀ, ଗ୍ରାମ୍ୟ ଜଳଯୋଗାଣ ନିର୍ବାହୀ ଯନ୍ତ୍ରୀ ସସ୍ମିତା ସିମାଲୁ ପ୍ରମୁଖ ଉପସ୍ଥିତ ଥିଲେ ।

## ପାନୀୟ ଜଳ ସମସ୍ୟା

# ମୁଖ୍ୟରାସ୍ତା ଅବରୋଧ କଲେ ଗ୍ରାମବାସୀ



କଲ୍ୟାଣସିଂହପୁର,୧୯।୮ (ସମିସ): ରାୟଗଡା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକ ଶିକରପାଇ ପଞ୍ଚାୟତର ସଦର ଡଙ୍ଗରିଆ ସାହିରେ ପାନୀୟ ଜଳ ସମସ୍ୟାକୁ ନେଇ ମୁଖ୍ୟ ରାସ୍ତା ଅବରୋଧ କରିଥିବା ଦେଖିବାକୁ ମିଳିଛି । ଯାହାଫଳରେ ଗ୍ରାମର ସମସ୍ତ ମହିଳା ମାନେ ଏକତ୍ରିତ ହୋଇ ନିଜ ନିଜ ଘରରୁ ହାଣ୍ଡି, ବାଲ୍ଟି, ଡେକିଚି ଧରି କୋରାପୁଟ, କାଶୀପୁର, ମାଣ୍ଡିବିଶି ଯିବା ରାଜରାସ୍ତା ଅବରୋଧ କରିଥିଲେ । ଚାରିଦିନ ଧରି ବିଶୁଦ୍ଧ ପାନୀୟ ଜଳ ମିଳୁନାହିଁ । ପାଣି ଯୋଗାଇ ଦେଲେ ରାଜରାସ୍ତାରୁ ହଟିବୁ, ନ ହେଲେ ଦିନ ରାତି ବସି ରହିବୁ ଏବଂ ହଟିବୁ ନାହିଁ ବୋଲି ମହିଳା ମାନେ ଅଡ଼ିବସିଥିଲେ । ଗ୍ରାମରେ ୬ଟି ନଳକୂପ ରହିଛି । କିନ୍ତୁ ଏକ ହାଣ୍ଡି ପାଣି ବାହାରୁ ନାହିଁ । ଯେଉଁ ନଳକୂପରୁ ପାଣି ବାହାରୁଛି ତାହା ବ୍ୟବହାରରେ ଉପଯୋଗୀ ନୁହେଁ । ସେଥିରୁ କେବଳ ଲୁହା ଗୁଣ୍ଡ ଭଳି ପାଣି ବାହାରୁଛି । ଗ୍ରାମରେ ଦୁଇଟି ସ୍ୱଜଳ ଧାରା ରହିଛି । ତାହାର ମୋଟର ପୋଡ଼ିଯାଇଛି ବୋଲି ବିଶୁଦ୍ଧ ପାନୀୟ ଜଳଯୋଗାଣ ହୋଇପାରୁନାହିଁ । ଗ୍ରାମବାସୀ ନଳକୂପ ଖରାପ ହୋଇଥିବା ନେଇ ପଞ୍ଚାୟତରେ କହି ଆସୁଥିଲେ । କିନ୍ତୁ କିଛି ପ୍ରଭାବ ପଡୁନଥିଲା । ଏହାକୁ ନେଇ ନେତା ଠାରୁ ଆରମ୍ଭକରି ପଞ୍ଚାୟତ ପିଇଓ, ସରପ. ବ୍ଲକ ପ୍ରଶାସନକୁ ବାରମ୍ବାର ଗୁହାରି କରି ଆସୁଥିଲେ ସୁଦ୍ଧା କୌଣସି କାର୍ଯ୍ୟକାରୀ ହେଉନଥିବା ଗ୍ରାମର ମହିଳା ୱାର୍ଡ ସଭ୍ୟା ଅଁଳା କଞ୍ଚାକା, ଆଶା ମାଣ୍ଡିକା ପ୍ରମୁଖ ଅଭିଯୋଗ କରିଛନ୍ତି । ଏହାକୁ ତୁରନ୍ତ ସମାଧାନ କରା ନ ଗଲେ ଦିନ ରାତି ଏମିତି ରାସ୍ତାରେ ବସି ରହିବୁ ବୋଲି ସତୀ ହୁଇକା, ମେଲା ମାଣ୍ଡିକା, ଲୁକି ପ୍ରାସ୍କା, କାଳିଙ୍ଗ ପ୍ରାସ୍କା ପ୍ରମୁଖ କହିଛନ୍ତି । ରାସ୍ତା ଅବରୋଧ କରି ପ୍ରାୟ ୫ଘଣ୍ଟା ହେବ କୌଣସି ଅଧିକାରୀ ପହଞ୍ଚି ନ ଥିବା ଜଣାପଡିଛି । ଜିପିଓ ଶ୍ୱେତମ୍ବର ପଦାନ ଘଟଣା ସ୍ଥଳରେ ପହଞ୍ଚି ଉତ୍ତେଜିତ ମହିଳାଙ୍କୁ ବୁଝାସୁଝା କରିଥିଲେ ସୁଦ୍ଧା କୌଣସି କଥାକୁ ମହିଳା ମାନେ ଶୁଣି ନ ଥିଲେ । ଘଟଣା ସ୍ଥଳରେ କଲ୍ୟାଣସିଂହପୁର ଥାନା ଅଧିକାରୀ ନୀଳକଣ୍ଠ ବେହେରା ଓ ତାଙ୍କ ଟିମ୍ ପହଞ୍ଚି ଲୋକଙ୍କୁ ବୁଝା ସୁଝା କରିଥଲେ ।

## ଓଡ଼ିଆ ଯୁବକଙ୍କ କୃତିତ୍ୱ



କୃଷ୍ଣଗର୍ତ୍ତ ଓ ମହାକର୍ଷଣୀୟ ତରଙ୍ଗ ସମ୍ବନ୍ଧରେ ଆମେରିକାର ଫ୍ଲୋରିଡା ବିଶ୍ୱବିଦ୍ୟାଳୟରେ ଉଚ୍ଚକୋଟୀର ଗବେଷଣା କରି ଓଡ଼ିଶାର ତନ୍ମୟ ମିଶ୍ର ପି.ଏଚ.ଡି ଲାଭ କରିଛନ୍ତି । ଭୁବନେଶ୍ୱର 'ନାଇଜର'ରେ ପଦାର୍ଥ ବିଜ୍ଞାନରେ ସ୍ନାତକୋତ୍ତର ଶିକ୍ଷା ଲାଭ ପରେ ସେ ଫ୍ଲୋରିଡାରେ ଗତ ଛ' ବର୍ଷ ଧରି ଗବେଷଣା ଜାରି ରଖିଥିଲେ । ତାଙ୍କ ସନ୍ଦର୍ଭରେ ଉପସ୍ଥାପିତ ମହାକର୍ଷଣୀୟ ତରଙ୍ଗ ଚିହ୍ନଟ ଓ ଅନୁସନ୍ଧାନ ନିମିତ୍ତ ଏମ୍‌ଏଲ୍.(M.L.) ପ୍ରୟୋଗର ଉନ୍ନୀତ ଅନୁକଳନା (ଆଲଗୋରିଦମ୍) ଏକ ନୂତନ ଦିଗ ଉନ୍ମୋଚିତ କରିଛି । ତାଙ୍କ ସନ୍ଦର୍ଭଟି ପ୍ରଫେସର ସର୍ଗେ କ୍ଲିମାନକୋଙ୍କ ଦିଗଦର୍ଶନ ସହ ପ୍ରସ୍ତୁତ ହୋଇଛି । ଆନ୍ତର୍ଜାତୀୟ ଗବେଷଣା ସଂସ୍ଥା ଲାଇଗୋ(LIGO)ର ସଦସ୍ୟ ଭାବେ ତନ୍ମୟଙ୍କ ଅବଦାନ ଉଲ୍ଲେଖନୀୟ । ତନ୍ମୟ ମିଶ୍ର ପୁରୀ ନିବାସୀ ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ ତଥା କବି ଡ ଚିତ୍ତରଞ୍ଜନ ମିଶ୍ର ଓ ରୋଟାରିଆନ୍ ଶ୍ରୀମତୀ ସୁଷମା ମିଶ୍ରଙ୍କ ଦ୍ୱିତୀୟ ପୁତ୍ର । ତନ୍ମୟଙ୍କ ଜେଜେବାପା ବୀରପ୍ରତାପପୁରର ଶ୍ରୀ ଦିବାକର ମିଶ୍ର ଓ ଅଜା ବଲାଙ୍ଗୀରର ପ୍ରଫେସର ମଧୁସୂଦନ ପତିଉଭୟ ସାରସ୍ୱତ ସାଧକ ।

### କାଦୁଅ ପଚପଚ ରାସ୍ତା, ଦୁର୍ଦ୍ଦଶା ଭୋଗୁଛନ୍ତି ଭେଜିପୁଟ ଗ୍ରାମବାସୀ

# ମେସିନ୍ କରୁଛି ରାସ୍ତା କାମ, ଗ୍ରାମବାସୀ ହନ୍ତସନ୍ତ

ପୋଡ଼ାଗଡ଼,୧୯।୮ (ସମିସ):

କାଦୁଅ ପଚପଚ ରାସ୍ତା ପାଇଁ ଦୁର୍ଦ୍ଦଶା ଭୋଗୁଛନ୍ତି ଦଶମନ୍ତପୁର ବ୍ଲକ୍ ନନ୍ଦିଗାଁ ପଞ୍ଚାୟତ ଭେଜିପୁଟ ଗ୍ରାମବାସୀ। କାଦୁଅ ରାସ୍ତାରେ ପ୍ରତିଦିନ ଯାତାୟତ କରୁଛନ୍ତି ଗ୍ରାମବାସୀ। ବର୍ଷାଦିନେ ରାସ୍ତା ଅଧିକ ଖରାପ ହୋଇ ପଡୁଥିବାରୁ ଗ୍ରାମବାସୀଙ୍କୁ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି। ଅନ୍ୟପଟେ ମୁରୁମ ରାସ୍ତାରେ ମେସିନରେ ପାହାଡ଼ ମାଟି ଖୋଳି ମରାମତି ନାଁରେ ରାସ୍ତା ଉପରେ ପକାଉଛନ୍ତି ଠିକାଦାର। ଦୁର୍ଦ୍ଦଶା ଭୋଗୁଛନ୍ତି ଗ୍ରାମବାସୀ। ଗ୍ରାମବାସୀ କହିଛନ୍ତି ଏଭଳି ସମସ୍ୟା ଏବେ ଦେହସୁଆ ହୋଇଗଲାଣି। ରାସ୍ତା ଅତ୍ୟନ୍ତ ଶୋଚନୀୟ ଥିବାରୁ ବିଗତ ଦିନରେ ଗୁରୁତର ରୋଗୀକୁ ଭାରରେ ବୋହି ମୁଖ୍ୟ ରାସ୍ତାକୁ ଅଣା ଯାଇଥିଲା। ପୁଣି ଏହି ରାସ୍ତାରେ ମୃତଦେହ ସହ ଶବ ବାହକ ଗାଡ଼ି କାଦୁଅରେ ଫସିବାରୁ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେବାକୁ ପଡିଥିଲା। ନିର୍ବାଚନ ସମୟ ଆସିଲେ ନେତା ମନ୍ତ୍ରୀ ଗାଁକୁ ଆସି ବିକାଶ ପାଇଁ ବହୁ ପ୍ରତିଶୃତି ଦେଉଛନ୍ତି। ନିର୍ବାଚନ ପରେ ସବୁ ପ୍ରତିଶୃତି ପାଣିର ଗାର ପାଲଟି ଯାଉଛି। କାଦୁଅ ରାସ୍ତାକୁ ମରାମତି କରିବାକୁ ଗ୍ରାମବାସୀ ବାରମ୍ବାର ଦାବି କରିବା ପରେ ଦୀର୍ଘବର୍ଷ ପରେ ବ୍ଲକ୍ ପକ୍ଷରୁ ମନେରେଗା ଯୋଜନାରେ ରାସ୍ତା ନିର୍ମାଣ କାର୍ଯ୍ୟ ଆରମ୍ଭ ହେଲା। କିନ୍ତୁ ଠିକାଦାର ନିକଟ ପାହାଡ଼ରୁ ମେସିନରେ ମାଟି ଖୋଳି ରାସ୍ତାକୁ କାଦୁଅରେ ପରିପୂର୍ଣ୍ଣ କରି ଦୁର୍ଦ୍ଦଶା ଦୁଇଗୁଣ କରି ଦେଇଛନ୍ତି। ଏବେ ରାସ୍ତାରେ ଗାଡ଼ି ଚଲାଇବା ତ ଦୂରର କଥା ଚାଲିବା ମଧ୍ୟ ମୁସ୍କିଲ ହୋଇପଡିଛି। ରାସ୍ତା ଏବେ ଅତ୍ୟନ୍ତ ଶୋଚନୀୟ ହୋଇ ପଡ଼ିଥିବାରୁ ଗାଁର କୁନି କୁନି ଛାତ୍ରଛାତ୍ରୀ ସ୍କୁଲ୍ ଯାଇପାରୁ ନାହାନ୍ତି। ଏପରିକି ଗୁରୁତର ରୋଗୀକୁ ମେଡିକାଲ ନେବା କଷ୍ଟକର ହୋଇ ପଡୁଥିବା ଗ୍ରାମର ତ୍ରିଲୋଚନ ଖୋସଲା, ଆଦମ ଖୋସଲା, ଇସାକ୍ ଖୋସଲା ପ୍ରମୁଖ ପ୍ରକାଶ କରିଛନ୍ତି। ଜୀବନ ଜୀବିକା ହେଉ କି କିଛି ଜରୁରୀ ପଡ଼ିଲେ ପଞ୍ଚାୟତ ସଦରମହକୁମା ସହ ବ୍ଲକ୍ ସଦରମହକୁମା ଯିବାକୁ ଅସୁବିଧା ହେଉଛି। ପିଡିଏସ ସାମଗ୍ରୀ ହେଉ ଅବା ଜରୁରୀକାଳୀନ କିଛି କାମ, ଗ୍ରାମବାସୀ ଗାଁରୁ ବାହାରି ଯିବାକୁ କଷ୍ଟସାଧ ହୋଇପଡ଼ିଛି। ବିଶେଷକରି ଏବେ ଲାଗି ରହିଥିବା ବର୍ଷା ଯୋଗୁଁ ରାସ୍ତା ଆହୁରି କାଦୁଅ ହେବା ସହ ପାଣି ଭର୍ତ୍ତି ହୋଇଯାଇଛି। ବ୍ଲକ୍ ପ୍ରଶାସନ ତୁରନ୍ତ ରାସ୍ତା ମରାମତି କାମ କରିବା ସହ ସ୍ଥାୟୀ ମରାମତି କରିବା ଦିଗରେ ପଦକ୍ଷେପ ନେବାକୁ ଗ୍ରାମବାସୀ ଦାବି କରିଛନ୍ତି। ଏସମ୍ପର୍କରେ ସ୍ଥାନୀୟ ସରପଞ୍ଚଙ୍କ ସହ ପଞ୍ଚାୟତ ନିର୍ବାହୀ ଅଧିକାରୀ ଫୋନ ରିସିଭ୍ ନ କରିବାରୁ ପ୍ରତିକ୍ରିୟା ମିଳିପାରିନାହିଁ।

● ରାସ୍ତା ଖରାପ, ଯାଇ ପାରିଲାନି ଗାଡ଼ି

# ଭାରରେ ଦୁଇ କିଲୋମିଟର ବୁହାହେଲେ ରୋଗୀ



କୋରାପୁଟ,୧୯।୮ (ସମିସ): ଗାଁକୁ ପକ୍କା ରାସ୍ତା ନାହିଁ। ଲଗାଣ ବର୍ଷାରେ ମାଟି ରାସ୍ତା ନଷ୍ଟ ହୋଇଯାଇଛି। ଫଳରେ ଗାଁକୁ ଆମ୍ବୁଲାନ୍ସ ପହଞ୍ଚି ନ ପାରିବାରୁ ଜଣେ ରୋଗୀଙ୍କୁ ଦୁଇ କିମି ଦୂର ଭାରରେ ବୋହି ଆମ୍ବୁଲାନ୍ସ ନିକଟକୁ ନେବା ପରେ ଆମ୍ବୁଲାନ୍ସରେ ହସ୍ପିଟାଲ ନିଆଯାଇଛି। ଏଭଳି ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି ଦଶମନ୍ତପୁର ବ୍ଲକ ଲୁଲା ପଞ୍ଚାୟତ ଅନ୍ତର୍ଗତ ବାରକାମୁଡ଼ି ଗ୍ରାମରେ। ସୂଚନା ଅନୁସାରେ ଗ୍ରାମର ଲବି ସାଉନ୍ତା (୪୫) କୌଣସି ରୋଗରେ ଆକ୍ରାନ୍ତ ହୋଇ ଦୁଇ ବର୍ଷ ହେଲା ଯନ୍ତ୍ରଣା ଭୋଗୁଛନ୍ତି। ଅର୍ଥ ଅଭାବରୁ ଡାକ୍ତରଖାନା ଯାଇପାରୁ ନଥିଲେ। ଏ ସମ୍ପର୍କରେ ଗଣମାଧ୍ୟମରେ ଖବର ପ୍ରକାଶ ପାଇବା ପରେ, ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ତତ୍ପରତା ଦେଖା ଦେଇଥିଲା। ଦଶମନ୍ତପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଚିକିତ୍ସା ଅଧିକାରୀ ଡାକ୍ତର ଦିପକ କୁମାର ସାମଲଙ୍କ ନିର୍ଦ୍ଦେଶ କ୍ରମେ, ଭ୍ରାମ୍ୟମାଣ ସ୍ୱାସ୍ଥ୍ୟ ଟିମ୍ ବାରକାଉଡି ଗାଁକୁ ଯିବା ଲାଗି ବାହାରି ଥିଲେ। ହେଲେ ଗାଁ କୁ ଯିବା ଲାଗି ପକ୍କା ରାସ୍ତା ନଥିବାରୁ ନେର୍କାଗୁଡା ଗାଁ ଛକରେ ଗାଡି ରଖି, ବାରକାଉଡ଼ି ଗ୍ରାମରେ ସ୍ୱାସ୍ଥ୍ୟ ଟିମ୍ ଯାଇଥିଲେ। ସମ୍ପୃକ୍ତ ରୋଗୀଙ୍କୁ ମାଗଣା ଚିକିତ୍ସା ସେବା ଯୋଗାଇ ଦେବାକୁ ପରାମର୍ଶ ଦେଇ, ଡାକ୍ତରଖାନା ଯିବାକୁ କହିଥିଲେ। ପରେ ସମ୍ପର୍କୀୟ ମାନେ, ଲବି ସାଉନ୍ତାକୁ ଭାର କରି ଦୁଇ କିମି ଦୂର ନେର୍କାଗୁଡା ଗାଁ ଛକ ପର୍ଯ୍ୟନ୍ତ ନେଇଥିଲେ। ସେହି ଠାରୁ ଭ୍ରାମ୍ୟମାଣ ଚିକିତ୍ସା ସେବା ଗାଡ଼ିରେ ଦଶମନ୍ତପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ନିଆ ଯାଇ ପ୍ରାଥମିକ ଚିକିତ୍ସା ପରେ କୋରାପୁଟ ସହିଦ୍ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ୍ ଓ ହସ୍ପିଟାଲକୁ ସ୍ଥାନାନ୍ତର କରିଥିଲେ।

## ଗଣେଶ ପୂଜା ପାଇଁ ବ୍ୟାପକ ପ୍ରସ୍ତୁତି

ଉମରକୋଟ,୧୯।୮ (ସମିସ):



ପ୍ରତିବର୍ଷ ପରି ଚଳିତ ବର୍ଷ ଧରାପୃଷ୍ଠରେ ପ୍ରଭୁ ଶ୍ରୀଗଣେଶ ଅବତରଣ କରିବା ପୂର୍ବରୁ ଗଣେଶ ମୂର୍ତ୍ତି ତିଆରି କରିବାରେ ବ୍ୟସ୍ତ ମୂର୍ତ୍ତି କାରିଗର। କାରିଗରମାନେ ଶ୍ରୀଗଣେଷଙ୍କ ମୂର୍ତ୍ତି ତିଆରିରେ ନିମଗ୍ନ ହୋଇଥିବା ବେଳେ ସମଗ୍ର ଉମରକୋଟ ସହର ହେବ ଚଳଚଞ୍ଚଳ ଆଲୋକର ରଙ୍ଗୀନ ମାଳାରେ ସାଜସଜ୍ଜା ହେବ ବିଭିନ୍ନ ଅନୁଷ୍ଠାନ। ଏଥର ନୂଆ ନୂଆ ଡିଜାଇନର ମୂର୍ତ୍ତି ତିଆରି ହୋଇଥିବା ଦେଖିବାକୁ ମିଳିଛି। ଉମରକୋଟ ସହରର ବିଭିନ୍ନ ସ୍ଥାନରେ ଚାଲିଛି ବିଘ୍ନବିନାଶକଙ୍କ ମୂର୍ତ୍ତି ଗଢା। ସହରର ପ୍ରତ୍ୟେକ ସ୍ଥାନରେ ମୂର୍ତ୍ତି ତିଆରି କାର୍ଯ୍ୟ ସାରିବା ପାଇଁ କାରିଗର ମାନେ ଦିନରାତି ଏକ କରିଦେଇଛନ୍ତି। ବିଭିନ୍ନ ପୂଜା କମିଟି କିଏ ଜିଲ୍ଲାରୁ ତୋ କିଏ ଜିଲ୍ଲା ବାହାରୁ କାରିଗର ଆଣି ବିଭିନ୍ନ ଡିଜାଇନର ମୂର୍ତ୍ତି ଗଢୁଛନ୍ତି। ଏକ ଫୁଟ ମୂର୍ତ୍ତି ଠାରୁ ଆରମ୍ଭ କରି ୧୨/୧୪ଫୁଟ ଉଚ୍ଚତା ପର୍ଯ୍ୟନ୍ତ ମୂର୍ତ୍ତି ତିଆରି କରାଯାଉଛି। ପ୍ରତି ସାହିରେ ଯୁବ ଗୋଷ୍ଠୀଙ୍କ ଦ୍ୱାରା ପ୍ରଭୁ ଗଣେଶଙ୍କ ମୂର୍ତ୍ତି ରଖି ବହୁ ଧୁମଧାମରେ ପୂଜାର୍ଚ୍ଚନା କରିବା ସହ ସନ୍ଧ୍ୟାରୁ ରାତି ପର୍ଯ୍ୟନ୍ତ ବିଭିନ୍ନ ପ୍ରକାର ମନୋରଞ୍ଜନ କାର୍ଯ୍ୟକ୍ରମ ଆୟୋଜନ ହେଉଛି। ଏହି ପରିପ୍ରେକ୍ଷୀରେ ଉମରକୋଟ ସହରର ବିଭିନ୍ନ ଅନୁଷ୍ଠାନ ତରଫରୁ ଗଣେଷ ପୂଜା ଆୟୋଜନ ହେଉଛି। ଗଣେଶ ମୂର୍ତ୍ତୀର ଉଚ୍ଚତା କମ ରହିଥିଲେ ମଧ୍ୟ ଗଣେଶ ମୂର୍ତ୍ତି ବହୁତ ଆକର୍ଷଣୀୟ ହୋଇଥାଏ। ସହରର ବିଭିନ୍ନ ଶିକ୍ଷା ଶିକ୍ଷାନୁଷ୍ଠାନ, ସାଂସ୍କୃତିକ ଓ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଗୁଡ଼ିକରେ ରେ ମଧ୍ୟ ଗଣେଶ ପୂଜା ବଡ଼ ଉତ୍ସାହର ସହ ପାଳନ କରିବା ପାଇଁ ଜୋରସୋରରେ ଲାଗିଥିବା ଦେଖିବାକୁ ମିଳୁଛି। ପ୍ରଶାସନ ପକ୍ଷରୁ ମଧ୍ୟ ଆଗକୁ ପାର୍ବଣ ଆସୁଥିବାରୁ ସଜାଗ ହୋଇଛି।

## ନାଳରୁ ଯୁବକଙ୍କ ମୃତଦେହ ଉଦ୍ଧାର

ପୋଡ଼ାଗଡ଼,୧୯।୮ (ସମିସ):
ଦଶମନ୍ତପୁର ବ୍ଲକ ଅନ୍ତର୍ଗତ ଗିରିଲିଗୁମା ପଞ୍ଚାୟତର ଗଉଡ଼ଗୁଡା ଗ୍ରାମ ନିକଟ ପଟାଝଡ଼ି ନାଳରୁ ଯୁବକଙ୍କ ମୃତଦେହ ଉଦ୍ଧାର କରିଛି ଦଶମନ୍ତପୁର ପୋଲିସ। ସୂଚନା ନେବାରୁ ଜଣାପଡ଼ିଛି କି ଗୀରିଲିଗୁମା ପଞ୍ଚାୟତର ଗଉଡ଼ଗୁଡା ଗ୍ରାମର ପକ୍ଷୀର ଖସଲା (୩୭) ଗତ ରାତିରେ ଶୌଚ ହେବାକୁ ଯାଇ ଆଉ ଘରକୁ ଫେରି ନଥିଲେ। ଆଜି ତାଙ୍କର ମୃତଦେହ ନାଳରୁ ଉଦ୍ଧାର ହୋଇଛି। ପୁଲିସ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ କରୁଛି। ଶବ ବ୍ୟବଚ୍ଛେଦ ପରେ ପରିବାରଙ୍କୁ ହସ୍ତାନ୍ତର କରାଯାଇଛି। ତଦନ୍ତ ଜାରି ରଖି ଥିବା ପୋଲିସ ପକ୍ଷରୁ ସୂଚନା ମିଳିଛି।

## ଶିକ୍ଷା ଅବ୍ୟବସ୍ଥାରେ ସମ୍ବରଲେଣ୍ଡି,ଢେପାଗୁଡ଼ା କ୍ଲଷ୍ଟର




ଗୁଡାରି,୧୯।୮ (ସମିସ): ଗୁଡାରୀ ବ୍ଲକ୍‌ରେ ଶିକ୍ଷା ଅବ୍ୟବସ୍ଥାରେ ସମ୍ବରଲେଣ୍ଡି ଏବଂ ଢେପାଗୁଡା କ୍ଲଷ୍ଟରର ଅନେକ ସ୍କୁଲ ରହିଛି। ଢେପାଗୁଡା କ୍ଲଷ୍ଟରରେ ସମୁଦାୟ ୧୧ ସ୍କୁଲ ଥିବା ବେଳେ ସମ୍ବରଲେଣ୍ଡି କ୍ଲଷ୍ଟରରେ ୧୩ଟି ସ୍କୁଲ ରହିଛି। କେତେକ ବିଦ୍ୟାଳୟରେ ଅଧିକ ପିଲା ପଢୁ ଥିବାବେଳେ ଶିକ୍ଷକ କମ୍ ଅଛନ୍ତି। ଅନ୍ୟ କେତେକ ବିଦ୍ୟାଳୟରେ ଶିକ୍ଷକ ଅଧିକା ଥିବାବେଳେ ପିଲା କମ୍ ଅଛନ୍ତି। ଏଭଳି ଶିକ୍ଷା ଚାଲିଛି ଗୁଡାରି ଢେପାଗୁଡା କ୍ଲଷ୍ଟରର ଢେପାଗୁଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ। ୧୦୩ ଜଣ ପିଲାଙ୍କୁ ମାତ୍ର ୪ ଜଣ ଶିକ୍ଷକ, ଡି. ପେଣ୍ଡିଲି ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ୩୫ ଜଣ ପିଲାଙ୍କୁ ମାତ୍ର ୨ ଜଣ ଶିକ୍ଷକ, ମୁତୁଲିପାଙ୍ଗା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ୧୫ ଜଣ ପିଲାଙ୍କୁ ୪ ଜଣ ଶିକ୍ଷକ, ଲଦ୍ରି ପ୍ରାଥମିକ ବିଦ୍ୟାଳୟରେ ୫ ଜଣ ପିଲାଙ୍କୁ ୨ ଶିକ୍ଷକ, ଥୁରୁଡି ପ୍ରାଥମିକ ବିଦ୍ୟାଳୟରେ ୫ ଜଣ ପିଲାରେ ୨ ଜଣ ଶିକ୍ଷକ, ସେହିପରି ଏସ. ପେଣ୍ଡିଲି ସେବାଶ୍ରମରେ ୧୫୩ ଜଣ ଅଧ୍ୟୟନ କରୁଥିବା ବେଳେ ମାତ୍ର ୩ ଜଣ ଶିକ୍ଷକ ରହିଛନ୍ତି। ସେହିଭଳି ସମ୍ବରଲେଣ୍ଡି କ୍ଲଷ୍ଟରର ଡାହାଣୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ୩୪ ପିଲାକୁ ୪ ଜଣ ଶିକ୍ଷକ, ବିରିପାଙ୍ଗା ପ୍ରାଥମିକ ବିଦ୍ୟାଳୟରେ ୮ ଜଣ ପିଲାଙ୍କୁ ୨ ଜଣ ଶିକ୍ଷକ, ରେଙ୍ଗାମାଳୁ ପ୍ରାଥମିକ ବିଦ୍ୟାଳୟରେ ୧୧ ଜଣ ପିଲାଙ୍କୁ ୨ ଜଣ ଶିକ୍ଷକ, କାଜୁ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ୫୨ ଜଣ ପିଲାଙ୍କୁ ୫ ଜଣ ଶିକ୍ଷକ, କର୍ଲାଘାଟି ଆଶ୍ରମ ବିଦ୍ୟାଳୟରେ ୨୯୫ ପିଲାଙ୍କୁ ମାତ୍ର ୩ ଜଣ ଶିକ୍ଷକ, ନାଉଲି ପ୍ରାଥମିକ ବିଦ୍ୟାଳୟରେ ୧୩ ପିଲାଙ୍କୁ ୨ ଜଣ ଶିକ୍ଷକ, ହାଲମ ପ୍ରାଥମିକ ବିଦ୍ୟାଳୟରେ ମାତ୍ର ୬ ଜଣ ପିଲାଙ୍କୁ ୨ ଜଣ ଶିକ୍ଷକ, ଝିମାରାଓ ପ୍ରାଥମିକ ବିଦ୍ୟାଳୟରେ ୨ ଜଣ ପିଲାଙ୍କୁ ୧ ଜଣ ଶିକ୍ଷକ, ଡକରପଡା ପ୍ରାଥମିକ ବିଦ୍ୟାଳୟରେ ୧୮ ଜଣ ପିଲାଙ୍କୁ ୩ ଜଣ ଶିକ୍ଷକ, ସେହିପରି ଜମ୍ବା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ୫ ଜଣ ପିଲାଙ୍କୁ ୨ ଜଣ ଶିକ୍ଷକ ଅଛନ୍ତି। ଏଭଳି ବିଚିତ୍ର ଶିକ୍ଷା ବ୍ୟବସ୍ଥା ଭିତରେ ଚାଲିଛି ଗୁଡାରି ଶିକ୍ଷା ବିଭାଗ। ଢେପାଗୁଡା ଗ୍ରାମରେ ପୂର୍ବରୁ ପ୍ରଥମେ ସରକାରୀ ପ୍ରାଥମିକ ବିଦ୍ୟାଳୟ ରହିଥିବା ବେଳେ ପ୍ରଥମରୁ ପଞ୍ଚମ ଶ୍ରେଣୀ ଚାଲିଥିଲା। ୨୦୧୯-୨୦ ମସିହାରେ ପ୍ରାଥମିକ ବିଦ୍ୟାଳୟରୁ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଉନ୍ନତି ହୋଇ ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ରହିଅଛି। କିନ୍ତୁ ସରକାରୀ କ୍ଷେତ୍ରରେ ପ୍ରାଥମିକ ବିଦ୍ୟାଳୟ ବଦଳରେ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ହେବାକଥା। କିନ୍ତୁ ବର୍ତ୍ତମାନ ସୁଦ୍ଧା ପ୍ରାଥମିକ ବିଦ୍ୟାଳୟ ନାମରେ ରହିଛି। ପ୍ରଥମରୁ ଅଷ୍ଟମ ଶ୍ରେଣୀରେ ୧୦୩ପିଲା ଅଧ୍ୟୟନ କରୁଛନ୍ତି। କିନ୍ତୁ ଶିକ୍ଷକ ମାତ୍ର ୪ ଜଣ। ତେଣୁ ଏହି ବିଦ୍ୟାଳୟକୁ ଅଧିକ ଶିକ୍ଷକ ଆବଶ୍ୟକ ରହିଛି। ଶୀଘ୍ର ଏହି ବିଦ୍ୟାଳୟକୁ ଶିକ୍ଷକ ଦେବା ନିମନ୍ତେ, ସତ୍ୟନାରାୟଣ ଦୋରା, ସୋମନାଥ ପରଜା, ଭଗବାନ ଗୌଡ଼ ଏବଂ ଅଭିଭାବକମାନେ ଦାବି କରିଛନ୍ତି।

## ଅଜଣା ଗାଡ଼ି ଧକ୍କାରେ ଜଣେ ମୃତ

ରାୟଗଡ଼ା,୧୯।୮ (ସମିସ): ଅଜଣା ଗାଡି ଧକ୍କାରେ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି। ମୃତ ବ୍ୟକ୍ତି ଜଣକ ହେଲେ ତ୍ରିନାଥ ମିଶ୍ର (୫୬)। ରାୟଗଡା ଜିଲ୍ଲା ଚାନ୍ଦିଲି ଥାନା ଅନ୍ତର୍ଗତ ଜେକେ କାଗଜ କଳ ସମ୍ମୁଖରେ ଅଜଣା ଗାଡି ଧକ୍କା ଦେବାରୁ ତାଙ୍କର ମୃତ୍ୟୁ ଘଟିଥିବା କୁହାଯାଉଛି। ଖବର ପାଇ ଚାନ୍ଦିଲି ପୁଲିସ ତ୍ରିନାଥଙ୍କୁ ରାୟଗଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ଆଣିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଛନ୍ତି।

## ମାଣ୍ଡିଆ ଖାଦ୍ୟ ପ୍ରସ୍ତୁତ କରି ସ୍ୱାବଲମ୍ବୀ ମହିଳା ଗ୍ରୁପ୍



ପୋଡ଼ାଗଡ଼,୧୯।୮ (ସମିସ):
ଦଶମନ୍ତପୁର ବ୍ଲକ ସଦମହକୁମା ପଞ୍ଚାୟତ ବଜାର ଗୃହରେ ମାଣ୍ଡିଆ ଖାଦ୍ୟକୁ ଉଦଘାଟନ କରିଛନ୍ତି ବିଡ଼ିଓ ମିଳନ କୁମାର ଝାଙ୍କର। ପ୍ରକାଶ ଯେ, ସ୍ୱୟଂ ସହାୟକ ଗୋଷ୍ଠୀ ଦଶମନ୍ତପୁର ଠାରେ ପ୍ରଥମ କରି ମିଲେଟ୍ ମିଶନ ଆରମ୍ଭ କରିଥିବା ବେଳେ ଏଠାରେ ରସ୍ କେକ୍, ଲଡୁ, ମୁର୍କି, ଲିମିକି, କାଙ୍ଗୁ ଲଡୁ, ମିକ୍ସଚର, ବିସ୍କୁଟ ଆଦି ନିଜେ ପ୍ରସ୍ତୁତ କରି ବଜାର ରେ ସୁଲଭ ମୂଲ୍ୟରେ ବିକ୍ରୟ କରି ରୋଜଗାରକ୍ଷମ ହେବାକୁ ପ୍ରକାଶ ସ୍ୱୟଂ ସହାୟକ ଗୋଷ୍ଠୀର ୧୦ ଜଣ ମହିଳା ଅଣ୍ଟା ଭିଡିଛନ୍ତି। ଦୀର୍ଘ ବର୍ଷର ସଂଘର୍ଷ ପରେ ପ୍ରଶିକ୍ଷଣ ନେଇ ଆଜି ସଫଳତା ହାସଲ କରିଥିବା ମହିଳା ଗୋଷ୍ଠୀ ଖୁସି ଅନୁଭବ କରିଥିବା ଦେଖିବାକୁ ମିଳିଛି। ସ୍ଥାନୀୟ ବଜାରରେ ବିକ୍ରି କରିବା ସହ ସହରରେ ମଧ୍ୟ ଏହାର ଚାହିଦା ବୃଦ୍ଧି କରିବାର ଲକ୍ଷ୍ୟ ରଖିଥିବା କୁହାଯାଇଛି। ଧାନ ଫାଉଣ୍ଡେସନ, କୃଷି ବିଭାଗ ଓ ମିଶନ ଶକ୍ତିର ସହଯୋଗରେ ଏହା ସମ୍ଭବ ହୋଇପାରିଥିବା ଜଣାପଡ଼ିଛି।

## ଲଗାଣ ବର୍ଷାରେ ଭୁଶୁଡ଼ିଲା ଛପର



ସେମିଳିଗୁଡ଼ା,୧୯।୮ (ସମିସ): କୋରାପୁଟ ଜିଲ୍ଲାର ଗତ ତିନି ଦିନରୁ ଲଗାଣ ବର୍ଷାରେ ଜନଜୀବନ ଅସ୍ତବ୍ୟସ୍ତ ହୋଇଛି। ରାସ୍ତାରେ ବର୍ଷା ପାଣି। ଲୋକଙ୍କ ଅବସ୍ଥା ଶୋଚନୀୟ

**ଦମ୍ପତ୍ତି ଆହତ**

ରହିଛି। ଲଗାଣ ବର୍ଷା ପବନରେ ଉଡ଼ିଲା ଛପର ଘର। ସ୍ୱାମୀ ସ୍ତ୍ରୀ ୨ ଜଣ ଆହତ ହୋଇଛନ୍ତି। କୋରାପୁଟ ଜିଲ୍ଲା ସେମିଳିଗୁଡ଼ା ବ୍ଲକ୍ ଅନ୍ତର୍ଗତ ଦୁଧାରୀ ଗ୍ରାମର ସ୍ୱାମୀ ପୁରୀ ମଣ୍ଡଳ ନାୟକ ଏବଂ ତାଙ୍କ ସ୍ତ୍ରୀ ଡାଲୁ ମଣ୍ଡଳ ନାୟକ ସାମାନ୍ୟ ଆହତ ହୋଇଛନ୍ତି। ତାଙ୍କ ଘରର ଜିନିଷ ସବୁ ନଷ୍ଟ ହୋଇଯାଇଛି। ଯଥା ଘରର କାଗଜପତ୍ର, ଆଧାର କାର୍ଡ, ରାସନ୍ କାର୍ଡ, ଭୋଟ ପରିଚୟପତ୍ର ସହ ନଗଦ ୩୦ ହାଜର ଟଙ୍କା, ୧୫ ବସ୍ତା ଧାନ, ମାଣ୍ଡିଆ ଆଦି ଅନେକ ଜିନିଷ ନଷ୍ଟ ହୋଇଯାଇଛି। ଦୁଇ ଜଣ ସାମାନ୍ୟ ଆହତ ହୋଇଥିବାରୁ ତାଙ୍କୁ କୁନ୍ଦୁରି ଚିକିତ୍ସାଳୟକୁ ପଠା ଯାଇଛି। ଏହା ପରେ କୋରାପୁଟ ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତରିତ କରାଯାଇଛି।

## କାନ୍ଥପଡ଼ି ଆହତ ଘଟଣାର ତଦନ୍ତ

ପାପଡାହାଣ୍ଡି, ୧୯।୮ (ସମିସ):
ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ବ୍ଲକ ସଦର ଲହରା ସାହିରେ ସୋମବାର ସନ୍ଧ୍ୟାରେ କାନ୍ଥ ପଡି ଲହରା ସାହିର କୁସୁମ ବିନ୍ଧାଣି ଆହତ ହେବା ଖବର ପ୍ରକାଶ ପାଇବା ପରେ ବିଡ଼ିଓ କପିଳଦେବ ସାହୁଙ୍କ ନିର୍ଦ୍ଦେଶରେ ତଦନ୍ତ ହୋଇଛି। ଏମଆଇ ଶଶୀକାନ୍ତ ଦାସ ଓ ପିଇଓ ମଙ୍ଗରୁ ଭତରା ଓ ଗୁପ୍ତ ପ୍ରସାଦ ପଟନାୟକ ବୃଦ୍ଧାଙ୍କ ଘରକୁ ଯାଇ ତଦନ୍ତ କରିଛନ୍ତି। ଚାଉଳ ପାଇଁ ବୃଦ୍ଧାଙ୍କ ନାମ ଅନ୍ତର୍ଭୁକ୍ତ କରାଯାଇଛି। ବ୍ୟାଙ୍କ ପାସବୁକ ଖୋଲିବା ପରେ ତୁରନ୍ତ ପେନସନ ପ୍ରଦାନ କରାଯିବ। ଅନ୍ତ୍ୟୋଦୟ ଯୋଜନାରେ ସାମିଲ କରାଯାଇ ଶୀଘ୍ର ଆବାସ ଲାଗି କାର୍ଯ୍ୟାଦେଶ ପ୍ରଦାନ କରାଯିବ ବୋଲି ତଦନ୍ତ ଅଧିକାରୀ ସୂଚନା ଦେଇଛନ୍ତି। ଲଗାଣ ବର୍ଷା ଯୋଗୁଁ ସେ ଘରେ ରହିଥିବା ସମୟରେ ଘରର କାନ୍ଥ ପଡି ଯାଇ ତାଙ୍କ ଗୋଡ଼ ଓ ଛାତିରେ ମାଡ଼ ହୋଇଛି। ବର୍ତ୍ତମାନ ସେ ବାସନ୍ତି ବିନ୍ଧାଣିଙ୍କ ଘରେ ଆଶ୍ରୟ ନେଇଥିଲେ। ତାଙ୍କର ମାନସିକ ଅବସ୍ଥା ଠିକ ନ ଥିବା ବେଳେ ପତ୍ର ବିକି ସେ ନିଜ ପେଟ ପୋଷୁଛନ୍ତି। ସରକାରଙ୍କ ତରଫରୁ କୌଣସି ସହାୟତା ମିଳୁନଥିବା ଖବର ପ୍ରକାଶ ପାଇବା ପରେ ବିଡ଼ିଓ ତୁରନ୍ତ ପଦକ୍ଷେପ ନେଇଥିଲେ। ତାଙ୍କର ପରିବାର ବୋଲି କେହି ନାହାନ୍ତି। ଦଦରା ଘର ଉପରେ ପଲିଥିନ ଘଡ଼ାଇ ସେ ଏକାକୀ ରହୁଥିଲେ। ସାହି ବାସିନ୍ଦା ଓ କୁସମ ଗଣ ମାଧ୍ୟମ ଓ ବିଡ଼ିଓଙ୍କୁ ଧନ୍ୟବାଦ ଜଣାଇଛନ୍ତି

■ ଚାଷ ଆରମ୍ଭରୁ ସାର ଅଭାବ

# ଆନ୍ଧ୍ରବେପାରୀଙ୍କ ଚକ୍ରବ୍ୟୂହରେ ଓଡ଼ିଶା ଚାଷୀ

ନାରାୟଣପାଟଣା, ୧୯।୮ (ସମିସ): ବ୍ଲକରେ ପ୍ରାୟ ୭୦ ପ୍ରତିଶତ ଲୋକ ଚାଷ ଉପରେ ନିର୍ଭରଶୀଳ। ଏବେ ଏକ ମାସରୁ ଅଧିକ ହେବ ଚାଷ କାମ ସରିଥିବା ବେଳେ ଜମିରେ ଖାଲି ସାର ପକାଇବା ବାକି ରହିଛି। ଏହାର ଫାଇଦା ନେଇ ଚାଷୀଙ୍କୁ ଖାଲି ଲୁଟି ଚାଲିଛନ୍ତି ଆନ୍ଧ୍ର ସାର ବେପାରୀ। ସରକାରୀ ଦାମରୁ ଅଧିକ ଟଙ୍କା ନେଉଥିବା ଅଭିଯୋଗ। ସୂଚନା ମୁତାବକ ୨୮୦ ଟଙ୍କାର ୟୁରିୟା ସାର ପ୍ୟାକେଟ ୫୫୦ରୁ ୭୦୦ ଟଙ୍କାରେ ବିକୁଛନ୍ତି ସାର ବେପାରୀ। ଏଥିରେ ଚାଷୀ ହଇରାଣ ହେଉଥିବା ବେଳେ ମାଲେମାଲ୍ ହେଉଛନ୍ତି ସାର ବେପାରୀ। ଏମିତି କିଛି ଦେଖିବାକୁ ମିଳିଛ କୋରାପୁଟ ଜିଲ୍ଲା ନାରାୟଣାପାଟଣା ବ୍ଲକର ବିଭିନ୍ନ ପଞ୍ଚାୟତରେ ହଜାର ହଜାର ଚାଷୀଙ୍କ କ୍ଷେତ୍ରରେ। ଆନ୍ଧ୍ରପ୍ରଦେଶର କିଛି ବ୍ୟବସାୟୀ ବେପାରୀ କରିବା ଉଦେଶ୍ୟରେ ନାରାୟଣାପାଟଣାରେ ଟ୍ରକ ଟ୍ରକ ସାର ଆନ୍ଧ୍ର ପ୍ରଦେଶରୁ ଶସ୍ତାରେ ୟୁରିୟା ସାର ଆଣି ଲୁଚାଇ ରଖିଥିବା ବେଳେ ଚାଷୀଙ୍କୁ ଚଢ଼ା ଦରରେ ବିକ୍ରୀ କରୁଥିବା ଅଭିଯୋଗ ହୋଇଛି। ଏହି ସାର ବେପାରୀ ବିନା ଲାଇସେନ୍ସରେ ଆନ୍ଧ୍ରରୁ ଟ୍ରକ୍ ଟ୍ରକ୍ ସାର ଆଣି ଖୁଲମଖୁଲା ଭାବେ ସାର କଳାବଜାରୀ ଚଳାଇଥିବା ବେଳେ ଚଢ଼ାଦରରେ ସାର ବିକ୍ରୀ କରୁଥିବା ଅଭିଯୋଗ କରିଛନ୍ତି କିଛି ଚାଷୀ। ନାରାୟଣାପାଟଣାରେ ଲ୍ୟମ୍ପସ ଥିବା ସତ୍ତ୍ୱେ ଚାଷ ଆରମ୍ଭରୁ ସାର ଅଭାବ ଯୋଗୁ ଚାଷୀ ଚିନ୍ତାରେ। ବ୍ଲକରେ ଦେଖାଦେଇଛି ସାରର ଅଭାବ। କିଛି ଚାଷୀ ଅଭିଯୋଗ ଆଣିଛନ୍ତି ଯେ ଲ୍ୟାମ୍ପସ କୁ ଆସୁଥିବା ସାର ଚାଷୀକୁ କମ୍ ଦିଆଯାଉଛି। ସାର ମିଳୁନଥିବା ଯୋଗୁଁ ଲକ୍ଷ୍ମୀପୁର, ଆନ୍ଧ୍ରରୁ ବାଧ ହୋଇ ଆଣିବାକୁ ପଡୁଛି। ବିଲରେ ତଳି ଲଗା କାମ ସରିଥିବା ବେଳେ ସାର ମିଳୁନଥିବା ଅଭିଯୋଗ କରୁଛନ୍ତି ଚାଷୀ। କଳା ବଜାରରେ ୟୁରିଆ ସାରର ଦାମ ଆକାଶ ଛୁଆଁ ବୋଲି ଚାଷୀ କିଣିବାକୁ ସକ୍ଷମ ନାହାନ୍ତି। ସରକାର ଚାଷୀଙ୍କୁ ତୁରନ୍ତ ସାର ଉପଲବ୍ଧ କରିବାକୁ ଚାଷୀ ମାନେ ଅନୁରୋଧ କରିଛନ୍ତି। ବର୍ତ୍ତମାନ ଧାନ ଫସଲରେ ଡିଏପି ଏବଂ ୟୁରିଆ ସାରର ଯଥେଷ୍ଟ ଆବଶ୍ୟକତା ରହିଥିବା ବେଳେ ଆନ୍ଧ୍ର ସାର ବେପାରୀ ଏହାର ଫାଇଦା ଉଠାଇ ଚଢ଼ା ଦରରେ ବିକ୍ରି କରି କଳାବଜାରୀ ସୃଷ୍ଟି କରୁଥିବା ଅଭିଯୋଗ ହେଉଛି। ଅନେକ ଅଞ୍ଚଳରେ ଧାନ ରୋଇବା କାମ ଆରମ୍ଭ ହୋଇସାରିଲାଣି। ତେବେ ସଠିକ୍ ସମୟରେ ସାର ନ ମିଳିବାରୁ ଚାଷୀକୁଳ ହଇରାଣ ହେଉଥିବା ଦେଖିବାକୁ ମିଳୁଛି। ଅନ୍ୟପଟେ ସ୍ୱୀକୃତି ପ୍ରାପ୍ତ ସାର ବେପାରୀଙ୍କ କହିବା ଅନୁଯାଇ ସରକାର ୟୁରିଆ ସହ ନାନୋ ୟୁରିଆ ଯୋଡିକି ନେବାପାଇଁ ବାଧ କରୁଥିବା ବେଳେ ଚାଷୀ ନାନୋର ବେବହାର ଜାଣିନଥିବାରୁ ନେବାକୁ ଇଚ୍ଛା କରୁ ନାହାନ୍ତି।

## ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କୁ ସହାୟକ ଉପକରଣ ବଣ୍ଟନ



କୋରାପୁଟ,୧୯।୮ (ସମିସ): ସ୍ଥାନୀୟ ଏକ୍ସ ବୋର୍ଡ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଠାରେ କୋରାପୁଟ ବ୍ଲକର ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ପାଇଁ ସହାୟକ ଉପକରଣ ପ୍ରଦାନ ନିମନ୍ତେ ଚିହ୍ନଟ ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରକୁ କୋରାପୁଟ ବ୍ଲକ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟର ଅନ୍ତନିବେଶୀ ଶିକ୍ଷା ବିଭାଗ ପକ୍ଷରୁ ଆୟୋଜନ କରାଯାଇଥିଲା। ବ୍ଲକର ବିଭିନ୍ନ ବିଦ୍ୟାଳୟରୁ ୭୦ରୁ ଅଧିକ ଦିବ୍ୟାଙ୍ଗ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ଆଲିମକୋ ଦ୍ୱାରା ପ୍ରେରିତ ସ୍ୱତନ୍ତ୍ର ଚିକିତ୍ସା ଦଳ ପିଲାଙ୍କ ବିଭିନ୍ନ ପରୀକ୍ଷା କରି ଆବଶ୍ୟକ ସହାୟକ ଉପକରଣ ନିର୍ଦ୍ଧାରଣ କରିଥିଲେ। ୨୦୨୪-୨୫ ଶିକ୍ଷାବର୍ଷରେ ଯେଉଁ ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କୁ ସହାୟକ ଉପକରଣ ଦେବାକୁ ଚୟନ କରାଯାଇଥିଲା, ସେମାନଙ୍କୁ ବିଭିନ୍ନ ପ୍ରକାରର ସହାୟକ ଉପକରଣ ପ୍ରଦାନ କରାଯାଇଥିଲା। କୋରାପୁଟ ଗୋଷ୍ଠୀ ଶିକ୍ଷା ଅଧିକାରୀ ଦାୟିତ୍ୱରେ ଥିବା ଜଗନ୍ନାଥ ଭତ୍ରାଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କୋରାପୁଟ ପଞ୍ଚାୟତ ସମିତି ଅଧକ୍ଷା ନମିତା ମାଝୀ ଯୋଗ ଦେଇଥିବା ବେଳେ ସାଂସଦ ପ୍ରତିନିଧି ବାବୁଲା ବେନ୍ୟା ସମ୍ମାନିତ ଅତିଥି ରୂପେ ଯୋଗ ଦେଇଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ଭାରପ୍ରାପ୍ତ ଏବିଇଓ ସଂଯୁକ୍ତା କହଁର, ସିଆରସିସି ହର ମିଶ୍ର, ତ୍ରିଲୋକେଶ ପଣ୍ଡା, ସୁବୋଧ ମାଝୀ, ଜ୍ୟୋତି ପାଢ଼ୀ, ବାସୁଦେବ ଦାସ, ଜୟନ୍ତ ସାହୁ, କମୁଲୁ ହେନ୍ତାଳ, ରମା ମହାନ୍ତି,ଦେବ କିରଣ ପଟ୍ଟନାୟକ, ମନୋଜ ଦାସ ,ସୁଜିତ୍ ପଲେଇ ଓ ଏକ୍ସ ବୋର୍ଡ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ସମସ୍ତ କର୍ମଚାରୀ ଉପସ୍ଥିତ ରହି ସହଯୋଗ କରିଥିବା ବେଳେ ବିଆରପି ଦାୟିତ୍ୱରେ ଥିବା ପ୍ରଦୀପ କୁମାର ପାତ୍ର କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।

### ଶିକୁଳିରେ ବନ୍ଧା ଜୀବନ


# ୧୦ ବର୍ଷ ହେଲା ଅଭିଶପ୍ତ ଜୀବନ ବଞ୍ଚୁଛନ୍ତି ଡୁମ୍ବ୍ଲେ



ମୁନିଗୁଡା,୧୯।୮ (ସମିସ):
ଲୋକଙ୍କୁ ଉତ୍ତମ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ପକ୍ଷରୁ ବିବିଧ ଯୋଜନା କରାଯାଉଛି। ହେଲେ ଏହି ସୁବିଧା ଆଜି ବି ଅନେକ ଲୋକଙ୍କ ନିକଟରେ ପହଞ୍ଚି ପାରୁନାହିଁ। ଯାହାର ଉଦାହରଣ ଦେଖିବାକୁ ମିଳିଛି ରାୟଗଡ଼ା ଜିଲା ମୁନିଗୁଡା ବ୍ଲକ ଅମ୍ବାଦଳା ରେଲୱେ ପଡ଼ାରେ। ଉକ୍ତ ଗ୍ରାମର ସ୍ୱର୍ଗତ ବାସୁଦେବ ସାହୁଙ୍କ ପୁଅ ଡୁମ୍ବ୍ଲେ ଜଣେ ମାନସିକ ବିକାରଗ୍ରସ୍ତ ରୋଗୀ। ଡୁମ୍ବ୍ଲେ ଅବିବାହିତ ଥିବା ବେଳେ ଅନ୍ୟ ତିନି ଭାଇ ଦିନ ମଜୁରିଆ କାମ କରୁଥିବା ବେଳେ ତାଙ୍କର ଦେଖାଶୁଣା କରିବା ପାଇଁ କେହି ନାହାନ୍ତି। ପରିବାରର ଅଭାବ ଅନଟନ ଯୋଗୁଁ ତାଙ୍କର ଚିକିତ୍ସା ହୋଇ ପାରୁନାହିଁ। ଫଳରେ ଦୀର୍ଘ ୧୦ ବର୍ଷ ହେଲା ଶିକୁଳିରେ ବନ୍ଧା ଜୀବନ ଜିଇଁବାକୁ ପଡୁଛି। ଅର୍ଥାଭାବ ସହ ସରକାରଙ୍କ ସ୍ୱାସ୍ଥ୍ୟସେବା ଅପହଞ୍ଚ ପାଇଁ ତାଙ୍କ ଚିକିତ୍ସା ହୋଇ ପାରୁନାହିଁ ବୋଲି ଗ୍ରାମବାସ ଅଭିଯୋଗ କରୁଛନ୍ତି। ଡୁମ୍ବ୍ଲେ ୧୦ ବର୍ଷ ଧରି ମାଟି ପିଣ୍ଡାରେ ଶିକୁଳିରେ ବନ୍ଧାହୋଇ ଏକ ଅଭିଶପ୍ତ ଜୀବନ କାଟୁଥିବା ପରିଲକ୍ଷିତ ହୋଇଛି। ରାଜ୍ୟ ଜନସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ମାନସିକ ରୋଗୀଙ୍କୁ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ କେନ୍ଦ୍ର ସରକାରଙ୍କ ସ୍ୱତନ୍ତ୍ର ନିର୍ଦ୍ଦେଶାବଳୀ ରହିଛି। ହେଲେ ଦୁଃଖ ଓ ପରିତାପର ବିଷୟ ଏଭଳି ମାନସିକ ରୋଗୀଙ୍କୁ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ଜନସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ କୌଣସି ପଦକ୍ଷେପ ନିଆଯାଇ ନାହିଁ। ୧୦ ବର୍ଷ ପୂର୍ବରୁ ସାମାନ୍ୟ ଅସୁସ୍ଥ ଥିଲେ। ସମ୍ପ୍ରତି ମାନସିକ ବିକାର

### ଜିଲ୍ଲାପାଳ ଦୃଷ୍ଟି ଦେବାକୁ ଦାବି

ଗ୍ରସ୍ତ ହୋଇ ଏଣେତେଣେ ବୁଲୁଥିବା ବେଳେ ସେ ଲୋକଙ୍କୁ କାମୁଡିବା ବା କୁଆଡେ ପଳାଇବା ସମ୍ଭାବନାକୁ ଆଖି ଆଗରେ ରଖି ପରିବାର ଲୋକେ ତାଙ୍କ ବାମ ଗୋଡ଼ରେ ଲୁହାର ଶିକୁଳି ପକାଇ ଏକ ଖୁଣ୍ଟରେ ବାନ୍ଧି ରଖିଛନ୍ତି। ବେଳେ ବେଳେ ଶିକୁଳି ଖୋଲି ଏଣେ ତେଣେ ଘୂରି ବୁଲୁଥିବା ଯୋଗୁଁ ସ୍ଥାନୀୟ ବାସିନ୍ଦା ମଧ୍ୟ ଭୟରେ ରହୁଛନ୍ତି। ମାନସିକ ରୋଗୀଙ୍କ ପରିବାର ସରକାରୀ ସୁବିଧା ବିଷୟରେ ଅଜ୍ଞ ରହିଛନ୍ତି। ଏ ସମ୍ପର୍କରେ ରାୟଗଡ଼ା ସିଡିଏମ୍‌ଓଙ୍କୁ ପଚାରିବାରୁ ତାଙ୍କ ବିଭାଗରେ ସେମିତି କିଛି ବ୍ୟବସ୍ଥା ନାହିଁ ବୋଲି କହିଛନ୍ତି। ଡୁମ୍ବ୍ଲେଙ୍କୁ ଜିଲ୍ଲା ପ୍ରଶାସନ ଉତ୍ତମ ସ୍ୱାସ୍ଥ୍ୟସେବା ଯୋଗାଇ ଦେବା ସହ ଅବିଳମ୍ବେ ତାଙ୍କୁ ଶିକୁଳିରୁ ଖୋଲିବାର ବ୍ୟବସ୍ଥା କରିବାକୁ ଅଞ୍ଚଳବାସୀଙ୍କ ସମେତ ବୁଦ୍ଧିଜୀବୀ ମାନେ ଦାବି କରିଛନ୍ତି।



ବିଳାସ ନୁହେଁ, ଭଲ ପାଇବା ହିଁ ମାନବ ସଭ୍ୟତାର ସୁସ୍ଥ ଭବିଷ୍ୟତ ପାଇଁ ଜରୁରୀ।
-ଦଲାଇ ଲାମା

ସକାଳ
THE SAKALA

# ପରୀକ୍ଷା ପ୍ରହସନ

ପରୀକ୍ଷାରେ ବହି, ଖାତା ଦେଖି ଲେଖିବା(ଓବିଇ) ଭଳି ଏକ ଅଭିନବ ପରିକଳ୍ପନାକୁ କେନ୍ଦ୍ରୀୟ ମାଧ୍ୟମିକ ଶିକ୍ଷା ପରିଷଦର ପରିଚାଳନା ମଣ୍ଡଳୀ ସବୁଜ ସଙ୍କେତ ଦେଇଛି। ୨୦୨୩ ନଭେମ୍ବର-ଡିସେମ୍ବର ମାସରେ ଆରମ୍ଭ ହୋଇଥିବା ପାଇଲଟ୍ ପ୍ରକଳ୍ପର ସଫଳତା ଆଧାରରେ ୨୦୨୬-୨୭ ଶିକ୍ଷା ବର୍ଷରୁ ନବମ ଶ୍ରେଣୀରେ ଏହା କାର୍ଯ୍ୟକାରୀ ହେବ ବୋଲି ଆପାତତଃ ଚୂଡ଼ାନ୍ତ ହୋଇଛି। ପାଇଲଟ୍ ପ୍ରକଳ୍ପରେ ନବମ ଓ ଦଶମ ଶ୍ରେଣୀରେ ଇଂରାଜୀ, ଗଣିତ ଓ ବିଜ୍ଞାନ ଏବଂ ଏକାଦଶ ଓ ଦ୍ୱାଦଶ ଶ୍ରେଣୀ ପାଇଁ ଇଂରାଜୀ, ଗଣିତ ଓ ଜୈବବିଜ୍ଞାନ ବିଷୟରେ ଓବିଇ ପଦ୍ଧତି ଅନୁସୃତ ହୋଇଥିଲା, ଯାହାକୁ ଶିକ୍ଷକମାନେ ବିପୁଳ ସମର୍ଥନ କରିଥିବା ସିବିଏସ୍ଇ ଦାବି କରିଛି। ମସ୍ତିଷ୍କ ଓ ସ୍ମୃତି ଶକ୍ତି ଉପରେ ଅଧିକ ଚାପ ସୃଷ୍ଟି ନ କରି ଛାତ୍ରଛାତ୍ରୀଙ୍କ ଅନୁସନ୍ଧାନ, ବ୍ୟାଖ୍ୟାନ ଓ ଉପସ୍ଥାପନ ଦକ୍ଷତା ବିକାଶରେ ଏହି ପଦ୍ଧତି ଫଳପ୍ରଦ ହୋଇଥିବା କୁହାଯାଉଛି।

ଅଷ୍ଟମ ଶ୍ରେଣୀରେ ପାସ୍‌ଫେଲ୍ ବ୍ୟବସ୍ଥାକୁ ପୁନଃପ୍ରଚଳନ କରିବା ପାଇଁ ଗତ ଜାନୁଆରୀ ମାସରେ କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟ ଦେଶର ସମସ୍ତ କେନ୍ଦ୍ରୀୟ ବିଦ୍ୟାଳୟ ଓ ଜବାହାର ନବୋଦୟ ବିଦ୍ୟାଳୟକୁ ନିର୍ଦ୍ଦେଶାବଳୀ ଜାରି କରିବା ପରେ ଓଡ଼ିଶା ସମେତ କେତେକ ରାଜ୍ୟ ସରକାର ଚଳିତ ଶିକ୍ଷାବର୍ଷଠାରୁ ଏହାକୁ କାର୍ଯ୍ୟକାରୀ କରିଛନ୍ତି। ଏହାପଛର ମୂଳ ଓ ମହତ୍ ଉଦ୍ଦେଶ୍ୟ ହେଉଛି ପାସ୍ ଫେଲ୍ ବ୍ୟବସ୍ଥା ଉଠିଯିବା ଦ୍ୱାରା ଛାତ୍ରଛାତ୍ରୀମାନେ ପାଠପଢ଼ାରେ ଅମନଯୋଗୀ ହେଉଛନ୍ତି। ପଞ୍ଚମ ଶ୍ରେଣୀରେ ପଢୁଥିବା ପିଲା ଦ୍ୱିତୀୟ ଶ୍ରେଣୀର ପାଠ ପଢ଼ିପାରୁନାହାନ୍ତି। ପରୀକ୍ଷା ବ୍ୟବସ୍ଥା ରହିଲେ ଫେଲ୍ ହେବାର ଭୟ ମଧ୍ୟ ରହିବ। ତେଣୁ ପିଲାମାନେ ପାଠ ପ୍ରତି ଗୁରୁତ୍ୱ ଦେବେ। ଏହା ଏକ ଉତ୍ତମ ଓ ସ୍ୱାଗତଯୋଗ୍ୟ ନିଷ୍ପତ୍ତି। ଏହି ଆଧାରରେ ଓବିଇକୁ ବିଚାର କଲେ ଯଦି ପିଲାମାନଙ୍କୁ ବହି ଦେଖି ଉତ୍ତର ଲେଖିବାର ବା ନିର୍ଭୟରେ କପି କରିବାର ସୁଯୋଗ ମିଳିଯିବ ତେବେ ପରୀକ୍ଷା ପ୍ରତି ଭୟ ରହିବ ନାହିଁ କି ଉପରୋକ୍ତ ମହତ୍ ଉଦ୍ଦେଶ୍ୟ ସାଧିତ ହେବ ନାହିଁ। କପି କରିବା ଆମ ବ୍ୟବସ୍ଥାରେ ଏକ ଦୁର୍ନୀତି ବା ଅପରାଧ(ମାଲ୍‌ପ୍ରାକ୍ଟିସ୍) ରୂପେ ଧରାଯାଉଛି। ତେଣୁ ଏବେ ସିବିଏସ୍ଇର ଓବିଇ ପଦ୍ଧତି ଏହି ମାଲ୍‌ପ୍ରାକ୍ଟିସ୍‌କୁ ବୈଧ କରିବା ଭଳି ହେବ ନାହିଁ କି?

ଆମ ଶିକ୍ଷା ବ୍ୟବସ୍ଥାରେ ଉପରଶ୍ରେଣୀକୁ ଉନ୍ନୀତ ହେବା ପାଇଁ ପରୀକ୍ଷା ନମ୍ବର ଏକ ମାପଦଣ୍ଡ ଏବଂ ପରୀକ୍ଷା ଫଳ ଏକ ପ୍ରବେଶପତ୍ର ଭାବେ ବିବେଚନା ହୋଇଆସୁଛି। କିନ୍ତୁ ଛାତ୍ରଛାତ୍ରୀ କ'ଣ ପଢ଼ିଲେ, କିପରି ପଢ଼ିଲେ ଓ କ'ଣ ଶିଖିଲେ ତାହାର ବାସ୍ତବ ପ୍ରତିଫଳନ ଓ ପ୍ରମାଣ ହେଉଛି ପରୀକ୍ଷା। ଯଦି ପରୀକ୍ଷା କେବଳ କପି ଆଧାରିତ ହୁଏ ତେବେ ସେମାନଙ୍କ ଭବିଷ୍ୟତ ପ୍ରଭାବିତ ହେବ। ନିଯୁକ୍ତି, ବୃତ୍ତି, ଅନ୍ୟ ପେସାଦାର ଶିକ୍ଷା, ପ୍ରବେଶିକା ପରୀକ୍ଷା ବେଳେ ସେମାନେ ଅପ୍ରୀତିକର ପରିସ୍ଥିତିର ସମ୍ମୁଖୀନ ହୋଇପାରନ୍ତି। ଦେଶର ବିଶାଳ ଛାତ୍ରସମାଜ ମଧ୍ୟରୁ ଶିକ୍ଷାକୁ ଜ୍ଞାନ ଆହରଣର ମାଧ୍ୟମ ଭାବେ ପରବର୍ତ୍ତୀ ଜୀବନରେ ଉପଯୋଗ କରିବାକୁ ଚାହୁଁଥିବା ଛାତ୍ରଛାତ୍ରୀଙ୍କ ସଂଖ୍ୟା ଅଳ୍ପ ହେଲେ ମଧ୍ୟ ଦେଶକୁ ଜ୍ଞାନର ପୀଠସ୍ଥଳୀ ରୂପେ ମାନ୍ୟତା ଦେବାରେ ସେମାନଙ୍କ ଅବଦାନ ଓ ଭୂମିକା ଗୁରୁତ୍ୱପୂର୍ଣ୍ଣ। ଏହି ବିଶାଳ ଛାତ୍ରସମାଜରେ ଏଭଳି ମଧ୍ୟ ଏକ ବର୍ଗ ରହିଛନ୍ତି, ଯେଉଁମାନେ କେବଳ ଡିଗ୍ରୀ ହାସଲ କରିବାକୁ ଶିକ୍ଷାନୁଷ୍ଠାନରେ ନାମ ଲେଖାଇଥା'ନ୍ତି। ପ୍ରଚଳିତ ରୂଢ଼ି ଅନୁଯାୟୀ ପ୍ରଥମ ବର୍ଗକୁ 'ଧୁଆମୂଳା' ଓ ଦ୍ୱିତୀୟ ବର୍ଗକୁ 'ଅଧୁଆମୂଳା' ଭାବରେ ଅଭିହିତ କରାଯାଏ। ଏହି 'ଧୁଆମୂଳା' ଓ 'ଅଧୁଆମୂଳା'ମାନେ ପରୀକ୍ଷା ନମ୍ବର ଆଧାରରେ ବାରି ହୋଇପଡ଼ନ୍ତି। ଯଦି ସିବିଏସ୍ଇର ଓବିଇର ସଫଳତା ଆଧାରରେ ପ୍ରତି ଶିକ୍ଷାନୁଷ୍ଠାନରେ ଏଭଳି ଖୋଲା କପି ବ୍ୟବସ୍ଥା କାର୍ଯ୍ୟକାରୀ ହୁଏ ତେବେ 'ଧୁଆମୂଳା' ଓ 'ଅଧୁଆମୂଳା' ମଧ୍ୟରେ ଥିବା ତଫାତ୍ କମି ଆସିବ। ନା ଛାତ୍ରଛାତ୍ରୀ ଶିକ୍ଷାଗ୍ରହଣର ଚାପରେ ରହିବେ ନା ଶିକ୍ଷକ/ଶିକ୍ଷୟିତ୍ରୀ ଶିକ୍ଷାଦାନର ଉତ୍ତରଦାୟିତ୍ୱକୁ ଗୁରୁତ୍ୱ ଦେବେ। ଏଥିରେ 'ଧୁଆମୂଳା'ମାନେ ଅଧିକ କ୍ଷତିଗ୍ରସ୍ତ ହେବେ ଏବଂ 'ଅଧୁଆମୂଳା'ମାନେ ଭାଗ୍ୟବାନ୍ ସାବ୍ୟସ୍ତ ହେବେ।

ପରବର୍ତ୍ତୀ ସମୟରେ ହୁଏତ ପୁଣି ପ୍ରଶ୍ନ ଉଠିବ ଯଦି ନବମରେ ଓବିଇ ଲାଗୁ ହେଲା ତାହା ଦଶମ, ଦ୍ୱାଦଶରେ ଲାଗୁ ହେବ ନାହିଁ କାହିଁକି? ପୁଣି ଯଦି ଉପର ଶ୍ରେଣୀରେ ଓବିଇ ଲାଗୁ ହୋଇପାରୁଛି ତେବେ ଅଷ୍ଟମ ଶ୍ରେଣୀରେ କାହିଁକି ନୁହେଁ? ଏଭଳି ଓବିଇର ସଂକ୍ରମଣ ଶିକ୍ଷାର ବିଭିନ୍ନ ସ୍ତରକୁ ମାଡ଼ି ଚାଲିବ। ଏହାଦ୍ୱାରା ମଧ୍ୟ ଶ୍ରେଣୀକକ୍ଷ ଶିକ୍ଷାଦାନ ଗୁରୁତ୍ୱ ହରାଇବ ଏବଂ ଟେଷ୍ଟପେପର ବା କିବୁକ୍, ଗାଇଡ୍‌ବୁକ୍ ଆଦିର ବିଶାଳ ବଜାର ସୃଷ୍ଟି ହେବ। କାରଣ କେବଳ ଜ୍ଞାନ ବିତରଣ ପାଇଁ ସମର୍ପିତ ଶିକ୍ଷକ/ଶିକ୍ଷୟିତ୍ରୀଙ୍କ ସଂଖ୍ୟା କେତେ ତାହା ବୁଝାଇ କହିବା ଆବଶ୍ୟକ ନାହିଁ। ହୁଏତ ସେମାନେ ଶ୍ରେଣୀରେ ନାମକୁ ମାତ୍ର ଉପସ୍ଥାନ ପକାଇ ଲୁଚାଛପାରେ ଗାଇଡ୍‌ବୁକ୍ ଲେଖିବାରେ ଅଧିକ ମନୋନିବେଶ କରିପାରନ୍ତି।

ଓବିଇ ବ୍ୟବସ୍ଥା ୧୯୫୩ରେ ହଂକଂ ପ୍ରଥମେ ଲାଗୁ କରିଥିଲା। ୧୯୫୧ରୁ ୧୯୭୮ ଭିତରେ ଆମେରିକା ଓ ଇଂଲଣ୍ଡରେ ବିଭିନ୍ନ ବିଶ୍ୱବିଦ୍ୟାଳୟରେ ପରୀକ୍ଷାମୂଳକ ଭାବେ ଏହି ପଦ୍ଧତି ଅନୁସୃତ ହୋଇ ପ୍ରତ୍ୟାହୃତ ହୋଇଥିଲା। ୨୦୧୯ରେ କୋଭିଡ୍ ମହାମାରୀ ସମୟରେ ଭାରତରେ ଇଞ୍ଜିନିୟରିଂ ପରୀକ୍ଷା ପାଇଁ ଓବିଇ ପଦ୍ଧତି ଏଆଇସିଟିଇ ଦ୍ୱାରା କେବଳ ସେହିବର୍ଷ ପାଇଁ ଅନୁମୋଦିତ ହୋଇଥିଲା। ସେହିପରି ୨୦୧୪ ମସିହାରେ ସିବିଏସ୍ଇ ପକ୍ଷରୁ 'ଓପନ୍ ଟେକ୍ସଟ ବେସ୍‌ଡ ଆସେସ୍‌ମେଣ୍ଟ(ଓଟିବିଏ)' ଆରମ୍ଭ କରାଯାଇଥିଲା, ଯେଉଁଥିରେ ପରୀକ୍ଷା ପୂର୍ବରୁ କେତେକ ନିର୍ଦ୍ଦିଷ୍ଟ ବିଷୟର ସମ୍ଭାବ୍ୟ ପ୍ରଶ୍ନୋତ୍ତର ସମ୍ବଳିତ ପୁସ୍ତିକା ନବମ, ଦଶମ ଓ ଏକାଦଶ ଶ୍ରେଣୀର ପିଲାମାନଙ୍କୁ ଦିଆଯାଉଥିଲା। ଏହାଦ୍ୱାରା ପିଲାମାନଙ୍କର ବିଶ୍ଳେଷାତ୍ମକ ଦକ୍ଷତା ପ୍ରଭାବିତ ହେଉଥିବା କହି ୨୦୧୭-୧୮ରେ ପ୍ରତ୍ୟାହାର କରି ନିଆଯାଇଥିଲା। ତେଣୁ ଓବିଇ ପଦ୍ଧତି କେତେ ସଫଳ ହେବ ତାହା ସମୟ କହିବ। କିନ୍ତୁ ବାରମ୍ବାର ଏଭଳି ବ୍ୟବସ୍ଥା ପରିବର୍ତ୍ତନ ଦ୍ୱାରା ଶୈକ୍ଷିକ ସନ୍ତୁଳନ ବିଗିଡ଼ିଯିବ ଏବଂ ପରୀକ୍ଷା କେବଳ ଏକ ପ୍ରହସନରେ ପରିଣତ ହେବ ବୋଲି ଆମର ମତ।

# ଉପକୂଳର ସୁରକ୍ଷା କବଚ

**ଡକ୍ଟର ସୁନ୍ଦର ନାରାୟଣ ପାତ୍ର**

ଲୁଣା ଜଙ୍ଗଲ ବା ମାନଗ୍ରୋଭ ନିଜର ଘନ, ଶକ୍ତ ଓ ନମନୀୟ ଛିଦ୍ରାଳ ଭଳି ମୂଳ ବଳରେ ଝଡ଼ ଓ ବନ୍ୟା ବିରୁଦ୍ଧରେ ପ୍ରାକୃତିକ ସୁରକ୍ଷା କବଚ ଭଳି କାର୍ଯ୍ୟ କରେ। ସେଗୁଡ଼ିକ ମାଟିକୁ ଦୃଢ଼ ଭାବରେ ବାନ୍ଧି ରଖନ୍ତି, ଯାହା ଉପକୂଳ କ୍ଷୟକୁ ରୋକିବାରେ ସାହାଯ୍ୟ କରେ। ଖାଦ୍ୟ, ଇନ୍ଧନ, ଔଷଧୀୟ ଲାଭ ଓ ମନୋରଞ୍ଜନ ପ୍ରଦାନ କରିବା ସହିତ ଲୁଣା ଜଙ୍ଗଲ ଉଦ୍ଭିଦ ସାମୁଦ୍ରିକ ଓ ଉପକୂଳୀୟ ପ୍ରାଣୀ ଓ ଉଦ୍ଭିଦ ପାଇଁ ଆଦର୍ଶ ଆବାସସ୍ଥାନ, ଘୂର୍ଣ୍ଣିବଳୟ ବିପର୍ଯ୍ୟୟରୁ ସୁରକ୍ଷା ଏବଂ କାର୍ବନ ସିକ୍ୱେଷ୍ଟରେସନ୍ ବା ଅଙ୍ଗାର ଅବଶୋଷଣଠାରୁ ଆରମ୍ଭ କରି ଅନେକ ପରିବେଶଗତ ସେବା ପ୍ରଦାନ କରେ। ଇଣ୍ଡିଆନ୍ ଷ୍ଟେଟ୍ ଅଫ୍ ଫରେଷ୍ଟ ରିପୋର୍ଟ (୨୦୨୧) ଅନୁଯାୟୀ, ଭାରତରେ ଲୁଣା ଜଙ୍ଗଲ ପ୍ରତିବର୍ଷ ପ୍ରାୟ ୪.୯ ନିଯୁତ ଟନ୍ କାର୍ବନ ବା ଅଙ୍ଗାର ସଂରକ୍ଷଣ କରେ, ଯାହା ଜଳବାୟୁ ପରିବର୍ତ୍ତନ ପ୍ରଶମନ ପ୍ରୟାସରେ ଗୁରୁତ୍ୱପୂର୍ଣ୍ଣ ଯୋଗଦାନ ଦିଏ।

ଓଡ଼ିଶାରେ ପ୍ରାୟ ୪୮୦ କିଲୋମିଟରର ଦୀର୍ଘ ସମୁଦ୍ର ଉପକୂଳ ଅଛି, ଯାହା ଛଅଟି ଜିଲ୍ଲା ଯଥା ଗଞ୍ଜାମ, ପୁରୀ, ଜଗତ୍ସିଂହପୁର, କେନ୍ଦ୍ରାପଡ଼ା, ଭଦ୍ରକ ଓ ବାଲେଶ୍ୱରକୁ ସ୍ପର୍ଶ କରୁଛି। ରାଜ୍ୟର ମୋଟ ଜନସଂଖ୍ୟାର ପ୍ରାୟ ଏକ-ତୃତୀୟାଂଶ ଏହି ଉପକୂଳବର୍ତ୍ତୀ ଅଞ୍ଚଳରେ ବସବାସ କରନ୍ତି। କେନ୍ଦ୍ରାପଡ଼ା ଜିଲ୍ଲାର ସାତଭାୟା ଓ ପେଣ୍ଠ, ଜଗତସିଂପୁର ଜିଲ୍ଲାର ସିଆଳି ଓ ନୋଳିଆ ସାହି, ପୁରୀ ଜିଲ୍ଲାର ପୁରୀ-କୋଣାର୍କ ମେରାଇନ୍ ଡ୍ରାଇଭ୍ ଓ ଅରକଖୁଦା, ଗଞ୍ଜାମ ଜିଲ୍ଲାର ପୋଡାମପେଟା ଓ ରାମାୟାପାଟଣା ଇତ୍ୟାଦି ଅଞ୍ଚଳ ହେଉଛି ଅତ୍ୟନ୍ତ ସମ୍ବେଦନଶୀଳ ଏବଂ ସମୁଦ୍ର ପତ୍ତନ ବୃଦ୍ଧି, ଜୁଆର ଓ ବାରମ୍ବାର ଘୂର୍ଣ୍ଣିଝଡ଼ ଯୋଗୁଁ ଉପକୂଳବର୍ତ୍ତୀ ଗ୍ରାମଗୁଡ଼ିକ ଧୋଇ ହୋଇଯାଏ।

ସାମ୍ପ୍ରତିକ ବର୍ଷଗୁଡ଼ିକରେ ଓଡ଼ିଶାରେ ଘୂର୍ଣ୍ଣିଝଡ଼ର ବାରମ୍ବାରତା ବୃଦ୍ଧି ପାଇଛି। ଓଡ଼ିଶା ଉପକୂଳ ପୁନଃ ପୁନଃ ସୁପର-ସାଇକ୍ଲୋନ୍ ବା ମହାବାତ୍ୟା (୧୯୯୯), ଫାଇଲିନ ବା ସୁପର ଟାଇଫୁନ୍(୨୦୧୩), ହୁଡ୍‌ହୁଡ୍ (୨୦୧୪), ତିତଲି(୨୦୧୮), ଫନି (୨୦୧୯), ବୁଲବୁଲ (୨୦୧୯), ଆମ୍ଫାନ୍ (୨୦୨୦), ୟାସ୍ (୨୦୨୧), ଜୱାଦ୍(୨୦୨୧), ଗୁଲାବ(୨୦୨୧), ଅସନୀ(୨୦୨୨) ଏବଂ ଦାନା (୨୦୨୪) ଭଳି ବିପର୍ଯ୍ୟୟ ଦ୍ୱାରା ପ୍ରଭାବିତ ହୋଇଛି। ଏହି ବିପର୍ଯ୍ୟୟଗୁଡ଼ିକ ଓଡ଼ିଶାର ଉପକୂଳବର୍ତ୍ତୀ ଅଞ୍ଚଳରେ ବିଭିନ୍ନ ପ୍ରକାରର ବାଣିଜ୍ୟିକ, ଭିତ୍ତିଭୂମି ଓ ବ୍ୟକ୍ତିଗତ ସମ୍ପତ୍ତିକୁ କ୍ଷତିଗ୍ରସ୍ତ ଓ ନଷ୍ଟ କରିଛି।

ଗୃହ ମନ୍ତ୍ରଣାଳୟ ଅଧୀନରେ ଥିବା ଏକ ସ୍ୱୟଂଶାସିତ ପ୍ରତିଷ୍ଠାନ, ଜାତୀୟ ବିପର୍ଯ୍ୟୟ ପରିଚାଳନା ସଂସ୍ଥା(ଏନ୍ଆଇଡିଏମ୍) ଦ୍ୱାରା ଜୁଲାଇ ୨୦୨୫ରେ ପ୍ରକାଶିତ 'ଘୂର୍ଣ୍ଣିଝଡ଼ ଦୁର୍ବଳତା ପ୍ରତି ସାମାଜିକ-ପରିସଂସ୍ଥୀୟ ସହନଶୀଳତା: ଉପକୂଳ ଓଡ଼ିଶାର ଏକ ଅନୁଧ୍ୟାନ' ଶୀର୍ଷକ ଏକ ସାମ୍ପ୍ରତିକ ଅଧ୍ୟୟନ, ଓଡ଼ିଶାର ୪୮୦ କିଲୋମିଟରର ଲମ୍ବା ଉପକୂଳରେ ଘୂର୍ଣ୍ଣିଝଡ଼ ବିପର୍ଯ୍ୟସ୍ତ ମୁକାବିଲାରେ ସାମାଜିକ-ପରିସଂସ୍ଥୀୟ ସ୍ଥିରତାକୁ ବୃଦ୍ଧି କରିବା ପାଇଁ ରଣନୈତିକ ହସ୍ତକ୍ଷେପର ଜରୁରୀ ଆବଶ୍ୟକତା ଉପରେ ଆଲୋକପାତ କରେ। ପୂର୍ବ ଭାରତ ଉପକୂଳ ବିଶ୍ୱର ସବୁଠାରୁ ଘୂର୍ଣ୍ଣିଝଡ଼-ପ୍ରବଣ ଅଞ୍ଚଳ ମଧ୍ୟରୁ ଗୋଟିଏ ହୋଇଥିଲେ ମଧ୍ୟ ଅନ୍ୟ ପୂର୍ବ ରାଜ୍ୟ ତୁଳନାରେ ଓଡ଼ିଶା ଦୁଇଗୁଣ ଦୁର୍ବଳ ବୋଲି ରିପୋର୍ଟରେ କୁହାଯାଇଛି। ୧୮୯୧ ରୁ ୨୦୧୮ ପର୍ଯ୍ୟନ୍ତ ଓଡ଼ିଶା ଉପକୂଳ ଅତିକ୍ରମ କରିଥିବା ଘୂର୍ଣ୍ଣିଝଡ଼ ସଂଖ୍ୟା ୧୧୦ ଥିଲା, ଯାହା ସମସ୍ତ ପୂର୍ବ ଉପକୂଳ ରାଜ୍ୟ ମଧ୍ୟରେ ସର୍ବାଧିକ। ଏହି ଅଧ୍ୟୟନରୁ ଜଣାପଡ଼ିଛି ଯେ ରାଜ୍ୟର କେନ୍ଦ୍ରାପଡ଼ା ଜିଲ୍ଲାର ରାଜନଗର ବ୍ଲକର ପେଣ୍ଠ ଗ୍ରାମରେ ଭୂ-ସିନ୍ଥେଟିକ୍ ଟ୍ୟୁବ୍ କାନ୍ଥ ଏବଂ ସମସ୍ତ ଛଅଟି ଉପକୂଳ ଜିଲ୍ଲାର ବିଭିନ୍ନ ସ୍ଥାନରେ ଲୁଣାବନ୍ଧ ନିର୍ମାଣ କରାଯାଇଛି। ଏଥିରୁ ପ୍ରାପ୍ତ ଅଭିଜ୍ଞତାରୁ ବହୁତ କିଛି ଶିଖିବାର ଅଛି। ଓଡ଼ିଶାର ଉପକୂଳକୁ ସୁରକ୍ଷା ଦେବା ପାଇଁ ଓଡ଼ିଶା ରାଜ୍ୟ ଜଳସମ୍ପଦ ବିଭାଗ ୩୮୦ କିଲୋମିଟରର ଲମ୍ବା ଲୁଣାବନ୍ଧ ନିର୍ମାଣ ପାଇଁ ଏକ ଯୋଜନା ପ୍ରସ୍ତୁତ କରିଛି। ତଥାପି ଏପରି କୌଣସି ଇଞ୍ଜିନିୟରିଂ ଡିଭାଇସ୍ ବା ଯାନ୍ତ୍ରିକ ଅଭିକଳ୍ପ କେବେବି ସ୍ଥାୟୀ ସମାଧାନ ନୁହେଁ ବୋଲି ଅନୁଭବ କରାଯାଉଛି।

ରିପୋର୍ଟରେ ଘୂର୍ଣ୍ଣିବାତ୍ୟାକୁ ହ୍ରାସ କରିବା ଏବଂ ଜୀବିକା ବୃଦ୍ଧି କରିବା ପାଇଁ ଏକ ପ୍ରାକୃତିକ ସମାଧାନ ଭାବରେ ଉପକୂଳରୁ ପ୍ରାୟ ୩ କିଲୋମିଟର ଅଞ୍ଚଳ ଭିତରେ, ସ୍ଥଳ ଓ ଜଳ ମଧ୍ୟରେ ସଂଯୋଗକୁ ପୁନରୁଦ୍ଧାର କରିବାକୁ ସୁପାରିସ କରାଯାଇଛି। ଏଥିରେ ଲୁଣା ଜଙ୍ଗଲି ଉଦ୍ଭିଦ ବା ମାନଗ୍ରୋଭ, ବାଲିଆ ଭୂମିରେ ଝାଉଁ ସହିତ ଅନ୍ୟାନ୍ୟ ଜାତୀୟ ଉଦ୍ଭିଦ ଜଙ୍ଗଲର ପୁନରୁଦ୍ଧାର ଅନ୍ତର୍ଭୁକ୍ତ। ଲୁଣା ଜଙ୍ଗଲ ହେଉଛି ଲବଣ-ସହନଶୀଳ ବା ନମନୀୟ ଗୁଣ ବିଶିଷ୍ଟ ଉଦ୍ଭିଦ ଦ୍ୱାରା ବର୍ଣ୍ଣିତ ଉପକୂଳୀୟ ଇକୋସିଷ୍ଟମ୍ ବା ପରିସଂସ୍ଥା। ଭାରତରେ ଲୁଣା ଜଙ୍ଗଲ ମୁଖ୍ୟତଃ ପୂର୍ବ ଓ ପଶ୍ଚିମ ଉପକୂଳରେ ଏବଂ ଆଣ୍ଡାମାନ ଓ ନିକୋବର ଦ୍ୱୀପପୁଞ୍ଜରେ ଦେଖାଯାଏ। ପ୍ରାୟ ୬୦% ଲୁଣା ଜଙ୍ଗଲ ବଙ୍ଗୋପସାଗରର ପୂର୍ବ ଉପକୂଳରେ, ୨୭% ଆରବ ସାଗର ସୀମାନ୍ତ ପଶ୍ଚିମ ଉପକୂଳରେ ଏବଂ ୧୩% ଆଣ୍ଡାମାନ ଓ ନିକୋବର ଦ୍ୱୀପପୁଞ୍ଜରେ ଅବସ୍ଥିତ। ଗଙ୍ଗା, ବ୍ରହ୍ମପୁତ୍ର, ମହାନଦୀ, ଗୋଦାବରୀ, କୃଷ୍ଣା ଓ କାବେରୀ ନଦୀର ବିବିଧ ଭୂଭାଗ, ଢାଲ ଓ ଡେଲ୍ଟା ବା ତ୍ରିକୋଣ ଭୂମି ଅଞ୍ଚଳ ପୁଷ୍ଟିକର ଭରପୂର ପଟୁ ମାଟି ସହିତ ଲୁଣା ଜଙ୍ଗଲ ପରିସଂସ୍ଥାକୁ ସମର୍ଥନ କରେ। ଆମ ଦେଶରେ ସୁନ୍ଦରବନ (ବଙ୍ଗଳା), ଭିତରକନିକା (ଓଡ଼ିଶା), ପିଚାଭରମ୍ (ତାମିଲନାଡୁ) ଏବଂ କୃଷ୍ଣା-ଗୋଦାବରୀ (ଆନ୍ଧ୍ର ପ୍ରଦେଶ) ଡେଲ୍ଟା ଅଞ୍ଚଳ ସମେତ ବିଶ୍ୱର କିଛି ବୃହତ ଲୁଣା ଜଙ୍ଗଲ ରହିଛି। ଇଣ୍ଡିଆ ଷ୍ଟେଟ୍ ଅଫ୍ ଫରେଷ୍ଟ ରିପୋର୍ଟ ୨୦୨୩ ଅନୁଯାୟୀ, ଓଡ଼ିଶାରେ ୨୫୧ ବର୍ଗ କିଲୋମିଟରର ଲୁଣା ଜଙ୍ଗଲ ରହିଛି।

୧୯୯୯ ମହାବାତ୍ୟା ଏବଂ ପରବର୍ତ୍ତୀ ଘୂର୍ଣ୍ଣିଝଡ଼ ସମୟରେ ହୋଇଥିବା କ୍ଷୟକ୍ଷତିକୁ ସୀମିତ କରିବାରେ ଭିତରକନିକା ଅଞ୍ଚଳର ସମୃଦ୍ଧ ଲୁଣା ବନ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲା ଏବଂ ସର୍ବଶେଷ ବାତ୍ୟା ଥିଲା 'ଡାନା', ଯାହା ୨୦୨୪ ଅକ୍ଟୋବରରେ ଓଡ଼ିଶା ଉପକୂଳରେ ଆଘାତ କରିଥିଲା। ଏହାକୁ ଧ୍ୟାନରେ ରଖି ଓଡ଼ିଶା ସରକାର ଉପକୂଳବର୍ତ୍ତୀ ଅଞ୍ଚଳରେ ଅଧିକ ଲୁଣା ଜଙ୍ଗଲ ଏବଂ ଝାଉଁ ବନ ସୃଷ୍ଟିର ଆବଶ୍ୟକ ଅନୁଭବ କଲେ। ଇଣ୍ଡିଆ ଷ୍ଟେଟ୍ ଅଫ୍ ଫରେଷ୍ଟ ରିପୋର୍ଟ ୨୦୨୩ ଅନୁଯାୟୀ, ଓଡ଼ିଶାରେ କେନ୍ଦ୍ରାପଡ଼ା, ଭଦ୍ରକ, ଜଗତସିଂହପୁର, ବାଲେଶ୍ୱର ଓ ପୁରୀ ଜିଲ୍ଲାରେ ମୋଟ ୨୫୯.୦୬ ବର୍ଗ କିଲୋମିଟରର ଲୁଣା ଜଙ୍ଗଲ ଥିବା ଦାବି କରାଯାଇଛି। ଓଡ଼ିଶା ସରକାର ୨୦୨୫-୨୬ ସୁଦ୍ଧା ଆଉ ୬୩୨ ହେକ୍ଟର ଜମିରେ ଲୁଣା ଜଙ୍ଗଲ ଉଦ୍ଭିଦ ରୋପଣ କରିବାକୁ ଲକ୍ଷ୍ୟ ରଖିଛନ୍ତି। ଚାରୋଟି ବନ୍ୟପ୍ରାଣୀ ଡିଭିଜନ ରାଜନଗର, ଭଦ୍ରକ, ବାଲେଶ୍ୱର ଓ ପୁରୀରେ ବିଭିନ୍ନ ଯୋଜନା ଅଧୀନରେ ଏହି ରୋପଣ କରାଯିବ। ଲୁଣା ଜଙ୍ଗଲର ଗୁରୁତ୍ୱକୁ ଦୃଷ୍ଟିରେ ରଖି ଓଡ଼ିଶା ଚଳିତ ବର୍ଷ ପ୍ରାରମ୍ଭରେ କେନ୍ଦ୍ରକୁ ଏକ ବିସ୍ତୃତ ପ୍ରକଳ୍ପ ରିପୋର୍ଟ ମଧ୍ୟ ପ୍ରଦାନ କରିଥିଲା, ଯାହା ରାଜ୍ୟରେ ୨୦୨୪-୨୫ ରୁ ୨୦୨୮-୨୯ ପର୍ଯ୍ୟନ୍ତ ପାଞ୍ଚ ବର୍ଷ ପାଇଁ ପ୍ରାୟ ୩.୪୯ କୋଟି ଟଙ୍କା ବ୍ୟୟରେ 'ମିଷ୍ଟି' (ମ୍ୟାଙ୍ଗ୍ରୋଭ୍ ଇନିଟିଏଟିଭ୍ ଫର ଶୋରଲାଇନ୍ ହାବିଟାଟ୍ସ୍ ଆଣ୍ଡ ଟାଞ୍ଜିବଲ୍ ଇନକମ୍ସ) ଯୋଜନା ମାଧ୍ୟମରେ କାର୍ଯ୍ୟକାରୀ କରିବା ପାଇଁ କେନ୍ଦ୍ରକୁ ପ୍ରଦାନ କରିଥିଲା। ଉପରୋକ୍ତ ଚାରିଟି ଜିଲ୍ଲାରେ 'ମିଷ୍ଟି' ଯୋଜନା ଅଧୀନରେ ଓଡ଼ିଶାକୁ ୭୦ ଲକ୍ଷ ଟଙ୍କା ପ୍ରଦାନ କରାଯାଇଛି। ଏହି ଯୋଜନାରେ ଓଡ଼ିଶାରେ ମୋଟ ୮୯ ହେକ୍ଟର କ୍ଷେତ୍ର ଅନ୍ତର୍ଭୁକ୍ତ।

ଲୁଣା ଜଙ୍ଗଲ ପରିସଂସ୍ଥା ଜୈବ ବିବିଧତାରେ ସମୃଦ୍ଧ ଏବଂ ଅନେକ ଉଦ୍ଭିଦ ଓ ପ୍ରାଣୀ ଜାତିକୁ ଆଶ୍ରୟ ଦିଏ। ମହାନଦୀ ତ୍ରିକୋଣଭୂମି ଅଞ୍ଚଳରେ ଅବସ୍ଥିତ ଭିତରକନିକା ଅଭୟାରଣ୍ୟ ଓ ଜାତୀୟ ଉଦ୍ୟାନରେ ଓଡ଼ିଶାର ସର୍ବବୃହତ ଲୁଣା ଜଙ୍ଗଲ ରହିଛି। ଏହି ଅଭୟାରଣ୍ୟ ବଉଳା କୁମ୍ଭୀର, ପାଣି ଗୋଧି ଓ ଅଲିଭ୍ ରିଡଲେ ସାମୁଦ୍ରିକ କଇଁଛ ପାଇଁ ଜଣାଶୁଣା ପ୍ରାକୃତିକ ଆବାସ ଉପକୂଳ ଅଞ୍ଚଳ। ସ୍ଥାନୀୟ ନାମ ଅନୁସାରେ ପ୍ରମୁଖ ଲୁଣା ଜଙ୍ଗଲ ଉଦ୍ଭିଦ ଜାତିଗୁଡ଼ିକ ହେଉଛି ଧଳାବଣୀ, ବଡ଼ବଣୀ, ରାଇ/ରୋହି, ଗୁଆନ୍ ଗଛ, ହାରକଞ୍ଚ, କେରୁଆନ୍, ସୁନ୍ଦରୀ, ହେନ୍ତାଳ, କିଆ ଇତ୍ୟାଦି। ପ୍ଲାଙ୍କଟୋନିକ୍ ଓ ବେନ୍ଥିକ ପ୍ରାଣୀ ସମୁଦାୟ ଅର୍ଥାତ ସମୁଦ୍ର ଜଳ ମଧ୍ୟରେ ରହିଥିବା ଜୀବ ଏବଂ ପୃଷ୍ଠରେ ଭାସମାନ କ୍ଷୁଦ୍ର ଜୀବ ମଧ୍ୟ ଲୁଣା ଜଙ୍ଗଲ ପରିସଂସ୍ଥାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରନ୍ତି।

ପ୍ରକୃତି ସଂରକ୍ଷଣ ପାଇଁ ଆନ୍ତର୍ଜାତୀୟ ସଂସ୍ଥା(ଆଇୟୁସିଏନ୍) ଦ୍ୱାରା ଏକ ବିଶ୍ୱସ୍ତରୀୟ ମୂଲ୍ୟାଙ୍କନରୁ ଜଣାପଡ଼ିଛି ଯେ ବିଶ୍ୱର ଅଧା ଲୁଣା ଜଙ୍ଗଲ ପରିସଂସ୍ଥା ଧ୍ୱଂସ ପାଇବାର ଆଶଙ୍କା ରହିଛି। ଭାରତରେ ଲୁଣା ଜଙ୍ଗଲ ବିଭିନ୍ନ ବିପଦର ସମ୍ମୁଖୀନ ହେଉଛି, ଯେଉଁଥିରେ ଜଙ୍ଗଲ କ୍ଷୟ, ପ୍ରଦୂଷଣ ଓ ଜଳବାୟୁ ପରିବର୍ତ୍ତନ ଅନ୍ତର୍ଭୁକ୍ତ। ସହରାଞ୍ଚଳ ବିକାଶ, ଚିଙ୍ଗୁଡ଼ି ଚାଷ ଓ ପର୍ଯ୍ୟଟନ ଅନେକ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ବାସସ୍ଥାନ କ୍ଷତି ଓ ଅବକ୍ଷୟର କାରଣ ହୋଇଛି। ଇଣ୍ଡିଆନ୍ ଷ୍ଟେଟ୍ ଅଫ୍ ଫରେଷ୍ଟ ରିପୋର୍ଟ (୨୦୨୧) ମଧ୍ୟ ଉଲ୍ଲେଖ କରିଛି ଯେ ପ୍ରଦୂଷଣ ଓ ଲବଣାକ୍ତତା ପରିବର୍ତ୍ତନ ଲୁଣା ଜଙ୍ଗଲ ପରିସଂସ୍ଥା ପାଇଁ ଏକ ଗୁରୁତର ବିପଦ ସୃଷ୍ଟି କରେ। ଉପକୂଳ ପରିସଂସ୍ଥାର ପୁନରୁଦ୍ଧାର ପାଇଁ ଲୁଣା ଜଙ୍ଗଲର ଗୁରୁତ୍ୱକୁ ଅନୁଭବ କରି ଏକ ସ୍ଥାୟୀ ସମାଧାନ ପାଇଁ ଆଗକୁ ବହୁତ କିଛି କରିବାକୁ ପଡ଼ିବ। ଲୁଣା ଜଙ୍ଗଲ ହେଉଛି ବିପର୍ଯ୍ୟସ୍ତ ଉପକୂଳ ପାଇଁ ଏକ ପ୍ରାକୃତିକ ସବୁଜ ସୁରକ୍ଷା କବଚ।

(ସଭାପତି, ଓଡ଼ିଶା ପରିବେଶ ସମିତି)
ଭୁବନେଶ୍ୱର, ମୋ: ୯୪୩୭୧୯୦୪୨୦

# ଉଚ୍ଚଶିକ୍ଷାର ବାତାବରଣ

**ଡ. ମନୋଜ କୁମାର ମହାନ୍ତି**

ମାନବ ସମାଜ ପାଇଁ ଶିକ୍ଷା, ଶିକ୍ଷକ ଓ ଶିକ୍ଷାନୁଷ୍ଠାନର ଗୁରୁତ୍ୱପୂର୍ଣ୍ଣ ଭୂମିକା ଯୁଗେଯୁଗେ ରହି ଆସିଛି। ଇତିମଧ୍ୟରେ ଶିକ୍ଷାନୁଷ୍ଠାନର ସଂଖ୍ୟା, ଆକାର ଓ ପ୍ରକାର ବଦଳିଛି। ଏସବୁ ସତ୍ତ୍ୱେ ଅନେକ ସମୟରେ ଚର୍ଚ୍ଚାର ବିଷୟ ସାଜେ ଉଚ୍ଚଶିକ୍ଷାର ଗୁଣାତ୍ମକ ମାନକୁ ନେଇ। ମାଳମାଳ ଶିକ୍ଷାନୁଷ୍ଠାନ ସହିତ ସ୍ନାତକ ଡିଗ୍ରୀଧାରୀଙ୍କ ସଂଖ୍ୟା ଦିନକୁଦିନ ବଢ଼ି ଚାଲିଛି। କିନ୍ତୁ ଛାତ୍ରଛାତ୍ରୀଙ୍କ ମଧ୍ୟରେ ସେତିକି ମାତ୍ରାରେ ବ୍ୟକ୍ତିତ୍ୱର ବିକାଶ ହୋଇପାରୁନାହିଁ।

ଶିକ୍ଷାର ଗୁଣାତ୍ମକମାନ ଧୀରେଧୀରେ କୁଆଡ଼େ ଯାଉଛି ଭାବିଲେ କଷ୍ଟଲାଗେ। ଉଚ୍ଚଶିକ୍ଷା ବିଭାଗ ଏହି ବିପର୍ଯ୍ୟୟକୁ ହୃଦୟଙ୍ଗମ କରୁନାହିଁ ବୋଲି ସମ୍ଭବତଃ ଉଚିତ୍ ପଦକ୍ଷେପ ନେଇପାରୁନାହିଁ। ଉଚ୍ଚଶିକ୍ଷା ଏବେ କେବଳ ଅର୍ଥ ଉପାର୍ଜନରେ ବ୍ୟସ୍ତ। ଆବେଦନ, ପ୍ରବେଶଗ୍ରହଣ, ପରୀକ୍ଷା ପାଇଁ ଫର୍ମପୂରଣ, ତା'ପରେ ପରୀକ୍ଷା, ମୂଲ୍ୟାୟନ ଓ ଶେଷରେ ପରୀକ୍ଷା ଫଳାଫଳ। ଏହା ହିଁ ଆଜିର ଶିକ୍ଷାବ୍ୟବସ୍ଥା। ଗଣମାଧ୍ୟମରେ ଅନେକ ତର୍କବିତର୍କ ସତ୍ତ୍ୱେ ସେତେଟା ଉନ୍ନତି ପରିଲକ୍ଷିତ ହେଉନାହିଁ। ଅଧିକାଂଶ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ଶିକ୍ଷାନୁଷ୍ଠାନ, ଶିକ୍ଷା ଓ ଶିକ୍ଷକଙ୍କ ପ୍ରତି ସେମିତି ଆନୁଗତ୍ୟ ଦେଖିବାକୁ ମିଳୁନାହିଁ। ଯେକୌଣସି ଉପାୟରେ ଅଧିକ ମାର୍କ ସହ ପ୍ରମାଣପତ୍ର ହାତେଇବା ଲକ୍ଷ୍ୟରେ ସେମାନେ ବ୍ୟସ୍ତ। ଅଧ୍ୟାପନାରେ ଅଧ୍ୟାପକ/ଅଧ୍ୟାପିକାଙ୍କର ଧ୍ୟାନ କମିବାରେ ଲାଗୁଛି। ତା'ର ମୁଖ୍ୟକାରଣ ଶୈକ୍ଷିକ ବାତାବରଣର ଅଭାବ। ଅଧିକାଂଶ ପିଲା ଓ ଅଭିଭାବକମାନଙ୍କ ମନରେ ଏକପ୍ରକାର ଧାରଣା ଜନ୍ମିସାରିଛି ଯେ ମହାବିଦ୍ୟାଳୟକୁ ଯିବାର କିଛି ଆବଶ୍ୟକତା ନାହିଁ। ଘରୋଇ ଟିଉସନ୍ ଓ କୋଚିଂ ଦ୍ୱାରା ସବୁକିଛି ସମ୍ଭବ। ସେହିପରି ପିଲାମାନଙ୍କର କ୍ଲାସରେ ଉପସ୍ଥାପନ ପଚାଶ ପ୍ରତିଶତରୁ କମ୍ ଦେଖିବାକୁ ମିଳୁଛି। ଏହା ପଛରେ ସବୁଠୁ ବଡ଼କାରଣ ପରୀକ୍ଷା ଓ ମୂଲ୍ୟାୟନ ପ୍ରକ୍ରିୟାରେ ଅଧ୍ୟାପକ/ଅଧ୍ୟାପିକାମାନଙ୍କର ଦାୟିତ୍ୱହୀନତା। ଯାହାଦ୍ୱାରା ଉଚ୍ଚଶିକ୍ଷା ନିମ୍ନଗାମୀ ହେବାରେ ଲାଗିଛି।

ଯେଉଁଦିନ ଅଧ୍ୟାପକ ସମାଜ ଅଧ୍ୟାପନା ଓ ପରୀକ୍ଷା ମୂଲ୍ୟାୟନ ପ୍ରତି କଠୋର ହେବେ ସେଦିନ ହିଁ ଶିକ୍ଷାର ଗୁଣାତ୍ମକମାନ ବୃଦ୍ଧି ହେବ। ଉଚ୍ଚଶିକ୍ଷାରେ କ୍ରମାଗତଭାବେ ପ୍ରବେଶଗ୍ରହଣ ଚାଲୁ ରହିଲେ ଶିକ୍ଷାଗ୍ରହଣ ଓ ଶିକ୍ଷାଦାନ ମଧ୍ୟ ପ୍ରଭାବିତ ହେବ। ଶିକ୍ଷାବିଭାଗର ପ୍ରଶାସନ ତରଫରୁ ଏକ ନିର୍ଦ୍ଧାରିତ ସମୟ ମଧ୍ୟରେ ପ୍ରବେଶଗ୍ରହଣ ଶେଷ କରାଇବାକୁ ପ୍ରୟାସ କଲେ ଛାତ୍ରଛାତ୍ରୀମାନେ କ୍ଲାସ କରିବାରୁ ବଞ୍ଚିତ ହେବେନାହିଁ। ଶିକ୍ଷାର ଗୁଣାତ୍ମକମାନ ହ୍ରାସର ପ୍ରମୁଖ କାରଣ ପରୀକ୍ଷାପତ୍ର ମୂଲ୍ୟାୟନ ପ୍ରକ୍ରିୟା, ଯାହା ଅଧ୍ୟାପନା ଓ ଛାତ୍ରଛାତ୍ରୀଙ୍କ ଅଧ୍ୟୟନ ଅନାଗ୍ରହ ଉପରେ ଗଭୀର ପ୍ରଭାବ ପକାଉଛି। ଆଗଭଳି ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ପରୀକ୍ଷାକୁ ନେଇ ଭୟ ନାହିଁ। ସେମାନେ ଭଲଭାବେ ଜାଣିସାରିଲେଣି ଅକୃତକାର୍ଯ୍ୟ ହେବାର କୌଣସି ଆଶଙ୍କା ନାହିଁ। କ୍ଲାସ ହେଉ କି ନ ହେଉ ପାଠ୍ୟକ୍ରମ ସରୁ କି ନ ସରୁ କିନ୍ତୁ ପରୀକ୍ଷା ହେବ। ପରୀକ୍ଷାରେ ଲେଖୁକି ନଲେଖୁ କିନ୍ତୁ ପାସ କରାଇବା ଦାୟିତ୍ୱ ଅଧ୍ୟାପକମାନଙ୍କର। ବିଶ୍ୱବିଦ୍ୟାଳୟ, ମହାବିଦ୍ୟାଳୟ ଓ ଅଧ୍ୟାପକମାନଙ୍କର ପ୍ରଥମ କର୍ତ୍ତବ୍ୟ ହେଉଛି ମହାବିଦ୍ୟାଳୟରେ ପ୍ରବେଶ କରିଥିବା ଛାତ୍ରଛାତ୍ରୀ କିପରି ଉତ୍ତୀର୍ଣ୍ଣ ହେବେ ସେଥିପ୍ରତି ଧ୍ୟାନ ଜରୁରୀ। କାରଣ ପିଲାଙ୍କ ପାସ ଉପରେ ପ୍ରତ୍ୟେକ ମହାବିଦ୍ୟାଳୟର ଭବିଷ୍ୟତ ନିର୍ଭର କରେ।

ପରୀକ୍ଷା ପ୍ରଶ୍ନପତ୍ର ମୂଲ୍ୟାୟନ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିଷୟ। ପରୀକ୍ଷା ଖାତା ମୂଲ୍ୟାୟନ କେନ୍ଦ୍ରର ନିର୍ଦ୍ଧାରିତ ସମୟ ମଧ୍ୟରେ ଉତ୍ତର ପତ୍ରକୁ ସାରିବାକୁ ପଡ଼ିଥାଏ। ଉଚ୍ଚଶିକ୍ଷାର ନିୟମ ଅନୁଯାୟୀ ପ୍ରତିଦିନ ପ୍ରଶ୍ନପତ୍ର ୨୫ ଖଣ୍ଡ ନିର୍ଦ୍ଧାରିତ ହୋଇଥାଏ। କିନ୍ତୁ ଅଧ୍ୟାପକ/ଅଧ୍ୟାପିକାମାନେ ନିୟମିତ ଭାବେ ପ୍ରତିଦିନ ଖାତା ଦେଖନ୍ତି କି? ଯଦି ଏହା ସତ୍ୟ ତେବେ ଦିନକୁ ୧୦୦ ରୁ ୧୨୦ଖଣ୍ଡ, କିଏ ୭୦ରୁ ୮୦ଖଣ୍ଡ ପୁଣି କେହି ୫୦ ରୁ ୬୦ଖଣ୍ଡ ଖାତା ମୂଲ୍ୟାୟନ କରିବାର ଆତ୍ମବଡ଼ିମା କାହିଁକି? ଏମିତି ବି କେହିକେହି ୨/୩ ଘଣ୍ଟାରେ ୭୦/୮୦ ଖାତା ମୂଲ୍ୟାୟନ କରିପାରନ୍ତି - ଭାବିଲେ ବିସ୍ମୟ ଲାଗେ। ପରୀକ୍ଷାଖାତା ପଢ଼ିବାକୁ କାହା ପାଖରେ ସମୟ ନାହିଁ କି ଆନ୍ତରିକତା ମଧ୍ୟ ନାହିଁ। ମୂଲ୍ୟାୟନ କେବଳ ଖାତାର ପୃଷ୍ଠାସଂଖ୍ୟାକୁ ଆଧାରରେ କରାଯାଏ। ଯେ ଯେତେ ଅଧିକ ଲେଖିଛି ସେ ସେତେ ଅଧିକ ଅଙ୍କ ପାଇବ - ଏହା ସ୍ପଷ୍ଟଭାବରେ ଦେଖିବାକୁ ମିଳେ। ସେଇ ଗୋଟିଏ ଉତ୍ତର ଭିନ୍ନଭିନ୍ନ ଭାବେ ଏଠିସେଠି ପୁନରାବୃତ୍ତି ସତ୍ତ୍ୱେ ଅଙ୍କ ମିଳିବା ଥୟ। କେହିକେହି ନିଜ ବିଷୟ ପରୀକ୍ଷା ଖାତାରେ ଅନ୍ୟ ବିଷୟକୁ ଲେଖି ଅଙ୍କ ନେବାରେ ସଫଳ ହେଉଛନ୍ତି। ପିଲାମାନେ ବୁଝିସାରିଲେଣି ପାଠ ନପଢ଼ି କ୍ଲାସ ନକରି ଯଦି ପାସ ତେବେ କ୍ଲାସ କରିବାରେ କିଛି ଆବଶ୍ୟକତା ନାହିଁ। ଅଧ୍ୟାପକ/ଅଧ୍ୟାପିକାମାନେ ବି ମାନସିକସ୍ତରରେ ଆଶ୍ୱସ୍ତ ହେଲେଣି ଯଦି ପିଲାମାନେ କ୍ଲାସ ନ ଆସି କୃତକାର୍ଯ୍ୟ ହେଇପାରୁଛନ୍ତି ତେବେ କ୍ଲାସ କରିବାର କିଛି ଆବଶ୍ୟକତା ନାହିଁ।

ଏଠି ସମସ୍ତେ ଚିତ୍କାର କରନ୍ତି; ରକ୍ଷା କର ରକ୍ଷା କର। ହେଲେ କିଏ କାହାକୁ ରକ୍ଷା କରୁଛି! ଶିକ୍ଷାର ଗୁଣାତ୍ମକମାନ ବୃଦ୍ଧି ପାଇଛି କି ହ୍ରାସ ପାଇଛି ତାହା ଶିକ୍ଷାବିଭାଗର ପ୍ରଶାସନ ଦୃଷ୍ଟି ଦେବେ। କିନ୍ତୁ ଉଚ୍ଚଶିକ୍ଷା ବିଭାଗ ଧୃତରାଷ୍ଟ୍ର ହୋଇ ସବୁ ଶୁଣୁଛନ୍ତି। ବିଶୃଙ୍ଖଳିତ ଛାତ୍ରଛାତ୍ରୀଙ୍କୁ ନିୟନ୍ତ୍ରଣ ଏବଂ ସଠିକ୍ ମାର୍ଗକୁ ଆଣିବାକୁ ହେଲେ ଉଚ୍ଚଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି ସହ ଭବିଷ୍ୟତ ପାଇଁ ପରୀକ୍ଷା ଓ ମୂଲ୍ୟାୟନକୁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଭାବେ ଗ୍ରହଣ କରିବା ଆବଶ୍ୟକ। ଏଥିସହିତ ପ୍ରଶାସନିକ ସ୍ତରରେ ଉପଯୁକ୍ତ ପଦକ୍ଷେପ ଓ କାର୍ଯ୍ୟାନୁଷ୍ଠାନ ଗ୍ରହଣ କଲେ ନିଶ୍ଚିତ ଭାବରେ ଉଚ୍ଚଶିକ୍ଷା କ୍ଷେତ୍ରରେ ପରିବର୍ତ୍ତନ ଆସିବ।

(ଅଧ୍ୟାପକ, ବିଏନମଏ ମହାବିଦ୍ୟାଳୟ)
ଭଦ୍ରକ, ମୋ ୮୮୯୫୩୪୧୦୩୩

# ଲକ୍ଷ୍ମୀଭଦ୍ର ମଠ

**ସ୍ୱପ୍ନେଶ୍ୱର**

## ଲୋକକଥାରେ ଲୋକଦେବତା

ମହାପ୍ରଭୁ ଜଗନ୍ନାଥଙ୍କ ମହିମା ସାରା ଭାରତରେ ବ୍ୟାପିଗଲା। ଦେଶର କୋଣ ଅନୁକୋଣରୁ ଭକ୍ତମାନଙ୍କ ଶ୍ରୀକ୍ଷେତ୍ରକୁ ନିରନ୍ତର ଆଗମନ ବଢ଼ିବାରେ ଲାଗିଲା। ବୈଷ୍ଣବ, ଶୈବ, ଶାକ୍ତ, ଗାଣପତ୍ୟ- ସମସ୍ତେ ମହାପ୍ରଭୁଙ୍କୁ ଇଷ୍ଟ ରୂପେ ଆରାଧନା କରିବାକୁ ଲାଗିଲେ। ମହାପ୍ରଭୁ ପୂର୍ଣ୍ଣବ୍ରହ୍ମ, ବିଷ୍ଣୁ ଓ ତାଙ୍କର ବିଭିନ୍ନ ଅବତାର, ଗଣେଶ ଓ ଦକ୍ଷିଣ କାଳୀ ରୂପେ ଉପସ୍ଥାପିତ ହେଲେ। ତାନ୍ତ୍ରିକମାନେ ତାଙ୍କୁ ଶିବଭୈରବ ରୂପେ ଗ୍ରହଣ କଲେ।

ଲକ୍ଷ୍ମୀଭଦ୍ର ସ୍ୱାମୀ ନାମକ ଜଣେ ସିଦ୍ଧ ଦଶନାମୀ ସନ୍ନ୍ୟାସୀ ଶୁଣିବାକୁ ପାଇଲେ ଯେ ସର୍ବଦେବମୟ ପୂର୍ଣ୍ଣବ୍ରହ୍ମ ଶ୍ରୀଜଗନ୍ନାଥ ଦାରୁ ସ୍ୱରୂପରେ ନୀଳାଚଳରେ ଆରାଧିତ ହେଉଛନ୍ତି। ତାଙ୍କ ପାଇଁ ସବୁଠାରୁ ଆଶ୍ଚର୍ଯ୍ୟର କଥା ଥିଲା ଯେ ମହାପ୍ରଭୁ ଦାରୁରେ ନିର୍ମିତ ହୋଇଥିଲେ ମଧ୍ୟ ତାଙ୍କ ଶ୍ରୀଅଙ୍ଗର ଅଭ୍ୟନ୍ତରରେ ବ୍ରହ୍ମ ବିଦ୍ୟମାନ କରୁଛନ୍ତି। ସେ ବ୍ରହ୍ମ ପଦାର୍ଥ ପରସ୍ତ ପରସ୍ତ କରି ପାଟ କନାରେ ଗୁଡ଼ା ହୋଇ ରହିଥିବାରୁ ତାଙ୍କୁ କେହି ଦର୍ଶନ ବା ସ୍ପର୍ଶ କରି ପାରନ୍ତି ନାହିଁ। ସେହି ବ୍ରହ୍ମ ପଦାର୍ଥକୁ ଦର୍ଶନ ଓ ସ୍ପର୍ଶ କରିବା ପାଇଁ ତାଙ୍କ ମନରେ ଆଗ୍ରହ ସୃଷ୍ଟି ହେଲା। ତେଣୁ ସେ ତାଙ୍କର ଚାରିଜଣ ଶିଷ୍ୟଙ୍କ ସହ ଶ୍ରୀକ୍ଷେତ୍ରରେ ପହଞ୍ଚିଲେ। ସେମାନେ କେବେ ବସୁ ନ ଥିଲେ ବା ଶୋଉ ନ ଥିଲେ। ଅହରହ ଠିଆ ହୋଇ ରହୁଥିବାରୁ ସେମାନଙ୍କୁ 'ଠାଡାମ୍ବରୀ ସନ୍ନ୍ୟାସୀ' ବୋଲି କୁହା ଯାଉଥିଲା।

ଶ୍ରୀକ୍ଷେତ୍ରରେ ପହଞ୍ଚି ମହାପ୍ରଭୁଙ୍କ ପୂଜା, ରୀତିନୀତି ଓ ପର୍ବପର୍ବାଣୀ ବିଷୟରେ ଖବର ସଂଗ୍ରହ କରିବାକୁ ଲାଗିଲେ। ସେ ଜାଣିବାକୁ ପାଇଲେ ଯେ ରଥଯାତ୍ରା ପୂର୍ବରୁ ପନ୍ଦର ଦିନ ପର୍ଯ୍ୟନ୍ତ ଠାକୁରମାନେ ନିଭୃତ ବାସ କରନ୍ତି। ସେ ସମୟରେ ସାଧାରଣ ଭକ୍ତଙ୍କ ଦର୍ଶନ ବାରଣ ଥାଏ। ସେହି ସମୟରେ ବ୍ରହ୍ମ ଦର୍ଶନ ପାଇଁ ଚେଷ୍ଟା କରିବେ ବୋଲି ସେ ଚିନ୍ତା କରୁଥିଲେ। କିନ୍ତୁ ଜାଣିବାକୁ ପାଇଲେ ଯେ ବ୍ରହ୍ମ ପଦାର୍ଥ ମହାପ୍ରଭୁଙ୍କ ଶ୍ରୀଅଙ୍ଗର ବ୍ରହ୍ମ ରନ୍ଧ୍ରରେ ରଖାଯାଇ ସେ ଯାଗାକୁ ବ୍ରହ୍ମ କପାଟଦ୍ୱାରା ବନ୍ଦ କରା ଯାଇଛି। କେବଳ ନବ କଳେବର ସମୟରେ ବ୍ରହ୍ମ କପାଟ ଖୋଲା ଯାଇ ବ୍ରହ୍ମ ପଦାର୍ଥ ପୁରାତନ ବିଗ୍ରହରୁ ନୂତନ ବିଗ୍ରହକୁ ସ୍ଥାନାନ୍ତରିତ ହୁଅନ୍ତି। ସେ ସମୟରେ ମାତ୍ର କେତେ ମୁହୂର୍ତ୍ତ ପାଇଁ ବ୍ରହ୍ମ ପଦାର୍ଥ ବାହାରେ ରହନ୍ତି। ସେ ସମୟରେ ତାଙ୍କୁ ଦର୍ଶନ ଓ ସ୍ପର୍ଶ କରିବା ପାଇଁ ଉଦ୍ୟମ କଲେ, ସଫଳ ହେବାର ସମ୍ଭାବନା ଅଧିକ ବୋଲି ଲକ୍ଷ୍ମୀଭଦ୍ର ଭାବିଲେ। ବ୍ରହ୍ମ ଦର୍ଶନ ପାଇଁ ତାଙ୍କ ମନରେ ସୃଷ୍ଟି ହୋଇଥିବା ଆଗ୍ରହ ଓ କୌତୁହଳ ଏତେ ବେଶି ଥିଲା ଯେ ସେ ପରବର୍ତ୍ତୀ ନବ କଳେବର ପର୍ଯ୍ୟନ୍ତ ଅପେକ୍ଷା କରି ରହିଲେ।

ନବକଳେବର ସମୟ ଆସି ପହଞ୍ଚିଲା। ବିଗ୍ରହ ନିର୍ମାଣ ଶେଷ ହେବା ପରେ ବ୍ରହ୍ମ ପରିବର୍ତ୍ତନର ଦିନ ଆସି ପହଞ୍ଚିଲା। ସେ ଦିନ ମଧ୍ୟରାତିରେ ପରିବର୍ତ୍ତନ ହେବା କଥା। ସାରା ସହରରେ ଅନ୍ଧକାର ରାଜତ୍ୱ କଲା। ବ୍ରହ୍ମ ପରିବର୍ତ୍ତନ ଦାୟିତ୍ୱରେ ଥିବା ଅଳ୍ପ କେତେକ ସେବକଙ୍କୁ ଛାଡ଼ି ଦେଲେ ମନ୍ଦିର ବେଢ଼ାରୁ ଅନ୍ୟ ସମସ୍ତଙ୍କୁ ବାହାର କରି ଦିଆଗଲା। ଲକ୍ଷ୍ମୀଭଦ୍ର ଥିଲେ ପରମ ତାନ୍ତ୍ରିକ। ସେ ତନ୍ତ୍ର ବଳରେ ନିଜର ଶରୀରକୁ ସୂକ୍ଷ୍ମାତିସୂକ୍ଷ୍ମ କରି ଅନବସର ଗୃହରେ ପ୍ରବେଶ କଲେ। ସେଠାରେ ଉପସ୍ଥିତ ସେବକମାନେ ତାଙ୍କ ଉପସ୍ଥିତି ବିଷୟରେ ବିନ୍ଦୁବିସର୍ଗ ଜାଣି ପାରିଲେ ନାହିଁ। ସାଧୁ ସୂକ୍ଷ୍ମ ଶରୀରରେ ରହି ସବୁ ଦେଖୁଥିଲେ। ନୂତନ ବିଗ୍ରହମାନେ ଦାରୁଶାଳାରୁ ପହଣ୍ଡିରେ ଆସି ପୁରାତନ ବିଗ୍ରହମାନଙ୍କ ସମ୍ମୁଖରେ ବିଜେ କଲେ। ପୁରାତନ ବିଗ୍ରହର ବ୍ରହ୍ମ କପାଟ ଖୋଲା ଗଲା। ତା'ପରେ ବ୍ରହ୍ମ ରନ୍ଧ୍ର ଭିତରୁ ଏକ ପ୍ରଚଣ୍ଡ ଜ୍ୟୋତି ନିର୍ଗତ ହେଲା। ସେ ଜ୍ୟୋତିର ପ୍ରଭାବ ଏତେ ପ୍ରଖର ଥିଲା ଯେ ଲକ୍ଷ୍ମୀଭଦ୍ର ନିଜର ଦୃଷ୍ଟିଶକ୍ତି ହରାଇ ବସିଲେ। କିନ୍ତୁ ତାଙ୍କର ଅନୁଭବ ହେଉ ଥିଲା ଯେ ସେବକମାନେ ତା'ଦ୍ୱାରା ପ୍ରଭାବିତ ହୋଇ ନ ଥିଲେ ଏବଂ ନିଜ ନିଜର କାର୍ଯ୍ୟ କରି ଚାଲି ଥିଲେ।

ସାଧୁ ମହାପ୍ରଭୁଙ୍କ ଶରଣ ପଶି କ୍ଷମା ପ୍ରାର୍ଥନା କଲେ। କ୍ଷମାସାଗର ମହାପ୍ରଭୁ ତାଙ୍କୁ କ୍ଷମା କରି ଦେବା ପରେ ସେ ସାମାନ୍ୟ ଆଖି ଖୋଲି ଦେଖିଲେ ଯେ ସେବାୟତମାନେ ସେଠାରେ ନ ଥିଲେ। ଆଠ ଜଣ ପରମା ସୁନ୍ଦରୀ କନ୍ୟା ମହାପ୍ରଭୁଙ୍କର ସେବା କରୁଥିଲେ। ସେମାନଙ୍କୁ ଦେଖି ସାଧୁଙ୍କର ଭାବାନ୍ତର ସୃଷ୍ଟି ହେଲା ଏବଂ ତାଙ୍କର ସମସ୍ତ ତନ୍ତ୍ର ଶକ୍ତି ହାର ମାନିଥିଲା ବୋଲି ତାଙ୍କର ହୃଦ୍‌ବୋଧ ହେଲା। ଏହାପରେ ବାକି ଜୀବନ କ୍ଷେତ୍ରବାସୀ ହୋଇ ମହାପ୍ରଭୁଙ୍କ ଆରାଧନାରେ ଜୀବନ ସମର୍ପଣ କରିବା ପାଇଁ ସଙ୍କଳ୍ପ କଲେ। ସେ ସେଠାରେ ଏକ ଆଶ୍ରମ ନିର୍ମାଣ କରି ଶିଷ୍ୟମାନଙ୍କ ସହ ବାସ କଲେ। ପରବର୍ତ୍ତୀ ସମୟରେ ସେ ଆଶ୍ରମ ଲକ୍ଷ୍ମୀଭଦ୍ର ମଠ ନାମରେ ବିଖ୍ୟାତ ହେଲା।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବି ସୁଦର୍ଶନ...

ବିରୋଧୀ ଦଳ ଏକାଠି ହୋଇ ଏହାର ମୁକାବିଲା କରନ୍ତି। ଏନ୍‌ଡିଏର ମୁକାବିଲା ଲାଗି ବିରୋଧୀ ମିଳିତ ହୋଇ ସର୍ବସମ୍ମତିକ୍ରମେ ରେଡ୍ଡୀଙ୍କୁ ପ୍ରାର୍ଥୀ କରିଛନ୍ତି।

୧୯୪୬ରେ ଆନ୍ଧ୍ର ପ୍ରଦେଶରେ ଜନ୍ମ ଗ୍ରହଣ କରିଥିବା ସୁଦର୍ଶନ ରେଡ୍ଡୀ ୧୯୯୫ରେ ଆନ୍ଧ୍ର ପ୍ରଦେଶ ହାଇକୋର୍ଟର ସ୍ଥାୟୀ ବିଚାରପତି ନିଯୁକ୍ତ ହୋଇଥିଲେ। ୨୦୦୫ରେ ସେ ଗୌହାଟୀ ହାଇକୋର୍ଟର ମୁଖ୍ୟ ବିଚାରପତି ହୋଇଥିଲେ। ୨୦୦୭ରେ ତାଙ୍କୁ ସୁପ୍ରିମକୋର୍ଟ ବିଚାରପତି ଭାବେ ନିଯୁକ୍ତ କରାଯାଇଥିଲା। ୨୦୧୧ରେ ସେ ଅବସର ଗ୍ରହଣ କରିଥିଲେ।

ଉଭୟ ରାଧାକ୍ରିଷ୍ଣନ ଏବଂ ସୁଦର୍ଶନ ସମସ୍ତ ରାଜନୈତିକ ଦଳଙ୍କୁ ନିଜ ନିଜ ସପକ୍ଷରେ ଭୋଟ୍ ଦେବାଲାଗି ଅନୁରୋଧ କରିଛନ୍ତି। ଏହି ନିର୍ବାଚନରେ ଏନ୍‌ଡିଏ ପ୍ରାର୍ଥୀ ରାଧାକ୍ରିଷ୍ଣନ ଜିତିବା ପ୍ରାୟ ନିଶ୍ଚିତ ଥିବା ବେଳେ ଦୁଇ ପ୍ରାର୍ଥୀଙ୍କ ମନୋନୟନ ନେଇ ବଡ଼ ଧରଣର ରାଜନୀତି ଆରମ୍ଭ ହୋଇଯାଇଛି। ୬୮ ବର୍ଷୀୟ ରାଧାକ୍ରିଷ୍ଣନ ଏନ୍‌ଡିଏର ପ୍ରାର୍ଥୀ ଏବଂ ତାଙ୍କ ଘର ହେଉଛି ତାମିଲନାଡୁ। ତାମିଲନାଡୁରେ କ୍ଷମତାସୀନ ଡିଏମକେ (ଯିଏକି ବିରୋଧୀ ମେଣ୍ଟର ପ୍ରମୁଖ ଅଂଶୀଦାର ରହିଛି) ରାଧାକ୍ରିଷ୍ଣନଙ୍କୁ ବିରୋଧ କରିବ ନା ସମର୍ଥନ କରିବ ଅବା ମତଦାନରୁ ବିରତ ରହିବ ତାହାକୁ ନେଇ କଳ୍ପନାଜଳ୍ପନା ଆରମ୍ଭ ହୋଇଯାଇଛି। ରାଧାକ୍ରିଷ୍ଣନଙ୍କୁ ବିରୋଧ କଲେ ରାଜ୍ୟରେ ଭୁଲ ବାର୍ତ୍ତା ଯିବ ଏବଂ ସମର୍ଥନ କଲେ ଇଣ୍ଡିଆ ବ୍ଲକରେ ଫାଟ ସୃଷ୍ଟି ହେବ। ଏହାକୁ ନେଇ ଡିଏମକେ ଦ୍ୱନ୍ଦ୍ୱରେ ରହିଛି। ସେହିଭଳି ୭୯ ବର୍ଷୀୟ ସୁଦର୍ଶନଙ୍କୁ ନେଇ ଆନ୍ଧ୍ରରେ କ୍ଷମତାସୀନ ଟିଡିପି ମଧ୍ୟ ଦ୍ୱନ୍ଦ୍ୱରେ। କାରଣ ଟିଡିପି ଏନ୍‌ଡିଏର ଅଂଶୀଦାର ଥିବା ବେଳେ ସେହି ରାଜ୍ୟର ପ୍ରାର୍ଥୀଙ୍କୁ ବିରୋଧ କରିବା ଏତେ ସହଜ ହେବନାହିଁ। ପୁଣି ସୁଦର୍ଶନ ଦୀର୍ଘ ବର୍ଷ ଧରି ଟିଡିପି ସହିତ ସଂପୃକ୍ତ ଅଛନ୍ତି। ସେ ଟିଡିପିର ସମସ୍ତ ଆଇନଗତ ମାମଲା ପରିଚାଳନା କରୁଥିଲେ। କେବଳ ଏତିକି ନୁହେଁ, ଟିଡିପିର ସୁପ୍ରିମୋ ଚନ୍ଦ୍ରବାବୁ ନାଇଡୁଙ୍କର ସେ ହେଉଛନ୍ତି ଖାସ୍ ଲୋକ। ତେଣୁ ତାଙ୍କୁ ନେଇ ଦ୍ୱନ୍ଦ୍ୱରେ ପଡ଼ିଯାଇଛି ଟିଡିପି। ଏନ୍‌ଡିଏ ପ୍ରାର୍ଥୀ ରାଧାକ୍ରିଷ୍ଣନଙ୍କୁ ଆନ୍ଧ୍ରର ଅନ୍ୟତମ ଦଳ ଜଗନ ରେଡ୍ଡୀଙ୍କ ୱାଇଏସ୍ଆର କଂଗ୍ରେସ ଏବଂ ଚନ୍ଦ୍ରଶେଖର ରାଓଙ୍କ ବିଆରଏସ୍ ସମର୍ଥନ ଘୋଷଣା କରିଥିଲେ ମଧ୍ୟ ସୁଦର୍ଶନଙ୍କ ପ୍ରାର୍ଥିତ୍ୱ ଘୋଷଣା କରେ ସେମାନେ ମଧ୍ୟ ଦ୍ୱନ୍ଦ୍ୱରେ ପଡ଼ିଯାଇଛନ୍ତି। ତେବେ ସେମାନେ ମଧ୍ୟ ମତ ପରିବର୍ତ୍ତନ କରିପାରନ୍ତି ବୋଲି କୁହାଯାଉଛି।

### ରେଳଯାତ୍ରୀ ଦେବେ...

କମ୍ ଓଜନ ସତ୍ତ୍ୱେ ଏହାର ଆକାର ଅଧିକ ହୋଇଥାଏ, ତେବେ ଏଥିପାଇଁ ଯାତ୍ରୀଙ୍କୁ ଅତିରିକ୍ତ ଶୁଳ୍କ ଦେବାକୁ ପଡ଼ିବ। ଉତ୍ତର ଏବଂ ଉତ୍ତର କେନ୍ଦ୍ରୀୟ ରେଳବାଇ ଅଧୀନସ୍ଥ ଲକ୍ଷ୍ନୌ ଓ ପ୍ରୟାଗରାଜ ଡିଭିଜନର ପ୍ରମୁଖ ଷ୍ଟେସନଗୁଡ଼ିକରୁ ଏହି ନୂଆ ନିୟମ ଆରମ୍ଭ କରିବାକୁ ନିଷ୍ପତ୍ତି ହୋଇଛି। ପ୍ରଥମ ପର୍ଯ୍ୟାୟରେ ଲକ୍ଷ୍ନୌ, ଚାରବାଗ, ବନାରସ, ପ୍ରୟାଗରାଜ ଜଙ୍କସନ, କାନପୁର ସେଣ୍ଟ୍ରାଲ, ମିର୍ଜାପୁର, ଆଲିଗଡ, ଗୋବିନ୍ଦପୁରୀ ଏବଂ ଇଟାୱା ଭଳି ଷ୍ଟେସନରେ ଏହା କାର୍ଯ୍ୟକାରୀ କରାଯିବ। ଏହି ସ୍ଥାନଗୁଡ଼ିକରେ ଇଲେକ୍‌ଟ୍ରୋନିକ୍ ଲଗେଜ୍ ମେସିନ୍ ଲଗାଯିବ। ପ୍ଲାଟଫର୍ମରେ ପ୍ରବେଶ କରିବା ପୂର୍ବରୁ ବ୍ୟାଗର ଓଜନ ଏବଂ ଆକାର ଯାଞ୍ଚ କରାଯିବ। ଏ ସମ୍ପର୍କରେ ପ୍ରୟାଗରାଜ ଡିଭିଜନ ସିନିୟର ଡିଭିଜନାଲ୍ କମର୍ସିଆଲ୍ ମ୍ୟାନେଜର (ଡିସିଏମ) ହିମାଂଶୁ ଶୁକ୍ଳା କହିଛନ୍ତି ଯେ ଯାତ୍ରୀମାନଙ୍କ ଲଗେଜ୍ ଓଜନ କରାଯିବା ପରେ ସେମାନଙ୍କୁ ପ୍ଲାଟଫର୍ମକୁ ଯିବାକୁ ଅନୁମତି ଦିଆଯିବ। ଏହି ବ୍ୟବସ୍ଥା ୨୦୨୬ ଡ଼ିସେମ୍ବର ମାସରୁ ଲାଗୁ ହେବ ଏବଂ ରେଳ ଷ୍ଟେସନରେ ବିମାନବନ୍ଦର ପରି ବୋର୍ଡିଂ ପାସ୍ ବ୍ୟବସ୍ଥା ରହିବ। ଅଣ ଟ୍ରେନ୍ ଯାତ୍ରୀମାନେ ପ୍ଲାଟଫର୍ମ ଟିକେଟ ପରି ପରିଦର୍ଶକ ପାସ୍ ନେଇ ରେଳ ଷ୍ଟେସନରେ ପ୍ରବେଶ କରିବେ।

ବର୍ତ୍ତମାନ ପ୍ରଥମଶ୍ରେଣୀ ଶୀତତାପ ନିୟନ୍ତ୍ରିତ ଯାତ୍ରୀମାନେ ୭୦ କିଲୋ ପର୍ଯ୍ୟନ୍ତ ସାମଗ୍ରୀ ବିନା ଶୁଳ୍କରେ ନେଇ ପାରିବାର ବ୍ୟବସ୍ଥା ରହିଛି। ସେହିପରି ଏସି ଦ୍ୱିତୀୟ ଶ୍ରେଣୀ ଯାତ୍ରୀମାନେ ୫୦ କିଲୋ, ଏସି ତୃତୀୟ ଶ୍ରେଣୀ ଓ ସ୍ଲିପର ଯାତ୍ରୀଙ୍କ ପାଇଁ ଏହି ସୀମା ୪୦ କିଲୋ ରହିଛି। ସାଧାରଣ ଯାତ୍ରୀ ସାଥୀରେ ସର୍ବାଧିକ ୩୫ କିଲୋ ସାମଗ୍ରୀ ନେଇ ପାରିବେ। ଏହାଠାରୁ ଅଧିକ ଓଜନର ସାମଗ୍ରୀ ସାଥୀରେ ନେଲେ ସମ୍ପୃକ୍ତ ଯାତ୍ରୀଙ୍କୁ ଧାର୍ଯ୍ୟ ଲଗେଜ୍ ଓଜନ ବ୍ୟତିରେକ ଅବଶିଷ୍ଟ ଓଜନ ନିମନ୍ତେ ଦେୟ ଦେବାକୁ ପଡ଼ିବ।

### ରାମେଶ୍ୱର-ଟାଙ୍ଗୀ...

ଏହା ସଂଯୋଗ କରିବ। ଏହି ଉନ୍ନତ ସଡ଼କ କରିଡର ୧୦ଟି ଆର୍ଥିକ କେନ୍ଦ୍ର, ୪ଟି ସାମାଜିକ କେନ୍ଦ୍ର, ୫ଟି ଲଜିଷ୍ଟିକ୍ସ କେନ୍ଦ୍ରକୁ ଯୋଡ଼ିବା ସହିତ ଗୋଟିଏ ପ୍ରମୁଖ ରେଳ ଷ୍ଟେସନ, ବିମାନ ବନ୍ଦର ଓ ବହୁମୁଖୀ ଲଜିଷ୍ଟିକ୍ସ ପାର୍କ (ଏମଏମଏଲପି) ଏବଂ ୨ଟି ପ୍ରମୁଖ ବନ୍ଦରକୁ ସଡ଼କ ସଂଯୋଗ ଯୋଗାଇ ଦେବ। ଏହାଦ୍ୱାରା ସ୍ଥାନୀୟ ଅଞ୍ଚଳରେ ସାମଗ୍ରୀ ଓ ଯାତ୍ରୀଙ୍କର ଦ୍ରୁତ ପରିବହନ ନିମନ୍ତେ ସୁବିଧା ମିଳିବ।

କୋଲକାତାରୁ ଜାତୀୟ ରାଜପଥ-୧୬ ଦେଇ ଆସୁଥିବା ଯାତ୍ରୀ ଟାଙ୍ଗୀ ଟୋଲ ଗେଟରୁ ଡାହାଣକୁ ଯାଇ ସିଧା ଢେଙ୍କାନାଳ, ଆଠଗଡ଼, ବାଙ୍କୀ, ଖୋର୍ଦ୍ଧା-ବେଗୁନିଆ ଦେଇ ସିଧା ରାମେଶ୍ୱରରେ ପହଞ୍ଚିବେ। ଏହି ବାଇପାସ୍ ସିଧା କୋଲକାତାରୁ ଚେନ୍ନାଇକୁ ସଂଯୋଗ କରିବ। ଜମି ଅଧିଗ୍ରହଣ ବାବଦରେ ୧ହଜାର ୨୯ କୋଟି ଟଙ୍କାର କ୍ଷତିପୂରଣ ଦେବେ କେନ୍ଦ୍ର ସରକାର। ଏହି ସଡ଼କ ପ୍ରକଳ୍ପ ନିର୍ମାଣ ହେଲେ ଭାରୀଯାନଗୁଡ଼ିକ କଟକ, ଭୁବନେଶ୍ୱର ଏବଂ ଖୋର୍ଦ୍ଧା ସହର ମଧ୍ୟରେ ପ୍ରବେଶ ନ କରି ବିକଳ୍ପ ରାସ୍ତା ଭାବେ ଏଥିରେ ଯାତାୟାତ କରିବେ। ଫଳରେ ଓଡ଼ିଶା ସମେତ ଅନ୍ୟ ପୂର୍ବବର୍ତ୍ତୀ ରାଜ୍ୟଗୁଡ଼ିକୁ ଗୁରୁତ୍ୱପୂର୍ଣ୍ଣ ଲାଭ ମିଳିବ। ଏହାଦ୍ୱାରା ମାଲ୍ ପରିବହନ କ୍ଷମତା ବୃଦ୍ଧି ପାଇବା ସହ ପରିବହନ ଖର୍ଚ୍ଚ ହ୍ରାସ ପାଇବ। ସ୍ଥାନୀୟ ଅଞ୍ଚଳରେ ସାମାଜିକ-ଆର୍ଥିକ ପ୍ରଗତି ଲାଗି ମାର୍ଗ ପ୍ରଶସ୍ତ ହେବ। ଏହା ଓଡ଼ିଶାର ପ୍ରମୁଖ ଆର୍ଥିକ, ସାମାଜିକ ଏବଂ ଲଜିଷ୍ଟିକ୍ସ କେନ୍ଦ୍ରଗୁଡ଼ିକୁ ବାଧାମୁକ୍ତ ସଡ଼କ ସଂଯୋଗ ପ୍ରଦାନ କରିବ।

ବାଇପାସ୍ ରାସ୍ତା ସମ୍ପୂର୍ଣ୍ଣ ସ୍ଥାନୀୟ ଆର୍ଥିକ ବିକାଶରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ। ଏଥିସହିତ ଏହା ପ୍ରମୁଖ ଧାର୍ମିକ ଓ ଆର୍ଥିକ କେନ୍ଦ୍ର ମଧ୍ୟରେ ଯୋଗାଯୋଗକୁ ସୁଦୃଢ଼ କରିବ ଏବଂ ବାଣିଜ୍ୟ ଓ ଶିଳ୍ପ ବିକାଶ ଲାଗି ନୂତନ ମାର୍ଗ ପ୍ରଶସ୍ତ କରିବ। ଏହି ପ୍ରକଳ୍ପ ଦ୍ୱାରା ପାଖାପାଖି ୭୪.୪୩ ଲକ୍ଷ ମାନବ ସମ୍ବଳ ପ୍ରତ୍ୟକ୍ଷ ଏବଂ ପ୍ରାୟ ୯୩.୦୪ ଲକ୍ଷ ଲୋକଙ୍କ ପାଇଁ ପରୋକ୍ଷ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ ବୋଲି କେନ୍ଦ୍ର ସରକାରଙ୍କ ପକ୍ଷରୁ ସୂଚନା ଦିଆଯାଇଛି।

ରାଜଧାନୀର ଭିତରର ଟ୍ରାଫିକ୍ ଭିଡ଼ ହ୍ରାସ କରିବା ପାଇଁ ୧୫ ବର୍ଷ ତଳୁ ଏହି ରିଙ୍ଗ୍ ରୋଡ୍‌ର ପରିକଳ୍ପନା ହୋଇଥିଲା। ତତ୍‌କାଳୀନ ରାଜ୍ୟ ସରକାର ଏଥିପାଇଁ ବାରମ୍ବାର କେନ୍ଦ୍ର ସରକାରଙ୍କ ନିକଟରେ ଦାବି ରଖିଥିଲେ। ମାତ୍ର ସେତେବେଳେ ଜାତୀୟ ରାଜପଥ କର୍ତ୍ତୃପକ୍ଷ ବିଭିନ୍ନ ଟାଳଟୁଳ ନୀତି ଅବଲମ୍ବନ କରିବା ଯୋଗୁଁ ଏହା ବିଶେଷ ଆଗେଇ ପାରି ନ ଥିଲା। ପରେ ଏନ୍‌ଏଚ୍‌ଏଆଇ କର୍ତ୍ତୃପକ୍ଷଙ୍କ ଅବହେଳା ପାଇଁ ବି କାମ ହୋଇପାରିନଥିଲା।

ଏହି ରାସ୍ତା ନିର୍ମାଣ ପାଇଁ ଅନୁମୋଦନ ପ୍ରଦାନ କରିଥିବାରୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ କେନ୍ଦ୍ର ସଡ଼କ ପରିବହନ ଓ ରାଜମାର୍ଗ ମନ୍ତ୍ରୀ ନିତିନ୍ ଗଡ଼କରୀଙ୍କୁ ଏକ୍ସ ଜରିଆରେ ଧନ୍ୟବାଦ ଜଣାଇଛନ୍ତି।

### ସିଇସିଙ୍କୁ ଭେଟିଲା...

ସିଇସି। ଦଳୀୟ ପ୍ରାର୍ଥୀ ବା ସେମାନଙ୍କ ପ୍ରତିନିଧିମାନଙ୍କୁ ଫର୍ମ-୧୭ ସି ଯୋଗାଇଦେବା ଆବଶ୍ୟକ ଥିଲା ବୋଲି କମିଶନ ମତପ୍ରକାଶ କରିଛନ୍ତି।

୨୦୨୪ ମସିହାରେ ଅନୁଷ୍ଠିତ ଏକକାଳୀନ ବିଧାନସଭା ଓ ଲୋକସଭା ନିର୍ବାଚନରେ ଭୋଟରେ ଗଭୀର ଭାବେ ଭୋଟ ଅସଙ୍ଗତି ଦେଖାଯାଇଥିବା ବିଜେଡି ସିଇସିଙ୍କୁ ଅବଗତ କରିଛି। ରାଜ୍ୟର ସମସ୍ତ ସଂସଦ କ୍ଷେତ୍ରରେ, ଇଭିଏମରେ ପଡ଼ିଥିବା ଭୋଟ ସଂଖ୍ୟା ଅପେକ୍ଷା ଗଣତି ହୋଇଥିବା ଭୋଟ ସଂଖ୍ୟା ଅଧିକ ରହିବା, ସଂସଦୀୟ କ୍ଷେତ୍ରର ଭୋଟ ସଂଖ୍ୟା ଓ ଏହା ଅନ୍ତର୍ଗତ ବିଧାନସଭା କ୍ଷେତ୍ରର ସମୁଦା ଭୋଟ ସଂଖ୍ୟା ମଧ୍ୟରେ ଉଲ୍ଲେଖନୀୟ ପାର୍ଥକ୍ୟ, ନିର୍ବାଚନ ଶେଷ ପରେ ଅର୍ଥାତ୍ ସନ୍ଧ୍ୟା ୫ଟା ପରେ ହଠାତ୍ ଭୋଟ ପ୍ରତିଶତ ବୃଦ୍ଧିକୁ ନେଇ ବିଜେଡି ନିର୍ବାଚନ କମିଶନଙ୍କ ଦୃଷ୍ଟି ଆକର୍ଷଣ କରିଛି। ବିଜେଡି ପୂର୍ବରୁ ନିର୍ବାଚନ କମିଶନଙ୍କ ସହ ଆଲୋଚନା ବେଳେ ଉଦବେଗ ପ୍ରକାଶ କରିବା ସହ ଗତ ଡିସେମ୍ବରରେ ଏକ ସ୍ମାରକ ପତ୍ର ମଧ୍ୟ ପ୍ରଦାନ କରିଥିଲା। ପ୍ରତିନିଧି ଦଳର ଯୁକ୍ତି ଅନୁଯାୟୀ ଗଣତାନ୍ତ୍ରିକ ମୂଲ୍ୟବୋଧକୁ ସୁଦୃଢ଼ କରିବା ପାଇଁ ବିଜେଡି ପକ୍ଷରୁ ଏହି ପ୍ରଶ୍ନଗୁଡ଼ିକ ଉଠାଯାଉଛି। ଯାଜପୁର ସଂସଦୀୟ କ୍ଷେତ୍ର ସମେତ ଅନେକ ନିର୍ବାଚନମଣ୍ଡଳୀରେ ଗତ ନିର୍ବାଚନରେ ଦେଖାଦେଇଥିବା ଅସଙ୍ଗତି ସମ୍ପର୍କରେ ନିର୍ଦ୍ଦିଷ୍ଟ ଉଲ୍ଲେଖ କରାଯାଇଛି। ସେହିପରି ଗତ ନିର୍ବାଚନରେ ନିର୍ବାଚନ ପ୍ରକ୍ରିୟାରେ ସ୍ୱଚ୍ଛତା ସୁନିଶ୍ଚିତ କରିବାର ଦାୟିତ୍ୱ କେବଳ ବୁଥ୍ ଏଜେଣ୍ଟ, କାଉଣ୍ଟିଂ ଏଜେଣ୍ଟ ଏବଂ ପୋଲିଂ ଏଜେଣ୍ଟଙ୍କ ଉପରେ ଅସାମାନ୍ୟ ଭାବରେ ନ୍ୟସ୍ତ କରାଯାଇଥିଲା। ଯାହାକୁ ନେଇ ପ୍ରତିନିଧି ଦଳ ନିର୍ବାଚନ କମିଶନଙ୍କ ନିକଟରେ ନିଜର ଅସନ୍ତୋଷ ପ୍ରକାଶ କରିଛନ୍ତି।

ଏହି ଅବସରରେ ଓଡ଼ିଶାରେ ଭୋଟର ତାଲିକା ସଂଶୋଧନ(ଏସଆଇଆର)କୁ ନେଇ ନିଜର ଆଭିମୁଖ୍ୟ ସ୍ପଷ୍ଟ କରିଛି ବିଜେଡି। ଓଡ଼ିଶାରେ ଏସ୍ଆଇଆର୍ ସମୟରେ ନିର୍ବାଚନ ଆୟୋଗ କୌଣସି ଆଇନଗତ ଭୋଟର; ବିଶେଷକରି ପ୍ରବାସୀ ଏବଂ ଅସ୍ଥାୟୀ କର୍ମଚାରୀ ଯେପରି ଭୋଟର ତାଲିକାରୁ ବାଦ ନ ପଡ଼ନ୍ତି ସେ ସମ୍ପର୍କରେ ଧ୍ୟାନ ଦେବାକୁ ଅନୁରୋଧ କରିଛନ୍ତି। ପ୍ରତିନିଧି ମଣ୍ଡଳୀରେ ସାମିଲ ହୋଇଥିବା ଦଳର ବରିଷ୍ଠ ନେତା ଦେବୀ ପ୍ରସାଦ ମିଶ୍ର କହିଛନ୍ତି ଯେ ଧାରା ୨୦ଏ(୧-ସି)ର ବ୍ୟବସ୍ଥା ଅନୁଯାୟୀ ପ୍ରବାସୀ ଭାରତୀୟମାନେ ସେମାନଙ୍କର ମୂଳ ନିର୍ବାଚନମଣ୍ଡଳୀରେ ଭୋଟର ତାଲିକାରେ ସେମାନଙ୍କର ନାମ ପଞ୍ଜିକରଣ କରିବାର ଅଧିକାର ପାଇଥିବାରୁ, ଓଡ଼ିଶା ବାହାରେ କାମ କରୁଥିବା ପ୍ରବାସୀ ଏବଂ ଅସ୍ଥାୟୀ ଶ୍ରମିକମାନଙ୍କ ପ୍ରତି କଠୋର ଦୃଷ୍ଟିକୋଣ ଗ୍ରହଣ କରାଯିବା ଉଚିତ୍ ନୁହେଁ। ଏପରି କରିବା ଦ୍ୱାରା ଯଦି ସେମାନେ ଯଦି ଭୋଟଦାନ ଅଧିକାରରୁ ବଞ୍ଚିତ ହୁଅନ୍ତି ତେବେ ସେମାନଙ୍କ ମୂଳ ଗ୍ରାମରେ ସାମାଜିକ-ସାଂସ୍କୃତିକ କ୍ଷେତ୍ରରେ ବିଶୃଙ୍ଖଳା ସୃଷ୍ଟି ହୋଇପାରେ। ଅନ୍ୟପକ୍ଷରେ ଯଦି କମିଶନ ବିହାର ଭଳି ସମାନ ଆଭିମୁଖ୍ୟ ଅନୁସରଣ କରିବେ ଯେଉଁଠାରେ ଶୀଘ୍ର ପ୍ରକ୍ରିୟା ଏବଂ ପର୍ଯ୍ୟାପ୍ତ ସମୟ ଅଭାବ ଯୋଗୁଁ ପ୍ରକୃତ ଭୋଟରମାନେ ଭୋଟଦାନରୁ ବଞ୍ଚିତ ହୋଇଥିବା ନେଇ ଅଭିଯୋଗ ଆସୁଛି, ତେବେ ବିଜେଡି ଏହାର ତୀବ୍ର ବିରୋଧ କରିବ ବୋଲି ଦଳର ବରିଷ୍ଠ ନେତା ଡ. ଅମର ପଟ୍ଟନାୟକ କହିଛନ୍ତି। ନିର୍ବାଚନ ପ୍ରକ୍ରିୟାରେ ସ୍ୱଚ୍ଛତା ବୃଦ୍ଧି କରିବା ପାଇଁ ସଠିକ୍ ଉଦ୍ଦେଶ୍ୟ ନେଇ ଏସଆଇଆରକୁ କାର୍ଯ୍ୟକାରୀ କରାଯିବା ଉଚିତ୍। ଭୋଟର ତାଲିକାରୁ ଅଯୋଗ୍ୟ ଭୋଟରଙ୍କୁ ବାଦ ଦେବା ବାହାନାରେ କୌଣସି ଯୋଗ୍ୟ ଭୋଟରଙ୍କୁ ଭୋଟଦାନରୁ ବଞ୍ଚିତ କରାଯିବା ଉଚିତ୍ ନୁହେଁ। ପ୍ରକୃତ ସମସ୍ୟା ଗୁଡ଼ିକର ସମାଧାନ ଦିଗରେ କମିଶନ ପଦକ୍ଷେପ ନନେଲେ ଦଳ ଆନ୍ଦୋଳନାତ୍ମକ ପନ୍ଥା ଗ୍ରହଣ କରିପାରେ ବୋଲି ବିଜେଡି କହିଛି। ଏହି ପ୍ରତିନିଧି ଦଳରେ ପୂର୍ବତନ ମନ୍ତ୍ରୀ ସଞ୍ଜୟ ଦାସବର୍ମା, ପ୍ରମିଳା ମଲ୍ଲିକ, ନିରଞ୍ଜନ ପୂଜାରୀ, ରାଜ୍ୟସଭା ସାଂସଦ ସୁଲତା ଦେଓ, ଡ. ପ୍ରିୟବ୍ରତ ମାଝୀ, ଭୃଗୁ ବକ୍ସିପାତ୍ର ପ୍ରମୁଖ ସାମିଲ ଥିଲେ।

---

## ଗାଁକୁ ଆସିଲାନି ଆମ୍ବୁଲାନ୍ସ

# ବର୍ଷା ରାତିରେ ୧ କିମି ଚାଲିଲେ ଗର୍ଭବତୀ



**ଜନନୀ ଯନ୍ତ୍ରଣାର ଦାରୁଣ ଚିତ୍ର**



ଲାଞ୍ଜିଗଡ଼,୧୯।୮(ସମିସ): ତୁହାକୁ ତୁହା ବର୍ଷା ଚାଲିଥିଲା, ଟିକିଏ ବି ଫୁରସତ୍ ଦେଉନଥିଲା। ସାଙ୍ଗକୁ କିଟିକିଟି ଅନ୍ଧାର। ଏପରି ସ୍ଥିତିରେ ଗାଁର କାଦୁଅ ପଚପଚ ରାସ୍ତାରେ ୧ କିଲୋମିଟର ଚାଲିଚାଲି ଆମ୍ବୁଲାନ୍ସ ପାଖକୁ ଗଲେ ଗର୍ଭବତୀ। କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ୍ ବିଜେପୁର ପଞ୍ଚାୟତ ଅନ୍ତର୍ଗତ ମେଲବାହାଲି ବଣ୍ଡେଲପଡ଼ାର ଗାଁରୁ ଆଜି ଜନନୀ ଯନ୍ତ୍ରଣାର ଏଭଳି ଏକ କରୁଣ ଚିତ୍ର ସାମ୍ନାକୁ ଆସିଛି। ଗାଁକୁ ରାସ୍ତା ନଥିବାରୁ ଏମିତି ଯନ୍ତ୍ରଣା ଭୋଗିଛନ୍ତି ଗାଁର ମିଶ୍ର ମାଝୀଙ୍କ ପତ୍ନୀ କାଞ୍ଚ ମାଝୀ।

ଗତରାତିରେ କାଞ୍ଚଙ୍କ ପ୍ରସବ ବେଦନା ହେବାରୁ ପରିବାରଲୋକ ୧୦୮ ଆମ୍ବୁଲାନ୍ସକୁ ଡକାଇଥିଲେ। କିନ୍ତୁ ଗାଁକୁ ରାସ୍ତା ନଥିବାରୁ ଗାଁଠାରୁ ୧ କିମି ଦୂର ବିଜେପୁରଠାରୁ ଲାଞ୍ଜିଗଡ଼କୁ ସଂଯୋଗ କରୁଥିବା ମୁଖ୍ୟ ରାସ୍ତା ନିକଟରେ ଅଟକି ରହିଥିଲା। ତେଣୁ ବିଳମ୍ବିତ ରାତିରେ ଗ୍ରାମବାସୀଙ୍କ ସହାୟତାରେ କାଞ୍ଚ ୧ କିଲୋମିଟର ଚାଲି ଚାଲି ଆମ୍ବୁଲାନ୍ସ ପାଖକୁ ଆସିଥିଲେ। ପରେ ତାଙ୍କୁ ଆମ୍ବୁଲାନ୍ସରେ ୨୦ କିମି ଦୂର କଲ୍ୟାଣସିଂହପୁର ଡାକ୍ତରଖାନାକୁ ନିଆଯାଇଥିଲା।

ପଞ୍ଚାୟତ କାର୍ଯ୍ୟାଳୟଠାରୁ ୫କିମି ଏବଂ ବ୍ଲକ୍ କାର୍ଯ୍ୟାଳୟଠାରୁ ୩୫ କି.ମି ଦୂରରେ ଥିବା ଏହି ଗାଁକୁ ଆଜି ବି ଭଲ ରାସ୍ତା ଖଣ୍ଡିଏ ନାହିଁ। ଫଳରେ ଏଭଳି ଅଘଟଣ ବାରାମ୍ବାର ଘଟୁଛି। ସ୍ୱାସ୍ଥ୍ୟସେବା ଏବେ ବି ଏମାନଙ୍କ ପାଇଁ ଅପହଞ୍ଚ ହୋଇ ରହିଛି। ଆଜି ବି ୩୦ରୁ ଊର୍ଦ୍ଧ୍ୱ ଗାଁକୁ ଭଲ ରାସ୍ତା ନଥିବା ଯୋଗୁଁ ନିରୀହ ଆଦିବାସୀ ଉତ୍ତମ ସ୍ୱାସ୍ଥ୍ୟସେବାରୁ ବଞ୍ଚିତ ରହୁଛନ୍ତି। ଏଥିପ୍ରତି ବ୍ଲକ୍ ଓ ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

ଉଲ୍ଲେଖଯୋଗ୍ୟ, ପୂର୍ବରୁ ସୀମାନ୍ତ ସଦର ବ୍ଲକ୍ ଯୁଗସାଇପାଟଣା ପଞ୍ଚାୟତର କଡରୁସୋରୁ ଲାଞ୍ଜିଗଡ଼ ବ୍ଲକ୍‌ର ପାହାଡ଼ପଦର ପଞ୍ଚାୟତ ତଇଁପଦର, ଲାଞ୍ଜି ପଞ୍ଚାୟତ ତୁର୍କା ଗାଁରେ ଗର୍ଭବତୀ ମହିଳାମାନଙ୍କୁ ଏଭଳି ଭାରରେ ବୋହି ଆଣିବା ପରେ ଆମ୍ବୁଲାନ୍ସ ଯୋଗେ ଡାକ୍ତରଖାନା ନିଆଯିବାର ପୂର୍ବରୁ ନଜିର ରହିଛି। ବାରମ୍ବାର ଉପାନ୍ତ ଦୁର୍ଗମ ଅଞ୍ଚଳରେ ଏଭଳି ଘଟଣା ସାମନାକୁ ଆସୁଥିବାରୁ ଏହି ଅଞ୍ଚଳରେ ଜନନୀ ସୁରକ୍ଷା ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

---

## ବଳଙ୍ଗା ପୀଡ଼ିତା ପ୍ରସଙ୍ଗରେ ବର୍ଷିଲା କଂଗ୍ରେସ

# ନ୍ୟାୟ ନ ମିଳିବା ଯାଏ ଲଢ଼େଇ ଜାରି ରହିବ

ଭୁବନେଶ୍ୱର,୧୯।୮(ସମିସ): ବଳଙ୍ଗା ତିନିଜଣ ଦୁର୍ବୃତ୍ତ ଜଣେ ଛାତ୍ରୀଙ୍କୁ ଟେକିନେଇ ଜାଳିଦେଲେ। ଛାତ୍ରୀଜଣଙ୍କ ନିଜ ମୃତ୍ୟୁକାଳୀନ ଜମାନବନ୍ଦୀରେ ଏହି କଥା କହିଛନ୍ତି। ଏହି ଘଟଣାକୁ ମାସେ ହୋଇଗଲା ପଛେ, ପୁଲିସ ଅପରାଧୀଙ୍କୁ ଗିରଫ କରିପାରି ନାହିଁ। କଂଗ୍ରେସ ନାରୀନ୍ୟାୟ କ୍ଷେତ୍ରରେ କୌଣସି ସାଲିସ କରିବ ନାହିଁ, ବଳଙ୍ଗା ପୀଡ଼ିତାଙ୍କୁ ନ୍ୟାୟ ଦେବାକୁ ସଂଗ୍ରାମ ଜାରି ରଖିବ ବୋଲି କଂଗ୍ରେସ କହିଛି। ଏକ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ଦାସ ପିସିସି ଗଣମାଧ୍ୟମ ବିଭାଗ ଅଧ୍ୟକ୍ଷ ଅରବିନ୍ଦ ଦାସ କହିଛନ୍ତି ଯେ ସାମାଜିକ ଗଣମାଧ୍ୟମରେ ଭାଇରାଲ ହୋଇଥିବା ବୟାନ ଭିଡିଓ ସତ କି ନୁହେଁ ବୋଲି ପ୍ରଶ୍ନ ଉଠିଛି। ଯଦି ଏହା ସତ, ସେଇ ଭିଡିଓରେ ଦୁର୍ବୃତ୍ତଙ୍କୁ ଗିରଫ କରିବା ଦିଗରେ ପୁଲିସ କି ପଦକ୍ଷେପ ନେଇଛି ବୋଲି ସେ ପ୍ରଶ୍ନ କରିଛନ୍ତି।

### ଭାଇରାଲ ନୋଟ୍‌ପ୍ୟାଡକୁ ନେଇ ପ୍ରଶ୍ନ ଉଠାଇଲା ଦଳ

ଏହି ଘଟଣାକୁ ନେଇ ମୁଖପାତ୍ର ନିଶିକାନ୍ତ ମିଶ୍ର ଆଇନଗତ ଦିଗ ତର୍ଜମା କରି କହିଛନ୍ତି, ଭାରତୀୟ ସାକ୍ଷ୍ୟ ବିଧି ଆଇନ ଉପଧାରା ୨୬(କ) ଅନୁଯାୟୀ ମୃତ୍ୟୁକାଳୀନ ଜମାନବନ୍ଦୀ ବା ବୟାନକୁ ପ୍ରାୟତଃ ସତ୍ୟ ଭାବରେ ଗ୍ରହଣ କରାଯାଇ ଥାଏ। ଭାଇରାଲ ହୋଇଥିବା ଭିଡିଓରେ ପୀଡ଼ିତା ତିନିଜଣ ଦୁର୍ବୃତ୍ତଙ୍କୁ ଇସାରା ଉଲ୍ଲେଖ କରିଥିବା ସ୍ପଷ୍ଟ ଜଣାପଡୁଛି। ପୁଲିସ ଏହି ସ୍ପର୍ଶକାତର ଘଟଣା ଉପରେ ଏକାଧିକ ଥର ବୟାନ ଦେଲାଣି ଏବଂ ସେଇ ବୟାନ ମଧ୍ୟରେ କୌଣସି ତାଳମେଳ ରହୁନି। ପୁଲିସ ହାତରେ ବଡ଼ ତଥ୍ୟ ଲାଗିଛି ବୋଲି ପୁରୀ ଆରକ୍ଷୀ ଅଧୀକ୍ଷକ କହିଥିବାବେଳେ ପୁଲିସ ମୁଖ୍ୟାଳୟ ଏହି ଛାତ୍ରୀପୋଡ଼ି ଘଟଣାରେ କାହାରି ସମ୍ପୃକ୍ତି ନ ଥିବା ସାମାଜିକ ଗଣମାଧ୍ୟମରେ ବିଜ୍ଞାପିତ କରୁଛି। ଏଫଆଇଆର, ସାକ୍ଷୀଙ୍କ ମିଡିଆ ବାଇଟ, ପୁରୀ ଏସପିଙ୍କ ବୟାନ ମଧ୍ୟରେ ବିସଙ୍ଗତି ଏବଂ ପୀଡ଼ିତାଙ୍କ ଭାଇରାଲ ବୟାନ ପୁଲିସର କାର୍ଯ୍ୟକଳାପକୁ ସନ୍ଦେହ ଘେରକୁ ଟାଣିନେଉଛି ବୋଲି ଶ୍ରୀ ମିଶ୍ର କହିଛନ୍ତି।

ଛାତ୍ରୀ ପୋଡ଼ି ଘଟଣାରେ ଦୁର୍ବୃତ୍ତମାନେ ନିଆଁ ଲଗାଇଲା ପରେ ଛାତ୍ରୀଜଣକ ସାହାଯ୍ୟ ପାଇଁ ପ୍ରଥମେ ପହଞ୍ଚିଥିବା ତେରହଳ ଗ୍ରାମର ଦୁଃଖିଶ୍ୟାମ ସେନାପତି କୁଆଡ଼େ ଗଲେ ବୋଲି ପ୍ରଶ୍ନ କରିଛନ୍ତି ଦଳର ଅନ୍ୟତମ ମୁଖପାତ୍ର ଜୟଶ୍ରୀ ପାତ୍ର। ଉପ ମୁଖ୍ୟମନ୍ତ୍ରୀ ତାଙ୍କ ଦୁଇ ଆନୁଗତଙ୍କୁ କାହିଁକି ଦିଲ୍ଲୀ ପଠାଇଥିଲେ ବୋଲି ପ୍ରଶ୍ନ କରିବା ସହ କାହିଁକି ଏହି ଦୁଇ ଜଣ ପୀଡ଼ିତାଙ୍କ ପରିବାରକୁ ଆଢୁଆଳରେ ରଖୁଥିଲେ ବୋଲି ପ୍ରଶ୍ନ କରିଛନ୍ତି। ସେହିପରି ଭାଇରାଲ ଭିଡିଓରେ ବୟାନ ଗ୍ରହଣ କରୁଥିବା ମହିଳା ଜଣକ ଯେଉଁ ପ୍ୟାଡ୍‌ରେ ଲେଖୁଛନ୍ତି, ସେଇ ପ୍ୟାଡ୍‌ରେ "୨୦/୭/୨୦୨୫' ସହ "ଆଇଆଇସି ବଳଙ୍ଗା' ବୋଲି ମଧ୍ୟ ଲେଖାହୋଇଛି। ଯଦି ପୁଲିସ ବୟାନ ରେକର୍ଡିଂ କରୁଥିଲା, ପୁଲିସଠାରୁ କେମିତି ଭିଡିଓ ଲିକ ହୋଇ ଭାଇରାଲ ହେଲା? ଯଦି ପୁଲିସ ବୟାନ ରେକର୍ଡ କରିନାହିଁ, ଏତେ କଡ଼ା ସୁରକ୍ଷା ଥାଇ ସୁଦ୍ଧା କିଏ ବୟାନ ଭିଡିଓ ରେକର୍ଡିଂ କରିଛି ବୋଲି ସେ ପ୍ରଶ୍ନ କରିଛନ୍ତି।




# ନାବାଳିକା ଅପହରଣକାରୀକୁ ୭ ବର୍ଷ ଜେଲ୍

ବାରିପଦା,୧୯।୮(ସମିସ): ମୟୂରଭଞ୍ଜ ଜିଲ୍ଲା ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ତଥା ସ୍ୱତନ୍ତ୍ର ଫାଷ୍ଟଟ୍ରାକ୍ ସ୍ପେଶାଲ ପୋକସୋ କୋର୍ଟରେ ସୋମବାର ଏକ ନାବାଳିକା ଅପହରଣ ମାମଲାର ରାୟ ପ୍ରକାଶ ପାଇଛି। ବିଚାରପତି ସନ୍ତୋଷ କୁମାର ନାୟକ ଏହି ମାମଲାର ବିଚାର କରି ଅଭିଯୁକ୍ତ ଜିତେନ ମୁର୍ମୁ(୨୫)କୁ ଦୋଷୀ ସାବ୍ୟସ୍ତ କରିବା ସହ ୭ ବର୍ଷ ଜେଲ୍ ଓ ୨୦ ହଜାର ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ, ଅତିରିକ୍ତ ୬ମାସ ଜେଲ ଦଣ୍ଡ ଭୋଗିବାକୁ ରାୟରେ ଉଲ୍ଲେଖ ରହିଛି। ଏହାସହ ପୀଡ଼ିତାକୁ ୧ ଲକ୍ଷ ଟଙ୍କା ସହାୟତା ରାଶି ପ୍ରଦାନ କରିବାକୁ ଜିଲ୍ଲା ଆଇନ ସେବା ପ୍ରାଧିକରଣଙ୍କୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଜିତେନର ଘର ବାଲେଶ୍ୱର ଜିଲ୍ଲା ବରହମପୁର ଥାନା ଅଧୀନ ଅନ୍ତଡିହା ଗ୍ରାମରେ।

---

# ହୀରାକୁଦ ଜଳସ୍ତର ୬୧୪.୪୧ ଫୁଟ୍

ସମ୍ବଲପୁର, ୧୯।୮ (ସମିସ): ମଙ୍ଗଳବାର ଅପରାହ୍ଣ ୩ଟାରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୧୪.୪୧ ଫୁଟ୍ ରହିଛି। ନଦୀବନ୍ଧର ସମସ୍ତ ଗେଟ୍ ବନ୍ଦ ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୮୬,୫୮୭ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ପାୱାରଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୩୮,୪୪୧ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ କୌଣସି ଜଳ ନିଷ୍କାସନ ହେଉନାହିଁ। ପାୱାର ଚେନାଲ ଦେଇ ୩୨,୮୦୨ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୧୪ ଘନଫୁଟ, କେନାଲ ପାଇଁ ୪,୪୨୫ ଘନଫୁଟ ଜଳ ନିଷ୍କାସିତ ହେଉଛି। ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୩.୬୮ ମିମି ବର୍ଷା ହୋଇଥିବାବେଳେ ତଳମୁଣ୍ଡରେ ୧୧.୯୪ ମିମି ବର୍ଷା ହୋଇନଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୧୭.୮୧ ଫୁଟ୍ ରହିଥିଲା।

## ■ ରଞ୍ଜନ ପ୍ରଧାନ ହତ୍ୟା ମାମଲା

# ହତ୍ୟାକାରୀକୁ ଆଜୀବନ ଜେଲ୍

ବୌଦ୍ଧ,୧୯।୮(ସମିସ): ୨୦୨୩ ମସିହାରେ ଯୋଗୀ ଭୋଗରା ରେଲୱେ କ୍ୟାମ୍ପ ନିକଟରେ ସଂଘଟିତ ରଞ୍ଜନ ପ୍ରଧାନ ହତ୍ୟା ମାମଲାର ଆଜି ରାୟ ପ୍ରକାଶ ପାଇଛି। ବୌଦ୍ଧ ଜିଲ୍ଲା ଓ ଦୌରା ଜଜ୍ ପ୍ରତାପ କୁମାର ପାତ୍ର ଏହି ମାମଲାର ବିଚାର କରି ହତ୍ୟାକାରୀ ଖୁଣ୍ଟିଆପଡ଼ା ଗ୍ରାମର ପ୍ରକାଶ ବେହେରାକୁ ଆଜୀବନ ଜେଲ୍ ଓ ୧୦ହଜାର ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ, ଅତିରିକ୍ତ ୬ମାସ ଜେଲଦଣ୍ଡ ଭୋଗିବାକୁ ପଡ଼ିବ ବୋଲି ରାୟରେ ଉଲ୍ଲେଖ ରହିଛି। ୨୦୨୩ ଅଗଷ୍ଟ ୨୮ ରେ ଯୋଗୀ ଭୋଗରା ଗ୍ରାମ ନିକଟ ରେଲୱେ କ୍ୟାମ୍ପ ନିକଟରୁ ରଞ୍ଜନ ପ୍ରଧାନଙ୍କ କ୍ଷତବିକ୍ଷତ ମୃତଦେହ ଉଦ୍ଧାର ହୋଇଥିଲା। ରଞ୍ଜନଙ୍କ ଘର ବାଉଁଶୁଣୀ ଥାନା ରାଉତବାହାଲ ଗ୍ରାମରେ। ସେ ଉକ୍ତ କ୍ୟାମ୍ପରେ ଜଗୁଆଳି ଭାବେ କାମ କରୁଥିଲେ। ପରେ ରଞ୍ଜନଙ୍କ ଜ୍ୱାଇଁ ବାମଣ୍ଡା ଗ୍ରାମର ସାନୁଜ ପ୍ରଧାନଙ୍କ ଏତଲା ଆଧାରରେ ପୁଲିସ ଏହର ତଦନ୍ତ କରି ପ୍ରକାଶ ବେହେରାଙ୍କୁ ଗିରଫ କରିଥିଲା। ଉକ୍ତ ମାମଲାକୁ ସରକାରଙ୍କ ପକ୍ଷରୁ ପିପି ସବିତା କୁମାରୀ ପଣ୍ଡା ପରିଚାଳନା କରୁଥିଲେ।

# ବ୍ୟବସାୟୀଙ୍କଠାରୁ ୧.୪୦ ଲକ୍ଷ ସହ ବାଇକ୍ ଲୁଟ୍

ମନମୁଣ୍ଡା,୧୯।୮(ସମିସ): ଆଜି ସ୍ପଷ୍ଟ ଦିବାଲୋକରେ ଜଣେ ଗୋରୁ ବେପାରୀଙ୍କଠାରୁ ୧.୪୦ଲକ୍ଷ ଟଙ୍କା ସହ ବାଇକ ଓ ମୋବାଇଲ ଲୁଟ୍ ହୋଇଥିବା ମନମୁଣ୍ଡା ଥାନାରେ ଅଭିଯୋଗ ହୋଇଛି। ସୂଚନାନୁଯାୟୀ, ସୋନପୁରର ଦୁଇଜଣ ଗୋରୁ ବେପାରୀ କନ୍ଧମାଳ ବ୍ଲକ୍ ଆମ୍ବଗାଁ ସାପ୍ତାହିକ ବଜାରରେ ଆଜି ୪ ପଟ ବଳଦ ବିକ୍ରି କରି ବାଇକ ଯୋଗେ ଘରକୁ ଫେରୁଥିଲେ। ମନମୁଣ୍ଡା ଥାନା ଜାଳପାଲି ଛକ ନିକଟରେ ମଧ୍ୟାହ୍ନରେ ୬ଜଣ ମୁଖାପିନ୍ଧା ଦୁର୍ବୃତ୍ତ ହାତରେ ମାରଣାସ୍ତ୍ର ଧରି ଗୋରୁ ବେପାରୀମାନଙ୍କୁ ଅଟକାଇ ମାଡ଼ ମାରି ସେମାନଙ୍କଠାରୁ ୧ ଲକ୍ଷ ୪୦ ହଜାର ଟଙ୍କା, ମୋବାଇଲ୍ ଓ ବାଇକ ଲୁଟି ନେଇଥିଲେ। ଏନେଇ ଦୁଇ ବେପାରୀ ଥାନାରେ ଅଭିଯୋଗ କରିଛନ୍ତି। ତେବେ ସ୍ପଷ୍ଟ ଦିବାଲୋକରେ ଓ ଜନଗହଳି ରାସ୍ତାରେ ଡକାୟତି ଘଟଣାକୁ ନେଇ ଅଞ୍ଚଳବାସୀ ଭୟଭୀତ ଥିବା ଜଣାଯାଇଛି। ପୁଲିସ ପାଟ୍ରୋଲିଂକୁ ଅଧିକ କଡ଼ାକଡ଼ି କରାଯିବାକୁ ଦାବି ହୋଇଛି।

---

## ହୀରାକୁଦ କେନାଲ ବ୍ୟବସ୍ଥାର ନବୀକରଣ

# ୫୨ କୋଟିରେ ୨ ପ୍ରକଳ୍ପକୁ ଅନୁମୋଦନ

ଭୁବନେଶ୍ୱର,୧୯।୮(ସମିସ): କମାଣ୍ଡ ଏରିଆରେ ହୀରାକୁଦ କେନାଲ ବ୍ୟବସ୍ଥାର ନବୀକରଣ ପାଇଁ ନିଷ୍ପତ୍ତି ନେଇଛନ୍ତି ରାଜ୍ୟ ସରକାର। ଏଥିପାଇଁ ରାଜ୍ୟ ଜଳସମ୍ପଦ ବିଭାଗ ଦୁଇଟି ପ୍ରକଳ୍ପକୁ ମଙ୍ଗଳବାର ପ୍ରଶାସନିକ ଅନୁମୋଦନ ଦେଇଛି। ଉଭୟ ପ୍ରକଳ୍ପ ପାଇଁ ମୋଟ ୫୨ କୋଟି ୪୫ ଲକ୍ଷ ଟଙ୍କା ଖର୍ଚ୍ଚ ହେବ।

ଏହି ପ୍ରକଳ୍ପ ବୁର୍ଲା ଜଳସେଚନ ଖଣ୍ଡ ଅଧିନରେ କାର୍ଯ୍ୟକାରୀ ହେବ। ପାପଙ୍ଗ କେନାଲ ସିଷ୍ଟମ ପାଇଁ ୩୩ କୋଟି ଟଙ୍କା ଖର୍ଚ୍ଚ ହେବାକୁ ଥିବାବେଳେ ରେମୁଣ୍ଡ କେନାଲ ସିଷ୍ଟମ ପାଇଁ ୧୯ କୋଟି ୪୫ ଲକ୍ଷ ଟଙ୍କା ଖର୍ଚ୍ଚ ହେବ। ଏହି ଅର୍ଥ 'ହୀରାକୁଦ ଡ୍ୟାମ କେନାଲ ସିଷ୍ଟମର ନବୀକରଣ' ଯୋଜନାରୁ ଭରଣା କରାଯିବ। ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ଏହି ଯୋଜନାରେ ୧୦୦ କୋଟି ଟଙ୍କା ବ୍ୟୟବରାଦ କରାଯାଇଛି। ହୀରାକୁଦ ଡ୍ୟାମ ୬୫ ବର୍ଷରୁ ଅଧିକ ପୁରୁଣା ହୋଇସାରିଛି। ଦୀର୍ଘ ବର୍ଷ ଧରି ଏହି ଡ୍ୟାମରୁ ବାହାରିଥିବା ବରଗଡ଼ ଓ ଶାସନ କେନାଲ ସମ୍ବଲପୁର, ବରଗଡ଼, ସୁବର୍ଣ୍ଣପୁର ଓ ବଲାଙ୍ଗୀର ଜିଲ୍ଲାର ଚାଷୀଙ୍କୁ ଜଳସେଚନ ପାଇଁ ସୁବିଧା ଯୋଗେଇ ଆସୁଛି। ସେମାନଙ୍କ ଆର୍ଥିକ ସ୍ଥିତିକୁ ସ୍ୱଚ୍ଛଳ କରିବାରେ ସହାୟକ ହୋଇଆସୁଛି। ତେବେ ଏଗୁଡ଼ିକ ଦୁର୍ବଳ ହୋଇପଡ଼ିବା କାରଣରୁ ରାଜ୍ୟ ସରକାର ଏହାର ନବୀକରଣ କରିବାକୁ ନିଷ୍ପତ୍ତି ନେଇଛନ୍ତି। ଏନେଇ ରାଜ୍ୟ ସରକାର ଆସନ୍ତା ୪ ବର୍ଷ ପାଇଁ ୮୫୫ କୋଟି ଟଙ୍କାର ବ୍ୟୟ ଅଟକଳ କରିଛନ୍ତି। ଯୋଜନା ଅଧିନରେ କେନାଲଗୁଡ଼ିକୁ ନବୀକରଣ ପାଇଁ ସେଗୁଡ଼ିକର କଂକ୍ରିଟ ଲାଇନିଂ କରାଯିବ। ସେଥିପାଇଁ ଏହି ୮୫୫ କୋଟି ଟଙ୍କାର କ୍ୟାବିନେଟ ମଞ୍ଜୁରୀ ହୋଇଛି। ହୀରାକୁଦ ଡ୍ୟାମ କର୍ତ୍ତୃପକ୍ଷଙ୍କ ପାଖରୁ ମିଳିଥିବା ସୂଚନା ଅନୁସାରେ ହୀରାକୁଦ ଡ୍ୟାମ ଅଧୀନରେ ମୋଟ ୮୧୬ଟି କେନାଲ ଅଛି। ଏହି କେନାଲମାନଙ୍କ ଦ୍ୱାରା ୧ଲକ୍ଷ ୫୯ ହଜାର ହେକ୍ଟର ଜମିକୁ ଜଳସେଚନ କରାଯାଉଛି।

---

## ମହିଳା କର୍ମଚାରୀଙ୍କୁ ଦୁର୍ବ୍ୟବହାର

# ଜେଲ୍ ଗଲେ ବ୍ୟାଙ୍କ୍ ଅଧିକାରୀ

ସୋହେଲା, ୧୯।୮(ସମିସ): ଜଣେ ମହିଳା କର୍ମଚାରୀଙ୍କୁ ଦୁର୍ବ୍ୟବହାର କରି ବରଗଡ଼ ଜିଲ୍ଲା ପଦ୍ମପୁର ଏସ୍‌ଡିସିସି ବ୍ୟାଙ୍କ ଅଧିକାରୀ ପ୍ରଭଞ୍ଜନ ମାଝୀ ଜେଲ୍ ଯାଇଛନ୍ତି। ପ୍ରଭଞ୍ଜନ କିଛି ଦିନ ତଳେ ପଦ୍ମପୁର ବ୍ରାଞ୍ଚ ବ୍ୟାଙ୍କ୍‌ରୁ ସୋହେଲା ଏସ୍‌ଡିସିସି ବ୍ୟାଙ୍କ୍‌କୁ ବଦଳି ହୋଇ ଆସିଥିଲେ। କିନ୍ତୁ ସେ ପଦ୍ମପୁର ବ୍ରାଞ୍ଚରେ ତାଙ୍କ କାର୍ଯ୍ୟକାଳ ସମୟରେ ସେ ସେଠାକାର ଜଣେ ମହିଳା କର୍ମଚାରୀଙ୍କୁ ମୋବାଇଲରେ ବିଭିନ୍ନ ଆପତ୍ତିଜନକ ମେସେଜ୍ ଦେବା ସହ ମାନସିକ ନିର୍ଯାତନା ଦେଉଥିଲେ। ଏନେଇ ପଦ୍ମପୁର ଥାନାରେ ମହିଳାଜଣଙ୍କ ଅଭିଯୋଗ କରିଥିଲେ। ଅଭିଯୋଗକୁ ଭିତ୍ତି କରି ପୁଲିସ ପ୍ରଭଞ୍ଜନଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି।


ବ୍ୟାଙ୍କ ଅଫ୍ ଇଣ୍ଡିଆ Bank of India BOI

## ବ୍ୟାଙ୍କ ଅଫ୍ ଇଣ୍ଡିଆ

ଆଞ୍ଚଳିକ କାର୍ଯ୍ୟାଳୟ: ଷ୍ଟାର ହାଉସ୍, ୧/୧-ଡ଼ି, ଜୟଦେବ ବିହାର, ନୟାପଲ୍ଲୀ, ଭୁବନେଶ୍ୱର, ଓଡ଼ିଶା, ପିନ୍-୭୫୧୦୧୫

## ଦଖଲ ନୋଟିସ୍

ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ର [ରୁଲ୍-୮(୧)]

ନିମ୍ନ ସ୍ୱାକ୍ଷରକାରୀ **ବ୍ୟାଙ୍କ ଅଫ୍ ଇଣ୍ଡିଆ**ର କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନଷ୍ଟ୍ରକ୍ସନ୍ ଅଫ ଫାଇନାନ୍‌ସିଆଲ ଆସେଟସ୍ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ ୨୦୦୨ ଏବଂ ଧାରା ୧୩ (୧୨) ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ର ରୁଲ୍ ୩ ରେ ଦିଆଯାଇଥିବା କ୍ଷମତା ଅନୁଯାୟୀ ନିମ୍ନଲିଖିତ ଋଣଗ୍ରହୀତା/ବନ୍ଧକଦାତାମାନଙ୍କୁ ଡ଼ିମାଣ୍ଡ ନୋଟିସ୍ ଜାରିକରି କଥିତ ନୋଟିସ୍ ମାଧ୍ୟମରେ ନୋଟିସ୍ ଦର୍ଶିତ ଅର୍ଥରାଶି ସହିତ ସେବାବଦ ସୁଧ ଏବଂ ଖର୍ଚ୍ଚ କଥିତ ନୋଟିସ୍ ତାରିଖ ଠାରୁ **୬୦ ଦିନ** ମଧ୍ୟରେ ପଇଠ କରିବାକୁ କୁହାଯାଇଥିଲା। ଯେହେତୁ ଋଣଗ୍ରହୀତା ଦେୟ ପଇଠ କରିବାରେ ବିଫଳ ହେଲେ, ତେଣୁ ଏହି ନୋଟିସ୍ ମାଧ୍ୟମରେ ଋଣଗ୍ରହୀତା/ବନ୍ଧକଦାତାମାନଙ୍କୁ ଏବଂ ସର୍ବସାଧାରଣଙ୍କୁ ଜଣାଇ ଦିଆଯାଉଅଛି ଯେ, ନିମ୍ନ ସ୍ୱାକ୍ଷରକାରୀଙ୍କ ଦ୍ୱାରା କଥିତ ଆଇନର ଧାରା ୧୩ର ଉପଧାରା (୪) ସହିତ ସିକ୍ୟୁରିଟି ଇଣ୍ଟରେଷ୍ଟ ଏନ୍‌ଫୋର୍ସମେଣ୍ଟ ରୁଲ୍ସ, ୨୦୦୨ର ରୁଲ୍ ୮ ଅନୁଯାୟୀ ନିମ୍ନଲିଖିତ ସମ୍ପତ୍ତି **ସାଙ୍କେତିକ ଦଖଲ**କୁ ନିଆଯାଇଅଛି। ତେଣୁ ବିଶେଷକରି ଋଣଗ୍ରହୀତା/ବନ୍ଧକଦାତାମାନଙ୍କୁ ଏବଂ ସର୍ବସାଧାରଣଙ୍କୁ ସତର୍କ କରାଇ ଦିଆଯାଉଛି ଯେ ନିମ୍ନଲିଖିତ ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିବେ ନାହିଁ ଏବଂ ଏହି ସମ୍ପତ୍ତି ଉପରେ କୌଣସି କାରବାର ପାଇଁ ନିମ୍ନରେ ଦର୍ଶାଯାଇଥିବା ଦେୟ ରାଶି ସହିତ ସେବାବଦ ସୁଧ ଏବଂ ଖର୍ଚ୍ଚ ନିମନ୍ତେ **ବ୍ୟାଙ୍କ ଅଫ୍ ଇଣ୍ଡିଆ, ନିମପୁର ଶାଖା** ନିକଟରେ ଉତ୍ତରଦାୟୀ ରହିବେ। **ଏତଦ୍‌ଦ୍ୱାରା ଋଣଗ୍ରହୀତାଙ୍କ ଦୃଷ୍ଟି ଆକର୍ଷଣ କରାଯାଉଅଛି କି କଥିତ ଆକ୍ଟର ଧାରା ୧୩ର ଉପଧାରା (୮)ର ବ୍ୟବସ୍ଥା ଅନୁଯାୟୀ ସେମାନଙ୍କର ସୁରକ୍ଷିତ ବନ୍ଧକ ସମ୍ପତ୍ତିକୁ ସମୟ ଥିବା ପୂର୍ବରୁ ବନ୍ଧକ ମୁକ୍ତ କରନ୍ତୁ।**

| ନିମପୁର ଶାଖା / ଋଣଗ୍ରହୀତା / ବନ୍ଧକଦାତାମାନଙ୍କ ନାମ ଏବଂ ଠିକଣା | ନୋଟିସ୍ ଅନୁଯାୟୀ ବକେୟା ପରିମାଣ | ଡିମାଣ୍ଡ ନୋଟିସ୍ ତାରିଖ / ଦଖଲ (ସାଙ୍କେତିକ) ନୋଟିସ୍ ତାରିଖ | ସ୍ଥାବର ସମ୍ପତ୍ତିର ବିବରଣୀ |
|---|---|---|---|
| **ଋଣଗ୍ରହୀତାମାନେ: ୧) ସଞ୍ଜିବ ନାୟକ,** ପିତା: ଶଙ୍କର୍ଷଣ ନାୟକ, **୨) ରାଜୀବ ନାୟକ,** ପିତା: ଶଙ୍କର୍ଷଣ ନାୟକ, ଉଭୟଙ୍କ ଠିକଣା- ନଳରପୁର, ଜଗତପୁର, କଟକ, ପିନ୍-୭୫୪୦୨୧ | ଟ.୧୪,୭୯,୪୯୦.୭୯ + ସୁଧ ଏବଂ ସେବାବଦ ଅନ୍ୟାନ୍ୟ ଦେୟ | ୧୪.୦୫.୨୦୨୫ / ୧୯.୦୮.୨୦୨୫ | ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର (କ) ଖାତା ନଂ.: ୭୭୨/୧୭୦୨, ପ୍ଲଟ୍ ନଂ.: ୨୬୮୩/୬୨୯୮, କ୍ଷେତ୍ର: ଏକର୦.୦୪୦ଡିସିମିଲି, କିସମ: ଘରବାରି, ମୌଜା: ନିମପୁର, ଥାନା: ଟାଙ୍ଗି, ଥାନା ନଂ. ୭୧, ତହସିଲ: ଟାଙ୍ଗି ଚୌଦ୍ୱାର, ତହସିଲ ନଂ. ୧୬୭, ଜିଲ୍ଲା: କଟକ, ଏସ୍ଆରଓ: ଜଗତପୁର, ଡିଏସ୍ଆରଓ: କଟକ, ଏହାର ଚଉପାର୍ଶ୍ୱରେ- ପୂର୍ବ: ଧରଣୀ ମହାନ୍ତି, ପଶ୍ଚିମ: କ୍ରେତା, ଉତ୍ତର: ରାସ୍ତା, ଦକ୍ଷିଣ: ବିଦ୍ୟାଳୟ, **(ଖ)** ଖାତା ନଂ.: ୭୭୨/୧୫୯୭, ପ୍ଲଟ୍ ନଂ.: ୨୬୮୩/୬୨୦୧, କ୍ଷେତ୍ର: ଏକର୦.୦୫୦ଡିସିମିଲି, କିସମ: ଘରବାରି, ମୌଜା: ନିମପୁର, ଥାନା: ଟାଙ୍ଗି, ଥାନା ନଂ. ୭୧, ତହସିଲ: ଟାଙ୍ଗି ଚୌଦ୍ୱାର, ତହସିଲ ନଂ. ୧୬୭, ଜିଲ୍ଲା: କଟକ, ଏସ୍ଆରଓ: ଜଗତପୁର, ଡିଏସ୍ଆରଓ: କଟକ, ଏହାର ଚଉପାର୍ଶ୍ୱରେ- ପୂର୍ବ: ରମେଶ ମହାନ୍ତି, ପଶ୍ଚିମ: କେନାଲ, ଉତ୍ତର: କେନାଲ, ଦକ୍ଷିଣ: ଭୁବନପୁର ଉଚ୍ଚ ପ୍ରାଥମିକ ବିଦ୍ୟାଳୟ |

ତାରିଖ: ୧୯.୦୮.୨୦୨୫, ସ୍ଥାନ : ଭୁବନେଶ୍ୱର

କ୍ଷମତାପ୍ରାପ୍ତ ଅଧିକାରୀ, ବ୍ୟାଙ୍କ ଅଫ୍ ଇଣ୍ଡିଆ

# ମେଡିକାଲ ଯିବା ମୁଖ୍ୟ ରାସ୍ତା ପାଲଟିଛି ମରଣଯନ୍ତା

କଲ୍ୟାଣସିଂହପୁର,୧୯।୮ (ସମିସ): କଲ୍ୟାଣସିଂହପୁର ମୁଖ୍ୟ ରାସ୍ତା ଠାରୁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଯିବା ମୁଖ୍ୟ ରାସ୍ତା ଲୋକଙ୍କ ପାଇଁ ମରଣଯନ୍ତା ପାଲଟିଥିବା ଦେଖିବାକୁ ମିଳିଛି। ଏହି ରାସ୍ତା ଗତ ୨୦୧୮ ମସିହାରେ ସମବାୟ ବିଭାଗ ପକ୍ଷରୁ ଲକ୍ଷାଧିକ ଟଙ୍କା ଖର୍ଚ୍ଚ କରି ସିସି ରାସ୍ତା ନିର୍ମାଣ ହୋଇଥିଲା। ପରେ ୨୧ ମସିହାରେ ଆଇଟିଡିଏ ପକ୍ଷରୁ ପାଞ୍ଚ ଲକ୍ଷ ଟଙ୍କା ଓ ବ୍ଲକ ମନରେଗା ପକ୍ଷରୁ ପାଞ୍ଚ ଲକ୍ଷ ଟଙ୍କା ଖର୍ଚ୍ଚ ହୋଇଥିଲା। ସେତେବେଳେ




ନିମ୍ନମାନର କାର୍ଯ୍ୟ ହୋଇଥିବାରୁ ରାସ୍ତାରେ ପଡ଼ିଥିବା ବେରିଙ୍ଗ କଟର ଲୁହାଛଡ଼ ବାହାରି ଯାଇଥିବା ଓ ଖାଲଖମା ହୋଇ ଯାଇଥିବାରୁ ଲୋକେ ଉକ୍ତ ରାସ୍ତାରେ ଯାତାୟାତ କରିବା ବିପଦ ମଣୁଛନ୍ତି। ରୋଗୀକୁ ଉକ୍ତ ରାସ୍ତାଦେଇ ଯିବା ବେଳେ ଅନେକ ଦୁର୍ଘଟଣା ଘଟିଥିବା ନଜର ରହିଥିବା ଅଭିଯୋଗ ହୋଇଛି। ନିକଟରେ ଲ୍ୟାମ୍ପ୍ସ ରହିଥିବାରୁ ବ୍ଲକର ବିଭିନ୍ନ ଗ୍ରାମରୁ ଚାଷୀମାନେ ଆସି ମଣ୍ଡି ପଞ୍ଜିକରଣ କରିବା ଓ ସାର ନେବାବେଳେ ଚାଷୀଙ୍କ ଗହଳି ହେଉଥିବାରୁ ଉକ୍ତ ଖାଲି ସ୍ଥାନରେ ପାଣି ଜମୁଥିବାରୁ ଲୋକେ ଜାଣି ନପାରି ଦୁର୍ଘଟଣା ଘଟୁଥିବା ଅଭିଯୋଗ ହୋଇଛି। ଏଣୁ ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେଇ ମରାମତି କରିବା ପାଇଁ ଦାବି ହେଉଛି।

## ଶ୍ରେଣୀଗୃହ ଅଛି, ଶିକ୍ଷକ ନାହାନ୍ତି

# ଅନ୍ୟ ବିଦ୍ୟାଳୟରେ ପାଠପଢୁଛନ୍ତି ୮ ଶ୍ରେଣୀର ୨୪୦ ଛାତ୍ରଛାତ୍ରୀ

କଲ୍ୟାଣସିଂହପୁର,୧୯।୮ (ସମିସ): ସରକାର ବଦଳିଲା। କିନ୍ତୁ ନିୟମଗିରି ଡଙ୍ଗରିଆ ଛାତ୍ର ମାନଙ୍କ ଭାଗ୍ୟ ବଦଳିଲା ନାହିଁ । ଏମିତି ଏକ ବିଦ୍ୟାଳୟ ଦେଖିବାକୁ ମିଳିଛି ରାୟଗଡ଼ା ଜିଲା କଲ୍ୟାଣସିଂହପୁର ବ୍ଲକ ପାର୍ସାଲି ପଞ୍ଚାୟତ କାଣସୁର ପି.ଭି.ଟି.ଜି ବିଦ୍ୟାଳୟରେ। ଏଠାରେ ଥିବା ଉନ୍ନୀତ ସରକାରୀ ଉଚ୍ଚ ବିଦ୍ୟାଳୟ ବିଭିନ୍ନ ସମସ୍ୟା ନେଇ ଗତି କରୁଛି। ଏହି ସମସ୍ୟା ସରକାରଙ୍କ ଅବହେଳାରୁ ସୃଷ୍ଟି ହୋଇଛି ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଜିଲ୍ଲା ମଙ୍ଗଳ ବିଭାଗ ଓ ଆଦିବାସୀ ଉନ୍ନୟନ ସଂସ୍ଥା ମଧ୍ୟରେ ସମନ୍ୱୟ ଅଭାବରୁ ନିରୀହ ଡଙ୍ଗରିଆ ଛାତ୍ରମାନଙ୍କୁ ଓ ଅବିଭାବକଙ୍କୁ ଭୋଗିବାକୁ ପଡୁଛି ସମସ୍ୟା। ୬ ଦଶନ୍ଧି ପୂର୍ବେ ଡଙ୍ଗରିଆ ପୁଅ ପିଲାଙ୍କ ନିମନ୍ତେ ବିଦ୍ୟାଳୟ ପ୍ରତିଷ୍ଠା ହୋଇଥିଲା। ବିଦ୍ୟାଳୟ ପାଇଁ ତିନିଟି କୋଠା ନିର୍ମାଣ ହେଲା। କିନ୍ତୁ ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ପାଠପଢିବା ପାଇଁ ଜଣେ ହେଲେ ଶିକ୍ଷକ ନିଯୁକ୍ତି ହୋଇନଥିବାରୁ ସେମାନଙ୍କୁ କାଣଶୁର ବାଳିକା ବିଦ୍ୟାଳୟରେ ପାଠ ପଢିବାକୁ ପଡୁଛି। ବିଦ୍ୟାଳୟକୁ ଲାଗି ଛାତ୍ରୀ ନିବାସ ରହୁଥିବା ବେଳେ ସେଠାରେ ଛାତ୍ରଙ୍କ ପାଠପଢା ମଙ୍ଗଳ ବିଭାଗର ନୀତିକୁ ଅବିଭାବକଙ୍କୁ ଆଶ୍ଚର୍ଯ୍ୟ କରିଛି। ଡିକେଡିଏ ଅଧୀନରେ ଆଦିବାସୀ ଉନ୍ନୟନ ସଂସ୍ଥା କାର୍ଯ୍ୟ କରୁଥିବାରୁ ବିଭାଗ ଅଧିକାରୀଙ୍କୁ ବାରମ୍ବାର ଅଭିଯୋଗ କରିଛନ୍ତି ଅଭିଭାବକ। କିନ୍ତୁ କୌଣସି ସମସ୍ୟାର ସମାଧାନ ହୋଇପାରୁନି ବୋଲି ଅବିଭାବକ ମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ବିଦ୍ୟାଳୟ ପ୍ରଥମେ ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ଚାଲୁଥିବା ବେଳେ ଏମାନଙ୍କୁ ପଢାଇବା ପାଇଁ ଜଣେ ବି



ଶିକ୍ଷକ ନିଯୁକ୍ତି ହୋଇନାହିଁ। ବିରଳ ଡଙ୍ଗରିଆ ଛାତ୍ରଙ୍କୁ ଶିକ୍ଷାର ବିକାଶ ପାଇଁ ଆଇଟିଡିଏ ପକ୍ଷରୁ କୋଟିକୋଟି ଟଙ୍କା ଖର୍ଚ୍ଚ କରି ଛାତ୍ରାବାସ, ଶ୍ରେଣୀ ଗୃହ, ଡାଇନିଂ ହଲ୍ ଭଳି ଅନେକ ସୁବିଧା ରହିଥିଲେ ମଧ୍ୟ କେବଳ ଶୋଇବା ପାଇଁ ହିଁ କୋଠା ବ୍ୟବହାର ହେଉଛି । ନଚେତ ଡିକେଡିଏର ଅଧିକାରୀ କିମ୍ବା କେଉଁ ଅଧିକାରୀ ଆସିଲେ ଉକ୍ତ ବିଦ୍ୟାଳୟ ଶୟନ କକ୍ଷ ପାଲଟିଛି କହିଲେ ଭୁଲ ହେବ ନାହିଁ। ଏହି ବିଦ୍ୟାଳୟ ୧୭ ମସିହାରୁ ୨୩ ମସିହା ପର୍ଯ୍ୟନ୍ତ ଡିକେଡିଏ ସଂସ୍ଥା ଦ୍ୱାରା ଚାଲୁଥିଲା। ୨୩ ଠାରୁ ମଙ୍ଗଳ ବିଭାଗ ହାତକୁ ନେଲେ ସୁଦ୍ଧା ଶିକ୍ଷକ ନିଯୁକ୍ତି ପ୍ରଦାନ ନକରିବାରୁ ନିକଟସ୍ଥ ବାଳିକା ବିଦ୍ୟାଳୟରେ ଛାତ୍ରମାନଙ୍କୁ ପଢିବା ପାଇଁ କୁଆଡେ ମଙ୍ଗଳ ବିଭାଗ ହାତକୁ ନେଇଥିବା ଜଣାପଡିଛି। ରାୟଗଡା ଜିଲ୍ଲାରେ ମଙ୍ଗଳ ବିଭାଗର ପୁଷମାସ ପିଛା ଛାଡୁ ନଥିବା ବେଳେ ଶିକ୍ଷକ ନିଯୁକ୍ତି ପ୍ରଦାନ ନ କରି ଶିକ୍ଷାଦାନ କରି ନିଜର ଦାୟିତ୍ୱ ସାରି ଦେଉଛି। ଏହା ପୁଣି କଳଙ୍କକୁ ଆମନ୍ତ୍ରଣ କରୁନାହିଁ ତ ବୋଲି ଅଞ୍ଚଳରେ ଚର୍ଚ୍ଚା ଜୋର ଧରିଛି। ଜିଲ୍ଲା ପ୍ରଶାସନ ଛାତ୍ରଙ୍କ ପାଇଁ ଶିକ୍ଷକ ନିଯୁକ୍ତି ପ୍ରଦାନ କରିବା ପାଇଁ ଅବିଭାବକ ମହଲରେ ଦାବି ହେଉଛି।

## ● ପଦ୍ମପୁର ନୂଆ ଏନ୍‌ଏସି ଆଶା ପୁରଣ ହେବ ତ!

# ଦାବି କରି ନିରବୀ ଗଲେଣି ଲୋକେ

ପଦ୍ମପୁର,୧୯।୮ (ସମିସ): ରାୟଗଡ଼ା ଜିଲ୍ଲା ପଦ୍ମପୁରକୁ ଏନ୍‌ଏସି ମାନ୍ୟତା ମିଳିବା ନେଇ ଆଶା ଓ ଆଶଙ୍କା ମଧ୍ୟରେ ରହିଛନ୍ତି ପଦ୍ମପୁର ବାସିନ୍ଦା। ରାଜ୍ୟରେ ନୂଆ ୧୨ଟି ବିଜ୍ଞାପିତ ପରିଷଦ ଅଞ୍ଚଳ ଗଠନ ପାଇଁ ବିଜ୍ଞପ୍ତି ଜାରି କରିଛନ୍ତି ଗୃହ ଓ ନଗର ଉନ୍ନୟନ ବିଭାଗ। ୭ ଜିଲ୍ଲାରେ ୧୨ ଏନଏସି ଗଠନ ପାଇଁ ବିଜ୍ଞପ୍ତିରେ ରାୟଗଡ଼ା ଜିଲ୍ଲାରେ କେବଳ ବିଷମ କଟକକୁ ସ୍ଥାନିତ କରାଯାଇଛି। ପଦ୍ମପୁରକୁ ପ୍ରଥମ ପର୍ଯ୍ୟାୟରେ ବାଦ୍ ଦିଆଯାଇଛି। ଗତବର୍ଷ କଂଗ୍ରେସ ବିଧାୟକ ସତ୍ୟଜିତ ଗମାଙ୍ଗ ଗୁଣପୁର ବିଧାନସଭା ଆସନରୁ ନିର୍ବାଚିତ ହେବାପରେ ଏ ନେଇ ଉଦ୍ୟମ କରାଯାଉଥିବା କହିଥିଲେ। ଏବେ ରାଜ୍ୟରେ ବିଜେପି ସରକାର ଚାଲିଛି। ପ୍ରକୃତରେ ପଦ୍ମପୁର ଏନ୍‌ଏସି ହେବାପାଇଁ ଯୋଗ୍ୟ ହେଲେ ମଧ୍ୟ ରାଜନୈତିକ ଇଚ୍ଛାଶକ୍ତିର ଅଭାବ ଯୋଗୁଁ ହୋଇପାରୁନାହିଁ। ପଦ୍ମପୁରରେ ୨୦୧୯ ଜନଗଣନା ଅନୁଯାୟୀ ୧୫ ହଜାରରୁ ଅଧିକ ଜନସଂଖ୍ୟା ରହିଛି। ଏବେ ତାହା ଦୁଇଗୁଣ ବଢିଯାଇଛି। ତଥାପି ଏହା ଏନ୍‌ଏସି ହୋଇପାରୁନାହିଁ। ଏହା ପୂର୍ବରୁ ପଦ୍ମପୁରର ବ୍ୟବସାୟୀ ସଂଘ, ବିଭିନ୍ନ ଅନୁଷ୍ଠାନ ତଥା ଦଳଗତ ନିର୍ବିଶେଷରେ ସମସ୍ତେ ଏକଜୁଟ ହେଇ ଦାବି କରିଛନ୍ତି । କିନ୍ତୁ ଏହାକୁ ଅଣଦେଖା କରାଯାଉଛି। ୨୦୧୭ ମସିହାରେ ପଦ୍ମପୁର ବ୍ଲକ୍ ଉନ୍ନୟନ ପରିଷଦ ଓ ଦକ୍ଷିଣ ଓଡ଼ିଶା ବିକାଶ ପରିଷଦ ପକ୍ଷରୁ ଧାରଣା ଦିଆଯାଇଥିଲା। ରାଜ୍ୟ ସରକାରଙ୍କ ସମସ୍ତ ନିୟମକୁ ପାଳନ କରୁଥିବାରୁ ଅଞ୍ଚଳକୁ ବିଜ୍ଞାପିତ ପରିଷଦ ଅଞ୍ଚଳ ଘୋଷଣା କରାଯିବା କଥା। ମାତ୍ର କେଉଁ କାରଣରୁ ଏହାକୁ କରେଇ ଦିଆଯାଉନାହିଁ ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ସହର ବଢ଼ିବା ସାଙ୍ଗକୁ ବିକାଶ ସେହି ତୁଳନାରେ ଆବଶ୍ୟକ ପଡୁଥିବା ବେଳେ ପଞ୍ଚାୟତର ସେତିକି କ୍ଷମତା ନଥିବାରୁ ଉନ୍ନତିମୂଳକ କାର୍ଯ୍ୟ ଆଗେଇ ପାରୁନାହିଁ। ସୂଚନାଯୋଗ୍ୟ, ପଦ୍ମପୁର ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କ ଗତ ମାର୍ଚ୍ଚ ୫ତାରିଖରେ ପତ୍ର ସଖ୍ୟା ୭୧୪ରେ ପଦ୍ମପୁରକୁ ଏନ୍‌ଏସି ମନ୍ୟତା ପାଇଁ ଏକ ବିସ୍ତୃତ ପ୍ରସ୍ତାବ ପ୍ରକଳ୍ପ ନିର୍ଦ୍ଦେଶକ ରାୟଗଡ଼ା ଜିଲ୍ଲା ନଗର ଉନ୍ନୟନ ସଂସ୍ଥାକୁ ପ୍ରଦାନ କରାଯାଇଥିଲା। ଏହାପରେ ଏହି ପ୍ରସ୍ତାବ ଜିଲ୍ଲା ସ୍ତରରୁ ରାଜ୍ୟ ଗୃହ ଓ ନଗର ଉନ୍ନୟନ ବିଭାଗକୁ ଗତ ମାର୍ଚ୍ଚ ୭ ତାରିଖ ଦିନ ପତ୍ର ସଖ୍ୟା ୧୫୩ ମଧ୍ୟମରେ ପ୍ରସ୍ତାବ ଦିଆଯାଇଥିଲା। ସେହି ସମୟରେ ଗୁଣପୁର ବିଧାୟକ ସତ୍ୟଜିତ ଗମାଙ୍ଗ ନଗର ଉନ୍ନୟନ ବିଭାଗ ଓ ମୁଖ୍ୟମନ୍ତ୍ରୀଙ୍କ ସହ ଏସମ୍ପର୍କରେ ଆଲୋଚନା କରିଥିବା କହିଥିଲେ। ତେବେ ଏତେସବୁ ପରେ ମଧ୍ୟ ପଦ୍ମପୁରକୁ ଏନ୍‌ଏସି ମନ୍ୟତା ନମିଳିବାରୁ ପଦ୍ମପୁର ଅଞ୍ଚଳରେ ଆନ୍ଦୋଳନ ଦାନା ବାନ୍ଧିଲାଣି। ଏଥିପାଇଁ ରାଜ୍ୟ ସରକାର ଦାୟୀ ହେବେ ବୋଲି ସାଧାରଣରେ ଆଲୋଚନା ହେଉଛି।

# ପାନୀୟ ଜଳଯୋଗାଣ ସଚିବଙ୍କ ପଦ୍ମପୁର ଗସ୍ତ

ପଦ୍ମପୁର,୧୯।୮ (ସମିସ):

ରାଜ୍ୟ ସରକାରଙ୍କ ପଞ୍ଚାୟତିରାଜ ଓ ଜଳ ଯୋଗାଣ ବିଭାଗ କମିଶନର ତଥା ସଚିବ ଗିରିସ୍ ଏସ୍‌ଏନ୍(ଆଇଏଏସ୍) ପଦ୍ମପୁର, ଖମାପଦର, ଡିବିରିସିଙ୍ଗ୍ ଆଦି ଅଞ୍ଚଳ ଗସ୍ତ କରିଛନ୍ତି। ପଦ୍ମପୁର ଖମାପଦରରେ ନିର୍ମାଣ ଚାଲିଥିବା ଅମୃତ ସରୋବରର ପାରିପାର୍ଶ୍ୱିକ ଉନ୍ନୟନ କାର୍ଯ୍ୟ ଖୁବଶୀଘ୍ର ସାରିବାକୁ ପରାମର୍ଶ ଦେଇଥିଲେ। ଉଦ୍ୟାନ କୃଷି ମାଧ୍ୟମରେ ଟିସୁ କଲଚର ଚାଷ ଉପରେ ଗୁରୁତ୍ୱ ଦେବାକୁ ଚାଷୀ ମାନଙ୍କୁ କହିଥିଲେ। ପଦ୍ମପୁର ଦେବହୂତି ଷଡ଼ଙ୍ଗୀ ଏବଂ ବନ୍ଧ୍ୟବାସିନୀଙ୍କ ତତ୍ତ୍ୱାବଧାନରେ ଚାଲିଥିବା ଜଗନ୍ନାଥ ସ୍ୱୟଂ ସହାୟକ ଗୋଷ୍ଠୀଙ୍କ ଦ୍ୱାରା ପରିଚାଳିତ ଆକାଂକ୍ଷା ହାଟ ପରିଦର୍ଶନ କରି ଖୁସି ବ୍ୟକ୍ତ କରିଥିଲେ। ସେଠାରେ ମା'ମାନଙ୍କ ସହ ସୁଭଦ୍ରା ଯୋଜନା ଉପରେ ଆଲୋଚନା କରିଥିଲେ। ଏହି ସମୟରେ ପଦ୍ମପୁର ଉନ୍ନୟନ ପରିଷଦ ତରଫରୁ ରମେଶ ଚନ୍ଦ୍ର ପଣ୍ଡା ପଦ୍ମପୁରର ଉନ୍ନତି ପାଇଁ ଏନ୍‌ଏସି ସମ୍ପର୍କୀତ ଏକ ଦାବିପତ୍ର ପ୍ରଦାନ କରି ଦୀର୍ଘବର୍ଷ ଧରି ପଦ୍ମପୁର ଉନ୍ନୟନ ପରିଷଦ ଲୋକଙ୍କ ସମସ୍ୟାକୁ ନେଇ ବାରମ୍ବାର ଦାବି ସତ୍ତ୍ୱେ ଅବହେଳା କରାଯାଉଥିବା କହିଥିଲେ। ସେଠାରୁ ଡିବିରିସିଙ୍ଗ୍ ଗ୍ରାମକୁ ଯାଇ ଅନ୍ତ୍ୟୋଦୟ ଘର ଯୋଜନାରେ ଘର ପାଇଥିବା ହିତାଧିକାରୀ ମାନଙ୍କୁ ତୁରନ୍ତ ଘରକାର୍ଯ୍ୟ ସାରିଲେ ଅଧିକ ସରକାରଙ୍କ ପ୍ରୋତ୍ସାହନ ସୁବିଧା ଉପରେ କହିଥିଲେ। ଅପରାହ୍ନରେ ପଦ୍ମପୁର ଶ୍ରୀରାମ ମନ୍ଦିରରେ ସନ୍ଧ୍ୟା ଆରତୀ ଦର୍ଶନ ସମୟରେ ପଦ୍ମପୁରର ବରିଷ୍ଠ ଆଇନଜୀବୀ ସରୋଜ ପାଣିଗ୍ରାହୀ, ବିଜେଡି ନେତା ଦୁର୍ଗା ସାହୁ, ବିଜେପି ନେତା ହରେକୃଷ୍ଣ ପାଢ଼ୀ ପ୍ରମୁଖ ପାଛୋଟି ନେଇଥିଲେ। ଏହି ସମୟରେ ଗୁଣପୁର ଉପଜିଲ୍ଲାପାଳ ବୁଧାଲ୍ ଅଭିଷେକ ଦିଲିପ୍, ଗୁଣପୁର ବିଡ଼ିଓ ସ୍ୱସ୍ତିକ ଜମାଦାର, ପଦ୍ମପୁର ବିଡ଼ିଓ କୁରେଶୁ ଜାନୀ, ପଦ୍ମପୁର



ସରପଞ୍ଚ ପ୍ରକାଶ କଣ୍ଡାଗୀରି, ପଦ୍ମପୁର ମଙ୍ଗଳ ଅଧିକାରୀ ଅର୍ଚ୍ଚନା ପଣ୍ଡା, ଗୋଷ୍ଠୀ ମହିଳା ସଂଘ ର ସଭାପତି ମମତା ପାଣିଗ୍ରାହୀ,ବିପିଶି ମିଶନ ଶକ୍ତିର କ୍ରାନ୍ତି କୁମାର ପାଢ଼ୀ,ଏଡିଇଓ ଗଙ୍ଗା ସୁରେଶ କୁମାର, ପଦ୍ମପୁର ବ୍ଲକ୍ ଯନ୍ତ୍ରୀ ଇସ୍‌ମାଇଲ୍ ଶବର, ଅଂଶୁମାଳି ସାହୁ, ନରକେତନ ଶବର, ଜଳ ଓ ପରିମଳ ଯନ୍ତ୍ରୀ ଅଜୟ ମାଝୀ, ପଦ୍ମପୁର ପିଇଓ ପ୍ରତିଭା ଶବର, ଜିପିଓ ଗୌରାଙ୍ଗ କାଦମ୍ବୁଲ, ମିଶାରା ସୀମାରାଓ, ଯାଜ୍ଞସେନୀ ପାଢ଼ୀଙ୍କ ସହ ବହୁ ବ୍ୟକ୍ତି ଯୋଗଦାନ କରିଥିଲେ।

# ଅଗ୍ନିଶମ ବିଭାଗର ସୁରକ୍ଷା ସଚେତନତା



ଜୟପୁର,୧୯।୮ (ସମିସ): କୋରାପୁଟ ଜିଲ୍ଲା ଜୟପୁର ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ କାର୍ଯ୍ୟାଳୟ ଠାରେ ଅଗ୍ନିସମ ବିଭାଗ ପକ୍ଷରୁ ସଚେତନ କାର୍ଯ୍ୟକ୍ରମ ଆଜି ଅନୁଷ୍ଠିତ ହୋଇଥିଲା। ଏହି ଅବସରରେ ଗ୍ୟାସ ସିଲିଣ୍ଡର ଏବଂ ଚୂଲାରେ ନିଆଁ ଲାଗିଲେ କିଭଳି ସୁରକ୍ଷିତ ଭାବେ ଏହି ନିଆଁକୁ ଲିଭାଯାଇପାରିବ ଏବଂ ବନ୍ୟା ବେଳେ ସ୍ଥାନୀୟ ଅଞ୍ଚଳର ଲୋକମାନଙ୍କୁ ସୁରକ୍ଷିତ ଭାବେ ଉଦ୍ଧାର ଏବଂ ସୁରକ୍ଷିତ ସ୍ଥାନକୁ ନିଆଯାଇ ପାରିବ ସେଥିନେଇ ସଚେତନତା ଏବଂ ପ୍ରାଥମିକ ସୂଚନା ଦିଆଯାଇଥିଲା। ଏହି ଅବସରରେ ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ କାଞ୍ଚନରାଣି ପଣ୍ଡା, ଅଗ୍ନିଶମ ଅଧିକାରୀ ସୁରେଶ କୁମାର ବାରିକ ପ୍ରମୁଖ ଉପସ୍ଥିତ ରହିଥିବା ବେଳେ ଅଗ୍ନିଶମ ଅଧିକାରୀ ଓ କର୍ମଚାରୀ ମାନେ ଏଥିନେଇ ବୁଝାଇଥିଲେ। ଏହି ଅବସରରେ ଏସିଡିଏସର ୬ ଜଣ ସୁପରଭାଇଜର ଏବଂ ୨ଶହର ଉଶହର କର୍ମୀ ଏବଂ ସହାୟିକା ଉପସ୍ଥିତ ଥିଲେ।

# ଆଇଚର୍ ଧକ୍କାରେ ବାଇକ୍ ଆରୋହୀ ଗୁରୁତର

ନନ୍ଦପୁର,୧୯।୮ (ସମିସ): ଆଜି ବନମାଳୀପୁଟ ପଞ୍ଚାୟତ ଅନ୍ତର୍ଗତ କଣ୍ଟାଗାଁ ମଶାଣି ନିକଟ ବୁଲାଣିରେ ଜଣେ ବାଇକ୍ ଆରୋହୀ ଆଇଚର ଧକ୍କାରେ ଗୁରୁତର ହୋଇଛି। ସୂଚନା ପ୍ରକାରେ କୁମାର ଗନ୍ଧଣା ପଞ୍ଚାୟତ ହାଟସୁକୁ ଗ୍ରାମର ଉଦ୍ଧବ ମାଝି (୩୨) ଆଜି ଦେବଗନ୍ଧଣା ସ୍ଥିତ ବିଦ୍ୟାଳୟକୁ ନିଜ ପୁଅକୁ ଦେଖିବା ନିମନ୍ତେ ନିଜ ବାଇକ୍ ନଂ ଓଡି ୧୦ ଏକ୍ସ ୭୦୬୩ ରେ ଆସୁଥିବା ବେଳେ କଣ୍ଟାଗାଁ ମଶାଣି ନିକଟ ବୁଲାଣି ନିକଟରେ ବିପରୀତ ଦିଗରୁ କାଠ ବୋଝେଇ ଲାଗି ଆସୁଥିବା ଏକ ଆଇଚାର ଗାଡି ନଂ ସିଜି ୦୪ ପିବି ୨୯୩୫ ସହ ମୁହାମୁହୀ ଧକ୍କା ହୋଇଥିଲା। ଫଳରେ ବାଇକ ଆରୋହୀ ଗୁରୁତର ଆହତ ହୋଇଥିଲେ। ସ୍ଥାନୀୟ ସରପଞ୍ଚ ଗୋରା ଜାନି ତୁରନ୍ତ ୧୦୮ ଆମ୍ବୁଲାନ୍ସକୁ ଯୋଗାଯୋଗ କରି ନନ୍ଦପୁର ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ। ପ୍ରାଥମିକ ଚିକିତ୍ସା ପରେ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ଥିବାରୁ ଉଦ୍ଧବଙ୍କୁ କୋରାପୁଟ ସହିଦ୍ ଲକ୍ଷ୍ମଣ ନାୟକ ହସ୍ପିଟାଲ ସ୍ଥାନାନ୍ତର କରାଯାଇଥିଲା। ସେପଟେ ଧକ୍କା ଦେଇ ଆଇଚର୍ ଗାଡ଼ିକୁ ଭାଲିଆ ହିଙ୍ଗେଇପୁଟ ନିକଟରେ ଲୁଚାଇ ଗାଡିଛାଡ଼ି ଡ୍ରାଇଭର ଚମ୍ପଟ୍ ମାରିଥିବା ବେଳେ ଖବର ପାଇ ନନ୍ଦପୁର ପୋଲିସ ଉଭୟ ଗାଡ଼ିକୁ ନିଜ ଆୟତ୍ତକୁ ନେଇଥିବା ଜଣାପଡିଛି।

# ବହୁଜନ ସମାଜ ପାର୍ଟିର ଜିଲ୍ଲାସ୍ତରୀୟ ସମ୍ମିଳନୀ

ଲକ୍ଷ୍ମୀପୁର,୧୯।୮ (ସମିସ): ବହୁଜନ ସମାଜ ପାର୍ଟି କୋରାପୁଟ ଜିଲ୍ଲାରେ ତାର ସ୍ଥିତି ଜାହିର କରିବା ପାଇଁ ପ୍ରକ୍ରିୟା ଆରମ୍ଭ କରିଛି। ଶନିବାର ଦିନ କୋରାପୁଟ ପୌରପାଳିକା ଅଡିଟୋରିୟମ ବଙ୍ଗଳାରେ ବହୁଜନ ସମାଜ ପାର୍ଟିର ଜିଲ୍ଲା ସ୍ତରୀୟ କର୍ମକର୍ତ୍ତା ସମ୍ମିଳନୀ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟ ଅତିଥି ଭାବେ ବହୁଜନ ସମାଜ ପାର୍ଟିର କେନ୍ଦ୍ରୀୟ ପ୍ରଭାରୀ ଡଃ ଲାଲଜୀ ମେଧାଙ୍କର ଓ ରାଜ୍ୟ ସଭାପତ ଟଙ୍କଧର ବାଗ ବିଶିଷ୍ଟ ଅତିଥି ଭାବେ ଯୋଗ ଦେଇଥିଲେ। ରାଜ୍ୟ ସାଧାରଣ ସମ୍ପାଦକ ସୋରଜ୍ କୁମାର ନାଏକ ସମ୍ମାନିତ ଅତିଥି ଭାବେ ଯୋଗ ଦେବା ସହ ଅନ୍ୟତମ ଅତିଥି ରାୟଗଡା ଜୋନ୍ ଦାୟିତ୍ୱରେ ଥିବା ସଞ୍ଜୀବ କୁମାର୍ ନାଏକଙ୍କ ସମେତ ମନୋରଞ୍ଜନ



ଟାକ୍ରୀ, ବିଶୋଇ କୁଲଦୀପ ସମେତ କୋରାପୁଟ ଜିଲ୍ଲାର ବହୁ ବହୁଜନ କର୍ମକର୍ତ୍ତା ଉପସ୍ଥିତ ରହିଥିଲେ। ଏହି କାର୍ଯ୍ୟକ୍ରମରେ କେନ୍ଦ୍ରୀୟ ପ୍ରଭାରୀ ଯୋଗଦେଇ କୋରାପୁଟ ଜିଲ୍ଲା ହେଉଛି ଏକ ବହୁଜନ ବହୁଳ ଜିଲ୍ଲା ଅଟେ। ଏହାକୁ କିପରି ସଂଘଠାନକୁ ମଜଭୁତ କରାଯିବ ସେ ନେଇ ଉପସ୍ଥିତ କର୍ମକର୍ତ୍ତା ମାନଙ୍କୁ ଉଦ୍‌ବୋଧନ ଦେଇଥିଲେ। ଏହା ସହ ନୂତନ ଜିଲ୍ଲା ସଭାପତି ଚୟନ କରାଯାଇଥିଲା। କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ବ୍ଲକ ଅନ୍ତର୍ଗତ ଓଡ଼ିଆପେଣ୍ଠ ପଞ୍ଚାୟତ ବିରିଗୁଡା ଗାଁର ଘନସ୍ୟାମ ହଲୱାଙ୍କୁ କୋରାପୁଟ ଜିଲ୍ଲାର ବହୁଜନ ସମାଜ ପାର୍ଟିର ଜିଲ୍ଲା ସଭାପତି ଓ ଜିଲ୍ଲା ପ୍ରଭାରୀ ଭାବରେ ସୋମନାଥ ଖରା, ବାସୁ ନାଏକ ଓ ଜାକବ ଗାଣ୍ଡା, ସାଧରଣ ସମ୍ପାଦକ ଭାବେ ପ୍ରଦୀପ କୁମାର ସେଠୀ ଓ ଉପ ସଭାପତି ଭାବେ ଲୋକନାଥ କାଣ୍ଡାଙ୍କୁ କେନ୍ଦ୍ରୀୟ ପ୍ରଭାରୀ ଘୋଷଣା କରିଥିଲେ। ଲକ୍ଷ୍ମୀପୁର ନିର୍ବାଚନ ମଣ୍ଡଳୀ ର ସଭାପତି ପ୍ରମୋଦକୁମାର ତୁରୁକ ସଭା ପରିଚାଳନା କରି ଥିଲେ।

## ବାଲାପାଡୁ କ୍ୱାର୍ଟଜ୍ ଖଣି ଖନନକୁ ବିରୋଧ

# ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ମନ୍ତ୍ରୀଙ୍କୁ ଦାବିପତ୍ର

ରାୟଗଡ଼ା,୧୯।୮ (ସମିସ): ପ୍ରାକୃତିକ ଖଣିଜ ସମ୍ପଦରେ ଭରପୁର ରହିଛି ରାୟଗଡ଼ା ଜିଲ୍ଲା। ଆଉ ଏହି ଖଣିକୁ ଉତ୍ତୋଳନ କରି ଅଞ୍ଚଳର ବିକାଶ ନାମରେ ପରିବେଶକୁ ଦୂଷିତ କରାଯାଉଛି। ଅଞ୍ଚଳର କୌଣସି ବିକାଶ ହେଉ ନ ଥିବା ବେଳେ ଅଭିଯୋଗ ଗୁଡିକର ଦଶନ୍ଧି ଦଶନ୍ଧି ଧରି ସମାଧାନ ହୋଇପାରୁନାହିଁ। ଏହାମଧ୍ୟରେ ଜିଲ୍ଲାର ସଦର ବ୍ଲକ୍ ବଡ଼ଇରକୁବାଡି ଗ୍ରାମପଞ୍ଚାୟତର ବାଲାପାଡୁ ଗାଁରେ ଥିବା କ୍ୱାର୍ଟଜ୍ ଓ କ୍ୱାର୍ଟଜାଇଟ୍ ଖଣି ଖନନ ପାଇଁ ଚଳିତ ମାସ ୧୨ ତାରିଖରେ ଓଡିଶା ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ରାୟଗଡ଼ା ତରଫରୁ ଜିଲ୍ଲା ପ୍ରଶାସନର ରାଜସ୍ୱ ବିଭାଗ ସହାୟତାରେ ଅନୁଷ୍ଠିତ ହୋଇଥିବା ଜନସାଧାରଣ ଅଭିଯୋଗ ଶୁଣାଣିକୁ ସ୍ଥାନୀୟ ଜନପ୍ରତିନିଧି ଏବଂ ଅଞ୍ଚଳବାସୀ ବିରୋଧ କରିବା ସହ ପ୍ରତିବାଦ କରିଥିଲେ। ଯାହାକୁ ନେଇ ଏହି ଶୁଣାଣି ଅନୁଷ୍ଠିତ ହୋଇପାରି ନ ଥିବା ବେଳେ ମୁଖ୍ୟମନ୍ତ୍ରୀ ଏଥିରେ ହସ୍ତକ୍ଷେପ କରି ଖଣି ଖନନକୁ ବନ୍ଦ କରିବା ପାଇଁ ରାୟଗଡ଼ା ଗସ୍ତରେ ଆସିଥିବା ମତ୍ସ୍ୟ ଓ ପ୍ରାଣୀ ସଂପଦ ବିଭାଗୀୟ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକଙ୍କୁ ଭେଟି ଅଞ୍ଚଳବାସୀ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ଏଥିରେ ଉଲ୍ଲେଖ ରହିଛି ଯେ, ବାଲାପାଡୁ ଖଣି



ଖନନ ହେଲେ ବଡଇରକୁବାଡି, ଗାଜିଗାଁ, ପିତାମହଲ ଏବଂ ତାଡମା ଗ୍ରାମ ପଞ୍ଚାୟତର ଅନେକ ଗ୍ରାମ ପ୍ରଭାବିତ ହେବାର ଆଶଙ୍କା ରହିଥିବା ଦର୍ଶାଯାଇଛି। ବାଲାପାଡୁ ଗାଁର କ୍ୱାର୍ଟଜ ଓ କ୍ୱାର୍ଟଜାଇଟ ଖଣିରେ ଭରପୁର ଥିବା ପାହାଡରେ ଅନେକ ଔଷଧୀୟ ବୃକ୍ଷଲତା ରହିଥିବା ବେଳେ ଏହି ପାହାଡର

## ଖଣି ଖନନ ହେଲେ ପ୍ରଭାବିତ ହେବ ପରିବେଶ

ଆଖପାଖରେ ପ୍ରାୟ ୬ଟି ଗ୍ରାମ ଅବସ୍ଥିତ ଏବଂ ପ୍ରାୟ ୧୮୦୦ରୁ ଉର୍ଦ୍ଧ୍ୱ ଲୋକେ ବସବାସ କରୁଛନ୍ତି। ପାହାଡ ନିକଟରେ ବାଲାପାଡୁ,ନାକଟି,ସାନ ଓ ବଡ ଇରକୁବାଡି ଭଳି ଅନେକ ଗ୍ରାମ ଅବସ୍ଥିତ। ଯେଉଁଥିରେ ପ୍ରାୟ ୩ ହଜାରରୁ ଅଧିକ ଲୋକେ ବସବାସ କରୁଛନ୍ତି। କୃଷି ଉପରେ ନିର୍ଭର କରୁଥିବା ଅଞ୍ଚଳବାସୀଙ୍କ ଚାଷ ହିଁ ଜୀବିନ ଜୀବିକା ଅଟେ। ପାହାଡରୁ ଖଣି ଖନନ ହେଲେ ଜୀବନଜୀବିକା ଉପରେ ସିଧାସଳଖ ପ୍ରଭାବ ପଡିବ। ଫଳରେ ପେଟପୋଷଣ ପାଇଁ ବାସସ୍ଥାନ ହରେଇବାକୁ ପଡିବ ଏବଂ ପ୍ରାକୃତିକ ସଂପଦ,ବଣ ଜଙ୍ଗଲ,ପାଣି ସ୍ରୋତ,କୃଷି ଭୂମି ଓ ପରିବେଶ ଗୁରୁତର କ୍ଷତି ପହଞ୍ଚାଇବା ସହ ସ୍ୱାସ୍ଥ୍ୟ ଏବଂ ପାରମ୍ପରିକ ସଂସ୍କୃତିରେ ଅପରିବର୍ତ୍ତନୀୟ ପ୍ରଭାବ ପଡିବ। ତେଣୁ ସ୍ଥାନୀୟ ସମସ୍ତ ଗାଁର ମତାମତ ସଂଗ୍ରହ କରି ଖଣି ଉତ୍ତୋଳନ ପାଇଁ ତରବର ଭାବେ ହେଉଥିବା ଯୋଜନାକୁ ତୁରନ୍ତ ବନ୍ଦ କରିବାକୁ ଜିଲ୍ଲା ପ୍ରଶାସନକୁ ନିର୍ଦ୍ଦେଶ ଦେବା ପାଇଁ ଉଲ୍ଲେଖ କରାଯାଇଛି। ଏହି ଦାବିପତ୍ରରେ ସ୍ଥାନୀୟ ସରପଞ୍ଚ, ସମିତି ସଭ୍ୟ, ପିତାମହଲ ପଞ୍ଚାୟତର ସରପଞ୍ଚଙ୍କ ସମେତ ୱାର୍ଡମେମ୍ବର ଓ ଗ୍ରାମବାସୀମାନେ ଦସ୍ତଖତ କରି ପ୍ରଦାନ କରିଛନ୍ତି। ସେହିପରି ଏହି ଖଣି ଖନନ ହେଲେ ଏହାର ପ୍ରଭାବ ରାୟଗଡ଼ା ସହର ଉପରେ ମଧ୍ୟ ଅଧିକ ପ୍ରଭାବ ପକାଇବା ସହ ରାୟଗଡା ସହରବାସୀ ଭୟଙ୍କର ପ୍ରଦୂଷଣର ସମ୍ମୁଖୀନ ହୋଇପାରନ୍ତି ବୋଲି ସ୍ଥାନୀୟ ପରିବେଶବିତମାନେ ମତ ରଖିଛନ୍ତି। ସେହିପରି ରାୟଗଡ଼ା ବନ ବିଭାଗ ସୂଚନା ପ୍ରକାରେ, ବାଲାପାଡୁ ଖଣି ପାହାଡଟି ଭୌଗଳିକ ସ୍ଥିତି ଅନୁଯାୟୀ ରାୟଗଡ଼ା ସହର ଠାରୁ ମାତ୍ର ୮ କିମି ଦୂରରେ ଅବସ୍ଥିତ। ରାୟଗଡ଼ା ବନାଞ୍ଚଳ ଅଧିନସ୍ଥ ହଂସା (ଆରଏଫ) ସଂରକ୍ଷିତ ଜଙ୍ଗଲ ଠାରୁ ୨କିମି ଏବଂ ଗୁମ୍ମା ସେକ୍ଟର ଅନ୍ତର୍ଗତ ନାଥମା ସଂରକ୍ଷିତ ଜଙ୍ଗଲଠାରୁ ମାତ୍ର ୧କିମି ଦୂରରେ ରହିଛି। ଏହି ଦୁଇ ସଂରକ୍ଷିତ ଜଙ୍ଗଲ ମଧ୍ୟରେ ବାଲାପାଡୁ ପାହାଡରେ ଅଧିକ ସବୁଜ ବନାନୀ ଥିବା ବେଳେ ଏଠାରେ ୪ଟି ଚିରସ୍ରୋତା ଝରଣା ଭୂତଳ ଜଳସ୍ତର ମଧ୍ୟ ପ୍ରଭାବ ହେବାର ଅଧିକ ସମ୍ଭାବନା ରହିଛି। ଏହି ପାହାଡରେ ବିଭିନ୍ନ ପ୍ରକାର ପଶୁପକ୍ଷୀ ଯଥା ହରିଣ, କୁଟ୍ରା, ଭାଲୁ, ସମ୍ବର, ଠେକୁଆ, ବାରିହା, ମାଙ୍କଡ ସମେତ ମୟୁର, ଶୁଆଶାରୀ ଭଳି ଅନେକ ବନ୍ୟପ୍ରାଣୀ ଓ ସରୀସୃପ ରହିଥିବା ବିଭାଗ ପକ୍ଷରୁ ସୂଚନା ମିଳିଛି। ସ୍ଥାନୀୟ ବନ ବିଭାଗର ଅଧିକାରୀ ଓ କର୍ମଚାରୀ, ବାଲାପାଡୁ,ନାକଟି ଭଳି ଅନ୍ୟ ଗ୍ରାମବାସୀମାନଙ୍କ ସହଯୋଗରେ ଜଙ୍ଗଲ ସୁରକ୍ଷିତ ଥିବାରୁ ପଶୁପକ୍ଷୀମାନେ ସୁରକ୍ଷିତ ରହିଛନ୍ତି ବୋଲି ରାୟଗଡ଼ା ବନାଞ୍ଚଳ ଅଧିକାରୀ କାମେଶ୍ୱର ଆଚାରୀ କହିଛନ୍ତି। ସେହିପରି ଖଣି ଖନନ ହେଲେ ବଡ଼ବଡ଼ ମେସିନ ଗାଡ଼ି ବୁଲିବ ଯଦ୍ୱାରା ଶବ୍ଦ ଓ ପରିବେଶ ପ୍ରଦୂଷଣ ବଢିବ ଏବଂ ବନ୍ୟଜନ୍ତୁ ପ୍ରତି ବିପଦ ବଢିବା ସୁନିଶ୍ଚିତ ବୋଲି ଫରେଷ୍ଟର ଗୌରୀ ଶଙ୍କର ସାହୁ କହିଛନ୍ତି। ଏହି ପର୍ବତରେ ଲଘୁ ବନଜାତ ଦ୍ରବ୍ୟ ଆମ୍ବ, ପଣସ, ଅଁଳା, ହରଡା, ବାହାଡା, ମହୁଲ, ନିମ୍ବ, ନାଗଂଜି, ସଲପ ଆଦି ଗଛଗୁଡିକ ହଜାର ହଜାର ସଂଖ୍ୟାରେ ଥିବା ଗ୍ରାମବାସୀ ପ୍ରକାଶ କରିଥିବା ବେଳେ ମରିବୁ ପଛେ ଖଣି ଖନନ କରିବାକୁ ଦେବୁନାହୁଁ ବୋଲି କହିଛନ୍ତି। ପ୍ରକାଶ ଥାଉ କି,ବାଲାପାଡୁ ଗାଁ ଠାରେ ଥିବା ୫୫.୩୯୪ହେକ୍ଟର ପରିମିତ ଅଞ୍ଚଳରେ କ୍ୱାର୍ଟଜ ଏବଂ କ୍ୱାର୍ଟଜାଇଟ ଖଣି ପାହାଡରୁ ବାର୍ଷିକ ୫୪୫୦୦ଘନ ମିଟର ଉତ୍ତୋଳନ ନିମନ୍ତେ ପରିବେଶ ମଂଜୁରୀ ପାଇଁ ଜନଶୁଣାଣି ଅନୁଷ୍ଠିତ ହୋଇଥିବା ବେଳେ ସ୍ଥାନୀୟ ଲୋକଙ୍କ ପ୍ରତିବାଦ ଯୋଗୁଁ ପ୍ରଶାସନ ପକ୍ଷରୁ ଏହାକୁ ବନ୍ଦ କରି ଦିଆଯାଇଛି।

# ଡାକ୍ତରୀ ପଢ଼ିବେ ଆଦିବାସୀ ଝିଅ



ପୋଡ଼ାଗଡ ୧୯।୮ (ସମିସ) କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ ଛଣାବାଡ ଗ୍ରାମପଞ୍ଚାୟତ ଅନ୍ତର୍ଗତ ଝୋଡିପାଇ ଗ୍ରାମର ଗୋପାଳ ସାଉଁନ୍ତାଙ୍କ ଝିଅ ସୁଶ୍ରୀ ଚିନ୍ମୟୀ ସାଉଁନ୍ତା (ସୁନି) ଜାତୀୟ ସ୍ତରୀୟ ନିଟ୍ ପରୀକ୍ଷାରେ ଉତ୍ତୀର୍ଣ୍ଣ ହେଇ ରାଜ୍ୟସ୍ତରରେ ଏସଟି ୧୧୬ ନମ୍ବରରେ ରହି ସହିଦ ଲକ୍ଷ୍ମଣ ନାୟକ ଭେଷଜ ମହାବିଦ୍ୟାଳୟ କୋରାପୁଟ ଠାରେ ଡକ୍ଟର ପାଠ ପଢିବା ପାଇଁ ଯୋଗ୍ୟ ବିବେଚିତ ହୋଇଛନ୍ତି। ସେ ଦଶମନ୍ତପୁର, ଲକ୍ଷ୍ମୀପୁର, ନାରାୟଣପାଟଣା ଓ ବନ୍ଧୁଗାଁ ଅଞ୍ଚଳ ପାଇଁ ଡକ୍ଟର ପାଠ ପଢିବା ପାଇଁ ପ୍ରଥମ ଆଦିବାସୀ ଛାତ୍ରୀ ଭାବେ ଚୟନ ହୋଇଛନ୍ତି। ତାଙ୍କର ପାଠ ପଢା ପ୍ରଥମରୁ ପଞ୍ଚମ ପର୍ଯ୍ୟନ୍ତ ଶିଶୁ ମନ୍ଦିର ଲକ୍ଷ୍ମୀପୁର ସମାପ୍ତପରେ ଷଷ୍ଠରୁ ଦଶମ ପର୍ଯ୍ୟନ୍ତ ଏକଲବ୍ୟ ମଡେଲ ସ୍କୁଲ, ଯୁପିଟର କଲେଜ ରାୟଗଡ଼ା +୨ ସମାପ୍ତ କରିଛନ୍ତି। ଲକ୍ଷ୍ମୀପୁର ନିର୍ବାଚନ ମଣ୍ଡଳୀ ରେ ବିଧାୟକ ପବିତ୍ର ସାଉନ୍ତା, ଦଶମନ୍ତପୁର ବ୍ଲକ ସାଂସଦ ପ୍ରତିନିଧି ପଙ୍କଜ ବାଘ ପୂର୍ବତନ ବିଧାୟକ ପ୍ରଭୁ ଜାନି ସମେତ ଅଞ୍ଚଳବାସୀ ତାଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। କୋରାପୁଟ ଜିଲ୍ଲା ବିଜେଡ଼ି ଉପସଭାପତି ନାରାୟଣ ବିଶୋଇ ତାଙ୍କୁ ଶୁଭେଚ୍ଛା ଜଣାଇବା ସହ ପାଠପଢାରେ ସହାୟତା କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି।

# ଜିଲ୍ଲା ସ୍ୱାସ୍ଥ୍ୟ ଏଡିପିଏଚ୍‌ଓଙ୍କ ଖିଲାମଣ୍ଡା ବାଳିକା ବିଦ୍ୟାଳୟ ପରିଦର୍ଶନ

ପଦ୍ମପୁର,୧୯।୮ (ସମିସ): ରାୟଗଡ଼ା ଜିଲ୍ଲାର ପଦ୍ମପୁର ବ୍ଲକ୍ ଅନ୍ତର୍ଗତ ଖିଲାମଣ୍ଡା ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟକୁ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗର ଏଡିପିଏଚ୍‌ଓ ମମତା ସାହୁ ପରିଦର୍ଶନ କରିଛନ୍ତି। ସେ ସ୍କୁଲ ପ୍ରଧାନ ଶିକ୍ଷକ କୁମ୍‌କୁମ୍ ସାହୁଙ୍କ ସହ



ଆଲୋଚନା କରି ସ୍କୁଲର ବିଭିନ୍ନ ସମସ୍ୟା ଉପରେ ଆଲୋଚନା କରିଥିଲେ। ପିଲା ମାନଙ୍କ ସ୍ୱାସ୍ଥ୍ୟ ଉପରେ ପିଲାମାନଙ୍କୁ ପଚାରି ବୁଝିବା ସହ ସ୍ୱାସ୍ଥ୍ୟ ବିଭାଗର ଅମ୍ଳାନ ଯୋଜନା ଓ ଏନ୍‌ଡିଡି ଯୋଜନା ଭଳି କାର୍ଯ୍ୟ ଉପରେ ତଦାରଖ କରିଥିଲେ। ଏହି ସମୟରେ ପଦ୍ମପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମେଲେରିଆ ନିରାକରଣ ଅଧିକାରୀ ଜୟଦେବ ଲିମାଲପୁରି, ସ୍ୱାସ୍ଥ୍ୟ ଅଧିକାରୀ ଉଦୟ ଚନ୍ଦ୍ର ଶବରଙ୍କ ସହ ସ୍କୁଲର ସମସ୍ତ ଶିକ୍ଷକ କମଚାରୀ ମାନେ ଉପସ୍ଥିତ ଥିଲେ।

# ଡୁକୁମ ଗ୍ରାମରେ ବ୍ୟାପିଛି ଅଜଣା ଜ୍ୱର



ବିଷମକଟକ, ୧୯।୮(ସମିସ): ଲଗାଣ ବର୍ଷା ସାଙ୍ଗକୁ ଅସ୍ୱାସ୍ଥ୍ୟକର ପରିବେଶ ଯୋଗୁଁ ରାୟଗଡା ଜିଲ୍ଲା ବିଷମ କଟକ ବ୍ଲକ ଅନ୍ତର୍ଗତ ଡୁକୁମ୍ ସଦର ପଞ୍ଚାୟତରେ ଘରେ ଘରେ ଲୋକେ ଜ୍ୱରରେ ପଡିତ ହୋଇ ରହିଛନ୍ତି। ଗତ ୧୫ଦିନ ମଧ୍ୟରେ ଶତାଧିକ ଲୋକ ଏହି ଜ୍ୱରରେ ଆକ୍ରାନ୍ତ ହୋଇଥିବା ବେଳେ ବହୁ ରୋଗୀ ଘରୋଇ ମେଡିକାଲରେ ଚିକିତ୍ସିତ ହେଉଛନ୍ତି। ଅନ୍ୟ ମାନେ ଘରେ ରହି ଚିକିତ୍ସିତ ହେଉଛନ୍ତି। ଏଥି ପୂର୍ବରୁ ଏହି ଗ୍ରାମର ଦୁଇ ଜଣଙ୍କର ଘରୋଇ ଖ୍ରୀଷ୍ଟିଆନ ହସ୍ପିଟାଲରେଡେଙ୍ଗୁ ରୋଗ ଚିହ୍ନଟ ହୋଇଥିଲା। ସମସ୍ତ ରୋଗୀଙ୍କ ମଧ୍ୟରେ ଏକ ପ୍ରକାର ଲକ୍ଷଣ ଦେଖା ଦେଉଥିବାରୁ ଏହା ଡେଙ୍ଗୁ ଜ୍ୱର ହୋଇଥିବା ସନ୍ଦେହରେ ଗ୍ରାମରେ ଭୟର ବାତାବରଣ ଖେଳିଯାଇଛି। ବିଷମ କଟକ ଭ୍ରାମ୍ୟମାଣ ସ୍ୱାସ୍ଥ୍ୟ ଦଳ ଏହି ଗାଁରେ ପହଞ୍ଚି ଲୋକଙ୍କ ଚିକିତ୍ସା କରୁଥିଲେ ସୁଦ୍ଧା ଜ୍ୱରରେ ଲାଗିପାରିନାହିଁ ବ୍ରେକ । ବର୍ତମାନ ସରକାରୀ ଚିକିତ୍ସା ଉପରେ ଲୋକଙ୍କ ଭରସା ପାଉନଥିବାରୁ ବାଧ ହୋଇ ବିଷମ କଟକ ଖ୍ରୀଷ୍ଟିୟାନ୍ ହସ୍ପିଟାଲରେ ଭର୍ତ୍ତି ହୋଇ ଚିକିତ୍ସିତ ହେଉଛନ୍ତି। ଗାଁ ମଝିରେ ନର୍ଦମା

## ଶତାଧିକ ଲୋକେ ଆକ୍ରାନ୍ତ

ପାଣି , ଡେନ୍‌ରେ ଆବର୍ଜନା ଭରିରହିଛି। ନଳକୂପ ନିକଟରେ ପାଣି ଜମି ରହୁଥିବା ସହ ଗାଁରେ ମଶାର ପାର୍ଦୁର୍ଭାବ ଲାଗି ରହିଥିବା ସହ ଲୋକେ ଅସ୍ୱାସ୍ଥ୍ୟକର ପରିବେଶ ମଧ୍ୟରେ ବସବାସ କରୁଛନ୍ତି। ତେଣୁ ବର୍ତ୍ତମାନ ଗାଁରେ ଜ୍ୱର ବ୍ୟାପିବାରେ ଲାଗିଛି। କେଉଁ କରଣରୁ ଏଠାକାର ଲୋକଙ୍କୁ ଜ୍ୱର ବ୍ୟାପୁଛି ତାହାରି କାରଣ ଅସ୍ପଷ୍ଟ ରହିଛି । ଗତ ଏକ ସପ୍ତାହ ହେବ ବିଷମ କଟକ ସ୍ୱାସ୍ଥ୍ୟ ଚିକିତ୍ସାକାରୀ ଦଳ ସେହି ଗାଁରେ ରହି ଲୋକଙ୍କୁ ଚିକିତ୍ସା କରୁଛନ୍ତି। ଲୋକଙ୍କୁ ସଚେତନ କରାଯାଉଛି। ଏଏନ୍‌ଏମ ଓ ଆଶା ଦିଦିଙ୍କୁ ଏହାରି ଉପରେ କଡା ନଜର ରଖିବା ପାଇଁ ନିର୍ଦେଶ ନିଆଁ ଯାଇଛି। ଏହା ସହ ସେଠାରେ ସମସ୍ତ ପ୍ରକାର ମେଡ଼ିସିନି ମହୁଜୁଦ ରଖାଯାଇଥିବା ବିଷମ କଟକ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଅଧିକାରୀ ଡ.ହରିହର ବଳଦେବ ଟୁଡୁ ସୂଚନା ଦେଇଛନ୍ତି।

■ ଝାପ୍ରା ପୋଲ ଉପରେ ୩ଫୁଟର ପାଣି

# ମାଲକାନଗିରି-ସୁକୁମା ଯାତାୟାତ ଠପ୍



ମାଲକାନଗିରି, ୧୯।୮(ସମିସ): ଲଗାଣ ବର୍ଷାରେ ବେହାଲ ହୋଇପଡିଛି ମାଲକାନଗିରି ଜିଲ୍ଲା। ସୋମବାର ଜିଲ୍ଲାରେ ପ୍ରବଳ ବର୍ଷା ଯୋଗୁଁ ୩୨୬ ଜାତୀୟ ରାଜପଥରେ ବିଭିନ୍ନ ପୋଲ ଗୁଡିକ ବୁଡିଯିବାରୁ ଜିଲ୍ଲା ସଦର ଠାରୁ ଅନେକ ସ୍ଥାନକୁ ଯାତାୟତ ଠପ୍ ହୋଇ ପଡିଥିଲା। ତେବେ ଏହି ଜଳସ୍ତର କମିବା ସହ ସ୍ଥିତି ସୁଧୁରୁଥିବା ବେଳେ ମଙ୍ଗଳବାର ସକାଳୁ ସାବେରୀ ନଦୀରେ ପ୍ରବଳ ପାଣି ପ୍ରବାହିତ ହେତୁ ମାଲକାନଗିରିରୁ ଛତିଶଗଡର ସୁକମା ଜିଲ୍ଲାକୁ ସଂଯୋଗ ରାସ୍ତାର ଝାପ୍ରା ପୋଲ ଉପରେ ପ୍ରାୟ ୩ଫୁଟ ଉଚ୍ଚର ଜଳ ପ୍ରବାହିତ ହେଉଥିବାରୁ ଯାତାୟତ ବାଧାପ୍ରାପ୍ତ ହୋଇଛି। ଜିଲ୍ଲାରେ ବର୍ଷା କମିଥିବା ସତ୍ତ୍ୱେ ଏହାର ଆଖପାଖ ଜିଲ୍ଲା ଗୁଡିକରେ ବର୍ଷା ଯୋଗୁଁ ସାବେରୀ ନଦୀରେ ପ୍ରବଳ ଜଳ ପ୍ରବାହିତ ହେଉଛି। ମାଲକାନଗିରି ଛତିଶଗଡ଼କୁ ଯୋଗାଯୋଗ ବିଚ୍ଛିନ୍ନ ଯୋଗୁଁ ଉଭୟ ପାଶ୍ୱର୍ରେ ଶତାଧିକ ଯାନବାହନ ଜଳସ୍ତର କମିବା ପାଇଁ ଅପେକ୍ଷା କରି ରହିଥିବା ଦେଖିବାକୁ ମିଳିଛି।

■ ଲଘୁଚାପ ଯୋଗୁଁ ବେହାଲ କୋରାପୁଟ

# କୋଟପାଡ଼ରେ ସର୍ବାଧିକ ୧୫୦ ମିମି

କୋରାପୁଟ,୧୯।୮ (ସମିସ): ଲଘୁଚାପ ପ୍ରଭାବରେ କୋରାପୁଟ ଜିଲ୍ଲାରେ ପ୍ରବଳ ବର୍ଷା ହୋଇଥିବାବେଳେ ଜନଜୀବନ ସମ୍ପୂର୍ଣ୍ଣ ପ୍ରଭାବିତ ହୋଇଥିବା ଦେଖିବାକୁ ମିଳିଛି। ଗତ ୨୪ ଘଣ୍ଟାରେ ଜିଲ୍ଲାରେ ୮୮୩.୨ ମିମି ବର୍ଷା ପାଣିପାଗ ବିଭାଗ ରେକର୍ଡ କରିଥିବାବେଳେ କୋଟପାଡ ବ୍ଲକରେ ସର୍ବାଧିକ ୧୫୦ ମିମି ବର୍ଷା ହୋଇଥିବା ଜଣା ପଡ଼ିଛି। ସେହିପରି କୋରାପୁଟ ବ୍ଲକରେ ୭୩ ମିମି ବର୍ଷା ହୋଇଥିବା ବେଳେ ଲମତାପୁଟରେ ୭୯, ପଟ୍ଟାଙ୍ଗିରେ ୫୯, ବନ୍ଧୁଗାଁରେ ୫୪, ନନ୍ଦପୁରରେ ୫୫, ଦଶମନ୍ତପୁରରେ ୩୦ ମିମି ବର୍ଷା ହୋଇଛି। ଅନ୍ୟ ପକ୍ଷରେ ନାରାୟଣପାଟଣା ବ୍ଲକରେ ୨୬.୪ ମିମି ବର୍ଷା ହୋଇଥିବା ବେଳେ ଲକ୍ଷ୍ମୀପୁରରେ ୩୫.୨,ସେମିଳିଗୁଡାରେ ୫୩, ଜୟପୁରରେ ୪୬.୬, କୁନ୍ଦୁରାରେ ୪୨.୪, ବୋରିଗୁମ୍ମାରେ ୩୬ ଏବଂ ବୈପାରିଗୁଡ଼ା ବ୍ଲକରେ ୧୪୩ ମିମି ବର୍ଷା ହୋଇଛି।

# ବର୍ଷାରେ ଗଛ ପଡ଼ି ଭାଙ୍ଗିଲା ଘର

● ଅଳ୍ପେକେ ବର୍ତ୍ତିଲେ ସରକାରୀ କର୍ମଚାରୀଙ୍କ ପରିବାର

ମାଲକାନଗିରି, ୧୯।୮(ସମିସ):ବର୍ଷାରେ ଗଛ ଉପୁଡି ପଡି ଘର ଭାଙ୍ଗିଲା। ସର୍ବଶିକ୍ଷା ଅଭିଯାନ କର୍ମଚାରୀଙ୍କ ପରିବାର ଅଳ୍ପେକେ ବର୍ତ୍ତିଛନ୍ତି। ଗତ ଦୁଇଦିନ ହେଲା ମାଲକାନଗିରି ଜିଲ୍ଲାରେ ବର୍ଷା ଲାଗିରହିଛି। ଏହି ବର୍ଷା ଦ୍ୱାରା ଆଜି ସର୍ବଶିକ୍ଷାଅଭିଯାନ କାର୍ଯ୍ୟାଳୟର ମିଡିଆ ସଂଯୋଜକ ତଥା ଅନ୍ତର୍ନିବେଶି ଶିକ୍ଷା ସଂଯୋଜକ ସମେନ୍ଦ୍ର କିଶୋରୀ ମହାପାତ୍ରଙ୍କ ସରକାରୀ କ୍ୱାର୍ଟର୍ସ ଉପରେ ବୃହତ୍ତ ଆକାଶୀ ଗଛ ଉପୁଡି ପଡି ଘର ଭାଙ୍ଗି ଯାଇଛି। ହଠାତ୍ ଗଛଟି ଉପୁଡି ପଡିବା ଦ୍ୱାରା ଅନ୍ୟ କୋଠରୀରେ ପରିବାର ଲୋକେ ଥିବାରୁ ଅଳ୍ପକେ ବର୍ତ୍ତି ଯାଇଛନ୍ତି। ଅଗ୍ନିଶମ ବିଭାଗକୁ ଫୋନ କରିବାରୁ ଘଟଣା ସ୍ଥଳରେ ଅଗ୍ନିଶମ ବିଭାଗ କର୍ମଚାରୀ ପହଞ୍ଚି ଗଛ କାଟି ଘର ଉପରୁ ହଟାଇବା ପରେ ଜରି ପାଲ ପକାଯାଇଛି। ଘରର ଦୁଇଟି ରୁମ କାନ୍ଥ ଓ ଛାତ ଭାଙ୍ଗି ଯାଇଛି। ବର୍ଷା ଲାଗିରହି ଥିବାରୁ ଜରିପାଲ ପକାଇ ପରିବାର ଲୋକେ ରହିଛନ୍ତି।

● ବିଶ୍ୱ ମାନବିକତା ଓ ଫୋଟଗ୍ରାଫି ଦିବସ

# ସାମାଜିକ କର୍ମୀ ଓ ଫଟୋଗ୍ରାଫର ସମ୍ବର୍ଦ୍ଧିତ



ନନ୍ଦପୁର,୧୯।୮(ସମିସ): ନନ୍ଦପୁର କ୍ଲବ୍ ପକ୍ଷରୁ ଆୟୋଜିତ ବିଶ୍ୱ ମାନବିକତା ଦିବସ ସହ ବିଶ୍ୱ ଫୋଟଗ୍ରାଫି ଦିବସ ପାଳିତ ହୋଇଯାଇଛି। ନନ୍ଦପୁର ସଦର ମହକୁମା ଗ୍ରାମ ପଞ୍ଚାୟତ ପରିସରରେ ଆୟୋଜିତ ବିଶ୍ୱ ମାନବିକତା ଦିବସ ଉପଲକ୍ଷେ ନନ୍ଦପୁର ବ୍ଲକ୍‌ର ବିଭିନ୍ନ କ୍ଷେତ୍ରରେ କାର୍ଯ୍ୟ କରୁଥିବା ବ୍ୟକ୍ତି ବିଶେଷ ସହ ନନ୍ଦପୁର ସଦର ମହକୁମାର ଫୋଟ ଷ୍ଟୁଡିଓ କରିଥିବା ବ୍ୟକ୍ତିଙ୍କୁ ପ୍ରେସ କ୍ଲବ୍ ଦ୍ୱାରା ପ୍ରଶଂସା ପତ୍ର ପ୍ରଦାନ କରିଥିଲେ ମୁଖ୍ୟ ଅତିଥି ବିଡ଼ିଓ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଦୁର୍ଗା ପ୍ରସାଦ ଦୋରା । ନନ୍ଦପୁର ବିଡ଼ିଓ ଦୁର୍ଗା ପ୍ରସାଦ ଦୋରା, ବରିଷ୍ଠ ନାଗରିକ ଗୋପାଳ କୃଷ୍ଣ ବେବର୍ତ୍ତା, ପୂର୍ବତନ ସରପଞ୍ଚ ଜଗନ୍ନାଥ ପାଙ୍ଗି, ସେକ ଗୋଫୁର, ବିପିନ ମହାନ୍ତି, ଲିଙ୍କ ରାଜ ଚୌଧୁରୀ, ଏନ.ଲୋକନାଥ ଦାସ, ଅବସରପ୍ରାପ୍ତ ଶିକ୍ଷକ କିରଣ ପ୍ରସାଦ ପଣ୍ଡା, ଜି ସତ୍ୟନାରାୟଣ , ୫୮ଥର ରକ୍ତଦାନ କରି ରେକର୍ଡ ସୃଷ୍ଟି କରିଠବା ବ୍ୟକ୍ତିତ୍ୱ ଶିକ୍ଷକ ପ୍ରଦୀପ କୁମାର ତ୍ରିପାଠି ପ୍ରମୁଖଙ୍କ ସହ ନନ୍ଦପୁର କୁମ୍ଭାର ସାହିର ମା' ଗଜବାୟାଣୀ ଓ ତୁଳସୀ ଦୁଇ ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ମାନବିକତା ମାନବ ସମ୍ମାନରେ ସମ୍ମାନିତ କରାଯାଇଥିବା ବେଳେ ଫୋଟଗ୍ରାଫିରେ ନନ୍ଦପୁରର ବିଭିନ୍ନ ଷ୍ଟୁଡିଓ ଯଥା ଜନନୀ, ଭବାନୀ, ମୁତ୍ୟାଲୁମା, ସାନିଆ, ନାରାୟଣ, ଶିବଶକ୍ତି ଷ୍ଟୁଡିଓ ସହ ଅରୁଣ ପାଣ୍ଡିଆଙ୍କୁ ମୁଖ୍ୟ ଅତିଥି ବିଡ଼ିଓ ଶ୍ରୀ ଦୋରା ପ୍ରଶଂସା ପତ୍ର ପ୍ରଦାନ କରିଥିଲେ। ଏହି କାର୍ଯ୍ୟକ୍ରମକୁ ପ୍ରେସ କ୍ଲବ ସଭାପତି ତ୍ରିନାଥ ଖରା ପରିଚାଳନା କରିଥିବା ବେଳେ ସମ୍ପାଦକ ରମେଶ ଅଧିକାରୀ ଧନ୍ୟବାଦ୍ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରେସ କ୍ଲବ୍ ଉପ ସଭାପତି ବିମଳ ରାଓ ସ୍ମିଥ, କାର୍ଯ୍ୟକାରୀ ସଭାପତି ଦୁର୍ଗା ପ୍ରସାଦ ପାଢି, ହିରଣ୍ୟ ବିଶୋଇ, ମନୋଜ ମୁଦୁଳି, ସାମୁଏଲ ଖେମୁଣ୍ଡୁ ପ୍ରମୁଖ କାର୍ଯ୍ୟକ୍ରମରେ ସହଯୋଗ କରିଥିବା ବେଳେ ନନ୍ଦପୁର ପ୍ରଥମ ଷ୍ଟୁଡିଓଧାରୀ ସ୍ୱର୍ଗତ ଗୋପାଳ ଚନ୍ଦ୍ର ଗନ୍ତାୟତ୍ତ ପରିବାର ମଧ୍ୟ ସମ୍ମାନିତ ହୋଇଥିଲେ।

# ଓଲଟିଲା ଆଳୁ ବୋଝେଇ ଗାଡି



କାଲିମେଲା,୧୯।୮(ସମିସ): ମାଲକାନଗିରି ଜିଲ୍ଲା ୩୨୬ ନମ୍ବର ଜାତୀୟ ରାଜପଥର ଏମ୍‌ଭି-୯୬ ରୁ କାଲିମେଲା ରାସ୍ତାରେ ଏକ ୪୦୭ ଗାଡି ଭାରସାମ୍ୟ ହରାଇ ଓଲଟି ଥିବା ଦେଖିବାକୁ ମିଳିଛି। ସୂଚନା ମୁତାବକ ଗାଡ଼ିରେ ଆଳୁ ବସ୍ତା ସହ ବିଭିନ୍ନ କିରାନା ସାମଗ୍ରୀ ରହିଥିଲା। ରାସ୍ତା ସାମ୍ନାକୁ ଏକ ମୋଡ ରହିଥିବା ବେଳେ ଗାଡ଼ିଟି ଦ୍ରୁତଗତିରେ କାଲିମେଲା ଅଭିମୁଖେ ଯାଉଥିବା ସମୟରେ ଭାରସାମ୍ୟ ହରାଇ ରାସ୍ତା କଡ଼ରେ ସମ୍ପୂର୍ଣ୍ଣ ଓଲଟି ପଡ଼ିଥିଲା। ଏଥିରେ ଡ୍ରାଇଭର ଆହତ ହେବାରୁ ତାଙ୍କୁ କାଲିମେଲା ମେଡିକାଲ ରେ ଚିକିତ୍ସା ନିମନ୍ତେ ପଠାଯାଇଥିବା ଜଣାପଡ଼ିଛି।

● ଗୁଣି ଗାରେଡି ସନ୍ଦେହରେ ସଂଘବଦ୍ଧ ଆକ୍ରମଣ ଘଟଣା

# ଗୁରୁତର ହୋଇ ଚିକିତ୍ସାଧୀନ ଅବସ୍ଥାରେ ପୀଡିତ



ରାୟଗଡ଼ା,୧୯।୮(ସମିସ): ଆଦିବାସୀ ଅଧ୍ୟୁଷିତ ରାୟଗଡା ଜିଲ୍ଲାରେ ପୁଣି ଗୁଣି ଗାରେଡି ଭଳି ଅନ୍ଧ ବିଶ୍ୱାସକୁ ନେଇ ଗୁଣିଆ ସନ୍ଦେହରେ ଜଣେ ୫୦ ବର୍ଷିୟ ବ୍ୟକ୍ତିକୁ ମରଣାନ୍ତକ ଆକ୍ରମଣ କରାଯାଇଛି। ଏଭଳି ଅଭାବନୀୟ ଘଟଣା ରାୟଗଡା ଜିଲ୍ଲା ଶେଷଖାଲ ଥାନା ଅନ୍ତର୍ଗତ ବଡଲୁକୁଟି ଗ୍ରାମରେ ଦେଖିବାକୁ ମିଳିଛି। ଗୁରୁତର ଆହତ ଜଣକ ହେଲେ ବଡଲୁକୁଟି ଗ୍ରାମର ବାସା କଣ୍ଡାଗୋରୀ। ବର୍ତ୍ତମାନ ସେ ରାୟଗଡା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି ହୋଇ ଚିକିତ୍ସାଧୀନ ଅଛନ୍ତି । ସୂଚନା ପ୍ରକାରେ ଗତ ଜୁଲାଇ ମାସ ୩୦ ତାରିଖ ଦିନ ଗୁଣିଆ ସନ୍ଦେହରେ ରାତ୍ର ପ୍ରାୟ ୮ଟା ସମୟରେ ଗାଁର କିଛି ଯୁବକ ସଂଘବଦ୍ଧ ଭାବେ ବାସାକୁ ଉଠାଇ ନେବା ସହ ଗାଁ ଦାଣ୍ଡରେ ବାନ୍ଧି ନିସ୍ତୁକ ମାଡ଼ ମାରିଥିଲେ। ଆକ୍ରମଣରେ ବାସାଙ୍କ ଶରୀରର ଅନେକ ସ୍ଥାନରେ ଆଘାତ ହୋଇଥିଲା। ଏ ନେଇ ଅଗଷ୍ଟ ୧ ତାରିଖ ଦିନ ପରିବାର ଲୋକେ ଶେଷଖାଲ ଥାନାରେ ଏତଲା ଦେଇଥିବା ବେଳେ ଅଭିଯୋଗକୁ ଭିତ୍ତି କରି ପୋଲିସ ଗ୍ରାମର ରାମ କଣ୍ଡଗୋରୀ,ଗୌରୀ କଣ୍ଡାଗୋରୀ ଓ ଜଗନ୍ନାଥ କଣ୍ଡଗୋରୀକୁ ଥାନାରେ ଅଟକ ରଖି ପଚରାଉଚରା କରିବା ସହ ଧାରା ୪୧ରେ ଏକ ନୋଟିସ୍ କରି ଛାଡି ଦେଇଥିଲେ। ତେବେ ନିସ୍ତୁକ ମାଡ ଯୋଗୁଁ ଆହତ ବାସାର ଦେହ ଧୀରେ ଧୀରେ ଅସୁସ୍ଥ ହେବା ସହ ପ୍ରଥମେ ଜେମାଦେଇପେଣ୍ଠ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଓ ଆଜି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ଶରୀରର ବିଭିନ୍ନ ସ୍ଥାନରେ ମାଡ ହୋଇଥିବାରୁ ବର୍ତ୍ତମାନ ଆହତ ବାସା ଠିକ୍ ଭାବେ ଚାଲିପାରୁନାହାନ୍ତି। ଏନେଇ ଶେଷଖାଲ ଥାନା ପୋଲିସର ପ୍ରତିକ୍ରିୟା ମିଳିପାରିନଥିବା ବେଳେ ପୋଲିସର ମନ୍ଥର କାର୍ଯ୍ୟାନୁଷ୍ଠାନକୁ ପରିବାର ଲୋକେ ନାପସନ୍ଦ କରିଛନ୍ତି। ରାୟଗଡା ଜିଲ୍ଲା ଶେଷଖାଲ ଥାନା ଅନ୍ତର୍ଗତ ବିଭିନ୍ନ ଗ୍ରାମ ସମେତ ବିଭିନ୍ନ ବ୍ଲକର ଅନେକ ଗ୍ରାମରେ ଆଜି ମଧ୍ୟ ଗୁଣି ଗ୍ୟାରେଡି ଭଳି ଅନ୍ଧ ବିଶ୍ୱାସକୁ ନେଇ ନିରୀହ ଜୀବନ ବଳି ପଡୁଥିବା ବେଳେ ରାୟଗଡା ଜିଲ୍ଲା ଓ ପୋଲିସ ପ୍ରଶାସନ ପକ୍ଷରୁ ସେଭଳି କିଛି ସଚେତନମୂଳକ କାର୍ଯ୍ୟ କରାଯାଉନଥିବା ନେଇ ବୁଦ୍ଧିଜୀବୀ ମହଲରେ ଚର୍ଚ୍ଚା ଜୋର ଧରିଛି। ଏ ନେଇ ରାୟଗଡା ଉପଜିଲ୍ଲାପାଳ ରମେଶ ଜେନାଙ୍କ ପ୍ରତିକ୍ରିୟା ନେବାରୁ ଜିଲ୍ଲା ପ୍ରଶାସନ ପକ୍ଷରୁ ରାୟଗଡା ଉପଖଣ୍ଡର ୪ଗୋଟି ବ୍ଲକରେ ଗୁଣି ଗାରେଡି ଭଳି ଅନ୍ଧବିଶ୍ୱାସକୁ ଗ୍ରହଣ ନ କରି ସରକାରଙ୍କ ଚିକିତ୍ସା ସେବା ଉପରେ ବିଶ୍ୱାସ କରିବାକୁ ଲୋକଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରିବାକୁ ପ୍ରୟାସ ଉଦ୍ୟମ କରାଯିବ ବୋଲି ପ୍ରକାଶ କରିଛନ୍ତି।

# ଜଣଙ୍କୁ ହତ୍ୟା କଲେ ନକ୍ସଲ

ମାଲକାନଗିରି, ୧୯।୮(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡର କାଙ୍କେରରେ ନକ୍ସଲମାନେ ପୁଣି ଥରେ ନିଜର ସ୍ଥିତି ଜାହିର କରି ପୋଲିସ ସୂଚନାଦାତା ଅଭିଯୋଗରେ ଜଣେ ଯୁବକଙ୍କୁ ହତ୍ୟା କରିଛନ୍ତି ଏବଂ ସରପଞ୍ଚଙ୍କ ସମେତ ଅନେକ ଲୋକଙ୍କୁ ଧମକ ଦେଇଛନ୍ତି। ସୂଚନା ଅନୁଯାୟୀ ଛତିଶଗଡର କାଙ୍କେର ଜିଲ୍ଲାର ବିଣାଗୁଣ୍ଡା ଗ୍ରାମରେ ନକ୍ସଲମାନେ ନିଜର ଉପସ୍ଥିତି ଜାହିର କରିବା ସହ ପୋଲିସ ଇନ୍‌ଫର୍ମର ନାମରେ ମନୀଷ ନରେତି ନାମକ ଯୁବକଙ୍କୁ ହତ୍ୟା କରିଛନ୍ତି। ତେବେ ଏହି ଅଞ୍ଚଳରେ ଗତ ୧୬ ଏପ୍ରିଲ ୨୦୨୪ରେ ୨୯ ଜଣ ନକ୍ସଲ ପୋଲିସ ଗୁଳିରେ ନିହତ ହୋଇଥିବା ବେଳେ ଏହି ଏନ୍‌କାଉଣ୍ଟର ପାଇଁ ମନୀଷ ନରେତିଙ୍କୁ ଦାୟୀ କରିବା ସହ ତାଙ୍କୁ ହତ୍ୟା କରାଯାଇଥିବା ନେଇ ଘଟଣା ସ୍ଥଳରେ ଏକ ପୋଷ୍ଟରରେ ଉଲ୍ଲେଖ କରିଛନ୍ତି। ଏହା ସହ ସରପଞ୍ଚ ରାମଜୀ ଧ୍ରୁର୍ବା, ଡିଆରଜି ଜବାନ ଏବଂ ସ୍ଥାନୀୟ ପୋଲିସ ଅଧିକାରୀ ଓ ଅନେକ ଲୋକଙ୍କ ନାମ ଉକ୍ତ ପୋଷ୍ଟରରେ ଉଲ୍ଲେଖ କରାଯାଇଥିବା ଦେଖିବାକୁ ମିଳିଛି। ଏହି ଘଟଣା ପରେ ଅଞ୍ଚଳରେ ପୋଲିସ ପକ୍ଷରୁ ତଦନ୍ତ ଅରମ୍ଭ କରାଯିବା ସହ ତଲାସି ଅଭିଯାନକୁ ବଢାଇ ଦିଆଯାଇଛି।

# ଜିଲ୍ଲାସ୍ତରୀୟ କାହାଣୀ କଥନ କାର୍ଯ୍ୟକ୍ରମ

କୋରାପୁଟ,୧୯।୮(ସମିସ):

ସ୍ଥାନୀୟ ଦକ୍ଷତା ବୃଦ୍ଧି ତାଲିମ କେନ୍ଦ୍ର ସଭାଗୃହ ଠାରେ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଏକତା ପକ୍ଷରୁ ଜିଲ୍ଲାସ୍ତରୀୟ କାହାଣୀ କଥନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅନୁଷ୍ଠାନର ସଂପାଦକ ଜଗନ୍ନାଥ ମିଶ୍ରଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ କୋଟସ ନିର୍ଦ୍ଦେଶକ ଡ.ପ୍ରଫୁଲ୍ଲ ଚନ୍ଦ୍ର ମହାପାତ୍ର ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିବା ବେଳେ ଓଡିଶା କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟର ସାମାଜିକ ବିଜ୍ଞାନ ବିଭାଗର ମୁଖ୍ୟ ଡ କପିଳ ଖେମୁଣ୍ଡୁ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ କୋରାପୁଟ ଜିଲ୍ଲାର ନଅ ଗୋଟି ବ୍ଲକର ମୋଟ ୭୦ ଜଣ ଆଦିବାସୀ ମୁଖିଆ ମହିଳା ପୁରୁଷ ଓ ଯୁବକ ଯୁବତୀ ଯୋଗ ଦେଇଥିଲେ। ପ୍ରୋଗ୍ରାମ ନିର୍ଦ୍ଦେଶକ ଶ୍ରୀ ପ୍ରଭାତ କୁମାର ପାଇକରାୟ ଯୋଗ ଦେଇଥିଲେ।ଏହି କାର୍ଯ୍ୟକ୍ରମର ମୁଖ୍ୟ ଉଦ୍ଦେଧଶ୍ୟ ଥିଲା ଯେ ଆଦିବାସୀ ମାନଙ୍କ ହଜି ଯାଉଥିବା ପରମ୍ପରା ଓ ସଂସ୍କୃତିର ପୁନଃ ଉଦ୍ଧାର କରିବା, ପୂର୍ବରେ ଥିବା ଭଲ ଅଭ୍ୟାସ ଗୁଡିକ କାହାଣୀ, ଗୀତ ଓ ନାଚ ମାଧ୍ୟମରେ ନୂତନ ଯୁବପିଢିଙ୍କୁ ଶିକ୍ଷା ଦେବା କାର୍ଯ୍ୟକ୍ରମର ମୁଖ୍ୟ ଉଦ୍ଦେଶ୍ୟ ବୋଲି ସଂପାଦକ ଶ୍ରୀ ମିଶ୍ର କହିଛନ୍ତି। ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ସମସ୍ତେ ସେମାନଙ୍କ ପରମ୍ପରା ଓ ସଂସ୍କୃତି ବିଷୟରେ ଆଦିବାସୀ କୁଇ ଓ ପରଜା ଭାଷାରେ ପ୍ରଦର୍ଶନ ଓ ଉପସ୍ଥାପନା କରିଥିଲେ। ନୂତନ ଯୁବପିଢିଙ୍କ ନିମନ୍ତେ ଏହା ଏକ ସୁମାଧ୍ୟମ ଓ ଉତ୍ତମ ଉଦ୍ୟମ ଏହାକୁ ଜାରି ରଖିବା ଓ ଆବଶ୍ୟକ ସ୍ଥଳେ କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟ ଓ କୋଟସ୍ ସହଯୋଗର ହାତ ବଢ଼ାଇବାକୁ ଅତିଥିବୃନ୍ଦ କହିଥିଲେ। ଏକତା ଏହି ପ୍ରୋଜେକ୍ଟ ମାଧ୍ୟମରେ ତିନି ସ୍ତର ଯଥା ଶିଶୁ, ଯୁବକ ଯୁବତୀ ଓ ଦକ୍ଷ ବୟୋଜ୍ୟାଷ୍ଠ ଲୋକମାନଙ୍କୁ ନେଇ ମୁକ୍ତ ଆକାଶ ଶିକ୍ଷା କେନ୍ଦ୍ର ମାଧ୍ୟମରେ ନୂତନ ପିଢିଙ୍କୁ ଆଦିବାସୀଙ୍କ ହଜି ଯାଇଥିବା ପାରମ୍ପରିକ କୃଷି, ଖାଦ୍ୟବ୍ୟାସ, ପର୍ବପର୍ବାଣି ଓ ସ୍ଥାନୀୟ ଶାସନ ବ୍ୟବସ୍ଥା ବିଷୟରେ ଯେଉଁ ଶିକ୍ଷା ଦେଉଛି ତାହା ପ୍ରକୃତରେ ପ୍ରଶଂସନୀୟ ବୋଲି ମତ ଦେଇଥିଲେ। ଶେଷରେ ଉପସ୍ଥିତ ସ୍ଥାନୀୟ ଆଦିବାସୀ ମୁଖିଆ ମାନଙ୍କୁ ଅନୁଷ୍ଠାନ ତରଫରୁ ସମ୍ମାନିତ କରାଯାଇଥିଲା। ପ୍ରୋଗ୍ରାମ ନିର୍ଦ୍ଦେଶକ ପ୍ରଭାତ କୁମାର ପାଇକରାୟ ଯୋଗଦେଇ ପରିଚାଳନା କରିଥିବା ବେଳେ ବିନୋଦ ବାଘ ଧନ୍ୟବାଦ ଅର୍ପଣ କରିଥିଲେ।




# ମିଟ୍ସ, ରାୟଗଡ଼ାର 'ଦୀକ୍ଷାରମ୍ଭ -୨୦୨୫'

ରାୟଗଡ଼ା,୧୯।୮(ସମିସ): ରାୟଗଡ଼ାର ମଝିଘରିଆଣି ଇନଷ୍ଟିଚ୍ୟୁଟ୍‌ସ ଅଫ୍ ଟେକ୍ନୋଲୋଜି ଆଣ୍ଡ ସାଇନ୍ସ (ମିଟ୍ସ) ପକ୍ଷରୁ ମଙ୍ଗଳବାର ଦିନ ବସନ୍ତ ଅଡିଟୋରିୟମରେ ଏହାର ନୂତନ ବ୍ୟାଚ୍ ଛାତ୍ରମାନଙ୍କ ପାଇଁ ଦୀକ୍ଷାରମ୍ଭ-୨୦୨୫, ବି.ଟେକ୍ ଓରିଏଣ୍ଟେସନ୍ କାର୍ଯ୍ୟକ୍ରମ ଆୟୋଜନ କରିଥିଲା। ଏହି କାର୍ଯ୍ୟକ୍ରମଟି ବିଶିଷ୍ଟ ଗଣମାନ୍ୟ ବ୍ୟକ୍ତି, ଅଧ୍ୟାପକ, ଅଭିଭାବକ ଏବଂ ଛାତ୍ରଛାତ୍ରୀଙ୍କ ଉପସ୍ଥିତିରେ ଅନୁଷ୍ଠିତ ହୋଇଥିଲା। ଦୀପ ପ୍ରଜ୍ୱଳନ ସହ ବିପିୟୁଟି ସଙ୍ଗୀତ ପରିବେଷଣ ଏବଂ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ସ୍ୱାଗତ ନୃତ୍ୟ ସହିତ ସମାରୋହ ଆରମ୍ଭ ହୋଇଥିଲା। ଏହି ଓରିଏଣ୍ଟେସନ୍ କାର୍ଯ୍ୟକ୍ରମକୁ ମୁଖ୍ୟ ଅତିଥି ଡକ୍ଟର କେ.ଏମ୍. ରାଜନ, ବରିଷ୍ଠ ପରିଚାଳକ (ପ୍ରଶିକ୍ଷଣ), ସେଣ୍ଟ୍ରାଲ୍ ଟୁଲ୍ ରୁମ୍ ଏବଂ ଟ୍ରେନିଂ ସେଣ୍ଟର, ଭୁବନେଶ୍ୱର, ସମ୍ମାନିତ ଅତିଥି ଭାବେ ଏ. ହେମନ୍ତ କୁମାର, ଚାର୍ଟର୍ଡ ଇଞ୍ଜିନିୟର, ସବୁଜ ବିଲଡିଂ ବିଶେଷଜ୍ଞଙ୍କ ଦ୍ୱାରା ଉଦଘାଟିତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ମିଟ୍ସର ଉପାଧ୍ୟକ୍ଷ ବିଶ୍ୱଜିତ ପଣ୍ଡା, ନିର୍ଦ୍ଦେଶକ ପ୍ରଫେସର ଡକ୍ଟର ସି.ଭି. ଗୋପୀନାଥ ଏବଂ ପ୍ରିନ୍ସିପାଲ୍ ପ୍ରଫେସର ରାମାନୁଜ ନାୟକ ଯୋଗ ଦେଇଥିଲେ। ତାଙ୍କ ମୁଖ୍ୟ ଭାଷଣରେ, ଡକ୍ଟର କେ.ଏମ୍. ରାଜନ ନୂତନ ପ୍ରବେଶକାରୀମାନଙ୍କୁ ଉତ୍ସାହିତ କରିଥିଲେ, କ୍ୟାରିଅର୍ ଲକ୍ଷ୍ୟ ସ୍ଥିର କରିବା, ବିଭ୍ରାନ୍ତିକୁ ଚିହ୍ନଟ କରିବା, ଅତ୍ୟାବଶ୍ୟକ ଦକ୍ଷତାକୁ ସମ୍ମାନ ଦେବା ଏବଂ ସେମାନଙ୍କ ପସନ୍ଦିତ କ୍ଷେତ୍ରରେ ଶୀର୍ଷ ସ୍ଥାନ ହାସଲ କରିବା ପାଇଁ ଉତ୍କର୍ଷତା ପାଇଁ ପ୍ରୟାସ କରିବାର ଗୁରୁତ୍ୱ ଉପରେ ଗୁରୁତ୍ୱାରୋପ କରିଥିଲେ। ସମ୍ମାନିତ ଅତିଥି ହେମନ୍ତ କୁମାର ମଧ୍ୟ ତାଙ୍କର ମୂଲ୍ୟବାନ ଅନ୍ତର୍ଦୃଷ୍ଟି ବାଣ୍ଟିଥିଲେ। ବରିଷ୍ଠ ଛାତ୍ରମାନେ ମିଟ୍ସରେ ସେମାନଙ୍କର ଅଭିଜ୍ଞତା ବାଣ୍ଟି ସେମାନଙ୍କ ଜୁନିଅର ଛାତ୍ରମାନଙ୍କୁ ଭବ୍ୟ ସ୍ୱାଗତ କରିଥିଲେ, ଯେତେବେଳେ ଅଭିଭାବକମାନେ ସେମାନଙ୍କ ପିଲାମାନଙ୍କର ଶୈକ୍ଷିକ ଏବଂ ବ୍ୟକ୍ତିଗତ ଅଭିବୃଦ୍ଧି ପାଇଁ ଅନୁଷ୍ଠାନଠାରୁ ସେମାନଙ୍କର ଆଶା ପ୍ରକାଶ କରିଥିଲେ। ପ୍ରଫେସର ରାମାନୁଜ ନାୟକଙ୍କ ଦ୍ୱାରା ଆନୁଷ୍ଠାନିକ ଧନ୍ୟବାଦ ଅର୍ପଣ ସହିତ କାର୍ଯ୍ୟକ୍ରମ ଶେଷ ହୋଇଥିଲା। ଏହି କାର୍ଯ୍ୟକ୍ରମକୁ ଏକ ମହାନ ସଫଳତା ଦେବା ପାଇଁ ପରିଚାଳନା, ଅଧ୍ୟାପକ, ଛାତ୍ର ଏବଂ ଅଭିଭାବକଙ୍କ ପ୍ରୟାସକୁ ପ୍ରଶଂସା କରିଥିଲେ। ଏହି ଓରିଏଣ୍ଟେସନ୍ ସଫଳତାର ସହିତ ନୂତନ ଛାତ୍ରମାନଙ୍କ ପାଇଁ ଏକ ନୂତନ ଶୈକ୍ଷିକ ଯାତ୍ରାର ଆରମ୍ଭ କରିଥିଲା, ଯାହା ମିଟ୍ସ ସମାଜରେ ପ୍ରେରଣା ଏବଂ ଭବ୍ୟ ସ୍ୱାଗତକୁ ମିଶ୍ରଣ କରିଥିଲା।




## ସରୁନି ପୋଲ ନିର୍ମାଣ କାର୍ଯ୍ୟ

# ବର୍ଷା ହେଲେ ବିଚ୍ଛିନ୍ନାଞ୍ଚଳ ହେଉଛି ମାଲକାନଗିରି



ମାଲକାନଗିରି, ୧୯।୮(ସମିସ): ପୋଲ ନିର୍ମାଣ କାମର ଅବଧି ସରିବା ପରେ ମଧ୍ୟ ନିର୍ମାଣ କାର୍ଯ୍ୟ ସରୁନାହିଁ ଜାତୀୟ ରାଜପଥର ୯ଟି ଉଚ୍ଚା ପୋଲ। ବର୍ଷା ହେଲେ ଜିଲ୍ଲାର ବିଭିନ୍ନ ଅଞ୍ଚଳକୁ ପ୍ରତିବର୍ଷ ହେଉଛି ଯୋଗାଯୋଗ ବିଚ୍ଛନ୍ନ। ଜୟପୁର ମାଲକାନଗିରି ମୋଟୁ ୩୨୬ ନମ୍ବର ଜାତୀୟ ପଥର ଗୋବିନ୍ଦପାଲି ଠାରୁ ମୋଟୁ ପର୍ଯ୍ୟନ୍ତ ପ୍ରାୟ ୧୫୮ କିଲୋମିଟର ରାସ୍ତାରେ ୧୧୬କୋଟି ଟଙ୍କା ବ୍ୟୟ ଅଟକଳରେ ୯ ଟି ଉଚ୍ଚା ପୋଲ ନିର୍ମାଣ କାମ ଅଧାପନ୍ତରିଆ ଅବସ୍ଥାରେ ପଡିଛି। ଗୋବିନ୍ଦପାଲି ଘାଟି ଠାରୁ ମୋଟୁ ପର୍ଯ୍ୟନ୍ତ ୩୨୬ ନମ୍ବର ଜାତୀୟ ରାଜପଥ ଦୀର୍ଘ ୧୫୮ କିଲୋମିଟର ରହିଛି। ସ୍ୱଳ୍ପ ସଂଖ୍ୟକ ଯନ୍ତ୍ରୀ କିପରି କାର୍ଯ୍ୟ ତଦାରଖ କରିବେ, ସେଥିପାଇଁ ଜାତୀୟ ରାଜ ପଥ ନିର୍ମାଣ ଓ ମରାମତି ହୋଇ ନପାରି ରାସ୍ତା ମଝିରେ ଖାଲଖମା ହୋଇ ମରଣଯନ୍ତା ପାଲଟିଛି। ଗୋବିନ୍ଦପଲ୍ଲୀଠାରୁ ମୋଟୁ ଜାତୀୟ ରାଜପଥରେ ୧୧୬ କୋଟି ଟଙ୍କା ବ୍ୟୟ ଅଟକଳରେ ଦୀର୍ଘ ୪ବର୍ଷ ହେଲା ୯ଟି ଉଚ୍ଚା ପୋଲ ନିର୍ମାଣ କାମ ଚାଲିଛି। ନିର୍ମାଣ ଅବଧି ସରିଥିଲେ ମଧ୍ୟ ଏହି ପୋଲ ଗୁଡିକ ମାତ୍ର ୩୫ ପ୍ରତିଶତ କାମ ହୋଇ ଅଧାପନ୍ତରିଆ ଅବସ୍ଥାରେ ଅଛି। ଜୟପୁର ମାଲକାନଗିରି ମୋଟୁ ୩୨୬ ନମ୍ବର ଜାତୀୟ ରାଜପଥର ମାଲକାନଗିରି ଜିଲ୍ଲାରେ ରହିଥିବା ସମସ୍ତ ୯ଟି ତଳୁଆ ପୋଲକୁ ଉଚ୍ଚ ପୋଲ ନିର୍ମାଣ କରିବା ପାଇଁ ତତ୍କାଳୀନ ସରକାର ଅନୁଦାନ ପ୍ରଦାନ କରିଥିଲେ। ସେଥିମଧ୍ୟରୁ ଦୁଇଟି ସ୍ଥାନରେ ଜମି ଅଧିଗ୍ରହଣ ହୋଇପାରୁ ନଥିବାରୁ ପୋଲ ନିର୍ମାଣ କାମ ଆରମ୍ଭ ହୋଇନାହିଁ। ବଳକା ୭ଟି ସ୍ଥାନରେ ପୋଲ ନିର୍ମାଣ କାମ ଆରମ୍ଭ ହୋଇଥିଲେ ମଧ୍ୟ ଧାର୍ଯ୍ୟ ସମୟସୀମା ସରିବାର ବର୍ଷେ ପରେ ବି ଶେଷ ହୋଇପାରୁ ନାହିଁ। ଗୋବିନ୍ଦପାଲି ଠାରୁ ମୋଟୁ ୧୫୮ କିଲୋମିଟରରେ ରହିଛି ୯ଟି ନିଚ୍ଚା ପୋଲ ପ୍ରତିବର୍ଷ ବର୍ଷା ଦିନେ ଏହି ପୋଲ ଗୁଡିକ ବନ୍ୟାରେ ପାଣିରେ ବୁଡ଼ିଯାଇ ମାଲକାନଗିରି, କାଲିମେଲା, ମୋଟୁ ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇ ଯାନବାହାନ ଚଳାଚଳ ଓ ଯାତାୟାତରେ ବାଧା ସୃଷ୍ଟି ହୋଇଥାଏ। ଜାତୀୟ ରାଜପଥରେ ଯୋଗାଯୋଗ ବିଚ୍ଛିନ୍ନ ହେଉଥିବାରୁ ଏହାର ପ୍ରତିକାର ପାଇଁ ସରକାରଙ୍କ ପକ୍ଷରୁ, ପାଙ୍ଗାମ, ପୋଟେରୁ, କାଙ୍ଗୁରକୋଣ୍ଡା, ଏମଭି-୯୦ ଏବଂ ଏମଭି-୯୬ ପୋଲ ନିର୍ମାଣ ପାଇ ୭୯ କୋଟି ବ୍ୟୟବରାଦ ହୋଇଥିବା ବେଳେ ଏହାକୁ ବିଳାସପୁରର ବ୍ରିଜେଶ ଅଗ୍ରୱାଲ କମ୍ପାନି ନିର୍ମାଣ କରୁଛି। ଏହି ପୋଲ ନିର୍ମାଣ କାମ ସରିବାର ଅବଧି ୨୦୨୪ ମସିହା ଜୁନ ମାସ ଶେଷ ସମୟ ରହିଥିଲା। ହେଲେ ଏହି ବ୍ରିଜ ଗୁଡିକ ମାତ୍ର ୩୫ ପ୍ରତିଶତ କାମ ହୋଇଛି, ଏହି ୫ଟି ପୋଲ କାମ ଠିକା ନେଇଥିବା ପୂର୍ବରୁ କାମ କରୁଥିବା କମ୍ପାନୀକୁ ଚଳିତ ବର୍ଷ ମାର୍ଚ୍ଚ ମାସ ୨୦ ତାରିଖ ରେ ବାତିଲ କରା ଯାଇ ନୂଆ ଟେଣ୍ଡର ଡକା ଯାଇଥିବାର ଜଣା ପଡିଛି। ଠିକ ସେହିପରି ଏମଭି-୭, ଏମଭି-୧୯, ଅମଲାଯୋଡ଼ି ଏବଂ ମହାରାଜପାଲ୍ଲୀ ପୋଲ ନିର୍ମାଣ ପାଇଁ ୩୭ କୋଟି ମଞ୍ଜୁର ହୋଇଥିଲା। ଏହି ପୋଲ ଗୁଡ଼ିକ ଛତିଶଗଡ଼ ବିଜାପୁର ଜିଲ୍ଲାର ଶିବଶକ୍ତି ଇଂଜିନିୟର ୱାର୍କସ କମ୍ପାନି ପକ୍ଷରୁ ନିର୍ମାଣ କରାଯାଉଛି। ୨୦୨୫ ମସିହା ମେ ମାସରେ ସମାପ୍ତ ହେବ ବୋଲି ସମୟ ଧାର୍ଯ୍ୟ ରହିଥିଲେ ମଧ୍ୟ କାମ ସରିନାହିଁ। ଏହି ୪ଟି ପୋଲ କାମ ମାତ୍ର ୩୫ ରୁ ୪୦ ପ୍ରତିଶତ ହୋଇଛି। ଅମଲାଯୋଡ଼ି ଓ ମହାରାଜପାଲୀ ପୋଲ ନିର୍ମାଣ ପାଇଁ ବନ ବିଭାଗ ପକ୍ଷରୁ ପରିବେଶ କ୍ଲିଅରାନ୍ସ ଓ ଜମି ଅଧିଗ୍ରହଣ ହୋଇପାରୁନଥିବାରୁ ବିଳମ୍ବ ହେଉଥିବାର ଜଣାପଡିଛି। ଅନ୍ୟ ୭ଟି ପୋଲ ନିର୍ମାଣ କାମ ମନ୍ଥର ଗତିରେ ଚାଲୁଥିବାରୁ ସମସ୍ୟାର ସମାଧାନ ହୋଇପାରୁ ନାହିଁ। ଏହି ପୋଲ ଗୁଡିକ ତୁରନ୍ତ ନିର୍ମାଣ ନ ହେଲେ ପୂର୍ବପରି ପୋଲ ଗୁଡିକ ବନ୍ୟା ଓ ବର୍ଷା ପାଣିରେ ବୁଡି ମାଲକାନଗିରି, କାଲିମେଲା, ଏମଭି ୭୯, ମୋଟୁ, ଜୟପୁରକୁ ଯୋଗାଯୋଗ ବିଚ୍ଛିନ୍ନ ହେବ। ତେଣୁ ତୁରନ୍ତ ଏହିପୋଲ ଗୁଡିକ ନିର୍ମାଣ କାର୍ଯ୍ୟ ଶେଷ କରିବା ଜିଲ୍ଲାବାସୀ ଦାବି କରିଛନ୍ତି।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୮୭.୫୦ • ପାଉଣ୍ଡ ୧୧୭.୦୧
- ୟୁରୋ ୧୦୧.୩୫ • ୟେନ୍ ୦.୫୮

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)

- ସୁନା: ୯୨,୩୫୦ (ନୂଆଦିଲ୍ଲୀ)
- ରୁପା : ୧,୧୭,୧୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)

- ସେନ୍‌ସେକ୍ସ ୮୧,୬୪୪.୦୦
- ନିଫ୍ଟି ୨୪,୯୮୦.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)

- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ଭାରତୀୟ ଷ୍ଟେଟ୍ ବ୍ୟାଙ୍କ ଅଧିକାରୀ ସଂଘର ୪୭ତମ ପ୍ରତିଷ୍ଠା ଦିବସ



ଭୁବନେଶ୍ୱର, ୧୯।୮ (ସମିସ): ଭାରତୀୟ ଷ୍ଟେଟ୍ ବ୍ୟାଙ୍କ ଅଧିକାରୀ ସଂଘ, ଭୁବନେଶ୍ୱର ମଣ୍ଡଳ ଏହାର ୪୭ତମ ପ୍ରତିଷ୍ଠା ଦିବସ ପାଳନ କରିଛି । ଭୁବନେଶ୍ୱର ସ୍ଥିତ ସ୍ଥାନୀୟ ପ୍ରଧାନ କାର୍ଯ୍ୟାଳୟଠାରେ ସଂଘର ସଂସ୍ଥାପକ ସଦସ୍ୟ ଏନ୍.ଏନ୍. ଦାସ୍ ଓ ପି.ଭି.ଏସ୍. ମୂର୍ତ୍ତିଙ୍କୁ ମାଲ୍ୟାର୍ପଣ କରିଏହି କାର୍ଯ୍ୟକ୍ରମ ଆରମ୍ଭ ହୋଇଥିଲା । ମହାପ୍ରବନ୍ଧକ କୌଶଳ କିଶୋର ସିଂ ଏସ୍‌ବିଆଇ ଅଧିକାରୀମାନଙ୍କର ସେବା-ସ୍ଥିତି, ଅଧିକାର, କର୍ତ୍ତବ୍ୟ ଓ ସୁବିଧାସମୂହ ସମ୍ପର୍କିତ ପୁସ୍ତକ ଉନ୍ମୋଚନ କରିଥିଲେ । ଏଥିରେ ଉପମହାପ୍ରବନ୍ଧକ ଓ ମଣ୍ଡଳ ବିକାଶ ଅଧିକାରୀଙ୍କ ସହିତ ଅନ୍ୟ ବରିଷ୍ଠ ଅଧିକାରୀ, କର୍ମଚାରୀ ସଂଘ ସାଧାରଣ ସଚିବ ଓ ଅଧ୍ୟକ୍ଷ ଆଦି ଉପସ୍ଥିତ ଥିଲେ । ଏହି ଅବସରରେ ସମାଜ ପ୍ରତି ସଂଘର ଦାୟିତ୍ୱବୋଧକୁ ପ୍ରକାଶ କରି, ଭୁବନେଶ୍ୱରର ୟୁନିଟ୍-୬ ର "ଆଶ୍ରୟ" ଡେଷ୍ଟିଚ୍ୟୁଟ୍‌ରେ ନିରାଶ୍ରୟଙ୍କ ପାଇଁ ଖାଦ୍ୟ ବଣ୍ଟନ କାର୍ଯ୍ୟକ୍ରମ ପରିଚାଳିତ ହେଲା ତଥା ସହରରେ ଯାତାୟାତ ଓ ଶୃଙ୍ଖଳା ବ୍ୟବସ୍ଥାରେ ନିଷ୍ଠା, ପରିଶ୍ରମ ଓ ଶୃଙ୍ଖଳାନୁଶାସନ ରକ୍ଷାରେ ସେବାଦାନ କରୁଥିବା ୪୧ ଜଣ ଟ୍ରାଫିକ୍ କର୍ମଚାରୀଙ୍କୁ ସମ୍ମାନିତ କରାଯାଇଥିଲା । ଓଡ଼ିଶାର ବିଭିନ୍ନ ଜୋନ ଯଥା ସମ୍ବଲପୁର, ବାଲେଶ୍ୱର, ବ୍ରହ୍ମପୁର ଓ ଭୁବନେଶ୍ୱର ଆଦି ଅଞ୍ଚଳରେ ମଧ୍ୟ ଅଧିକାରୀ ସଂଘର ପ୍ରତିଷ୍ଠା ଦିବସ ପାଳନ କରାଯାଇଥିଲା ।

# ଟ୍ରମ୍ପ୍ ଶୁଳ୍କ ପ୍ରଭାବହୀନ; ୟୁକେ ବଜାର ଉପରେ ନାଲ୍‌କୋର ନଜର

ଭୁବନେଶ୍ୱର, ୧୯।୮ (ସମିସ): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱାରା ଭାରତ ଉପରେ ଲାଗୁ କରାଯାଇଥିବା ଉଚ୍ଚ ଶୁଳ୍କର ପ୍ରଭାବ ନବରତ୍ନ ନ୍ୟାସନାଲ ଆଲୁମିନିୟମ କମ୍ପାନୀ ଲିମିଟେଡ୍ (ନାଲ୍‌କୋ)ର ବ୍ୟବସାୟ ଉପରେ ପଡୁନାହିଁ । ବର୍ତ୍ତମାନ କମ୍ପାନୀ ଆମେରିକା ବାହାରେ ଅନ୍ୟ ସ୍ଥାନରେ ବ୍ୟବସାୟ ସନ୍ଧାନରେ ରହିଛି । ସାମ୍ପ୍ରତିକ ସମୟରେ ନାଲ୍‌କୋ ୟୁକେ ସହ ବ୍ୟବସାୟ ଉପରେ ଗୁରୁତ୍ୱ ଦେଉଛି । କାରଣ

- ଇଭି, ସୌର ପ୍ୟାନେଲ୍ କ୍ଷେତ୍ରରେ କମ୍ପାନୀ ପାଇଁ ବଡ଼ ସୁଯୋଗ
- ପଟାଙ୍ଗୀ ବକ୍ସାଇଟ୍ ଖଣି ୨୦୨୬ ଜୁନ୍ ସୁଦ୍ଧା ହେବ କାର୍ଯ୍ୟକ୍ଷମ
- ୨୦୩୦ ସୁଦ୍ଧା ଶେଷ ହେବ ୩୪,୬୦୦ କୋଟିର ସମ୍ପ୍ରସାରଣ କାର୍ଯ୍ୟ




ୟୁକେରେ ବୈଦ୍ୟୁତିକ ଯାନ (ଇଭି) ଏବଂ ସୌର ପ୍ୟାନେଲ୍ ଉତ୍ପାଦନ କ୍ଷେତ୍ରରେ ଏକ ସୁଦୃଢ଼ ବଜାର ରହିଛି । ଏହି ଦୁଇ କ୍ଷେତ୍ରରେ ଆଲୁମିନିୟମ୍‌ର ଜୋରଦାର ଚାହିଦା ରହିଥିବା ଭୁବନେଶ୍ୱରଠାରେ ମିଡିଆ କନେକ୍ଟ ୨୦୨୫ରେ ଯୋଗଦେଇ ନାଲକୋ ଅଧ୍ୟକ୍ଷ-ତଥା-ପରିଚାଳନା ନିର୍ଦ୍ଦେଶକ (ସିଏମ୍‌ଡି) ବ୍ରିଜେନ୍ଦ୍ର ପ୍ରତାପ ସିଂହ ଏହା କହିଛନ୍ତି ।

ନାଲ୍‌କୋ ଘରୋଇ ବଜାରରେସର୍ବାଧିକ ଆଲୁମିନା ଏବଂ ଆଲୁମିନିୟମ୍ ବିକ୍ରି କରି ନୂଆ ରେକର୍ଡ ସ୍ଥାପନ କରିଛି । କମ୍ପାନୀ କୋରାପୁଟ ସ୍ଥିତ ପଟାଙ୍ଗୀ ବକ୍ସାଇଟ୍ ଖଣିକୁ ୨୦୨୬ ଜୁନ୍ ସୁଦ୍ଧା ହେବ କାର୍ଯ୍ୟକ୍ଷମ କରିବାକୁ ଯୋଜନା ରଖିଛି । ଏଥିପାଇଁ ଜିଓ-ଟେଣ୍ଡରିଂ କାର୍ଯ୍ୟ ଚଳିତବର୍ଷ ସେପ୍ଟେମ୍ବର କିମ୍ବା ଅକ୍ଟୋବର ମାସ ସୁଦ୍ଧା ଶେଷ ହେବ । ଏହି ଖଣି ୬୯୭.୯୭୯ ହେକ୍ଟର ଜମିରେ ପରିବ୍ୟାପ୍ତ । ଏହାର ବାର୍ଷିକ ଉତ୍ପାଦନ କ୍ଷମତା ୩.୫ ନିୟୁତ ଟନ୍ । ଏହି ଖଣିରେ କମ୍ପାନୀ ୧୯୬୧ କୋଟି ଟଙ୍କା ନିବେଶ କରିବ ବୋଲି ଶ୍ରୀ ସିଂହ କହିଛନ୍ତି । ସେହିପରି କମ୍ପାନୀ ଦାମନଯୋଡି ସ୍ଥିତ ଆଲୁମିନିୟମ୍ ବିଶୋଧନାଗାରର ୫ମ ସମ୍ପ୍ରସାରଣରେ ୫୬୦୦ କୋଟି ନିବେଶ କରିବ । ସେହିପରି ଅନୁଗୋଳ ପ୍ଲାଣ୍ଟର ଆଲୁମିନିୟମ୍ ସ୍ମେଲଟରରେ ୧୭ ହଜାର କୋଟି ଟଙ୍କା ଏବଂ କ୍ୟାପ୍ଟିଭ୍ ପାୱାର ପ୍ଲାଣ୍ଟ ନିର୍ମାଣରେ ନାଲ୍‌କୋ ୧୨,୦୦୦ କୋଟି ଟଙ୍କା ଖଟାଇବାକୁ ଯୋଜନା ରଖିଛି । ତେବେ ଏହି ସମ୍ପ୍ରସାରଣ ଯୋଜନା ନିମନ୍ତେ ସବିଶେଷ ପ୍ରକଳ୍ପ ରିପୋର୍ଟ (ଡିପିଆର୍) ଚଳିତ ଆର୍ଥିକବର୍ଷର ତୃତୀୟ ତ୍ରୈମାସିକ ସୁଦ୍ଧା ପ୍ରସ୍ତୁତ ହୋଇଯିବ । ପରେ ଏହାକୁ ଅନୁମୋଦନ ଲାଗି କମ୍ପାନୀର ନିର୍ଦ୍ଦେଶକ ମଣ୍ଡଳୀଙ୍କ ନିକଟକୁ ପଠାଯିବ ବୋଲି ସେ କହିଛନ୍ତି । ଏହାଛଡା ଚଳିତ ଆର୍ଥିକବର୍ଷର ପ୍ରଥମ ତ୍ରୈମାସିକରେ ନାଲ୍‌କୋର ନେଟ୍ ଲାଭ ରେ ୭୭% ବୃଦ୍ଧି ଘଟି ୧୦୬୪ କୋଟି ଟଙ୍କାରେ ପହଞ୍ଚିଛି । ସେହିପରି ପରିଚାଳନାଗତ ରାଜସ୍ୱ ୩୮୦୭ କୋଟି ଟଙ୍କା ହୋଇଛି ।

ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ନାଲକୋର ନିର୍ଦ୍ଦେଶକ (ଉତ୍ପାଦନ) ପଙ୍କଜ କୁମାର ଶର୍ମା, ନିର୍ଦ୍ଦେଶକ (ପ୍ରକଳ୍ପ ଏବଂ ବୈଷୟିକ) ଜଗଦୀଶ ଆରୋରା, ନିର୍ଦ୍ଦେଶକ (ମାନବ ସମ୍ବଳ) ଡ. ତାପସ କୁମାର ପଟ୍ଟନାୟକ ଏବଂ ନିର୍ଦ୍ଦେଶକ (ଅର୍ଥ) ଅଭୟ କୁମାର ବେହୁରିଆ ମଧ୍ୟ ଉପସ୍ଥିତ ଥିଲେ । ପ୍ରାରମ୍ଭରେ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାନବ ସମ୍ବଳ) ଆଶୁତୋଷ ରଥ କମ୍ପାନୀର କାର୍ଯ୍ୟକଳାପ ସମ୍ବନ୍ଧରେ ସଂକ୍ଷିପ୍ତ ବିବରଣୀ ପ୍ରଦାନ କରିଥିଲେ ।

# ଏକରୁ ଅଧିକ କ୍ରେଡିଟ୍ କାର୍ଡରେ ଖରାପ ହେବ କି ସିବିଲ୍ ସ୍କୋର!

ନୂଆଦିଲ୍ଲୀ, ୧୯।୮ (ଏଜେନ୍ସି): ଆଜିକାଲି, ଜଣେ ବ୍ୟକ୍ତି କ୍ରେଡିଟ୍ କାର୍ଡ ବ୍ୟବହାର କରିବା ଆରମ୍ଭ କରିବା ମାତ୍ରେ, ଅଳ୍ପ ସମୟ ମଧ୍ୟରେ ଅନ୍ୟ ବ୍ୟାଙ୍କଗୁଡ଼ିକ ମଧ୍ୟ ତାଙ୍କୁ କ୍ରେଡିଟ୍ କାର୍ଡ ଦେବା ପାଇଁ ଯୋଗାଯୋଗ କରିବା ଆରମ୍ଭ କରିଦେଉଛନ୍ତି । କିନ୍ତୁ ଏପରି ପରିସ୍ଥିତିରେ, ମନରେ ପ୍ରଶ୍ନ ଉଠେ ଯେ ଯେତେବେଳେ ଗୋଟିଏ କାର୍ଡ ଅଛି, ତେବେ ଜଣେ ଆଉ ଏକ କାର୍ଡ କାହିଁକି ନେବେ । ଏହାଛଡା ଦ୍ୱିତୀୟ କାର୍ଡ ନେବା ଠିକ୍ ହେବ କି ନାହିଁ? ଏହାର ଉତ୍ତର ପ୍ରାୟତଃ 'ନା' ହେବ । କିନ୍ତୁ କେତେକ ସମୟରେ ଗୋଟିଏରୁ ଅଧିକ କ୍ରେଡିଟ୍ କାର୍ଡ ରଖିବା ଲାଭଦାୟକ ହୋଇପାରେ । ତେବେ କେଉଁ ପରିସ୍ଥିତିରେ ଏକରୁ ଅଧିକ କ୍ରେଡିଟ୍ କାର୍ଡ ଲାଭ ଦେଇଥାଏ ଏବଂ କେଉଁ ପରିସ୍ଥିତିରେ ଏହାକୁ ଏଡାଇବା ଉଚିତ ।

### ଏକ କ୍ରେଡିଟ୍ ଇତିହାସ ରଖିବା ପାଇଁ ଦ୍ୱିତୀୟ କାର୍ଡ ଉପଯୋଗୀ ହେବ

ଯଦି ଆପଣ ସମ୍ପ୍ରତି ଏକ କ୍ରେଡିଟ୍ କାର୍ଡ ନେଇଛନ୍ତି ଏବଂ ଭବିଷ୍ୟତରେ ଆପଣ ଏକ କାର୍ ଋଣ, ଗୃହ ଋଣ କିମ୍ବା ବ୍ୟକ୍ତିଗତ ଋଣ ନେବାକୁ ଚାହୁଁଛନ୍ତି, ତେବେ ନିଜର ଏକ ଭଲ କ୍ରେଡିଟ୍ ଇତିହାସ ଗଠନ କରିବା ଗୁରୁତ୍ୱପୂର୍ଣ୍ଣ । ଯେତେବେଳେ ଆପଣ ସମୟସୀମା ମଧ୍ୟରେ ବିଲ୍ ପରିଶୋଧ କରୁଛନ୍ତି ଏବଂ କାର୍ଡକୁ ସଠିକ୍ ଭାବରେ ବ୍ୟବହାର କରନ୍ତି ସେତେବେଳେ କ୍ରେଡିଟ୍ ଇତିହାସ ଗଠନ ହୁଏ । ଏପରି ପରିସ୍ଥିତିରେ, ଗୋଟିଏରୁ ଅଧିକ କାର୍ଡ ରଖିବା ଆପଣଙ୍କୁ ଅଧିକ କାରବାର କରିବାର ସୁଯୋଗ ଦିଏ, ଯାହା ଆପଣଙ୍କ ସିବିଲ୍ ସ୍କୋରକୁ ଆହୁରି ମଜବୁତ କରିଥାଏ ।

### କ୍ରେଡିଟ୍ ସୀମା ବୃଦ୍ଧି କରିବାକୁ ହେଲେ ୨ଟି କାର୍ଡ ଲାଭଦାୟକ

ଧରିନିଅନ୍ତୁ ଆପଣଙ୍କର ଗୋଟିଏ କ୍ରେଡିଟ୍ କାର୍ଡ ଅଛି, ଯାହାର କ୍ରେଡିଟ୍ ସୀମା ୨ ଲକ୍ଷ ଟଙ୍କା । ଏବେ ଯଦି ଆପଣ ଅନ୍ୟ ଏକ କାର୍ଡ ନିଅନ୍ତି ଯାହାର ସୀମା ସମାନ, ତେବେ ଆପଣଙ୍କର ମୋଟ କ୍ରେଡିଟ୍ ସୀମା ୪ ଲକ୍ଷ ଟଙ୍କା ହେବ । ଏହା କେବଳ ଅଧିକ ଖର୍ଚ୍ଚ କରିବାର ସୁବିଧା ଦେଇ ନ ଥାଏ, ବରଂ ଏହା ଜରୁରୀକାଳୀନ ପରିସ୍ଥିତିରେ ଆପଣଙ୍କ ପାଇଁ ମଧ୍ୟ ବହୁତ ଉପଯୋଗୀ ହୋଇପାରେ ।

### କ୍ରେଡିଟ୍ ସ୍କୋର ଉନ୍ନତ କରିବା ପାଇଁ ସିୟୁଆର୍ ନିୟନ୍ତ୍ରଣ କରନ୍ତୁ

କ୍ରେଡିଟ୍ ସ୍କୋରର ଏକ ଗୁରୁତ୍ୱପୂର୍ଣ୍ଣ ଅଂଶ ହେଉଛି କ୍ରେଡିଟ୍ ବ୍ୟବହାର ଅନୁପାତ (ସିୟୁଆର୍) । ସରଳ ଭାଷାରେ, ସିୟୁଆର୍ କହିଥାଏ ଯେ ଆପଣ ଆପଣଙ୍କର ମୋଟ କ୍ରେଡିଟ୍ ସୀମାର କେତେ ବ୍ୟବହାର କରିଛନ୍ତି । ଉଦାହରଣ ସ୍ୱରୂପ, ଯଦି ଆପଣଙ୍କର ସୀମା ୨ ଲକ୍ଷ ଟଙ୍କା ଏବଂ ଆପଣ ୧.୬ ଲକ୍ଷ ଟଙ୍କା ଖର୍ଚ୍ଚ କରିଛନ୍ତି, ତେବେ ଆପଣଙ୍କର ସିୟୁଆର୍ ୮୦% ଯାହା ବହୁତ ଅଧିକ । ଏହା ୩୦%ରୁ କମ୍ ହେବା ଉଚିତ । ଏପରି ପରିସ୍ଥିତିରେ, ଯଦି ଆପଣଙ୍କର ଦ୍ୱିତୀୟ କାର୍ଡ ଥାଆନ୍ତା, ତେବେ ଆପଣ ଖର୍ଚ୍ଚକୁ ଦୁଇଟି ମଧ୍ୟରେ ବାଣ୍ଟି ପାରିଥାଆନ୍ତେ । ଏହା ଆପଣଙ୍କର ବ୍ୟବହାର ଅନୁପାତକୁ ହ୍ରାସ କରିଥାଆନ୍ତା ଏବଂ ଆପଣଙ୍କର କ୍ରେଡିଟ୍ ସ୍କୋରକୁ ଉନ୍ନତ କରିଥାଆନ୍ତା ।

### ଦୁଇଟି କ୍ରେଡିଟ୍ କାର୍ଡ ରଖିବା ସମସ୍ତଙ୍କ ପାଇଁ ଠିକ୍ ନୁହେଁ?

କିଛି ଲୋକଙ୍କ ପାଖରେ କ୍ରେଡିଟ୍ କାର୍ଡ ଅଛି କିନ୍ତୁ ସେଗୁଡ଼ିକୁ ବହୁତ କମ୍ ବ୍ୟବହାର କରନ୍ତି । ଯେପରିକି ଲୋକେ କ୍ରେଡିଟ୍ କାର୍ଡକୁ କେବଳ ହୋଟେଲ ବୁକିଂ ପାଇଁ କିମ୍ବା ଆବଶ୍ୟକ ସମୟରେ ବ୍ୟବହାର କରିଥାନ୍ତି । ଏପରି ଲୋକଙ୍କ ପାଇଁ, ଦ୍ୱିତୀୟ କାର୍ଡ ରଖିବା ମୁଣ୍ଡବିନ୍ଧାର କାରଣ ହୋଇପାରେ । କାରଣ ପ୍ରତ୍ୟେକ କାର୍ଡ ସହିତ ସମୟସୀମା ମଧ୍ୟରେ ବିଲ୍ ପୈଠ କରିବା ଏବଂ ଏହାର ଟ୍ରାକ୍ ରଖିବା ଆବଶ୍ୟକ । ଯଦି ଆପଣ ଆପଣଙ୍କର ବିଦ୍ୟମାନ କାର୍ଡକୁ ବୁଦ୍ଧିମାନ ଭାବରେ ବ୍ୟବହାର କରନ୍ତି ଏବଂ ଆପଣଙ୍କର ଖର୍ଚ୍ଚ ଏହାର ମୋଟ ସୀମାର ୩୦% ରୁ କମ୍ ହୁଏ, ତେବେ ଦ୍ୱିତୀୟ କାର୍ଡ ରଖିବା ଆପଣଙ୍କ ଉପରେ ଅନାବଶ୍ୟକ ବୋଝ ପକାଇବ । ଆପଣଙ୍କର କ୍ରେଡିଟ୍ ସ୍କୋରକୁ ଉନ୍ନତ କରିବା ପାଇଁ ଦ୍ୱିତୀୟ କାର୍ଡ ରଖିବାର କୌଣସି ଆବଶ୍ୟକତା ନାହିଁ ।


**AFFIDAVIT**

I, Sahida Bano, W/o- Md Tisamuddin, At: Ward No 1, Dhubapada, Po/Ps- Kantabanji, Dist- Balangir, Pin-767039, Odisha. declare by this Affidavit no. 49333, Dated: 18.08.2025, that now onwards I shall be known as **"SAHEDA BANO"** for all future purposes

**LOST**

I, **Ranjan Kumar Sahoo**, aged 45 years, S/o Arttabandhu Sahoo, resident of Village/PO: Bidhanima, PS: Tigiria, Dist: Cuttack, Odisha do hereby declare that, my Original Sale Deed vide No: 10481200449, dated- 23/07/2012, Mouza- Bidhanima vide Khata No.97 have been lost in Nuapatna area on dated- 16/08/2025 in somewhere. If anyone finds it kindly contact to my number 9899263899 or above the address.

**Ranjan Kumar Sahoo**

**AFFIDAVIT**

I, Rabindra Kumar Kar, S/o- Satyananda Kar, resident of At-Bhanapur, Po- Tulasipur, Nimapara Dist- Puri, PIN-752113, Odisha declared by this affidavit No. 670, dtd- 19/08/2025 that now onwards I shall be known as **RABINDRA KAR** for all future purposes.

**AFFIDAVIT**

I, Sushree Sangita Nayak, W/o- Shitikantha Nayak, resident of Sani Mandira Basti, Near Sani Mandira, Bhoi Nagar, Po- Utkal University, Bhubaneswar, Dist- Khurda, PIN- 751004, Odisha declared by this affidavit No. 671, dtd- 19/08/2025 that now onwards I shall be known as **SUSRI SANGITA NAYAK** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar vide Serial No. 50 dt. 19.08.2025 I, Subhashree Priydarshnee Sahoo resident of Pratima Nivas, Paltanpadia, Near Hengulai temple, P.S.Khordha, Dist.Khordha Odisha declare that I have changed my name from Subhashree Priydarshnee Sethi to Subhashree Priydarshnee Sahoo. Henceforth I shall be known as Subhashree Priydarshnee Sahoo for all purposes.

**Subhashree Priydarshnee Sahoo**

**AFFIDAVIT**

By virtue of an affidavit dated 13.08.2025, No. 2583 sworn before Executive Magistrate Khordha, I, ABHIRAM MOHAPATRA, S/o-Duryodhan Mohapatra, Resident At- Thakurpada, Po:- Pubusahi, Ps/ Dist- Khordha, Odisha-752055, declare that I have changed my name from RABINDRA MOHAPATRA to ABHIRAM MOHAPATRA. Henceforth, I shall be known as **ABHIRAM MOHAPATRA** for all purposes.

**କବଲା ହଜିଛି**

ମୁଁ ନୟନା ସାହୁ, ପିତା- ଧନେଶ୍ୱର ସାହୁ, ସା- ହରିଶରଣପୁର, ବଙ୍ଗେଟିସାହି, ୱାର୍ଡ଼ ନମ୍ବର- ୧୦, ଜିଲ୍ଲା- କଟକ, ଆଠଗଡ଼ ଥାନାରେ ଲିଖିତ ଅଭିଯୋଗ କରି ଜଣାଉ ଅଛି ଯେ ମୋର କବଲା ନମ୍ବର ୧୮୭ ଓ ଘରବାରୀ ଖାତା ନମ୍ବର ୩୪୯/୬୯୫ ଗତ ତା. ୦୫/୦୮/୨୦୨୫ ରିଖରେ ଆଠଗଡ଼ ବସଷ୍ଟାଣ୍ଡରେ ହଜି ଯାଇଛି । ଏଣୁ କୌଣସି ସହୃଦୟ ବ୍ୟକ୍ତି ପାଇଥିଲେ ଆଠଗଡ଼ ଥାନା କିମ୍ବା ପ୍ରଭାକର ପଟ୍ଟନାୟକ (ଆଇନଜିବୀ) ମୋ- ୯୭୭୮୦୭୦୫୯୦, ୭୦୭୭୭୦୪୫୯୦ ରେ ଯୋଗାଯୋଗ କରିବାକୁ ଆନୁରୋଧ ।

**ନୟନା ସାହୁ**

**AFFIDAVIT**

I, Dhananjaya Dash, aged about 37 years, S/o- Purna Chandra Dash, resident of At- Babalpur, Nandipur, Ps- Dasarathpur, Dist- Jajpur, Odisha, Pin- 755006 declare by this affidavit No. 1674, dtd- 19.08.2025, that now onwards I shall be known as **DHANANJAY DASH** for all future purposes.

**AFFIDAVIT**

I, Minati Mohanty, W/o-Late Baidhar Mohanty, resident of Village-Pubakhanda, PO/PS -Niali, Dist- Cuttack, PIN - 754004, Odisha, declare by this affidavit No-15, dated- 04.08.2025, that now onwards I shall be known as **SOUDAMINI BEWA** for all future purposes.

**AFFIDAVIT**

By virtue of an affidavit sworn before Notary Public, Jaleswar , No-1847, dated-18/08/2025. I , Ananta Kumar Pal, S/O- Madhusudan Pal, At:Kuanrpur, Po: Makidia, PS: Raibania, Dist: Balasore, Pin: 756033 declare that I have changed my name from Anant Kumar Pal to Ananta Kumar Pal . Henceforth , I shall be known as **Ananta Kumar Pal** for all Purposes.

**Ananta Kumar Pal**

**AFFIDAVIT**

By virtue of an affidavit sworn before Notary Public Titilagarh, dated 06.08.2025 I, Dulichand Jain, Adress At- Thikadar Para, Po/Ps- Titilagarh, Dist- Balangir, Odisha, Pin- 767033 declare that I have changed my son's name from Venkat Jain to Ved Jain. Henceforth, he shall be known as Ved Jain for all purposes.

**Dulichand Jain**

**AFFIDAVIT**

By virtue of an affidavit sworn before Notary Public, Bhubaneswar dated 18.08.2025 I Mami Barik resident at Plot No- 1622/2309, Near Aerodrome area, Palaspalli. Ps- Airport, Bhubaneswar-751020, Dist- Khordha, declare that I have change my name from Mani Barik to Mami Barik. Henceforth I shall be known as MAMI BARIK for all purposes.

**(Mami Barik)**

**AFFIDAVIT**

I, Nita Nathsharma, W/o- Chandrasekhar Nathsharma, Resident of Duplex No. 57-A, Pristine Green, Pokhariput, Aerodrome Area, Bhubaneswar, Dist- Khurdha, Pin-751020, Odisha declare by this Affidavit No. 132, Dated 18.08.2025, that now onwards I shall be known as **NITA PATEL** for all future purposes.

**AFFIDAVIT**

I, Padmabati Mangaraj, W/o- Ajay Mangaraj, resident of Plot No -1162, Satya Vihar, Rasulgarh, PS - Mancheswar, Bhubaneswar, Dist - Khordha, Pin No - 751010, Odisha, declare by this affidavit No -107, dated- 22.07.2025, that now onwards I shall be known as **PADMABATI BISWAL** for all future purposes.

**IN THE HIGH COURT OF ORISSA : CUTTACK**
**(NOTICE UNDER ORDER 5, RULE 20 (1-A) OF THE CODE OF CIVIL PROCEDURE, 1908)**
**(SA NO. 395 of 2000)**

**Akupalli Uma Maheswar Rao .... Appellant**
**-Versus-**
**V. Rama Chandra Rao and others .... Respondents**

To
1. V. Jamuna, aged about 45 years, W/o. Late V. Shankara Narayan, resident of Karana Street, Jeypore, P.O./P.S.- Jeypore, Dist.- Koraput. (Respondent No. 6)
2. V. Atulya, aged about 22 years, D/o. Late V. Shankara Narayan, resident of Karana Street, Jeypore, P.O./P.S.- Jeypore, Dist.- Koraput. (Respondent No. 7)
3. V. Vansi, aged about 18 years, S/o. Late V. Shankara Narayan, resident of Karana Street, Jeypore, P.O./P.S.- Jeypore, Dist.- Koraput. (Respondent No. 8)
4. Vanimisetti Tirumala Swamy, aged about 40 years, S/o. Late Vanimisetti Subharao, resident of Karana Street, Jeypore, P.O./P.S.- Jeypore, Dist.- Koraput. (Respondent No.9)
5. Vanimisetti Subbaraya Venkata Prasad, aged about 34 years, S/o. V. Suryanarayan Murty, S.C.B. Medical College, Cuttack, Dist.- Cuttack. Respondent No. 10)

You the above named respondents take notice that the appellant has preferred S.A. 395/2000 against you challenging the judgement and Decree dated 28.08.2000 and 07.09.2000 respectively passed in T.A No. 23 of 1993 by the Addl. District Judge, Jeypore reversing the Judgment dated 30.10.1992 and 13.11.1992 passed by learned Civil Judge (Sr. Divn.), Jeypore in T.S. No. 98/1985.

Though notice was sent to you in the above given address, the same returned unserved. As the summons could not be served on you in ordinary way, you are hereby directed through this general publication to appear before this Court in person or through counsel on 2.9.25 to show cause as to why the relief sought for in the memorandum of appeal shall not be granted.

Take further notice that, in case of default the case will be heard and decided in your absence in accordance with law.

Given under my hand and seal of this Court on the 7th day of August, 2025.

By order of the Court

Sd/-
Registrar (Judicial)

**IN THE HIGH COURT OF ORISSA : CUTTACK**
**(NOTICE UNDER ORDER 5, RULE 20 (1-A) OF THE CODE OF CIVIL PROCEDURE, 1908)**
**(SA NO. 397 of 2000)**

**Akupalli Papamma .... Appellant**
**-Versus-**
**V. Rama Chandra Rao and others .... Respondents**

To
1. V. Jamuna, aged about 45 years, W/o. Late V. Shankara Narayan, resident of Karana Street, Jeypore, P.O./P.S.- Jeypore, Dist.- Koraput. (Respondent No. 6)
2. V. Atulya, aged about 22 years, D/o. Late V. Shankara Narayan, resident of Karana Street, Jeypore, P.O./P.S.- Jeypore, Dist.- Koraput. (Respondent No. 7)
3. V. Vansi, aged about 18 years, S/o. Late V. Shankara Narayan, resident of Karana Street, Jeypore, P.O./P.S.- Jeypore, Dist.- Koraput. (Respondent No. 8)
4. Vanimisetti Tirumala Swamy, aged about 40 years, S/o. Late Vanimisetti Subharao, resident of Karana Street, Jeypore, P.O./P.S.- Jeypore, Dist.- Koraput. (Respondent No.9)
5. Vanimisetti Subbaraya Venkata Prasad, aged about 34 years, S/o. V. Suryanarayan Murty, S.C.B. Medical College, Cuttack, Dist.- Cuttack. Respondent No. 10)

You the above named respondents take notice that the appellant has preferred S.A. 397/2000 against you challenging the judgement and Decree dated 28.08.2000 and 07.09.2000 respectively passed in T.A No. 25 of 1993 by the Addl. District Judge, Jeypore reversing the Judgment dated 30.10.1992 and 13.11.1992 passed by learned Civil Judge (Sr. Divn.), Jeypore in T.S. No. 96/1985.

Though notice was sent to you in the above given address, the same returned unserved. As the summons could not be served on you in ordinary way, you are, hereby directed through this general publication to appear before this Court in person or through counsel on 16.9.25 to show cause as to why the relief sought for in the memorandum of appeal shall not be granted.

Take further notice that, in case of default the case will be heard and decided in your absence in accordance with law.

Given under my hand and seal of this Court on the 13th day of August, 2025.

By order of the Court

Sd/-
Registrar (Judicial)

**AFFIDAVIT**

By virtue of an affidavit sworn before Notary Public, Bhubaneswar, 18.08.2025, I Runubala Mahapatra, W-o- Prashana Kumar Mahapatra resident at Thanapalli, Po- Mardabadi, Ps- Ranpur, Dist- Nayagarh, Odisha PIN-752066 , declare that my Son's name from Manoj Mahapatra to Manoranjan Mahapatra . Henceforth, He shall be known as **MANORANJAN MAHAPATRA** for all purposes.

**(Runubala Mahapatra)**

**DOCUMENT LOST**

Notice is hereby given to general Public that, I Sri Naba Kishore Swain, father of SRI SUBRAT KUMAR SWAIN has lost the original link RSD bearing no. 11141101303 dt.11/03/2011, in the name of Guni Khan and Mahimud Khan, bearing plot no. 1610/1912, Mouza- Palla, Tahsil- Khurda, Khata no.- 866/146, 07/08/2025 at around 12:00 PM at Cosmopolis Square while I was travelling from my residence at Rajiv Nagar by bike to Khurda and could not retri-ve them despite my best efforts. Therefore, if anyone has found the same, please contact Advocate Sri N.C. Pattnaik, Mob.- 985331118 of LICHFL at Chandrasekharpur within 15 days from the date of the publication failing which the document will lose its legal force, and any misuse of the document will be punishable under law.

**AFFIDAVIT**

By virtue of an affidavit sworn before Notary Public Titilagarh, dated 19.08.2025 I, Tulia Jani, Adress At- Budhipadar, Po- Goimund Ps- Sindhekela, Dist- Balangir, Odisha, Pin- 767040 declare that I have changed my son's name from Tushal Jani to Tushar Jani. Henceforth, he shall be known as Tushar Jani for all purposes.

**Tulia Jani**

A-517

**GOVERNMENT OF ODISHA**
DEPARTMENT OF WATER RESOURCES
OFFICE OF THE SUPERINTENDING ENGINEER
RENGALI LEFT BANK CANAL DIVISION, AT/P.O. Kamakhyanagar
Dist: Dhenkanal, Odisha, PIN-759018
☎:06769-270771 Email ID - eerlbcdivision@gmail.com

**e-PROCUREMENT NOTICE No. RLBCD-P1-03/2025-26**

| | | |
|---|---|---|
| 1 | Category of Work | "Civil Construction Works". |
| 2 | Total No. of Works | 01 (One) No. of work. |
| 3 | Estimated Cost | Rs. 38.78 Lakhs |
| 4 | Period of Completion | 60 Days |
| 5 | Class of Contractor | "C" & "B" or equivalent grade/class |
| 6 | Cost of Bid Document / Mode of Payment | Rs. 6,000/- (Non-Refundable) / Online through Electronic Payment Mode (Internet Banking/ NEFT/RTGS of Designated Banks and their Aggregator Banks). |
| 7 | EMD / Bid Security Amount / Mode of Payment | Rs. 38,780 /- Online through Electronic Payment Mode (Internet Banking/ NEFT/RTGS of Designated Banks and their Aggregator Banks) |
| 8 | Other details: | |
| | (i) Procurement Officer | Superintending Engineer, Rengali Left Bank Canal Division, Kamakhyanagar. |
| | (ii) Availability of Bid Documents for Online Bidding. | 21.08.2025 from 10.00 Hours to 30.08.2025 up to 17.00 Hours. |
| | (iii).Date, time & venue of Bid Opening (Online) | On Dt.01.09.2025 at 11.00 Hours in the O/o the Superintending Engineer, Rengali Left Bank Canal Division, Kamakhyanagar (through online). |
| | (iv) Date, time & venue of transparent lottery for finalization of bids, if required | On Dt.09.09.2025 at 11.00 Hours (Tentative Date) in the O/o the Superintending Engineer, Rengali Left Bank Canal Division, Kamakhyanagar. |

*Further details can be seen from the Government of Odisha website https://tendersodisha.gov.in

Superintending Engineer
R.L.B. Canal Division
Kamakhyanagar

OIPR-32298/11/0030/2526

CIME BHUBANESWAR
उद्यमेन ही सिध्यन्ति

**COLLEGE OF IT & MANAGEMENT EDUCATION**
(A Constituent College Biju Patnaik University of Technology, Rourkela)
Bhubaneswar

KK-196

No 680 / 25 Date 16.08.2025

**SPOT ADMISSION FOR MBA & MCA PROGRAMME : 2025-26**

**O-JEE, CAT, MAT, & XAT RANK HOLDERS ARE ELIGIBLE.**

For any query, please contact:

**Mr Debidatta Acharya** (MBA) 9937313519, Faculty | **Mrs Bishnupriya Mallick** (MCA) 7327094482, Faculty

Visit: www.cime.ac.in

OIPR-14087/11/0011/2526

PRINCIPAL

Student Handbook, Fee Structure. and required documents for admission.

## ଆଜିର ରାଶିଫଳ

**ମେଷ:** କର୍ମଚଞ୍ଚଳ ରହିବେ। ମନ ଖୁସି ରହିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେଇପାରେ। ପ୍ରେମିକ ପ୍ରେମିକାଙ୍କ ଲାଗି ଦିନଟି ଉତ୍ତମ। ବ୍ୟବସାୟରୁ ଲାଭ ମିଳିବ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ବୃଷ:** କଳା, ମନୋରଞ୍ଜନ ପ୍ରତି ଆଗ୍ରହ ବଢ଼ିବ। ପରିବାର ସହ କୌଣସି ଦୂର ସ୍ଥାନକୁ ଯାତ୍ରା କରିବେ। ପ୍ରେମ ମାମଲାରେ କିଛି ନୂଆ ନିଷ୍ପତ୍ତି ନେବେ। ପ୍ରିୟଜନଙ୍କଠାରୁ ଉପହାର ପାଇବେ।

**ମିଥୁନ:** ବ୍ୟବସାୟ ଓ ଧାର୍ମିକ କାର୍ଯ୍ୟ ପାଇଁ ଅନୁକୂଳ ସମୟ। ବ୍ୟାୟାମ, ଯୋଗ, ଉଚ୍ଚଶିକ୍ଷା, ଧ୍ୟାନ ଆଦି ପ୍ରତି ରୁଚି ବଢ଼ିବ। ଜମି ବିବାଦ ମାମଲା ସମାଧାନ ହେବ। ସାମାଜିକ କାର୍ଯ୍ୟରେ ସାମିଲ ହେବେ।

**କର୍କଟ:** କାର୍ଯ୍ୟ ସ୍ଥିତିରେ ସୁଧାର ଆସିଲେ ମଧ୍ୟ ସ୍ୱାସ୍ଥ୍ୟ ଭଲ ରହିବ ନାହିଁ। ଦାମ୍ପତ୍ୟ ଜୀବନ ଚିନ୍ତାଜନକ ହେବ। କୌଣସି ସ୍ଥାନକୁ ବୁଲିବାକୁ ଯାଆନ୍ତୁ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ।

**ସିଂହ:** ଦାମ୍ପତ୍ୟ ଜୀବନ ସୁଖମୟ ହେବ। କିଛି କ୍ଷେତ୍ରରେ ଅସଫଳ ରହିବେ। କାଳୀ ମା'ଙ୍କ ପୂଜା କରନ୍ତୁ। ନୂଆ ଯୋଜନା ପାଇଁ ଉପଯୁକ୍ତ ସମୟ। ଯୋଗ, ଏକ୍ସରସାଇଜ୍ ପ୍ରତି ଆଗ୍ରହ ପ୍ରକାଶ କରିବେ।

**କନ୍ୟା:** ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ପ୍ରେମିକ ପ୍ରେମିକାଙ୍କ ମଧ୍ୟରେ ଥିବା ଭୁଲ ବୁଝାମଣା ଦୂର ହେବ। ଛାତ୍ରଛାତ୍ରୀ ପ୍ରବେଶିକା ପରୀକ୍ଷାରେ ସଫଳ ହେବେ।

**ତୁଳା:** ବ୍ୟବସାୟରୁ ଲାଭ ମିଳିବ। ପରିବାର ସଦସ୍ୟଙ୍କ ସହ ମତାନ୍ତର ଦୂର ହେବ। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ସନ୍ତାନଙ୍କ ସହଯୋଗ ପ୍ରାପ୍ତ ହେବ। ଧାର୍ମିକ ଯାତ୍ରା କରିପାରନ୍ତି।

**ବିଛା:** ପୈତୃକ ସମ୍ପତ୍ତିକୁ ନେଇ ବିବାଦ ଦେଖା ଦେବ। କୋର୍ଟକଚେରୀ ମାମଲା ବିଜୟ ଲାଭ କରିବେ। ପ୍ରତିଯୋଗୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ। ସନ୍ତାନଙ୍କ ସ୍ୱାସ୍ଥ୍ୟରେ ଉନ୍ନତି ଆସିବ।

**ଧନୁ:** ପିଲାଙ୍କ ଶିକ୍ଷା ଓ ସ୍ୱାସ୍ଥ୍ୟ ଉପରେ ଅଧିକ ଖର୍ଚ୍ଚ କରିବାକୁ ପଡ଼ିପାରେ। ଭଲ କାର୍ଯ୍ୟ ଯୋଗୁଁ ସମାଜରେ ପ୍ରତିଷ୍ଠା ବଢ଼ିବ। ମନୋରଞ୍ଜନ କାର୍ଯ୍ୟରେ ନିଜକୁ ସାମିଲ କରିବେ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ଧନ ବୃଦ୍ଧି ସହ ଅର୍ଥ ସଞ୍ଚୟ କରିବେ। ବ୍ୟବହାରରେ ପରିବର୍ତ୍ତନ ଆଣିବାକୁ ଚେଷ୍ଟା କରିବେ। ଦାମ୍ପତ୍ୟ ଜୀବନ ହସଖୁସିରେ କଟିବ। ନିବେଶ ପାଇଁ ଅନୁକୂଳ ସମୟ।

**କୁମ୍ଭ:** ବ୍ୟବସାୟକୁ ମଜଭୁତ କରିବା ପାଇଁ ଅଧିକ ପ୍ରୟାସ କରିବାକୁ ହେବ। ସ୍ୱାସ୍ଥ୍ୟ ଭଲ ରହିବ। ଛାତ୍ରଛାତ୍ର ଦିନଚର୍ଯ୍ୟାରେ ପରିବର୍ତ୍ତନ ଆଣିବେ। ଅଫିସ୍ କାମରେ ବିଦେଶ ଯାତ୍ରା ଯୋଗ ରହିବ।

**ମୀନ:** କାର୍ଯ୍ୟ ଆରମ୍ଭ ପାଇଁ ଅନୁକୂଳ ସମୟ। ମାନସିକ ସ୍ୱାସ୍ଥ୍ୟରେ ସୁଧାର ଆସିବ। ପରୀକ୍ଷାର୍ଥୀ ପରୀକ୍ଷାରେ ଭଲ ପ୍ରଦର୍ଶନ କରିବେ। ଅଫିସ୍‌ରେ ନୂଆ କାମ ଆରମ୍ଭ କରିବେ। ବିବାହ ପ୍ରସ୍ତାବ ଆସିବ।

## ଆଜିର ଇତିହାସ

- ୧୫୯୭-ପୂର୍ବ ଏସିଆରୁ ଡଚ୍ ଇଷ୍ଟ ଇଣ୍ଡିଆ କମ୍ପାନି ତା'ର ପ୍ରଥମ ଜାହାଜ ଫେରାଇ ନେଲା।
- ୧୬୪୧- ଇଂଲଣ୍ଡ ଓ ସ୍କଟ୍‌ଲାଣ୍ଡ ମଧ୍ୟରେ ଶାନ୍ତି ବୁଝାମଣା।
- ୧୯୨୧- କେରଳର ମାଲାବାରରେ ମୋପଲା ବିଦ୍ରୋହ ଆରମ୍ଭ।
- ୧୯୭୯- ପ୍ରଧାନମନ୍ତ୍ରୀ ଚୌଧୁରୀ ଚରଣ ସିଂହ ତାଙ୍କ ପଦବୀରୁ ଇସ୍ତଫା ଦେଲେ।
- ୨୦୧୧- ଐତିହାସିକ ରାମଶରଣ ଶର୍ମାଙ୍କ ବିୟୋଗ।
- ୨୦୧୨- ଭେନେଜୁଏଲାର ରାଜଧାନୀ କାରାକସ୍‌ରେ ଦଙ୍ଗା ଯୋଗୁ ୨୦ ଜଣ ଲୋକଙ୍କ ପ୍ରାଣହାନି।

## ସଦ୍‌ଭାବନା ଦିବସ



ପୂର୍ବତନ ପ୍ରଧାନମନ୍ତ୍ରୀ ସ୍ୱର୍ଗତ ରାଜୀବ ଗାନ୍ଧୀଙ୍କ ସ୍ମୃତିରେ ଦେଶରେ ଶାନ୍ତି, ଜାତୀୟ ସଂହତି ଓ ସାଂପ୍ରଦାୟିକ ସଦ୍‌ଭାବ ଅକ୍ଷୁଣ୍ଣ ରଖିବା ଉଦ୍ଦେଶ୍ୟରେ ପ୍ରତିବର୍ଷ ତାଙ୍କ ଜନ୍ମତିଥି ଅଗଷ୍ଟ ୨୦ ତାରିଖକୁ ସଦ୍‌ଭାବନା ଦିବସ ଭାବେ ପାଳନ କରାଯାଏ। ରାଜୀବଙ୍କ ଚିନ୍ତାଧାରା ଓ ଇଚ୍ଛାକୁ ସମ୍ମାନ ଜଣାଇ ତାଙ୍କ ଜନ୍ମ ଦିବସକୁ ୨୦୦୮ ମସିହାଠାରୁ ସଦ୍‌ଭାବନା ଦିବସ ଭାବେ ପାଳନ କରାଯିବା ଲାଗି ନିଷ୍ପତ୍ତି ନିଆଯାଇଥିଲା। ରାଜୀବ ଗାନ୍ଧୀ ୧୯୪୪ ମସିହା ଆଜିର ଦିନରେ ଜନ୍ମଗ୍ରହଣ କରିଥିଲେ। ରାଜନୀତିରେ ଯୋଗଦେବା ପୂର୍ବରୁ ରାଜୀବ ଜଣେ ପେସାଦାର ପାଇଲଟ୍ ଥିଲେ। ୧୯୮୪ ମସିହା ଅକ୍ଟୋବର ମାସରେ ଇନ୍ଦିରା ଗାନ୍ଧୀଙ୍କୁ ହତ୍ୟା କରାଯିବା ପରେ ସାରା ଦେଶରେ ଏକପ୍ରକାର ବିଷାଦର ଛାୟା ଖେଳିଯାଇଥିଲା। ଲୋକମାନେ ଏପରି ପରିସ୍ଥିତିରୁ ବାହାରିବା ପାଇଁ ଚେଷ୍ଟା କରୁଥିଲେ ଏବଂ ସେ ସମୟରେ ଲୋକସଭା ନିର୍ବାଚନର ଫଳାଫଳ କଂଗ୍ରେସ ପକ୍ଷରେ ଆସିଥିଲା। ଦେଶବାସୀ ରାଜୀବ ଗାନ୍ଧୀଙ୍କୁ ଇନ୍ଦିରା ଗାନ୍ଧୀଙ୍କ ଉତ୍ତରାଧିକାରୀ ତଥା ପ୍ରଧାନମନ୍ତ୍ରୀ ଭାବେ ବାଛିଥିଲେ। ୪୦ ବର୍ଷ ବୟସରେ ପ୍ରଧାନମନ୍ତ୍ରୀ ପଦ ସମ୍ଭାଳି ସେ ଦେଶର ସବୁଠାରୁ କମ୍ ବୟସ୍କ ପ୍ରଧାନମନ୍ତ୍ରୀ ପାଲଟିଥିଲେ। ରାଜୀବ ପ୍ରଧାନମନ୍ତ୍ରୀ ହେବା ପରେ ୫ ବର୍ଷରେ ଅନେକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ହାତକୁ ନେଇଥିଲେ। ନିର୍ବାଚନରେ ମତଦାନ କରିବାର ବୟସ ସୀମାକୁ ୨୧ବର୍ଷରୁ ୧୮ ବର୍ଷକୁ କମାଇବା ହେଉ କି ପଞ୍ଚାୟତିରାଜ ମାଧ୍ୟମରେ ଶାସନର ବିକେନ୍ଦ୍ରୀକରଣ ଦ୍ୱାରା ଯୁବକ ଆଉ ମହିଳାମାନଙ୍କୁ ଶାସନକଳର ଅଭିନ୍ନ ଅଙ୍ଗ ଭାବେ ସ୍ଥାପିତ କରିବାର ସମସ୍ତ ଶ୍ରେୟ ରାଜୀବ ଗାନ୍ଧୀଙ୍କୁ ଯାଏ। ଦେଶର କମ୍ପ୍ୟୁଟରାଇଜେସନ୍ ଏବଂ ଟେଲିକମ୍ୟୁନିକେସନ୍ କ୍ରାନ୍ତିର ଶ୍ରେୟ ତାଙ୍କୁ ଯାଏ। ୧୯୮୪ ଅକ୍ଟୋବର ୩୧ରୁ ୧୯୮୯ ଡିସେମ୍ବର ୨ ପର୍ଯ୍ୟନ୍ତ ସେ ପ୍ରଧାନମନ୍ତ୍ରୀ ଭାବେ କାର୍ଯ୍ୟ କରିଥିଲେ। ୧୯୯୧ ମେ' ୨୧ରେ ତାମିଲନାଡୁର ଶ୍ରୀପେରୁମ୍ବୁଦୁରଠାରେ ନିର୍ବାଚନ ପ୍ରଚାର ସମୟରେ ଏଲ୍‌ଟିଟିଇର ଆତ୍ମଘାତୀ ବୋମା ବିସ୍ଫୋରଣରେ ତାଙ୍କର ପ୍ରାଣହାନି ଘଟିଥିଲା।

## ବିଶ୍ୱ ମଶା ଦିବସ

ପ୍ରତିବର୍ଷ ଅଗଷ୍ଟ ୨୦ ତାରିଖକୁ ବିଶ୍ୱ ମଶା ଦିବସ ଭାବେ ପାଳନ କରାଯାଏ। ମଶା ଦ୍ୱାରା ହେଉଥିବା ରୋଗ ବିଷୟରେ ସଚେତନତା ସୃଷ୍ଟି କରିବା ପାଇଁ ମଶା ଦିବସ ପାଳନ କରାଯାଏ। ତେବେ ଏହି ଦିବସ ପାଳନ କରିବାର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ମଶା ଠାରୁ ଦୂରେଇ ରହିବା ଏବଂ ଏହାଦ୍ୱାରା ହେଉଥିବା ରୋଗ ବିଷୟରେ ଲୋକଙ୍କୁ ଅବଗତ କରିବା। ୧୮୯୭ ଅଗଷ୍ଟ ୨୦ରେ ସାର୍ ରୋନାଲ୍ଡ ରସ୍ ମାଇ ଏନୋଫିଲିସ୍ ମଶା କାମୁଡ଼ିଲେ ହିଁ ମ୍ୟାଲେରିଆ ରୋଗ ହୋଇଥାଏ ବୋଲି ଆବିଷ୍କାର କରିଥିଲେ। ଏହି ତଥ୍ୟ ଆବିଷ୍କାର ପାଇଁ ତାଙ୍କୁ ୧୯୦୨ ମସିହାରେ ସମ୍ମାନଜନକ ନୋବେଲ ପୁରସ୍କାର ମିଳିଥିଲା। ତାଙ୍କ ଅବଦାନକୁ ମନେ ପକାଇବା ପାଇଁ ବିଶ୍ୱ ମଶା ଦିବସ ପାଳନ କରାଯାଉଛି। ମଣିଷ ପାଇଁ ବିଶ୍ୱର ସବୁଠାରୁ ବିପଜ୍ଜନକ କୀଟ ହେଉଛି ମଶା। ସାରା ବିଶ୍ୱ ଏହାର ବାସସ୍ଥାନ। ମାଈ ମଶାଙ୍କ ମାଧ୍ୟମରେ ମାଲେରିଆ, ଚିକନଗୁନିଆ, ଡେଙ୍ଗୁ, ଜିକା ଭଳି ଏକାଧିକ ରୋଗ ବ୍ୟାପିଥାଏ। ଠିକ୍ ସମୟରେ ଚିକିତ୍ସା କରା ନ ଗଲେ ଏଥିଯୋଗୁଁ ମଣିଷଙ୍କ ପ୍ରାଣ ଯାଉଛି। ଘର ଆଖପାଖରେ ପାଣି ଜମି ରହିଲେ ମଶା ସଂଖ୍ୟା ବୃଦ୍ଧି ପାଏ। ମଶାଜନିତ ରୋଗରୁ ରକ୍ଷା ପାଇବା ପାଇଁ ଘର ଚାରିପଟକୁ ସଫାସୁତୁରା ରଖିବା ସହ ପାଣି ଜମା ହେବାକୁ ଦେବା ଉଚିତ୍ ନୁହେଁ। ସବୁଠୁ ବଡ଼ କଥା ହେଉଛି ରାତିରେ ଶୋଇବାବେଳେ ମଶାରି ଟାଣି ଶୋଇବା ଉଚିତ।



## ଜାନୁୟାରୀ ୨୨ରେ 'ବର୍ଡର-୨'



ବଲିଉଡ୍ ଅଭିନେତା ସନ୍ନି ଦେଓଲଙ୍କ ଅଭିନୀତ 'ବର୍ଡର-୨'ର ଫାଷ୍ଟ ଲୁକ୍‌କୁ ସ୍ୱାଧୀନତା ଦିବସ ଅବସରରେ ଜାରି କରାଯାଇଛି। ଏହାସହ ଫିଲ୍ମର ରିଲିଜ୍ ଡେଟ୍ ମଧ୍ୟ ସାମ୍ନାକୁ ଆସିଛି। ସନ୍ନିଙ୍କ ଏହି ଫିଲ୍ମ ଜାନୁଆରୀ ୨୨, ୨୦୨୬ରେ ଆସିବ। ସନ୍ନି ସାମାଜିକ ଗଣମାଧ୍ୟମରେ ଏହାର ମୋସନ୍ ପୋଷ୍ଟର୍ ଜାରି କରି ଲେଖିଛନ୍ତି-'ହିନ୍ଦୁସ୍ତାନ ପାଇଁ ପୁଣି ଥରେ ଲଢିବୁ... ପୁଣି ଏକ ଯୁଦ୍ଧ ! 'ବର୍ଡର-୨' ୨୨ ଜାନୁଆରୀ, ୨୦୨୬ରେ ସିନେମା ହଲ୍‌କୁ ଆସିବ। 'ପୋଷ୍ଟର୍‌ରେ ସନ୍ନି ଶତ୍ରୁ ପକ୍ଷ ଉପରେ ଆକ୍ରମଣ ପାଇଁ ପ୍ରସ୍ତୁତ ଥିବା ଦେଖାଯାଇଛି। ଆଖିରେ କ୍ରୋଧ ସ୍ପଷ୍ଟ ବାରି ହୋଇ ପଡୁଛି। ସନ୍ନି ଏଥିରେ ସେନା ପୋଷାକରେ ନଜର ନଜର ଆସିଛନ୍ତି। ପୂର୍ବରୁ ଏହା ଆସନ୍ତା ବର୍ଷ ଜାନୁଆରୀ ୨୩ରେ ରିଲିଜ୍ ହେବ ବୋଲି କୁହାଯାଉଥିଲା। ଏବେ ପୋଷ୍ଟର୍‌ରୁ ନୂଆ ରିଲିଜ୍ ଦିନ ସାମ୍ନାକୁ ଆସିଛି। ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଅନୁରାଗ ସିଂହ ଅଛନ୍ତି। ଭୂଷଣ କୁମାର ଓ ଜେପି ଦତ୍ତା ଏହାର ପ୍ରଯୋଜନା ଦାୟିତ୍ୱରେ ଅଛନ୍ତି। ଏଥିରେ ସନ୍ନିଙ୍କ ବ୍ୟତୀତ ଦିଲଜିତ୍ ଦୋସାଞ୍ଜ, ବରୁଣ ଧୱନ୍, ଅହାନ୍ ସେଟ୍ଟୀ ଲିଡ୍ ରୋଲରେ ନଜର ଆସିବେ। ଏଠାରେ ପ୍ରକାଶ ଥାଉ କି, 'ବର୍ଡର-୨' ୧୯୯୭ରେ ଆସିଥିବା ଜେପି ଦତ୍ତାଙ୍କ ଫିଲ୍ମ 'ବର୍ଡର'ର ସିକ୍ୱେଲ।

## ଆଜି ବାହୁଡ଼ିଥିଲେ

## କାଳଜୟୀ କଥାଶିଳ୍ପୀ ଗୋପୀନାଥ ମହାନ୍ତି



ଆଧୁନିକ ଓଡ଼ିଆ ସାହିତ୍ୟ ଜଗତର ଅନ୍ୟତମ ପ୍ରଭାବଶାଳୀ ଔପନ୍ୟାସିକ ଥିଲେ ଗୋପୀନାଥ ମହାନ୍ତି। ଜଣେ ଔପନ୍ୟାସିକ ଓ ଗାଳ୍ପିକ ସମେତ କବି, ଗବେଷକ, ଅନୁବାଦକ, ଭାଷାବିତ୍ ଓ ପ୍ରାବନ୍ଧିକ ଭାବରେ ସେ ସାହିତ୍ୟର ବିଭିନ୍ନ ବିଭାଗକୁ ପରିପୁଷ୍ଟ କରିଛନ୍ତି। ୧୯୧୪ ମସିହା ଅପ୍ରେଲ୍ ୨୦ ତାରିଖରେ କଟକ ଜିଲ୍ଲାର ମହାନଦୀ କୂଳର ଏକ ଛୋଟିଆ ଗ୍ରାମ ନାଗବାଲିରେ ଗୋପୀନାଥଙ୍କର ଜନ୍ମ ହୋଇଥିଲା। ବିଚକ୍ଷଣ ପ୍ରତିଭାସମ୍ପନ୍ନ ଗୋପୀନାଥଙ୍କର ପିଲାଦିନରୁ ସାହିତ୍ୟ ପ୍ରତି ରୁଚି ଥିଲା। ୧୯୩୬ରେ ପାଟନା ବିଶ୍ୱବିଦ୍ୟାଳୟରୁ ଇଂରାଜୀରେ ସ୍ନାତକୋତ୍ତର ଶେଷ କଲାପରେ ଗୋପୀନାଥ ଓଡ଼ିଶା ପ୍ରଶାସନିକ ସେବାରେ ଯୋଗ ଦେଇଥିଲେ। ୧୯୪୦ରେ ତାଙ୍କର ନିଯୁକ୍ତି ହୁଏ ଆଦିବାସୀ ଅଧ୍ୟୁଷିତ କୋରାପୁଟ ଜିଲ୍ଲାରେ। ସେଠାରେ ସେ କନ୍ଧ, କୁଇ, ସଉରା, ପରଜା ସମ୍ପ୍ରଦାୟର ଭାଷା ଓ ସଂସ୍କୃତି ସଂସ୍ପର୍ଶରେ ଆସନ୍ତି। ଆଦିବାସୀ ଜୀବନ ଆଧାରିତ 'ଦାଦିବୁଢ଼ା', 'ପରଜା', 'ଅମୃତର ସନ୍ତାନ' ଆଦି ଉପନ୍ୟାସ ରଚନା କରି ସେ କେବଳ ଯଶସ୍ୱୀ ହୋଇନାହାନ୍ତି; ଆଦିବାସୀ ଜୀବନ ଓ ସମାଜର ନିଛକ, ମାର୍ମିକ, ଦୁର୍ଲଭ ଚିତ୍ରକୁ ପାଠକଙ୍କ ସହ ପରିଚିତ କରାଇଛନ୍ତି। ତାଙ୍କ ଲେଖନୀରେ ସୃଷ୍ଟି ହୋଇଛି 'ହରିଜନ', 'ଦାନାପାଣି', 'ଲୟବିଲୟ', 'ମାଟିମଟାଳ' ଆଦି କାଳଜୟୀ ଉପନ୍ୟାସ। 'ଛାଇ ଆଲୁଅ', 'ଉଡ଼ନ୍ତା ଖଇ', 'ଶରଶଯ୍ୟା' ଆଦି ଗଳ୍ପ ସଂକଳନ, 'ଧୂଳିମାଟିର ସନ୍ଥ', 'ଉତ୍କଳମଣି' ଆଦି ଜୀବନୀ ଏବଂ 'ସ୍ରୋତସ୍ୱତୀ' ଆତ୍ମଜୀବନୀ ରଚନା କରି ସେ ସାହିତ୍ୟର ପ୍ରମୁଖ ବିଭାଗରେ ଛାଡ଼ିଯାଇଛନ୍ତି ବଳିଷ୍ଠ ସ୍ୱାକ୍ଷର। 'ଅମୃତର ସନ୍ତାନ' ଉପନ୍ୟାସ ପାଇଁ ସେ ସର୍ବପ୍ରଥମେ କେନ୍ଦ୍ର ସାହିତ୍ୟ ଏକାଡେମି ପୁରସ୍କାର ପାଇଥିଲେ। ପ୍ରଥମ ଓଡ଼ିଆ ଭାବେ 'ମାଟି ମଟାଳ' ପାଇଁ ୧୯୭୩ରେ ସେ ସମ୍ମାନଜନକ 'ଜ୍ଞାନପୀଠ ପୁରସ୍କାର'ର ଅଧିକାରୀ ହୋଇଥିଲେ। ସାହିତ୍ୟ କ୍ଷେତ୍ରକୁ ତାଙ୍କର ଅବଦାନ ପାଇଁ ୧୯୭୬ ମସିହାରେ ସମ୍ବଲପୁର ବିଶ୍ୱବିଦ୍ୟାଳୟରୁ ଡିଲିଟ୍ ଡିଗ୍ରୀ, ୧୯୭୯ ମସିହାରେ ୟୁ.ଜି.ସି. ଫେଲୋସିପ୍ ସହ ୧୯୮୧ ମସିହାରେ ଭାରତ ସରକାରଙ୍କ ପକ୍ଷରୁ ପଦ୍ମଭୂଷଣ ପ୍ରଦାନ କରାଯାଇଥିଲା। ୧୯୯୧ ମସିହା ଆଜିର ଦିନରେ ସେ ଇହଲୀଳା ସମ୍ବରଣ କରିଥିଲେ।

## ସମ୍ଭାବନା



## ଯୁବପିଢ଼ିଙ୍କ ସହ ଆଲୋଚନା



**ବର୍ତ୍ତମାନ ଯୁବପିଢ଼ିଙ୍କ ସହ ଯୋଗାଯୋଗ ବା କଥାବାର୍ତ୍ତା କରିବା ସମସ୍ତଙ୍କ ପକ୍ଷେ ସହଜ ହୋଇ ନ ଥାଏ। ସେମାନଙ୍କ ସହ କଥା ହେବା ପାଇଁ ସେମାନେ କ'ଣ ଚାହୁଁଛନ୍ତି, ସେକଥା ଜାଣିବା ଜରୁରି।**

ଯୁବପିଢ଼ିଙ୍କ ସହ ଆଲୋଚନା କରିବା ଲାଗି ସେମାନଙ୍କ ଶବ୍ଦ ଓ ଭାଷାକୁ ପ୍ରୟୋଗ କରନ୍ତୁ। ଏଇ ଯେମିତି 'କୁଲ୍', 'ଆମେଜିଂ', 'ଭାଇରାଲ' ଆଦି ଅନ୍ୟ ଶବ୍ଦ ବ୍ୟବହାର କରିପାରିବେ। ଏହାଦ୍ୱାରା ଅନ୍ୟମାନେ ସେମାନଙ୍କଠାରୁ ଅଲଗା ନୁହନ୍ତି ବୋଲି ସେମାନେ ଭାବନ୍ତି। ସେହିପରି ସେମାନଙ୍କୁ କେବଳ ଥିୟୋରି ଶିଖାନ୍ତୁ ନାହିଁ। କୌଣସି ସଫଳ ବ୍ୟକ୍ତିଙ୍କ କାହାଣୀ କୁହନ୍ତୁ। ବିଶେଷକରି ସଂଘର୍ଷ କରି ସଫଳତା ମିଳିଥିବା ବ୍ୟକ୍ତିବିଶେଷଙ୍କ ଉଦାହରଣ ଦିଅନ୍ତୁ। ସେହିପରି କଠିନ ପରିଶ୍ରମ ଓ ମନୋବଳ ଦ୍ୱାରା ସ୍ୱପ୍ନ ପୂରଣ ହୁଏ, ସେକଥା ବୁଝାନ୍ତୁ। ପ୍ରତ୍ୟେକ ବ୍ୟକ୍ତିଙ୍କ ପାଖରେ କିଛି ଖାସ୍ କଥା ଥିବା ମଧ୍ୟ ସେମାନଙ୍କୁ କହିପାରିବେ। କେବଳ ସେତିକି ନୁହେଁ, ଅସଫଳତା ତଥା ନିଜ ଭୁଲ୍‌ରୁ ଶିଖିବା ଲାଗି ପ୍ରେରିତ କରାନ୍ତୁ। କେବଳ ନିଜ କଥା ନ କହି, ସେମାନଙ୍କୁ କଥା କହିବାକୁ ସୁଯୋଗ ଦିଅନ୍ତୁ। ସେମାନଙ୍କ ସ୍ୱପ୍ନ ଓ ଦୁର୍ବଳତା ପଚାରି ବୁଝନ୍ତୁ। ଅନ୍ୟପଟେ ସେମାନଙ୍କୁ ଶୁଣିବା ଦ୍ୱାରା ସେମାନଙ୍କୁ ଲାଗିବ, ସେମାନଙ୍କ କଥା ଶୁଣିବା ଲାଗି କେହି ସେମାନଙ୍କ ପାଖରେ ଅଛନ୍ତି।

## କେମିତି କହିବେନି ମିଛ

**କିଛି ଲୋକ ଏଭଳି ଅଛନ୍ତି, ଯେଉଁମାନଙ୍କ ଅଭ୍ୟାସ ପ୍ରତି କଥାରେ ଅନ୍ୟକୁ ମିଛ କହିବା। କାରଣ ଭୁଲ୍ କରି ସତ କହିଲେ ଦଣ୍ଡ ମିଳିବା ଭାବି ଅନେକ ମିଛ କହନ୍ତି। ତେବେ ଏହି ମିଛ କହିବା ଉତ୍ତମ ବ୍ୟକ୍ତିତ୍ୱର ସ୍ୱଭାବ ହୋଇ ନ ଥାଏ। ମିଛ କହିବା ଅଭ୍ୟାସରୁ କିଭଳି ନିଜକୁ ବାହାର କରିବେ, ସେ ସମ୍ପର୍କରେ ଜାଣିବା।**

- ଛୋଟ ମୋଟ କଥାରେ ସତ କହିବାକୁ ଚେଷ୍ଟା କରନ୍ତୁ। ବାରମ୍ବାର ସତ କହିଲେ, ଏହା ଅଭ୍ୟାସରେ ପରିଣତ ହୋଇଯାଏ ଏବଂ ମିଛ କହିବାକୁ ପଡ଼େ ନାହିଁ।
- କୌଣସି ଭୁଲ୍ କଲେ, ତାହାକୁ ସ୍ୱୀକାର କରନ୍ତୁ। ଭୁଲକୁ ସ୍ୱୀକାର କରିବା ଦ୍ୱାରା ଆଉ ମିଛ କହିବାକୁ ପଡ଼େ ନାହିଁ।
- କିଛି କହିବା ପୂର୍ବରୁ ଚିନ୍ତା କରନ୍ତୁ। ଏହାଦ୍ୱାରା ଅନ୍ୟକୁ କଥା ଦେଇ ରଖି ନ ପାରିବା ଜାଣିପାରିବେ।
- ମନରୁ ଦୃଢ଼ ନିଷ୍ପତ୍ତି ହୁଅନ୍ତୁ, ସବୁବେଳେ ସଚ୍ଚୋଟ ରହିବା ଦ୍ୱାରା ମିଛ କହିବାକୁ ପଡ଼ି ନ ଥାଏ।
- ଅନେକ ସମୟରେ ବହୁ ଲୋକ ଅସହଜ ଲାଗୁଥିବା ପ୍ରଶ୍ନର ଉତ୍ତରରେ ମିଛ କହିଥାନ୍ତି। ଯଦି କୌଣସି ବିଷୟରେ କିଛି କହିବାକୁ ଚାହୁଁ ନାହାନ୍ତି, ଏ ବିଷୟରେ ଆଲୋଚନା କରିବାକୁ ଚାହୁଁ ନ ଥିବା ସ୍ପଷ୍ଟ ଭାବେ କୁହନ୍ତୁ।
- ଭାବବିହ୍ୱଳ ହୋଇ ବି ମଣିଷ ବେଳେ ବେଳେ ମିଛ କହେ। ତେଣୁ ନିଜ ଭାବନାକୁ ବୁଝିବାକୁ ଚେଷ୍ଟା କରନ୍ତୁ। ଏହା ଦ୍ୱାରା ମିଛ କହିବାକୁ ପଡ଼ିବ ନାହିଁ।
- ମିଛ କହିବା ଅଭ୍ୟାସ ଛାଡ଼ି ହେବ ନାହିଁ ଭାବୁଥିଲେ, ନିଜ ଲୋକଙ୍କ ସହ ଏ ବିଷୟରେ ଆଲୋଚନା କରନ୍ତୁ। ଏହାଦ୍ୱାରା ସେମାନେ ଏହି ଅଭ୍ୟାସରୁ ବାହାରିବାରେ ସାହାଯ୍ୟ କରିବେ।

## ଆକର୍ଷଣୀୟ କ୍ୟାରିୟର ବିକଳ୍ପ ଏଆଇ ଗବେଷକ



**ବର୍ତ୍ତମାନ ସମୟରେ ଏଆଇ ଗବେଷକ ହେଉଛି ଏକ ଆକର୍ଷଣୀୟ ଓ ସୁନ୍ଦର କ୍ୟାରିୟର ବିକଳ୍ପ। ସମ୍ପ୍ରତି ଏଆଇ ଗବେଷକଙ୍କୁ ବଡ଼ ବଡ଼ ଟେକ୍ କମ୍ପାନି ହଜାରେ କୋଟି ଟଙ୍କାରୁ ଅଧିକ ପ୍ୟାକେଜ୍ ଅଫର୍ କରୁଛନ୍ତି। ମେଟା ଏଆଇ ବିଶେଷଜ୍ଞଙ୍କୁ କୋଟିଏ ଟଙ୍କା ପ୍ୟାକେଜ୍ ପ୍ରଦାନ କରି ନିଜ ଟିମ୍‌ରେ ସାମିଲ କରୁଛି। ତେବେ ଏଆଇ ଗବେଷକ ଜଣେ କିଭଳି ହେବେ, ଜାଣିବା ସେ ସମ୍ପର୍କରେ।**

ଏଆଇ ଗବେଷକ ହେବା ଲାଗି ଗଣିତ, କମ୍ପ୍ୟୁଟର ସାଇନ୍ସ, ଷ୍ଟାଟିଟିକ୍ସ ଏବଂ ଲଜିକ୍‌ରେ ଗଭୀର ଜ୍ଞାନ ରହିବା ଜରୁରି। ସେହିପରି ଅଧିକାଂଶ ଏଆଇ ଗବେଷକ ବି.ଟେକ୍/ ବିଇ (କମ୍ପ୍ୟୁଟର ସାଇନ୍ସ) ବା ଗଣିତରେ ଗ୍ରାଜୁଏସନ ଡିଗ୍ରୀ କରିଥାନ୍ତି। ଏହାପରେ ସେମାନେ ଏମ୍.ଟେକ୍, ଏମ୍‌ଏସ୍ ବା ପିଏଚ୍‌ଡି କରିଥାନ୍ତି। ବିଶେଷକରି ମେସିନ୍ ଲର୍ଣ୍ଣିଂ, ଡିପ୍ ଲର୍ଣ୍ଣିଂ, ରୋବଟିକ୍ସ, ନ୍ୟୁରୋସାଇନ୍ସ କ୍ଷେତ୍ରରେ ସେମାନଙ୍କ ଭଲ ଜ୍ଞାନ ଥାଏ। ଏହି ଗବେଷକମାନେ ପ୍ରତିଷ୍ଠିତ ଏଆଇ କନଫରେନ୍ସରେ ନିଜ ପେପର୍ ପବ୍ଲିସ୍ କରିଥାନ୍ତି। ଏଆଇ ଗବେଷକ ଅନେକ ଥର ଗିଟ୍‌ହବ୍ ପ୍ଲାଟ୍‌ଫର୍ମରେ ଓପନ ସୋର୍ସ ଟୁଲ୍ ତିଆରି କରି ନିଜ ଦକ୍ଷତା ଦେଖାଇ ଥାନ୍ତି। ଗୁଗଲ୍ ଡିପ୍ ମାଇଣ୍ଡ, ଓପନ୍ ଏଆଇ, ମେଟା ଏଆଇ ଭଳି ସଂସ୍ଥାନରେ ଇଣ୍ଟର୍ଣ୍ଣସିପ୍ କରି ଅଭିଜ୍ଞତା ହାସଲ କରନ୍ତି। ଏହାପରେ ଉଚ୍ଚ ବେତନଯୁକ୍ତ ଦରମା ପାଇଁ ଆବେଦନ କରିଥାନ୍ତି। ଏହାବାଦ୍ କୃତ୍ରିମ ବୁଦ୍ଧିମତା ଉପରେ ସେମାନଙ୍କ ଭଲ ଦକ୍ଷତା ରହିଥାଏ। ଏ ଲାଗି ଭିନ୍ନ ଭିନ୍ନ ପ୍ରକାର କୋର୍ସ କରିଥାନ୍ତି।



ଆଜିକାଲି ପ୍ରବେଶିକା ପରୀକ୍ଷା ଲାଗି ପିଲାମାନେ ଖୁବ୍ ପରିଶ୍ରମ କରୁଛନ୍ତି। କୋଚିଂ ନେବା ତଥା ପରୀକ୍ଷାରେ କଠିନ ପରିଶ୍ରମ କରିବା ସତ୍ତ୍ୱେ ମଧ୍ୟ କେତେକ ପରୀକ୍ଷାର୍ଥୀଙ୍କୁ ହତାଶ ହେବାକୁ ପଡ଼ିଥାଏ। ଏପରିକି ପରୀକ୍ଷାରେ ସେମାନଙ୍କୁ ଆଶାନୁରୂପ ଫଳ ମିଳି ନ ଥାଏ। ପ୍ରଶ୍ନ ଉଠୁଛି, ସବୁଠୁ ଭଲ କୋଚିଂ କ୍ଲାସ୍‌ରେ ପଢ଼ିବା ପରେ ମଧ୍ୟ ପିଲାଟିଏ ପରୀକ୍ଷାରେ କେଉଁ କାରଣ ପାଇଁ କୃତକାର୍ଯ୍ୟ ହୋଇପାରି ନ ଥାନ୍ତି, ସେ ସମ୍ପର୍କରେ ଜାଣିବା ଦରକାର।

- ପ୍ରବେଶିକା ପରୀକ୍ଷା ଦେଉଥିଲେ ପରୀକ୍ଷାର୍ଥୀଙ୍କୁ ଏ କଥା ଜାଣିବା ଜରୁରି, ସେମାନେ ସୀମିତ ସମୟରେ କୌଣସି ପରୀକ୍ଷା ପାଇଁ ପ୍ରସ୍ତୁତି କରୁଛନ୍ତି।
- କିଛି ପିଲା କୋଚିଂ କ୍ଲାସ୍ ସହିତ ସଫଳତା ପାଇଁ ଆବଶ୍ୟକ ପରିଶ୍ରମ, ଅନୁଶାସନ ଉପରେ ଦୃଷ୍ଟି ଦେଇ ନ ଥାନ୍ତି। ସେଥିପାଇଁ ପ୍ରଥମେ ନିଜର ମୂଲ୍ୟାଙ୍କନ କରିବା ଦରକାର।
- ଧୀରେ ଧୀରେ ନିଜର ବିକାଶ ପାଇଁ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବା ଆବଶ୍ୟକ।
- ନିୟମିତ କୋଚିଂ କ୍ଲାସ୍‌ରେ ସାମିଲ ନ ହେବା ମଧ୍ୟ ଅସଫଳତାର ଅନ୍ୟତମ କାରଣ।
- ଅନେକ କୋଚିଂ ସେଣ୍ଟର ପିଲାଙ୍କର ଫଲୋଅପ୍ କରିଥାନ୍ତି। ଯାହାକୁ ପରୀକ୍ଷାର୍ଥୀ ଠିକ୍ ଭାବେ ଉପଯୋଗ କରି ନ ଥାନ୍ତି।
- ସେଥିପାଇଁ ପିଲାଙ୍କୁ କୋଚିଂର ଫଲୋଅପ୍ ଉପରେ ଦୃଷ୍ଟି ଦେବା ଦରକାର।

### ଏସିଆ କପ୍ ଭାରତୀୟ ଦଳରେ ସ୍ଥାନ ପାଇଲେନି ଜୟସ୍ୱାଲ, ଆୟର ଓ ସୁନ୍ଦର

# ବୁମ୍ରା ସାମିଲ୍, ଗିଲ୍ ଉପଅଧିନାୟକ

ମୁମ୍ବଇ,୧୯।୮ (ଏଜେନ୍ସି):

ସମସ୍ତ କଳ୍ପନା ଜଳ୍ପନାର ଅବସାନ ଘଟାଇ ଭାରତୀୟ ଚୟନ କମିଟି ଏସିଆ କପ୍ ଲାଗି ଘୋଷିତ ଦଳରେ ଟେଷ୍ଟ ଅଧିନାୟକ ଶୁବମନ ଗିଲ୍ ଓ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍ରାଙ୍କୁ ସାମିଲ କରାଯାଇଛି। ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ୍‌ରେ ସମସ୍ତଙ୍କ ଆଶାକୁ ଅତିକ୍ରମ କରି ସଫଳତା ପାଇଥିବା ଗିଲ୍‌ଙ୍କୁ କେବଳ ଦଳରେ ସାମିଲ କରାଯାଇନାହିଁ, ବରଂ ତାଙ୍କୁ ଅକ୍ଷର ପଟେଲଙ୍କ ସ୍ଥାନରେ ଦଳର ଉପଅଧିନାୟକ ମନୋନୀତ କରାଯାଇଛି। ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱରେ ଘୋଷିତ ୧୫ ଜଣିଆ ଦଳରେ ଅଭିଷେକ ଶର୍ମା ଓ ସଞ୍ଜୁ ସାମସନ ଦୁଇଜଣ ଓପନର ସାମିଲ ହୋଇଛନ୍ତି। ଗିଲ୍‌ଙ୍କୁ ଉପଅଧିନାୟକ ଘୋଷଣା କରାଯିବା ପରେ ସେ ଏବେ ଓପନିଂରୁ ଗୋଟିଏ ସ୍ଥାନରେ ଖେଳିବେ ବୋଲି ଆଶା କରାଯାଉଛି। ଇଂଲଣ୍ଡରେ ଗିଲ୍ ଯେପରି ଦଳର ନେତୃତ୍ୱ ନେବା ସହ ବ୍ୟାଟିଂ କଲେ ତାହା ଆମ ସମସ୍ତଙ୍କର ଆଶାକୁ ଅତିକ୍ରମ କରିଛି ବୋଲି ଚୟନ କମିଟି ଅଧ୍ୟକ୍ଷ ଅଜିତ ଅଗରକର କହିଛନ୍ତି।



ଚୟନ କମିଟି ଅଧ୍ୟକ୍ଷ ଅଜିତ୍ ଅଗରକରଙ୍କ ସହ ଅଧିନାୟକ ସୂର୍ଯ୍ୟକୁମାର

କିନ୍ତୁ ଅନ୍ୟତମ ଓପନର ଯଶସ୍ୱୀ ଜୟସ୍ୱାଲ, ଆଇପିଏଲ୍‌ରେ ଶ୍ରେଷ୍ଠ ପ୍ରଦର୍ଶନ କରିଥିବା ଶ୍ରେୟସ ଆୟର ଓ ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ୍‌ରେ ଉତ୍ସାହଜନକ ପ୍ରଦର୍ଶନ କରିଥିବା ଫାଷ୍ଟ ବୋଲର ମହମ୍ମଦ୍ ସିରାଜଙ୍କୁ ଦଳରେ ସାମିଲ କରାଯାଇନାହିଁ। ବୋଲିଂ ଅପ୍ସନ ଲାଗି ଜୟସ୍ୱାଲଙ୍କ ସ୍ଥାନରେ ଅଭିଷେକ ସ୍ଥାନ ପାଇଛନ୍ତି। ଆୟରଙ୍କ ଲାଗି ବ୍ୟାଟିଂ ପୋଜିସନ ନାହିଁ ବୋଲି ଅଗରକର କହିଛନ୍ତି। ସିରାଜଙ୍କ ସମ୍ପର୍କରେ ଆଦୌ ଆଲୋଚନା ହୋଇ ନଥିଲାବେଳେ ସ୍ପିନ୍ ଅଲ୍‌ରାଉଣ୍ଡର ୱାଶିଂଟନ ସୁନ୍ଦରଙ୍କୁ ବାଦ୍ ଦିଆଯାଇଛି। ଏହା ଫଳରେ ଦଳରେ କେହି ଅଫ୍ ସ୍ପିନର ନ ଥିଲାବେଳେ ୩ଜଣ ବାମହାତୀ ସ୍ପିନର ସ୍ଥାନ ପାଇଛନ୍ତି। ଏସିଆ କପ୍ ଟି-୨୦ ଫର୍ମାଟରେ ଆୟୋଜିତ ହେଉଥିବାରୁ ଏହି ଫର୍ମାଟରେ ସଫଳତା ପାଇଥିବା ଅନ୍ୟ ଖେଳାଳିଙ୍କୁ ଗୁରୁତ୍ୱ ଦିଆଯାଇଛି। କିନ୍ତୁ ଆୟରଙ୍କ ପ୍ରତି ସେହି ନିୟମ ଲାଗୁ ହୋଇନାହିଁ।

ମିଡିଲ ଓ ଲୋୟର ଅର୍ଡରରେ ପୂର୍ବପରି ତିଳକ ବର୍ମା, ଅଧିନାୟକ ସୂର୍ଯ୍ୟକୁମାର, ହାର୍ଦ୍ଦିକ ପାଣ୍ଡ୍ୟା, ରିଙ୍କୁ ସିଂ ରହିଛନ୍ତି। ଅଭିଷେକଙ୍କ ସହ ଗିଲ୍‌ଙ୍କୁ ଇନିଂସ ଓପନ କରିବାକୁ ଟିମ୍ ମ୍ୟାନେଜମେଣ୍ଟ ନିଷ୍ପତ୍ତି ନେଲେ, ସାମସନଙ୍କ ପରିବର୍ତ୍ତେ ଜିତେଶ ଶର୍ମାଙ୍କୁ ୱିକେଟକିପିଂ ଦାୟିତ୍ୱ ମିଳିପାରେ। ହାର୍ଦ୍ଦିକଙ୍କ ସହ ଶିବମ ଦୁବେ ଓ ଅକ୍ଷର ପଟେଲ ୩ଜଣ ଅଲରାଉଣ୍ଡର ରହିଛନ୍ତି। ସ୍ପେଶାଲିଷ୍ଟ ଫାଷ୍ଟ ବୋଲର ଭାବେ ଅଭିଜ୍ଞ ଯଶପ୍ରୀତ୍ ବୁମ୍ରା, ଅର୍ଶଦୀପ ସିଂହ ଓ ହର୍ଷିତ ରାଣାଙ୍କୁ ସ୍ଥାନ ମିଳିଛି। ହର୍ଷିତ ମଧ୍ୟ ବ୍ୟାଟିଂ କରିବାର ଦକ୍ଷତା ରଖିଛନ୍ତି। ସ୍ପେଶାଲିଷ୍ଟ ସ୍ପିନର ଭାବେ ବରୁଣ ଚକ୍ରବର୍ତ୍ତୀ ଓ କୁଲଦୀପ ଯାଦବଙ୍କୁ ସ୍ଥାନ ମିଳିଛି।

ସେପ୍ଟେମ୍ବର ୯ରୁ ଆରମ୍ଭ ହେଉଥିବା ଏହି ଟୁର୍ଣ୍ଣାମେଣ୍ଟ ଲାଗି ୫ଜଣ ଖେଳାଳି ରିଜର୍ଭରେ ରଖାଯାଇଛି। ଯଦି ଦଳରେ କୌଣସି ଖେଳାଳି ବାଦ୍ ପଡନ୍ତି, ତେବେ ଏହି ୫ଜଣଙ୍କ ମଧ୍ୟରୁ ଜଣେ ତାଙ୍କ ସ୍ଥାନ ପୂରଣ କରିବେ। ସେମାନେ ହେଲେ ଯଶସ୍ୱୀ ଜୟସ୍ୱାଲ, ଧ୍ରୁବ ଜୁରେଲ, ରିୟାନ ପରାଗ, ପ୍ରସିଦ୍ଧ କ୍ରିଷ୍ଣା ଓ ୱାଶିଂଟନ ସୁନ୍ଦର। ଯଶସ୍ୱୀଙ୍କ ଲାଗି ଏହା ଦୁର୍ଭାଗ୍ୟଜନକ ବୋଲି କହିଛନ୍ତି ଚୟନ କମିଟି ଅଧ୍ୟକ୍ଷ ଅଗରକର। ଗତ ଦୁଇବର୍ଷରେ ଅଭିଷେକ ଯେପରି ଦେଶ ଲାଗି ପ୍ରଦର୍ଶନ କରିଛନ୍ତି ତାଙ୍କୁ ଟି-୨୦ ଦଳରୁ ବାଦ୍ ଦେବା କଷ୍ଟକର। ତାଙ୍କ ନିକଟରେ ମଧ୍ୟ ବୋଲିଂ ଅପ୍ସନ ରହିଛି। ଏପରି ସ୍ଥିତିରେ ଯଶସ୍ୱୀଙ୍କୁ ସୁଯୋଗ ପାଇବା ଲାଗି ଅପେକ୍ଷା କରିବାକୁ ହେବ। ସେହିପରି ଶ୍ରେୟସ ଆୟରଙ୍କ ସମ୍ପର୍କରେ ସେ କହନ୍ତି, କାହା ସ୍ଥାନରେ ତାଙ୍କୁ ନିଆଯିବ ବୋଲି ସେ ପ୍ରଶ୍ନ କରିଥିଲେ। ଉଭୟ ଖେଳାଳିଙ୍କ କୌଣସି ତ୍ରୁଟି ନାହିଁ କିମ୍ବା ଆମର ମଧ୍ୟ କିଛି ଦୋଷ ନାହିଁ। କେବଳ ସୁଯୋଗକୁ ଅପେକ୍ଷା କରିବାକୁ ପଡ଼ିବ ବୋଲି ଅଗରକର କହିଛନ୍ତି।

ଜାନୁଆରୀରେ ଇଂଲଣ୍ଡ ସହ ଘରୋଇ ମାଟିରେ ଦ୍ୱିପାକ୍ଷିକ ସିରିଜ୍ ଖେଳିବା ପରେ ଏହା ଭାରତ ଲାଗି ହେବ ପ୍ରଥମ ଟି-୨୦ ସିରିଜ୍। ସେପ୍ଟେମ୍ବର ୯ରୁ ୨୮ ତାରିଖଯାଏ ଏସିଆକପ୍ ଖେଳାଯିବ। ଏହି ଟୁର୍ଣ୍ଣାମେଣ୍ଟରେ ମୋଟ ୮ଟି ଦଳ ଅଂଶଗ୍ରହଣ କରୁଥିଲାବେଳେ ଏଗୁଡିକୁ ଦୁଇଟି ଗ୍ରୁପ୍‌ରେ ଭାଗ କରାଯାଇଛି। ଗ୍ରୁପ୍ ଏ-ରେ ପାକିସ୍ତାନ, ଓମାନ ଓ ୟୁଏଇର ସ୍ଥାନ ପାଇଛି ଭାରତ। ସେପ୍ଟେମ୍ବର ୧୦ରେ ୟୁଏଇର ଖେଳି ଭାରତ ତାହାର ଅଭିଯାନ ଆରମ୍ଭ କରିବ। ସେହିପରି ଦୁବାଇରେ ପାକିସ୍ତାନ ସହ ସେପ୍ଟେମ୍ବର ୧୪ରେ ଓ ଆବୁଧାବିରେ ଓମାନ ସହ ସେପ୍ଟେମ୍ବର ୧୯ରେ ଶେଷ ଲିଗ୍ ମ୍ୟାଚ୍ ଖେଳିବାର କାର୍ଯ୍ୟକ୍ରମ ରହିଛି।

**ଭାରତୀୟ ଦଳ**

ସୂର୍ଯ୍ୟକୁମାର ଯାଦବ (ଅଧିନାୟକ), ଶୁବମନ ଗିଲ (ଉପଅଧିନାୟକ), ଅଭିଷେକ ଶର୍ମା, ସଞ୍ଜୁ ସାମସନ, ଜିତେଶ ଶର୍ମା (ଉଭୟ ୱିକେଟରକ୍ଷକ), ତିଳକ ବର୍ମା, ହାର୍ଦ୍ଦିକ ପାଣ୍ଡ୍ୟା, ଶିବମ ଦୁବେ, ରିଙ୍କୁ ସିଂ, ଅକ୍ଷର ପଟେଲ, କୁଲଦୀପ ଯାଦବ, ବରୁଣ ଚକ୍ରବର୍ତ୍ତୀ, ଯଶପ୍ରୀତ୍ ବୁମ୍ରା, ଅର୍ଶଦୀପ ସିଂହ, ହର୍ଷିତ ରାଣା।

**ରିଜର୍ଭ ଖେଳାଳି:** ଯଶସ୍ୱୀ ଜୟସ୍ୱାଲ, ପ୍ରସିଦ୍ଧ କ୍ରିଷ୍ଣା, ୱାଶିଂଟନ ସୁନ୍ଦର, ଧ୍ରୁବ ଜୁରେଲ, ରିୟାନ ପରାଗ।

**ଭାରତର ଖେଳସୂଚୀ**

୧୦।୯ : ବନାମ ୟୁଏଇ, ଦୁବାଇ
୧୪।୯ : ବନାମ ପାକିସ୍ତାନ, ଦୁବାଇ
୧୯।୯ : ବନାମ ଓମାନ, ଆବୁଧାବି

### ମହିଳା ବିଶ୍ୱକପ୍ କ୍ରିକେଟ

## ରେଣୁକା, ପ୍ରତୀକା ସାମିଲ



ଚୟନ କମିଟିର ଅଧ୍ୟକ୍ଷା ନୀତୁ ଡେଭିଡ୍‌ଙ୍କ ସହ ଅଧିନାୟିକା ହରମନପ୍ରୀତ୍

ମୁମ୍ବଇ,୧୯।୮ (ଏଜେନ୍ସି): ଭାରତ ଓ ଶ୍ରୀଲଙ୍କାରେ ସେପ୍ଟେମ୍ବର ୩୦ରୁ ଖେଳାଯିବାକୁ ଥିବା ମହିଳା ଦିନିକିଆ ବିଶ୍ୱକପ୍ ଲାଗି ଜାତୀୟ ଚୟନ କମିଟି ଆଜି ଭାରତୀୟ ଦଳ ଘୋଷଣା କରିଛି। ହରମନପ୍ରୀତ କୌରଙ୍କୁ ଦଳର ଅଧିନାୟିକା ଓ ସ୍ମୃତି ମନ୍ଧାନାଙ୍କୁ ଦଳର ଉପଅଧିନାୟିକା ମନୋନୀତ କରାଯାଇଛି। ଘୋଷିତ ୧୫ ଜଣିଆ ଦଳରେ ପେସ୍ ବୋଲର ରେଣୁକା ଠାକୁର ଓ ଓପନିଂ ବ୍ୟାଟର ପ୍ରତୀକା ରାଓଲଙ୍କୁ ସ୍ଥାନ ମିଳିଛି। କିନ୍ତୁ ବିସ୍ଫୋରକ ଓପନର ଶେଫାଳି ବର୍ମାଙ୍କୁ ଏହି ଦଳରେ ସ୍ଥାନ ମିଳିନାହିଁ। ଗତ କିଛିଦିନ ହେଲା ଶେଫାଳି ଫର୍ମରେ ନାହାନ୍ତି। ଯାହା ଫଳରେ ତାଙ୍କୁ ଏହି ମେଗା ଇଭେଣ୍ଟ ଲାଗି ଦଳକୁ ବାଦ୍ ଦିଆଯାଇଛି। ହରମନପ୍ରୀତ କୌରଙ୍କ ନେତୃତ୍ୱରେ ଗଠିତ ଦଳରେ ସ୍ମୃତି ମନ୍ଧାନା, ପ୍ରତୀକା ରାଓଲ, ହର୍ଲିନ ଦେଓଲ, ଦୀପ୍ତି ଶର୍ମା, ଜେମିମା ରୋଡ୍ରିଗ୍ସେଜ୍, ରେଣୁକା ସିଂ ଠାକୁର, ଅରୁନ୍ଧତି ରେଡ୍ଡୀ, ୱିକେଟରକ୍ଷକ ରିଚା ଘୋଷ ଓ ଯଷ୍ଟିକା ଭାଟିଆ, କ୍ରାନ୍ତି ଗୌଡ, ଅମନଜୋତ କୌର, ରାଧା ଯାଦବ, ଶ୍ରୀ ଚରଣୀ ଓ ସ୍ନେହ ରାଣାଙ୍କୁ ସ୍ଥାନ ମିଳିଛି। ଏହା ବ୍ୟତୀତ ବିଶ୍ୱକପ୍ ପୂର୍ବରୁ ଅଷ୍ଟ୍ରେଲିଆ ସହ ଭାରତ ଏକ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଖେଳିବାର କାର୍ଯ୍ୟକ୍ରମ ରହିଛି। ଏହି ଦଳରେ କେବଳ ଜଣେ ଖେଳାଳି ବଦଳିଛନ୍ତି। ବିଶ୍ୱକପ୍ ଦଳରେ ସ୍ଥାନ ପାଇଥିବା ଅମନଜୋତ କୌରଙ୍କ ସ୍ଥାନରେ ସାୟାଲି ସାତଘରେଙ୍କୁ ଅଷ୍ଟ୍ରେଲିଆ ବିପକ୍ଷ ସିରିଜ୍ ଲାଗି ଦଳରେ ନିଆଯାଇଛି।

ଦିନିକିଆ ବିଶ୍ୱକପ୍‌ରେ ଭାରତ ଏଯାଏ ଟାଇଟଲ ଜିତିନାହିଁ। ଘରୋଇ ମାଟିରେ ଚତୁର୍ଥଥର ଖେଳିବାକୁ ଯାଉଥିବା ଭାରତ ଏଥର ପ୍ରଥମ ଟାଇଟଲ ଜିତିବାକୁ ଆଶା ରଖିଛି। ଭାରତ ୨୦୦୫ ଓ ୨୦୧୭ରେ ରନର୍ସ ଅପ୍ ହୋଇଥିଲା। ଏହା ପରେ ଆଉ ଭଲ ଖେଳିପାରି ନାହିଁ। ଏବେ ଦଳ ଇଂଲଣ୍ଡକୁ ହରାଇବା ପରେ ବିଶ୍ୱକପ୍ ଜିତିବା ଆଶା ବୃଦ୍ଧି ପାଇଛି।

**ଭାରତୀୟ ମହିଳା ଦଳ**

ହରମନପ୍ରୀତ କୌର (ଅଧିନାୟିକା), ସ୍ମୃତି ମନ୍ଧାନା (ଉପଅଧିନାୟିକା), ପ୍ରତୀକା ରାଓଲ, ହର୍ଲିନ ଦେଓଲ, ଦୀପ୍ତି ଶର୍ମା, ଜେମିମା ରୋଡ୍ରିଗ୍ସେଜ୍, ରେଣୁକା ସିଂ ଠାକୁର, ଅରୁନ୍ଧତି ରେଡ୍ଡୀ, ୱିକେଟରକ୍ଷକ ରିଚା ଘୋଷ ଓ ଯଷ୍ଟିକା ଭାଟିଆ, କ୍ରାନ୍ତି ଗୌଡ, ଅମନଜୋତ କୌର, ରାଧା ଯାଦବ, ଶ୍ରୀ ଚରଣୀ ଓ ସ୍ନେହ ରାଣା।

**ଷ୍ଟାଣ୍ଡବାଇ ଖେଳାଳି:** ତେଜଲ ହସନବୀସ, ପ୍ରେମା ରାୱତ, ପ୍ରିୟା ମିଶ୍ର, ଉମା ଛେତ୍ରୀ, ମିନୁ ମାନି ଓ ସାୟାଲି ସାତଘରେ।

**ଭାରତର ବିଶ୍ୱକପ୍ ଖେଳସୂଚୀ**

୩୦।୯- ବନାମ ଶ୍ରୀଲଙ୍କା, ୫।୧୦- ବନାମ ପାକିସ୍ତାନ, କଲମ୍ବୋ, ୯।୧୦- ବନାମ ଦକ୍ଷିଣ ଆଫ୍ରିକା, ଭାଇଜାଗ୍, ୧୨।୧୦- ବନାମ ଅଷ୍ଟ୍ରେଲିଆ, ଭାଇଜାଗ୍, ୧୯।୧୦- ବନାମ ଇଂଲଣ୍ଡ, ଇନ୍ଦୋର, ୨୩।୧୦- ବନାମ ନ୍ୟୁଜିଲାଣ୍ଡ, ଗୁଆହାଟୀ, ୨୬।୧୦- ବନାମ ବାଂଲାଦେଶ, ୨୯।୧୦- ପ୍ରଥମ ସେମିଫାଇନାଲ, ୩୦।୧୦- ଦ୍ୱିତୀୟ ସେମିଫାଇନାଲ, ୨।୧୧- ଫାଇନାଲ।

**ଅଷ୍ଟ୍ରେଲିଆ ବିପକ୍ଷ ସିରିଜ୍**

୧୪।୯- ପ୍ରଥମ ଦିନିକିଆ, ନୂଆ ଚଣ୍ଡିଗଡ, ୧୭।୯- ଦ୍ୱିତୀୟ ଦିନିକିଆ, ନୂଆ ଚଣ୍ଡିଗଡ, ୨୦।୯- ତୃତୀୟ ଦିନିକିଆ, ନୂଆଦିଲ୍ଲୀ।

## ଅଶବୀର ସିଂହ ଇଂଲଣ୍ଡ ଫୁଟବଲ କ୍ଲବ୍‌ରେ ପ୍ରଥମ ଶିଖ୍ କୋଚ୍

ନୂଆଦିଲ୍ଲୀ,୧୯।୮ (ଏଜେନ୍ସି): ଅଶ୍ୱୀର ସିଂହ ସୋହାଲ ଇଂଲଣ୍ଡ ଫୁଟବଲରେ ପ୍ରଥମ ଶିଖ କୋଚ୍ ହେବାର ସୌଭାଗ୍ୟ ଲାଭ କରିଛନ୍ତି। ଇଂଲଣ୍ଡର ୫ମ ଟାୟର ପେସାଦାର କ୍ଲବ୍ ମୋରେକାମ୍ବେର ହେଡ୍ କୋଚ୍ ଭାବେ ଆଜି ନିଯୁକ୍ତ ହୋଇଛନ୍ତି। ଏହା ସହ ୩୦ ବର୍ଷୀୟ ଅଶବୀର ମଧ୍ୟ ଇଂଲଣ୍ଡର ପେସାଦାର ଫୁଟବଲ ଇତିହାସରେ ସର୍ବକନିଷ୍ଠ କୋଚ୍ ହେବାର ଗୌରବ ଅର୍ଜନ କରିଛନ୍ତି। ଜଣେ ଦୂରଦ୍ରଷ୍ଟା କୋଚ୍ ଭାବେ ତାଙ୍କର ସଫଳତାକୁ ସମସ୍ତେ ଜାଣିଛନ୍ତି। ଭବିଷ୍ୟତରେ ସେ ଖୁବ ଭଲ କରିବେ ବୋଲି କ୍ଲବ୍ ପକ୍ଷରୁ କୁହାଯାଇଛି। ଲିସେଷ୍ଟର ସିଟି ଏକାଡେମୀରେ ୧୦ବର୍ଷ କାମ କରିଥିବା ଅଶବୀର ୱିଗାନ ଆଥଲେଟିକ୍ ଟିମ୍‌ରେ କୋଲୋ ଟୋରେଙ୍କ ଟିମ୍‌ରେ କୋଚିଂ ଷ୍ଟାଫ୍ ଭାବେ ରହିଥିଲେ। ନିକଟରେ ମୋରେକାମ୍ବେର ମାଲିକାନା ପଞ୍ଜାବ ୱାରିୟର୍ସ କନସୋର୍ଟିୟମ ନିକଟରୁ ଗଲାପରେ କୋଚ୍ ପଦରୁ ଡେରିକ୍ ଆଡାମ୍ସ ଇସ୍ତଫା ଦେଇଥିଲେ। ଗତବର୍ଷ କ୍ଲବ୍ ପେମେଣ୍ଟ କରିପାରି ନ ଥିବାରୁ ସସ୍‌ପେଣ୍ଡ ହୋଇଥିଲା। ନ୍ୟାସନାଲ ଲିଗ୍‌ରେ ଗତବର୍ଷ ଗୋଟିଏ ହେଲେ ମ୍ୟାଚ୍ ଖେଳି ନ ଥିବା ମୋରୋକାମ୍ବେ ଟିମ୍ ଗଠନ କରିବାକୁ ଅଶବୀରଙ୍କ ଲାଗି କଷ୍ଟକର ହେବ। ସେ ୟୁଏଫା ପ୍ରୋ-ଲାଇସେନ୍ସ ହାସଲ କରିଛନ୍ତି।



### ଦୃଷ୍ଟିହୀନ ମହିଳା ଟି-୨୦

## ପୂର୍ବାଞ୍ଚଳ ଦଳରେ ଓଡ଼ିଶାରୁ ୯



ଭୁବନେଶ୍ୱର,୧୯।୮ (ସମିସ): ବେଙ୍ଗାଲୁରୁରେ ମଙ୍ଗଳବାରଠାରୁ ଜୋନାଲ ମହିଳା ଟି-୨୦ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ ଆରମ୍ଭ ହୋଇଛି। ଭାରତୀୟ ଦୃଷ୍ଟିହୀନ କ୍ରିକେଟ୍ ସଂଘ ଆନୁକୂଲ୍ୟରେ ଆୟୋଜିତ ଏହି ଟୁର୍ଣ୍ଣାମେଣ୍ଟରେ ୪ଟି ଜୋନ ଅଂଶଗ୍ରହଣ କରିଛନ୍ତି। ଏଥିରେ ଅଂଶଗ୍ରହଣ କରିଥିବା ୧୩ ଜଣିଆ ପୂର୍ବାଞ୍ଚଳ ଦଳରେ ଓଡ଼ିଶାର ୯ଜଣ ଖେଳାଳି ସ୍ଥାନ ପାଇଛନ୍ତି। ଓଡ଼ିଶାର ଫୁଲ ସୋରେନ ଅଧିନାୟିକା ରହିଥିବାବେଳେ ବାସନ୍ତୀ ହାଁସଦା, ଝିଲ୍ଲି ବରୁଆ, ପଦ୍ମିନୀ ଟୁଡୁ, ଯମୁନାରାଣୀ ଟୁଡୁ, ମାମିନା ନାୟକ, ରଚନା ଜେନା, ପାର୍ବତୀ ମାରାଣ୍ଡୀ (ୱିକେଟକିପର) ଓ ସୁକାନ୍ତୀ ଦଳପତି ଦଳରେ ରହିଛନ୍ତି। ଏହି ପ୍ରତିଯୋଗିତାରୁ ୪ଟି ଜୋନରୁ ୫୬ଜଣ ଖେଳାଳିଙ୍କୁ ଚୟନ କରାଯିବ। ଏହାପରେ ପ୍ରଶିକ୍ଷଣ ଶିବିରରୁ ଭାରତୀୟ ଦୃଷ୍ଟିହୀନ ଦଳ ଚୂଡ଼ାନ୍ତ ୧୭ ଜଣିଆ ଦଳ ମନୋନୀତ କରାଯିବ। ନଭେମ୍ବରରେ ନେପାଳରେ ହେବାକୁ ଥିବା ପ୍ରଥମ ମହିଳା ଦୃଷ୍ଟିହୀନ ବିଶ୍ୱକପ୍‌ରେ ଏହି ଦଳ ଅଂଶଗ୍ରହଣ କରିବ।

## ଦ.ଆଫ୍ରିକାକୁ ଜିତାଇଲେ ମହାରାଜ, ମାର୍କରମ

କେର୍ନ୍ସ, ୧୯।୮ (ଏଜେନ୍ସି): ଏଠାରେ ଅନୁଷ୍ଠିତ ପ୍ରଥମ ଏକଦିବସୀୟ ମ୍ୟାଚରେ ଦକ୍ଷିଣ ଆଫ୍ରିକା ୯୮ ରନର ବୃହତ୍ ବ୍ୟବଧାନରେ ଘରୋଇ ଅଷ୍ଟ୍ରେଲିଆକୁ ପରାସ୍ତ କରିଛି। ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଦକ୍ଷିଣ ଆଫ୍ରିକା ୫୦ ଓଭରରେ ୮ ୱିକେଟ୍ ହରାଇ ୨୯୬ ରନର ସମ୍ମାନଜନକ ସ୍କୋର କରିଥିଲା। ଓପନର୍ ଆଇଡେନ୍ ମାର୍କରମ ୮୧ ବଲରେ ସର୍ବାଧିକ ୮୨ ରନ କରିଥିଲେ। ସେହିଭଳି ଅଧିନାୟକ ତେମ୍ବା ବାଭୁମା ୬୫, ମାଥ୍ୟୁ ବ୍ରିଜକେ ୫୭ ରନର ଉପଯୋଗୀ ପାଳି ଖେଳିଥିଲେ। ଅଷ୍ଟ୍ରେଲିଆର ପାର୍ଟଟାଇମ ସ୍ପିନର ଟ୍ରାଭିସ ହେଡ୍‌ଙ୍କୁ ସର୍ବାଧିକ ୪ଟି ୱିକେଟ୍ ମିଳିଥିଲା। ଜବାବରେ ଓପନର୍ ତଥା ଅଧିନାୟକ ମିଚେଲ୍ ମାର୍ଶଙ୍କ ୮୮ ରନ ସତ୍ତ୍ୱେ ଅଷ୍ଟ୍ରେଲିଆ ୪୦.୫ ଓଭରରେ ୧୯୮ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ତେବେ ମଧ୍ୟକ୍ରମରେ ମାର୍ନସ ଲାବୁଶେନ (୧), କାମେରନ ଗ୍ରୀନ (୩), ଜୋଶ ଇଂଲିଶ (୫), ଆଲେକ୍ସ କାରୀ (୦) ଓ ଆରୋନ ହାର୍ଡି (୪ ରନ)ଙ୍କୁ ଆଉଟ୍ କରି କେଶବ ମହାରାଜ ଅଷ୍ଟ୍ରେଲିଆର ମେରୁଦଣ୍ଡ ଭାଙ୍ଗି ଦେଇଥିଲେ। କ୍ୟାରିୟରର ଶ୍ରେଷ୍ଠ ବୋଲିଂ ଫିଗର ପାଇଥିବା କେଶବ ଶ୍ରେଷ୍ଠ ଖେଳାଳି ହୋଇଥିଲେ।

## କାନାମୋ ଗିରିଶୃଙ୍ଗରେ ଜାତୀୟ ପତାକା ଉଡ଼ାଇଲେ ଗଣେଶ, ପ୍ରଭାସିନୀ




ଭୁବନେଶ୍ୱର, ୧୯।୮ (ସମିସ): ଓଡ଼ିଶାର ଅଗ୍ରଣୀ ଦୁଃସାହସିକ ଅନୁଷ୍ଠାନ ଆଶା ଓ ଚଣ୍ଡିଗଡ଼ସ୍ଥିତ ଜାତୀୟ ଦୁଃସାହସିକ ଅନୁଷ୍ଠାନର ମିଳିତ ଆନୁକୂଲ୍ୟରେ ଏକ ପର୍ବତ ଆରୋହଣ ଅଭିଯାନ ଅନୁଷ୍ଠିତ ହୋଇଯାଇଛି। ହିମାଚଳ ପ୍ରଦେଶର କାନାମୋ ଗିରିଶୃଙ୍ଗକୁ ଆରୋହଣ ଲାଗି ଅଗଷ୍ଟ ୧୧ରୁ ଅଭିଯାନ ଆରମ୍ଭ ହୋଇଥିଲା। ପ୍ରତିକୂଳ ପାଗ ସତ୍ତ୍ୱେ ଅଗଷ୍ଟ ୧୭ରେ ୪ଜଣ ପର୍ବତାରୋହୀ ସଫଳତାର ସହ ଗିରିଶୃଙ୍ଗରେ ପହଞ୍ଚି ଜାତୀୟ ପତାକା ଉଡ଼ାଇଥିଲେ। ଚଳିତ ବର୍ଷ ସାରା ଦେଶ ୭୯ତମ ସ୍ୱାଧୀନତା ଦିବସ ପାଳନ କରିଥିବାରୁ ୭୯ ଫୁଟର ଏକ ଜାତୀୟ ପତାକା କାନାମୋ ଶିଖରରେ ଉଡ଼ିଥିଲା। ସଫଳତାର ସହ ଆରୋହଣ କରିଥିବା ୪ଜଣ ପର୍ବତାରୋହୀ ହେଲେ ଓଡ଼ିଶାର ଗଣେଶ ଚନ୍ଦ୍ର ଜେନା ଓ ପ୍ରଭାସିନୀ ବେହେରା, ହରିୟାଣାର ସୁମିତ କୁମାର ଏବଂ ହିମାଚଳ ପ୍ରଦେଶର ସନ୍ଦୀପ ଠାକୁର। ଗଣେଶ ବର୍ତ୍ତମାନ 'ଆଶା'ର ସମ୍ପାଦକ ରହିଛନ୍ତି। ଏହି ସଫଳତା ଲାଗି ଆଶା'ର ସଦସ୍ୟ ବିଜୟ କୁମାର ସାସମଲ, ଭାର୍ଗବ ବିହାରୀ, ଅଶୋକ ମହାନ୍ତି, ଅଜିତ ପାଢ଼ୀ, ହରେଶ ମିଶ୍ର, ଶକ୍ତିରଞ୍ଜନ ମହାନ୍ତି, ଶିବଶଙ୍କର ପଣ୍ଡା, ଚିନ୍ମୟ ମହାରଣା, ଦୀପକ କୁମାର ମହନ୍ତ, ବିକ୍ରମ କେଶରୀ ଦାସ, କ୍ରୀଡ଼ା ବିଭାଗର ଓଏସ୍‌ଡି ବିଜୟ କୁମାର ରାଉତ ପ୍ରମୁଖ ଅଭିନନ୍ଦନ ଜଣାଇଛନ୍ତି।

## ଜାତୀୟ କ୍ରୀଡ଼ା ବିଲ୍‌କୁ ରାଷ୍ଟ୍ରପତିଙ୍କ ମଞ୍ଜୁରୀ

ନୂଆଦିଲ୍ଲୀ, ୧୯।୮ (ଏଜେନ୍ସି): ସଂସଦରେ ପାରିତ କ୍ରୀଡ଼ା ପ୍ରଶାସନ ବିଲ୍‌କୁ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ମଞ୍ଜୁରୀ ଦେଇଛନ୍ତି। ଏନେଇ କେନ୍ଦ୍ର ସରକାର ମଙ୍ଗଳବାର ଗେଜେଟ ବିଜ୍ଞପ୍ତି ଜାରି କରିଛନ୍ତି। ଗତ ୧୧ ତାରିଖରେ ଏହି କ୍ରୀଡ଼ା ବିଲ୍ ଲୋକସଭାରେ ଏବଂ ଦିନ ପରେ ରାଜ୍ୟସଭାରେ ପାରିତ ହୋଇଥିଲା। ନୂତନ କ୍ରୀଡ଼ା ବିଲ୍ ଦେଶରେ ଥିବା ବିଭିନ୍ନ କ୍ରୀଡ଼ା ପ୍ରଶାସନକୁ ନିୟନ୍ତ୍ରଣ କରିବ। ଏହା ଅଧୀନରେ ଜାତୀୟ କ୍ରୀଡ଼ା ବୋର୍ଡ ଗଠନ କରାଯିବ। ଏହି ବୋର୍ଡ ବିସିସିଆଇ ସମେତ ସମସ୍ତ କ୍ରୀଡ଼ା ମହାସଂଘର କାର୍ଯ୍ୟର ତଦାରଖ କରିବ। ସେହିଭଳି ବିଭିନ୍ନ କ୍ରୀଡ଼ା ବିବାଦଗୁଡ଼ିକର ସମାଧାନ ଲାଗି ଏକ କ୍ରୀଡ଼ା ଟ୍ରିବ୍ୟୁନାଲ ଗଠନର ବ୍ୟବସ୍ଥା ନୂତନ ବିଲରେ ରହିଛି। ଏହାବାଦ ବିଭିନ୍ନ କ୍ରୀଡ଼ା ମହାସଂଘର ନିର୍ବାଚନକୁ ସୁପରିଚାଳନା ଲାଗି କ୍ରୀଡ଼ା ନିର୍ବାଚନ ପ୍ୟାନେଲ ମଧ୍ୟ ଗଠନ କରାଯିବ ବୋଲି ଜଣାପଡ଼ିଛି।

## ପଞ୍ଚାୟତସ୍ତରରେ ଭଲିବଲ୍ ଟୁର୍ଣ୍ଣାମେଣ୍ଟ କରିବ କେଭିଡିସି


କଟକ,୧୯।୮ (ସମିସ): କଳିଙ୍ଗ ଭଲିବଲ ବିକାଶ ପରିଷଦ(କେଭିଡିସି)ର ପ୍ରଥମ କାର୍ଯ୍ୟକାରିଣୀ ବୈଠକ ଏଠାରେ ଅନୁଷ୍ଠିତ ହୋଇଯାଇଛି। କେଭିଡିସି ସମ୍ପାଦକ ସଂଗ୍ରାମ ଓଝାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ରାଜ୍ୟରେ ଭଲିବଲ କ୍ରୀଡ଼ାର ସାମଗ୍ରିକ ବିକାଶ ଦିଗରେ ବିସ୍ତୃତ ଭାବେ ଆଲୋଚନା ହୋଇଥିଲା। ରାଜ୍ୟର ୩୧୪ଟି ବ୍ଲକରେ ଭଲିବଲ କ୍ରୀଡ଼ାର ବହୁଳ ପ୍ରଚାର, ପ୍ରସାର କରାଯିବ। ଏପରିକି ପ୍ରତ୍ୟେକ ପଞ୍ଚାୟତରେ ଭଲିବଲ ଟୁର୍ଣ୍ଣାମେଣ୍ଟ ଆୟୋଜନ କରାଯିବାକୁ ଯୋଜନା ରହିଛି। ପ୍ରତିଯୋଗିତା ଆୟୋଜନ ନିମନ୍ତେ ଆବଶ୍ୟକୀୟ କ୍ରୀଡ଼ା ଉପକରଣ କାଉନସିଲ ପକ୍ଷରୁ ଯୋଗାଇ ଦିଆଯିବ। ପଞ୍ଚାୟତସ୍ତରୀୟ ପ୍ରତିଯୋଗିତା ଶେଷ ପରେ ଶ୍ରେଷ୍ଠ ୮ଟି ଦଳକୁ ନେଇ ସୁପର ଲିଗ୍ ଆୟୋଜନ ହେବ। ତେବେ ପ୍ରତିଯୋଗିତା ଆୟୋଜନ ନିମନ୍ତେ ପଞ୍ଜିକରଣ ଶେଷ ଦିନ ଅଗଷ୍ଟ ୩୧ ତାରିଖ ଧାର୍ଯ୍ୟ ହୋଇଛି। ଦଳ ପଞ୍ଜିକରଣ ନିମନ୍ତେ ମୋବାଇଲ ନମ୍ବର ୯୧୧୪୬୮୪୪୯୮ ଏବଂ ୯୩୩୭୦୪୧୪୨୦ରେ ଯୋଗାଯୋଗ କରିବାକୁ ପରିଷଦ ପକ୍ଷରୁ ନିବେଦନ କରାଯାଇଛି। କାର୍ଯ୍ୟକାରିଣୀ ବୈଠକରେ ପରିଷଦର ନିର୍ଦ୍ଦେଶିକା ଦିୟା ମଜୁମଦାର, ନିର୍ଦ୍ଦେଶକ ସାହିଲ ଦ୍ୱିବେଦୀ, କାର୍ଯ୍ୟନିର୍ବାହୀ ସଦସ୍ୟ ଦିପ୍ତୀରଞ୍ଜନ ମହାନ୍ତି, କୁମାରଶ୍ରୀ ସାହୁ, କଟକ ଜିଲ୍ଲା ସଂଯୋଜକ ଅମର କୁମାର ଭଞ୍ଜ, ଢେଙ୍କାନାଳ ଜିଲ୍ଲା ସଂଯୋଜକ ରାକେଶ ପ୍ରଧାନ, ଜାତୀୟ ଭଲିବଲ ଖେଳାଳି ମହମ୍ମଦ ଓବେଦୁର ରେହମା, ଏଫଆଇଭିବି ପ୍ରଶିକ୍ଷକ ଆଶୁତୋଷ ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

### ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ

## ସ୍ୱସ୍ତିକଙ୍କ ଶତକ ସତ୍ତ୍ୱେ ଓଡ଼ିଶା ଇନିଂସ୍ ପଛୁଆ

କଟକ,୧୯।୮ (ସମିସ):

ବେଙ୍ଗାଲୁରୁର ସିପିଟି ଟର୍ଫ ଗ୍ରାଉଣ୍ଡରେ ଖେଳାଯାଉଥିବା ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟର ବରୋଦା ବିପକ୍ଷ ମ୍ୟାଚ୍‌ରେ ଓଡ଼ିଶା ପ୍ରଥମ ଇନିଂସ୍‌ରେ ପଛୁଆ ରହିଛି। ବରୋଦାର ପାଳି ୩୮୧/୬ ଜବାବରେ ଭ୍ରମଣକାରୀ ଓଡ଼ିଶା ସମସ୍ତ ୱିକେଟ ହରାଇ ୩୫୨ ରନ କରିଥିଲା। ଅଧିନାୟକ ସ୍ୱସ୍ତିକ ସାମଲ ୧୧୪ ରନର ଶତକୀୟ ପାଳି ଖେଳିଥିଲେ। ବୁଧବାର ହେଉଛି ମ୍ୟାଚ୍‌ର ଅନ୍ତିମ ଦିବସ। ଉଭୟ ଦଳ ଦ୍ୱିତୀୟ ପାଳିରେ ୪୫ ଓଭର ଲେଖାଏ ଖେଳିବେ। ପ୍ରଥମ ପାଳିରେ ୨୯ରନ ଆଗୁଆ ରହିଥିବା ବରୋଦାକୁ ଓଡ଼ିଶା ପରାସ୍ତ କରିବା ଲକ୍ଷ୍ୟରେ ରହିବ।



ଅଧିନାୟକ ସ୍ୱସ୍ତିକ ଏବଂ ଓମଟି ମୁଣ୍ଡେ ଓପନିଂ ଭାର ସମ୍ଭାଳିଥିଲେ। ମ୍ୟାଚ୍‌ର ୧୩ତମ ଓଭରରେ ଓଡ଼ିଶାକୁ ପ୍ରଥମ ଝଟକା ଲାଗିଥିଲା। ମାତ୍ର ୧୩ ରନରେ ମୁଣ୍ଡେ ପ୍ୟାଭିଲିୟନ ଫେରିଥିଲେ। ପରେ ସନ୍ଦୀପ ପଟ୍ଟନାୟକ ୧, ଶୁଭ୍ରାଂଶୁ ସେନାପତି ୩୩, ଆଶୀର୍ବାଦ ସ୍ୱାଇଁ ୧୯ ରନରେ ଆଉଟ ହୋଇଥିଲେ। ଗୋବିନ୍ଦ ପୋଦ୍ଦାର ଏବଂ ସ୍ୱସ୍ତିକଙ୍କ ମଧ୍ୟରେ ଦ୍ରୁତ ୪୯ ରନର ଭାଗୀଦାରି ସୃଷ୍ଟି ହୋଇଥିଲା। ତେବେ ୧୫୫ ବଲରୁ ୧୨ ଚୌକା ଏବଂ ୩ଟି ଛକା ସହାୟତାରେ ୧୧୪ ରନ କରି ସ୍ୱସ୍ତିକ ଆଉଟ ହୋଇଥିଲେ। ଦଳୀୟ ସ୍କୋର ୨୨୦ ରନରେ ଦଳ ୫ଟି ୱିକେଟ ହରାଇଥିବା ସତ୍ତ୍ୱେ ଗୋବିନ୍ଦ ଏବଂ ସମ୍ବିତ ବରାଳ ବଡସଟ୍ ଖେଳି ଓଡ଼ିଶା ଶିବିରକୁ ଚାପମୁକ୍ତ କରାଇଥିଲେ। ଗୋବିନ୍ଦ ୫୭ ବଲରୁ ୭୧ ରନ ଓ ସମ୍ବିତ ୫୯ ରନ କରିଥିଲେ। ସୁନୀଲ କୁମାର ରାଉଳ ୧୩, ବାଦଲ ବିଶ୍ୱାଳ ୧୨, ସୁମିତ ଶର୍ମା ୯ ରନରେ ଆଉଟ ହୋଇଥିଲେ। ବରୋଦା ପକ୍ଷରୁ ଡାହାଣହାତୀ ଅଫସ୍ପିନର ପ୍ରଦୀପ ଯାଦବ ସର୍ବାଧିକ ୫ଟି ୱିକେଟ ଦଖଲ କରିଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ରୁ ଦାସ
EXECUTIVE EDITOR: SAMARENDU DAS